

'ରାମାୟଣ' ବିଭୀଷଣ ଭୂମିକାରେ ବିବେକ

▸ପୃଷ୍ଠା ୧୧ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-128 ♦TUESDAY ♦4 NOVEMBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୧୨୮ ♦ମଙ୍ଗଳବାର ♦୪ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


## ବିଜେପିକୁ ନବୀନଙ୍କ ଶାଣିତ ନିଶାଣ

# ମୋ ପ୍ରତି ବିଶ୍ୱାସଘାତକତା ହୋଇଛି







## 'ମିଛ ପ୍ରତିଶ୍ରୁତିର ଜବାବ ଦେବେ ନୂଆପଡ଼ାବାସୀ'

- ଭୋଟ ଚୋରି କରି ସରକାର ଗଢ଼ିଲେ; ଏବେ ପ୍ରାର୍ଥୀ ଚୋରି
- 'ଗେମ୍ ଚେଞ୍ଜର୍' ନୁହେଁ; ରାଜ୍ୟ ସରକାର ଖାଲି 'ନେମ୍ ଚେଞ୍ଜର୍'
- ବିଜେପି ସରକାର ମିଛ ପ୍ରଚାରରେ ହିରୋ; କାମରେ ଜିରୋ
- ରାଜ୍ୟ ସାରା ବିକାଶ କାମ ବନ୍ଦ, ସୀମା ଟପିଛି ନାରୀ ଅତ୍ୟାଚାର

■ **ନୂଆପଡ଼ା,୩।୧୧ (ସମିସ):** କୋମନାର ଧାନମଣ୍ଡି ପଡ଼ିଆଠାରେ ଆୟୋଜିତ ବିଶାଳ ସମାବେଶରେ ସିଧା ନିଶାଣ ସହ ବିଜେପିକୁ ଶାଣିତ ସମାଲୋଚନା କରିଛନ୍ତି ବିଜେଡି ସଭାପତି ନବୀନ ପଟ୍ଟନାୟକ। ମିଛ ପ୍ରତିଶ୍ରୁତି ଦେଇ କ୍ଷମତାକୁ ଆସିଥିବା ବିଜେପି କେବଳ ପ୍ରଚାରରେ ହିରୋ ଓ କାମରେ ଜିରୋ ବୋଲି କହିବା ସହ ରାଜ୍ୟ ବିଜେପି ସରକାରକୁ 'ଗେମ୍ ଚେଞ୍ଜର' ନୁହେଁ; କେବଳ 'ନେମ୍ ଚେଞ୍ଜର' ବୋଲି କଟାକ୍ଷ କରିଛନ୍ତି।

ଉପନିର୍ବାଚନ ପ୍ରଚାର ଉପଲକ୍ଷେ ସୋମବାର ନୂଆପଡ଼ାର ତରବୋଡ଼ଠାରେ ଆୟୋଜିତ ବିଶାଳ ଜନସମାବେଶକୁ ସମ୍ବୋଧିତ କରି ନବୀନ କହିଥିଲେ, ମୋ ପ୍ରତି ବିଶ୍ୱାସଘାତକତା ହୋଇଛି। ପ୍ରଥମେ ଭୋଟ୍ ଚୋରି କରି ରାଜ୍ୟରେ ସରକାର ଗଢ଼ିଲେ, ଏବେ ପ୍ରାର୍ଥୀ ଚୋରି କରିଛନ୍ତି। ରାଜ୍ୟ ବିଜେପି ସରକାର କେବଳ ରଙ୍ଗମରା ସରକାର ବୋଲି ଉଲ୍ଲେଖ କରି ୩୦୦ ୟୁନିଟ୍ ମାଗଣା ବିଜୁଳି, ବୁଢ଼ାବୁଢ଼ୀଙ୍କୁ ୩୫୦୦ଟଙ୍କା ଭତ୍ତା, ସବୁ ପଞ୍ଚାୟତରେ ୧୦୦ ଯୁବକଙ୍କୁ ଚାକିରି, କଟ୍‌ନୀଛଟ୍‌ନୀ ବନ୍ଦ କରିବା ପାଇଁ ନିର୍ବାଚନ ସମୟରେ ବିଜେପି ଦେଇଥିବା ପ୍ରତିଶ୍ରୁତି କୁଆଡ଼େ ଗଲା ବୋଲି ନବୀନ ପ୍ରଶ୍ନ କରିଥିଲେ। ସାଧାରଣ ଲୋକଙ୍କ ମନରେ ଏ ସରକାର ବିରୋଧରେ ଯେଉଁ କ୍ରୋଧ ଓ କ୍ଷୋଭ ସୃଷ୍ଟି ହୋଇଛି, ଉପନିର୍ବାଚନରେ ତାହା ପ୍ରତିଫଳିତ ହେବ। ଆସନ୍ତା ୧୧ ତାରିଖରେ ନୂଆପଡ଼ାବାସୀ ରାଜ୍ୟ ବିଜେପିର ମିଛ ପ୍ରତିଶ୍ରୁତି ଓ ବିଶ୍ୱାସଘାତକତାର ଜବାବ ଦେବେ ଏବଂ ଶଙ୍ଖ ଚିହ୍ନରେ ଭୋଟଦେଇ ବିଜେଡି ପ୍ରାର୍ଥିନୀ ସ୍ନେହାଙ୍ଗିନୀ ଛୁରିଆଙ୍କୁ ବିଜୟୀ କରିବେ ବୋଲି ନବୀନ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

ଆଜି ସ୍ୱତନ୍ତ୍ର ବିମାନ ଯୋଗେ ନବୀନ ଗୋଟମା ଏୟାରଷ୍ଟ୍ରିପରେ ପହଞ୍ଚିବା ପରେ ହେଲିକପ୍ଟର ଯୋଗେ ନୂଆପଡ଼ା ଜିଲ୍ଲା କୋମନା ବ୍ଲକ୍‌ର ତରବୋଡ଼ ଅନ୍ତର୍ଗତ ଧାନମଣ୍ଡି ପଡିଆରେ ଆୟୋଜିତ ସମାବେଶରେ ପହଞ୍ଚିଥିଲେ। ନିଜ ଉଦ୍‌ବୋଧନରେ ପ୍ରଥମେ ପୂର୍ବତନ ବିଧାୟକ ରାଜେନ୍ଦ୍ର ଢୋଲକିଆଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ସହ ନୂଆପଡ଼ା ଜିଲ୍ଲା ଗଠନରେ ବିଜୁବାବୁଙ୍କ ଅବଦାନ ବିଷୟରେ ସ୍ମରଣ କରିଥିଲେ। ▸ପୃଷ୍ଠା-୭

## ଅନିଲ ଅମ୍ବାନୀଙ୍କ ବିଳାସପୂର୍ଣ୍ଣ ଅଟ୍ଟାଳିକା ଜବତ କଲା ଇଡି

### ୭,୫୦୦ କୋଟିର ସମ୍ପତ୍ତି ଜବତ କଲା ଇଡି

■ **ମୁମ୍ବାଇ, ୩।୧୧ (ଏଜେନ୍ସି):** ଶିଳ୍ପପତି ଅନିଲ ଅମ୍ବାନୀଙ୍କ ସଙ୍କଟ ବଢ଼ିବାରେ ଲାଗିଛି। ଋଣ ଜାଲିଆତି ମାମଲାରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଆଜି ଅନିଲଙ୍କ ରିଲାଏନ୍ସ ଗ୍ରୁପ ସମ୍ବନ୍ଧିତ ୪୦ରୁ ଅଧିକ ସମ୍ପତ୍ତି ଜବତ କରିଛି। ଏହି ସମ୍ପତ୍ତିର ମୂଲ୍ୟ ପ୍ରାୟ ୭,୫୦୦ କୋଟି ଟଙ୍କା ହେବ। ଜବତ ସମ୍ପତ୍ତି ମଧ୍ୟରେ ମୁମ୍ବାଇର ପାଲି ହିଲ୍ସ ସ୍ଥିତ ବିଳାସପୂର୍ଣ୍ଣ ଘର ଏବଂ ରିଲାଏନ୍ସ ଗ୍ରୁପ୍‌ର ୧୩୨ ଏକର ଜମି ସାମିଲ ରହିଛି। ଏହି ଜମି ନଭି ମୁମ୍ବାଇ ସ୍ଥିତ ଧିରୁଭାଇ ଅମ୍ବାନୀ ନଲେଜ ସିଟି (ଡିଏକେସି)ରେ ରହିଛି।



ଏହାର ମୂଲ୍ୟ ପ୍ରାୟ ୪.୪୬୨.୮୧ କୋଟି ଟଙ୍କା ହେବ। ଏହାବ୍ୟତୀତ ଦିଲ୍ଲୀ, ନୋଏଡା, ଗାଜିଆବାଦ, ମୁମ୍ବାଇ, ପୁନେ, ଥାନେ, ହାଇଦାରାବଦ, ଚେନ୍ନାଇ, କାଞ୍ଚିପୁରମ ଏବଂ ଇଷ୍ଟ ଗୋଦାବରୀ ଭଳି ସହରରେ ଥିବା ସମ୍ପତ୍ତିକୁ ମଧ୍ୟ ଜବତ କରାଯାଇଛି। ଏଥିରେ ରେସିଡେନସିଆଲ ୟୁନିଟ୍ସ, ଅଫିସ ସ୍ପେସ ଏବଂ ଲ୍ୟାଣ୍ଡ ପାର୍ସଲ ରହିଛି।

ସମ୍ପତ୍ତି ଜବତ କରିବାକୁ ଗତ ଅକ୍ଟୋବର ୩୧ ତାରିଖରେ ଇଡି ନୋଟିସ ଜାରି କରିଥିଲା। ଏହି ମାମଲାର ତଦନ୍ତରୁ ଇଡି ଜାଣିବାକୁ ପାଇଥିଲା ଯେ ▸ପୃଷ୍ଠା-୭

### ନିଶାସକ୍ତ ଡମ୍ପର ଚାଳକର ଉନ୍ମତ୍ତକାଣ୍ଡ

## ୨୦ଟି ଗାଡ଼ି ଉପରେ ଚଢ଼ାଇ ଦେଲା; ୧୯ ମୃତ

■ **ଜୟପୁର, ୩।୧୧(ଏଜେନ୍ସି):** ରାଜସ୍ଥାନରେ ଆଜି ଏକ ଅଭାବନୀୟ ଦୁର୍ଘଟଣା ଦେଖିବାକୁ ମିଳିଛି। ଡମ୍ପର ଟ୍ରକ ଚଳାଉଥିବା ଜଣେ ମଦ୍ୟପ ଡ୍ରାଇଭରର ତାଣ୍ଡବରେ ରକ୍ତରଞ୍ଜିତ ହୋଇଛି ଜୟପୁର ରାସ୍ତା। ଅତ୍ୟଧିକ ମଦପାନ କରି ସେ ଏମିତି ଟ୍ରକ ଚଳାଉଥିଲା ଯେ ତା ସାମନାରେ ଯିଏ ଆସିଲା, ତାକୁ ମଡ଼ାଇଚାଲିଲା। ଏମିତି ପାଞ୍ଚ କିଲୋମିଟର ଯାଏଁ ସେ ରଚିଥିଲା ଏମିତି ତାଣ୍ଡବ। ଯିଏ ଯେତେ ଅଟକାଇଲେ ବି ସେ ଶୁଣିନଥିଲା। ଶେଷରେ ବଡ଼ ଧରଣର ଦୁର୍ଘଟଣାର ସମ୍ମୁଖୀନ ହେବାପରେ ତାର ଗାଡ଼ି ଅଟକିଥିଲା। ତା ଟ୍ରକ ତଳେ ୨୦ରୁ ଅଧିକ ଗାଡ଼ି ଚାପି ହୋଇ ଚୂରମାର ହୋଇଯାଇଥିବା ବେଳେ ୧୯ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି ଏବଂ ୩୦ରୁ ଅଧିକ ଆହତ ହୋଇଛନ୍ତି। ଆହତମାନଙ୍କୁ ବିଭିନ୍ନ ମେଡିକାଲରେ ଭର୍ତ୍ତି କରାଯାଇଛି।

ପ୍ରତ୍ୟକ୍ଷଦର୍ଶୀଙ୍କ ଠାରୁ ପ୍ରକାଶ ଯେ ଡ୍ରାଇଭର ଏତେ ମଦ ପିଇଥିଲା ଯେ ସେ ନିଜ ନିୟନ୍ତ୍ରଣରେ ନଥିଲା। ଗୋଟିଏ ପରେ ଗୋଟିଏ ଗାଡ଼ି ଉପରେ ଟ୍ରକ ଚଢ଼ିଯାଇଥିଲା। ଏଥିରେ ଅନେକ କାର ଏବଂ ଦୁଇ ଚକିଆ ଓ ତିନି ଚକିଆ ଯାନ ରହିଛି। ୫ କିଲୋମିଟର ପର୍ଯ୍ୟନ୍ତ ରାସ୍ତା ରକ୍ତରଞ୍ଜିତ ହୋଇଯାଇଥିଲା। ମୃତକଙ୍କ ଶରୀର ଖଣ୍ଡବିଖଣ୍ଡିତ ହୋଇ ରାସ୍ତା ଉପରେ ଛିଟ୍‌କି ପଡ଼ିଥିଲା। ▸ପୃଷ୍ଠା-୭

# ସୁଦାନରେ ଓଡ଼ିଆ ଶ୍ରମିକଙ୍କୁ ଅପହରଣ

■ **ନୂଆଦିଲ୍ଲୀ/ଜଗତସିଂହପୁର, ୩।୧୧ (ସମିସ):** ଆଫ୍ରିକୀୟ ଦେଶ ସୁଦାନରେ ଓଡ଼ିଶାର ଜଣେ ଶ୍ରମିକଙ୍କୁ ଅପହରଣ କରିନେଇଛନ୍ତି ବିଦ୍ରୋହୀ। ଗୃହଯୁଦ୍ଧ ଯୋଗୁଁ ଭୀଷଣ ଭାବେ କ୍ଷତିଗ୍ରସ୍ତ ହୋଇଥିବା ସୁଦାନରୁ ଏଭଳି ଖବର ଆସିଛି। ଏହି ଖବର କେବଳ ଓଡ଼ିଶା ନୁହେଁ; ସାରା ଦେଶରେ ଆଲୋଡ଼ନ ସୃଷ୍ଟି କରିଛି। ତାଙ୍କୁ ଉଦ୍ଧାର କରିବା ଲାଗି ଭାରତ ସରକାର ଉଦ୍ୟମ ଚଳାଇଛନ୍ତି। ଦିଲ୍ଲୀରେ ଅବସ୍ଥାପିତ ସୁଦାନର ରାଷ୍ଟ୍ରଦୂତ ମଧ୍ୟ ସବୁ ପ୍ରକାର ସହାୟତା ପ୍ରଦାନ କରିବାକୁ ପ୍ରତିଶ୍ରୁତି ଦେଇଛନ୍ତି।

ସୁଦାନରେ ଅପହୃତ ହୋଇଥିବା ଓଡ଼ିଶାର ଏହି ଶ୍ରମିକ ହେଲେ ଆଦର୍ଶ ବେହେରା। ତାଙ୍କର ଘର ହେଉଛି ଜଗତସିଂହପୁର ଜିଲ୍ଲା ତିର୍ତ୍ତୋଲ ଥାନା ଅନ୍ତର୍ଗତ କୋଟକଣା ଗ୍ରାମରେ। ଗତ ତିନି ବର୍ଷ ହେଲା ଆଦର୍ଶ ସୁଦାନରେ ଏକ ଘରୋଇ କଂପାନୀରେ ଚାକିରି କରୁଥିଲେ ବୋଲି ତାଙ୍କ ପରିବାର ପକ୍ଷରୁ କୁହାଯାଇଛି। ତାଙ୍କର ଅପହରଣ

**ବିଦ୍ରୋହୀଙ୍କ କବଳରେ ତିର୍ତ୍ତୋଲର ଆଦର୍ଶ ବେହେରା**

**୩ ବର୍ଷ ହେଲା ପ୍ଲାଷ୍ଟିକ କାରଖାନାରେ କାମ କରୁଥିଲେ**

ଖବରକୁ ନେଇ ପରିବାର ଲୋକେ ଚିନ୍ତିତ ହୋଇପଡ଼ିଛନ୍ତି। ତାଙ୍କୁ ଉଦ୍ଧାର କରିବା ଲାଗି ସେମାନେ ଓଡ଼ିଶା ଓ ଭାରତ ସରକାରଙ୍କୁ ଅନୁରୋଧ କରିଛନ୍ତି। ▸ପୃଷ୍ଠା-୭



**ପୁଣି ଚୌଦ୍ୱାର ଜେଲ୍‌ରେ ଅଘଟଣ**

## ବିଚାରାଧୀନ କଏଦୀଙ୍କ ଆତ୍ମହତ୍ୟା

■ **କଟକ, ୩।୧୧ (ସମିସ):** ଚୌଦ୍ୱାର ସର୍କଲ ଜେଲରେ ଆଜି ପୁଣି ଏକ ଅଘଟଣ ଘଟିଛି। ଜେଲ୍ ଭିତରେ ଜଣେ ବିଚାରାଧୀନ କଏଦୀ ବେକରେ ଗାମୁଛା ବାନ୍ଧି ଆତ୍ମହତ୍ୟା କରିଛନ୍ତି। ମୃତକ ହେଲେ, ଖୋର୍ଦ୍ଧା ଜିଲ୍ଲା ବୋଲଗଡ଼ ଥାନା ବଡ଼ମାଳି ଗ୍ରାମର ପବିତ୍ର ସାହୁ (୪୪)। ପବିତ୍ର ଏକ ଚିଟ୍‌ଫଣ୍ଡ ଠକେଇ ମାମଲାରେ ଜଡ଼ିତ ଥିଲେ। ମାସକ ତଳେ ତାଙ୍କୁ ଅନ୍ୟ ଏକ ଜେଲରୁ ଏଠାକୁ ସ୍ଥାନାନ୍ତର କରାଯାଇଥିଲା। ଆଜି ସକାଳେ ଜେଲ ଭିତରେ ଥିବା ପାଇଖାନା ଘରେ ସେ ବେକରେ ଏକ ଗାମୁଛା ବାନ୍ଧି ଆତ୍ମହତ୍ୟା ଉଦ୍ୟମ କରିଥିଲେ। ଜେଲ କର୍ତ୍ତୃପକ୍ଷ ତାଙ୍କୁ ଗୁରୁତର ଅବସ୍ଥାରେ କଟକ ବଡ଼ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ତେବେ କେଉଁ କାରଣରୁ ପବିତ୍ର ଏପରି ଚରମ ପଦକ୍ଷେପ ନେଲେ, ତାହା ସ୍ପଷ୍ଟ ହୋଇପାରିନାହିଁ। ଖବର ପାଇ ଚୌଦ୍ୱାର ପୁଲିସ ଜେଲ୍‌ରେ ପହଞ୍ଚି ଘଟଣାର ତଦନ୍ତ କରୁଛି।

ଏ ସମ୍ପର୍କରେ ଜେଲ୍ ସୁପରିଣ୍ଟେଣ୍ଡେଣ୍ଟ୍ ରଘୁରାଜ ମାଝୀ କହିଛନ୍ତି, ଦିନ ଓ ରାତିରେ କଏଦୀଙ୍କୁ ଯାଞ୍ଚ କରାଯାଉଛି। ଜେଲ୍ ପରିସର ଭିତରେ ଯାଞ୍ଚ ପ୍ରକ୍ରିୟା କଡ଼ାକଡ଼ି କରାଯାଇଛି। ପାଇଖାନା ଭିତରେ ଯଦି ଏଭଳି ଅଘଟଣ ଘଟେ, ତେବେ ଜାଣିବା ନିହାତି କଷ୍ଟକର। ଏହି ଘଟଣାରେ ଚୌଦ୍ୱାର ଥାନା ପୁଲିସ, ସନ୍ଧାନୀ କୁକୁର ଓ ସାଇଣ୍ଟିଫିକ୍ ଟିମ୍ ତଦନ୍ତ କରୁଛନ୍ତି। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ପ୍ରକୃତ ଘଟଣା ସାମ୍ନାକୁ ଆସିବ ବୋଲି ସୁପରିଣ୍ଟେଣ୍ଡେଣ୍ଟ ଶ୍ରୀ ମାଝୀ ଜଣାଇଛନ୍ତି। ଅନ୍ୟପଟେ ପବିତ୍ରଙ୍କ ଶରୀରକୁ ପରିବାର ଓ ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ବ୍ୟବଚ୍ଛେଦ ପ୍ରକ୍ରିୟା କରାଯିବ। ଏହି ଘଟଣାରେ ଜଣେ ଏଡିଜି ପାହ୍ୟାର ଅଧିକାରୀ ତଦନ୍ତ କରିବେ ବୋଲି ସୂଚନା ମିଳିଛି। କେଉଁ ପରିସ୍ଥିତିରେ ମୃତ୍ୟୁ ହେଲା ତାହାର ପୁଙ୍ଖାନୁପୁଙ୍ଖ ତଦନ୍ତ କରାଯିବ।

ସୂଚନାଯୋଗ୍ୟ, ଗତ ଦଶହରା ସମୟରେ ବିହାରର ୨ ▸ପୃଷ୍ଠା-୭

**ମାମୁ ଘରେ ଖେଳ ହେଲା କାଳ**

## ପାଇଖାନା ଟାଙ୍କିରେ ପଡ଼ି ଚାଲିଗଲା ୩ ଶିଶୁଙ୍କ ଜୀବନ



■ **ବଡ଼ମ୍ବା, ୩।୧୧ (ସମିସ):** କଟକ ଜିଲ୍ଲା ବଡ଼ମ୍ବା ଥାନା ଅନ୍ତର୍ଗତ ରଗଡ଼ିପଡ଼ା ଗାଁରେ ଏକ ହୃଦୟବିଦାରକ ଘଟଣା ଘଟିଛି। ଆଜି ଅପରାହ୍ଣରେ ଗ୍ରାମର ହରିଜନ ସାହି ପଛ ପାଖେ ଥିବା ଏକ ପାଇଖାନା ସେପ୍ଟିକ୍ ଟାଙ୍କିରେ ପଡ଼ି ୩ ଶିଶୁ ଅକାଳରେ ପ୍ରାଣ ହରାଇଛନ୍ତି। ମୃତକଙ୍କ ମଧ୍ୟରେ ଦୁଇଜଣ ନାବାଳକ ଓ ଜଣେ ନାବାଳିକା।

**ମୃତକଙ୍କ ମଧ୍ୟରେ ୨ ନାବାଳକ ଓ ଜଣେ ନାବାଳିକା**

ସେମାନେ ହେଲେ, ବଡ଼ମ୍ବା ବ୍ଲକ ଅଧୀନ ପରଜାପଡ଼ା ପଞ୍ଚାୟତର ଇଚ୍ଛାପୁର ଗ୍ରାମର ଶୁଭମ ନାଏକ (୩), କୋଲେଶ୍ୱର ପଞ୍ଚାୟତ ଅଧୀନ ବଡ଼ବାରେଣା ଗ୍ରାମର ଶିବାନୀ ନାଏକ (୭) ଓ ▸ପୃଷ୍ଠା-୭

### ପୁଲିସ ଏସ୍‌ଆଇ ଚାକିରି ବିକ୍ରି ମାମଲା

# ସିଲିକନ୍ ଟେକ୍ ସିଇଓ ସୁରେଶ ଗିରଫ

■ **ଭୁବନେଶ୍ୱର,୩।୧୧(ସମିସ):** ପୁଲିସ ଏସ୍‌ଆଇ ଚାକିରି ବିକ୍ରି ମାମଲାରେ ସିଲିକନ୍ ଟେକ୍‌ର ସିଇଓ ସୁରେଶ ଚନ୍ଦ୍ର ନାୟକଙ୍କୁ ସୋମବାର ତାଙ୍କ ପଟିଆ ବାସଭବନରୁ ଗିରଫ କରିଛି କ୍ରାଇମ୍‌ବ୍ରାଞ୍ଚ। ଏସ୍‌ଆଇ ପରୀକ୍ଷା ପରିଚାଳନା କରୁଥିବା ପଞ୍ଚସପ୍ତର ମୁଖ୍ୟ ଶଙ୍କର ପୃଷ୍ଟିଙ୍କ ବୟାନ ଓ ମିଳିଥିବା ପ୍ରମାଣ ଆଧାରରେ ତାଙ୍କୁ ଗିରଫ କରାଯାଇଥିବା କ୍ରାଇମ୍‌ବ୍ରାଞ୍ଚ ସୂଚନା ଦେଇଛି। ଉତ୍ତରାଖଣ୍ଡରୁ ଗିରଫ ହୋଇଥିବା ଶଙ୍କରଙ୍କୁ ଦିନ ତମାମ୍ ଜେରା ପରେ ଚାକିରି ବିକ୍ରି ଘଟଣାରେ କ୍ରାଇମ୍‌ବ୍ରାଞ୍ଚ ସୁରେଶଙ୍କ ସିଧାସଳଖ ଲିଙ୍କ୍ ଜାଣିବାକୁ ପାଇଥିଲା। ସୁରେଶ ଏକମାତ୍ର ଲୋକ, ଯେ କି ପରୀକ୍ଷାର ପ୍ରଶ୍ନପତ୍ର ପ୍ରସ୍ତୁତି, ପ୍ରିଣ୍ଟିଂ ଏବଂ ପରିବହନ ଦାୟିତ୍ୱରେ ଥିଲେ। ଏହାପରେ ସୁରେଶ ଓ ଶଙ୍କରଙ୍କୁ ଅଲଗା ଅଲଗା ପଚରାଉଚରା କରାଯାଇଥିଲା। ବୟାନରେ ତାଳମେଳ ନ ରହିବାରୁ ଉଭୟଙ୍କୁ ଏକସଙ୍ଗରେ ଜେରା କରାଯାଇଥିଲା। ଜେରା ବେଳେ ଏସ୍‌ଆଇ ଚାକିରି ଜାଲିଆତି ସମ୍ପର୍କରେ ବହୁତଥ୍ୟ କ୍ରାଇମ୍‌ବ୍ରାଞ୍ଚ ପାଇଛି। ସୁରେଶଙ୍କ ଗୁପ୍ତ ସୂଚନା ଓ ଶଙ୍କରଙ୍କ ନେଟ୍‌ୱାର୍କ ବଳରେ ରାଜ୍ୟରେ ଏତେ ବଡ ସ୍କାମ୍ ସମ୍ଭବ ହୋଇପାରିଲା ବୋଲି କ୍ରାଇମ୍‌ବ୍ରାଞ୍ଚ ଶେଷ ନିର୍ଯ୍ୟାସରେ ପହଞ୍ଚିଥିବା ▸ପୃଷ୍ଠା-୭

**ସିଲିକନ୍‌ର ଗୁପ୍ତ ସୂଚନା ଓ ଶଙ୍କର ନେଟ୍‌ୱର୍କ ମାଧ୍ୟମରେ ସ୍କାମ୍**

**ଶଙ୍କରଙ୍କୁ ନୂଆଦିଲ୍ଲୀର କମ୍ପାନୀ ଗେଷ୍ଟ ହାଉସ୍‌ରେ ଲୁଚାଇଥିଲେ ସୁରେଶ: କ୍ରାଇମ୍‌ବ୍ରାଞ୍ଚ**



## ବ୍ରହ୍ମପୁର ଜେଲ୍‌ରେ ଶଙ୍କର, ସୁରେଶ

■ **ବ୍ରହ୍ମପୁର,୩।୧୧(ସମିସ):** ପୁଲିସ ଏସଆଇ ପରୀକ୍ଷା କେଳେଙ୍କାରୀ ଘଟଣାର ମୁଖ୍ୟ ଅଭିଯୁକ୍ତ ଶଙ୍କର ପୃଷ୍ଟିକୁ ନେପାଳ-ଉତ୍ତରାଖଣ୍ଡ ସୀମାନ୍ତରୁ କାବୁ କରିବା ପରେ କ୍ରାଇମବ୍ରାଞ୍ଚ କଟକରେ ଜେରା କରିଛି। ପରେ ଶଙ୍କରର ବୟାନ ଆଧାରରେ ସିଲିକନ ଟେକ୍‌ର ମାଲିକ ସୁରେଶ ନାୟକଙ୍କୁ ଗିରଫ କରାଯାଇଛି। ଫଳରେ ଏହି ମାମଲାରେ ଗିରଫ ସଂଖ୍ୟା ୧୨୫କୁ ବୃଦ୍ଧି ପାଇଛି। ଉଭୟ ଶଙ୍କର ଓ ସୁରେଶଙ୍କୁ ଆଜି କଟକରୁ କଡ଼ା ସୁରକ୍ଷା ମଧ୍ୟରେ ବ୍ରହ୍ମପୁର ଅଣାଯାଇ ଜେଏମ୍‌ଏଫ୍‌ସି (ଗ୍ରାମାଞ୍ଚଳ)ଙ୍କ କୋର୍ଟରେ ହାଜର କରାଯାଇଥିଲା। ଅଧିକ ▸ପୃଷ୍ଠା-୭

**୭ ଦିନ ରିମାଣ୍ଡ ପାଇଁ କୋର୍ଟରେ କ୍ରାଇମବ୍ରାଞ୍ଚର ଆବେଦନ**

**ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲା**

## ପୁଲିସ କବ୍‌ଜାରେ ଉମା ଓ ସୁଟର୍ କୁରୁପତି

■ **ବ୍ରହ୍ମପୁର, ୩।୧୧(ସମିସ):** ବହୁଚର୍ଚ୍ଚିତ ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ଘଟଣାର ମାଷ୍ଟରମାଇଣ୍ଡ ତଥା ଫେରାର୍ ଅଭିଯୁକ୍ତ ଉମା ବିଶୋୟୀ ଓ ସୁଟର୍ କୁରୁପତି ଭୂୟାଁ ପୁଲିସ ପଞ୍ଝାରେ। ପୂର୍ବରୁ ଉଭୟଙ୍କ ସମ୍ପର୍କରେ ପୁଲିସ କୌଣସି ସୁରାକ ପାଇ ପାରିନଥିବା ବେଳେ ହଠାତ୍ ସେମାନଙ୍କ ଆତ୍ମସମର୍ପଣକୁ ନେଇ ଚର୍ଚ୍ଚା ଜୋର୍ ଧରିଛି।

ସୂଚନାନୁସାରେ, ଉମା ଓ କୁରୁପତି ବ୍ରହ୍ମପୁର ପୁଲିସ ମୁଖ୍ୟାଳୟ ସମ୍ମୁଖରେ କୌଣସି ଏକ ଗାଡ଼ିରୁ ଓହ୍ଲାଇଥିଲେ। ପରେ ଉଭୟ ମୁଖ୍ୟଫାଟକ ଅତିକ୍ରମ କରି ଚାଲିଚାଲି ଯାଇ ଆତ୍ମସମର୍ପଣ କରିଥିବା ନେଇ ଆଲୋଚନା ହେଉଛି। ଆଗକୁ ନୂଆପଡ଼ା ଉପ-ନିର୍ବାଚନ ଥିବା ବେଳେ ହଠାତ୍ ପୁଲିସ ଏସଆଇ ପରୀକ୍ଷା କେଳେଙ୍କାରୀ ଘଟଣାର ମୁଖ୍ୟ ଶଙ୍କର ପୃଷ୍ଟି ଓ ବର୍ତ୍ତମାନ ପୁଣି ଚର୍ଚ୍ଚିତ ପୀତବାସ ପଣ୍ଡା ହତ୍ୟାକାଣ୍ଡର ମୁଖ୍ୟ ଅଭିଯୁକ୍ତ ଉମା ଓ କୁରୁପତିଙ୍କ ଆତ୍ମସମର୍ପଣ ଭଳି ଘଟଣା ସମସ୍ତଙ୍କୁ ଚକିତ କରିଛି। କାରଣ ଉଭୟ ଘଟଣାରେ ଫେରାର୍ ଅଭିଯୁକ୍ତମାନେ ଦୀର୍ଘଦିନ ଫେରାର୍ ରହିବା ପରେ ହଠାତ୍ ଆତ୍ମ ସମର୍ପଣ କରିଥିବାରୁ ଏଭଳି ସନ୍ଦେହ ସୃଷ୍ଟି ହୋଇଛି। ପୁଲିସ ମୁଖ୍ୟାଳୟରେ ଆତ୍ମସମର୍ପଣ କରିବା ପରେ ଉମା ଓ କୁରୁପତିଙ୍କୁ କଡ଼ା ସୁରକ୍ଷାବଳୟରେ ଗୋପାଳପୁର ଥାନା ▸ପୃଷ୍ଠା-୭

# ପୂରା ଗାଁର ଋଣ ପରିଶୋଧ କଲେ ବ୍ୟବସାୟୀ



ଆମରେଲି, ୩।୧୧(ଏଜେନ୍ସି): ଗୁଜରାଟର ଆମରେଲି ଜିଲ୍ଲାରେ ରହୁଥିବା ଜଣେ ବ୍ୟବସାୟୀ ନିଜ ପୂରା ଗାଁକୁ ଋଣମୁକ୍ତ କରିଛନ୍ତି। ସାବରକୁଣ୍ଡଲା ତହସିଲ୍‌ର ଜିରା ଗାଁରେ ରହୁଥିବା ବାବୁଭାଇ ଜିରାୱାଲା ନାମକ ଏହି ବ୍ୟବସାୟୀ ନିଜର ଗାଁର ୨୯୦ ଜଣ କୃଷକଙ୍କ ଗତ ୩୦ ବର୍ଷର ସବୁ ଋଣ ପରିଶୋଧ କରିଛନ୍ତି। ଏହିକ୍ରମରେ ସେ ନିଜ ମାଙ୍କ ଶ୍ରାଦ୍ଧ ଦିବସରେ ୯୦ ଲକ୍ଷ ଟଙ୍କା ପ୍ରଦାନ କରିଛନ୍ତି। ତାଙ୍କ ଏହି ଦାନ ଫଳାରେ ଗାଁର ସବୁ କୃଷକ ଏବେ ଋଣମୁକ୍ତ ହୋଇଛନ୍ତି। ୧୯୯୫ରୁ ଜିରା ସେବା ସହକାରୀ ମଣ୍ଡଳକୁ ନେଇ ଏକ ବଡ଼ ବିବାଦ ଗାଁରେ ଚାଲିଆସୁଥିଲା। ଏହି କମିଟିକୁ ସେବେକାର ପ୍ରଶାସକମାନେ କୃଷକଙ୍କ ନାମରେ ନକଲି ଋଣ ନେଇଥିଲେ। ଇତିମଧ୍ୟରେ ଏହି ଋଣ ବହୁଗୁଣା ବୃଦ୍ଧି ପାଇଥିଲା। କୃଷକଙ୍କ ଉପରେ ଋଣ ଭାର ୭ରୁ ୧୨ ଗୁଣା ବୃଦ୍ଧି ପାଇଥିଲା। ଏହି କାରଣରୁ ସରକାରଙ୍କଠାରୁ ବିଭିନ୍ନ ସହାୟତା, ଋଣ ଓ ଅନ୍ୟ ସୁବିଧା ସୁଯୋଗରୁ କୃଷକମାନେ ବଞ୍ଚିତ ହେଉଥିଲେ। ଗାଁର କୌଣସି କୃଷକଙ୍କୁ ବ୍ୟାଙ୍କ ମଧ୍ୟ ଋଣ ଦେଉ ନଥିଲା। ଫଳରେ କୃଷକମାନେ ସମସ୍ୟାରେ ପଡୁଥିଲେ। ଋଣ ପାଇଁ ଜମିର ଭାଗବଣ୍ଟା ମଧ୍ୟ ହୋଇପାରୁ ନଥିଲା। ଏଥିପାଇଁ ମୋ ମା ଚାହୁଁଥିଲେ ଯେ, ତାଙ୍କ ଗହଣା ବିକ୍ରି କରି କୃଷକଙ୍କ ଋଣ ପରିଶୋଧ କରିବାକୁ। ଶେଷରେ କୃଷକଙ୍କ ସବୁ ଋଣକୁ ପରିଶୋଧ କରିବାକୁ ଆମେ ସକ୍ଷମ ହୋଇଛୁ ବୋଲି ଜିରାୱାଲା କହିଛନ୍ତି। ଗାଁର କୃଷକଙ୍କ ଉପରେ ମୋଟ୍ ୮୯, ୮୯, ୨୦୯ ଲକ୍ଷ ଟଙ୍କା ଋଣ ଥିଲା ବୋଲି ସେ କହିଛନ୍ତି। କୃଷକମାନଙ୍କୁ ନୋ ଡିୟୁ ଅର୍ଥାତ ଋଣମୁକ୍ତ ହେବାର ପ୍ରମାଣପତ୍ର ପ୍ରଦାନ କରାଯିବା ପରେ ସାରା ଗାଁ ଖୁସିରେ ଭାବପ୍ରବଣ ହୋଇଉଠିଥିଲା। କୃଷକଙ୍କ ଆଖିରେ ଆନନ୍ଦର ଲୁହ ଦେଖିବାକୁ ମିଳିଥିଲା।

# ନକଲି ବୈଜ୍ଞାନିକ ବିଦେଶରୁ ପାଉଥିଲେ କୋଟି କୋଟି ଟଙ୍କା



ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଭାବା ଅଟୋମିକ ରିସର୍ଚ୍ଚ ସେଣ୍ଟର (ବିଏଆରସି)ର ବୈଜ୍ଞାନିକ ଭାବେ ନିଜକୁ ଦର୍ଶାଉଥିବା ଅଖତାର ହୁସେନ ନାମକ ଜଣେ ୬୦ ବର୍ଷୀୟ ବ୍ୟକ୍ତି ଦେଶ ବାହରୁ କୋଟି କୋଟି ଟଙ୍କା ପାଉଥିଲେ। ସେ ୧୯୯୫ରୁ ଅର୍ଥାତ ୩୦ ବର୍ଷଧରି ଏହି ଅର୍ଥ ପାଉଥିôବାର ତଥ୍ୟ ସାମ୍ନାକୁ ଆସିଛି। ସେ ନିଜକୁ ବିଏଆରସିର ଜଣେ ବରିଷ୍ଠ ବୈଜ୍ଞାନିକ ଭାବେ ପରିଚୟ ଦେଇ ଦେଶର ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ତଥା ସମ୍ବେଦନଶୀଳ ସ୍ଥାନକୁ ଯାଉଥିଲେ। ତାଙ୍କଠାରୁ ୧୦ଟି ନକ୍ସା ଓ ପରମାଣୁ ଅସ୍ତ୍ର ସହିତ ଜଡିତ କିଛି ସମ୍ବେଦନଶୀଳ କାଗଜପତ୍ର ଜବତ କରିଛି। ସେ ଝଡଖଣ୍ଡର ଜାମସେଦପୁର ମୂଳ ବାସିନ୍ଦା। ପୁଲିସ ଅଖତାରଙ୍କଠାରୁ ଏକାଧିକ ନକଲି ପାସପୋର୍ଟ, ଆଧାର କାର୍ଡ, ପାନକାର୍ଡ ଓ ବିଏଆରସିର ପରିଚୟପତ୍ର ଜବତ କରିଥିଲା। କିଛି ପରିଚୟ ପତ୍ରରେ ତାଙ୍କ ନା ଅଲୀ ରାଜା ଓ ଆଲେକଜାଣ୍ଡ ପାଲମର ବୋଲି ଉଲ୍ଲେଖ ରହିଛି। ଅଖତାର ଓ ତା'ର ଭାଇ ଆଦିଲ୍ ମିଳିତ ଭାବେ ୧୯୯୫ରୁ ବିଦେଶରୁ ଟଙ୍କା ପାଉଥିଲେ ବୋଲି ମୁମ୍ବଇ କ୍ରାଇମବ୍ରାଞ୍ଚ୍ କହିଛି। ଖାସ୍ କରି ୨୦୦୦ ପରଠାରୁ ସେ କୋଟି କୋଟି ଟଙ୍କା ହାସଲ କରୁଥିଲେ। ଅଖତାର ନାରେ ଗୁପ୍ତ ବ୍ୟାଙ୍କ ଆକାଉଣ୍ଟ ଥିବା ଜଣାପଡ଼ିଛି ଓ ବହୁ ପରିମାଣରେ ଅର୍ଥ ନେଣଦେଣ ହେବା ନେଇ ପୁଲିସ ତଥ୍ୟ ହାସଲ କରିଛି। ଅଖତାର ସହ ପାକିସ୍ତାନ ଗୁଇନ୍ଦା ସଂସ୍ଥା ଆଇଏସ୍ଆଇ ସହ ସମ୍ପର୍କ ଅଛ ବୋଲି ସନ୍ଦେହ କରାଯାଉଛି। ୧୯୯୬ରେ ଅଖତାର ନିଜର ପୈତୃକ ସମ୍ପତି ବିକ୍ରି କରିଦେଇଥିଲା। କିନ୍ତୁ ଏହି ପୁରୁଣା ଠିକଣାକୁ ଆଧାର କରି ନକଲି କାଗଜପତ୍ର ହାସଲ କରିଥିଲା। ଏହି ନକଲି ଦସ୍ତାବିଜ ସହ ଦୁହେଁ ଏକାଧିକବାର ବିଦେଶ ଗସ୍ତ କରିଥିଲେ।

## ଆଫଗାନରେ ଭୂକମ୍ପ; ୨୦ ମୃତ

କାବୁଲ୍, ୩।୧୧(ଏଜେନ୍ସି): ଆଫଗାନିସ୍ତାନରେ ଗତ ରାତିରେ ୬.୩ ତୀବ୍ରତାର ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା। ଉତ୍ତର ଆଫଗାନିସ୍ତାନର ମଜାରେ-ଇ-ଶରିଫ୍‌ରେ ଏହି ଭୂକମ୍ପ ଆସିବାରୁ ୨୦ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି ଓ ୩୨୦ ଜଣ ଆହତ ହୋଇଛନ୍ତି ବୋଲି ତାଲିବାନ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ମଜାରେ-ଇ- ସରିଫ୍‌ର ଖଲ୍‌ମ ସହରଠାରୁ ୨୩ କିମି ଦୂରରେ ଭୂକମ୍ପର କେନ୍ଦ୍ର ଥିଲା ବୋଲି ନ୍ୟାସନାଲ ସେଣ୍ଟର ଫର ସିସ୍‌ମୋଲୋଜି (ଏନସିଏସ୍) ତରଫରୁ ସୂଚନା ଦିଆଯାଇଛି। ରବିବାର ରାତି ୧ଟାରେ ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା ବୋଲି ୟୁନାଇଟେଡ ଷ୍ଟେଟ୍‌ସ ଜିଓଲୋଜିକାଲ ସର୍ଭେ (ୟୁଏସ୍‌ଜିଏସ୍) କହିଛି। ମାଜାରେ-ଇ- ସିରଫ୍‌ର ବ୍ଲୁ ମସଜିଦ ମଧ୍ୟ ଏଥିରେ କ୍ଷତିଗ୍ରସ୍ତ ହୋଇଛି। ଏହି ମସଜିଦ ଆଫଗାନିସ୍ତାନର ସବୁଠାରୁ ପବିତ୍ର ଧାର୍ମିକ ସ୍ଥଳି ବିବେଚିତ ହୋଇଥାଏ। ଏଠାରେ ମହାପୁରୁଷ ମହମ୍ମଦଙ୍କ ସମ୍ପର୍କୀୟ ଭାଇଙ୍କର ସମାଧି ରହିଛି ବୋଲି ବିଶ୍ୱାସ କରାଯାଏ। ଏହି ସହରରେ ୫, ୨୩, ୦୦୦ ଲୋକ ରହୁଛନ୍ତି। ୧୫୦୦ ଶତାବ୍ଦୀରେ ଏହି ମସ୍‌ଜିତ ନିର୍ମାଣ କରାଯାଇଥିଲା। ଭୂକମ୍ପର ବିଭିନ୍ନ ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହୋଇଛି। ଗତ ଅଗଷ୍ଟରେ ମଧ୍ୟ ଆଫଗାନିସ୍ତାନରେ ଏକାଧିକବାର ଭୂକମ୍ପ ଆସିଥିଲା ଓ ଏଥିରେ ୨, ୨୦୦ ଲୋକ ମୃତ୍ୟୁବରଣ କରିଥିଲେ। ଭୂକମ୍ପ ପୀଡିତଙ୍କୁ ଉଦ୍ଧାର କରିବାକୁ ଉଦ୍ଧାର କାର୍ଯ୍ୟ ଜାରି ରହିଛି।

## ବିମାନବନ୍ଦର ନିକଟରେ ଛାତ୍ରୀଙ୍କୁ ଗଣଦୁଷ୍କର୍ମ

କୋଏମ୍ବାଟୁର, ୩।୧୧(ଏଜେନ୍ସି): ତାମିଲନାଡୁର କୋଏମ୍ବାଟୁର ବିମାନବନ୍ଦରରେ ରବିବାର ରାତିରେ ଏକ ଲଜ୍ଜାଜନକ ଘଟଣା ଘଟିଛି। ଜଣେ ଛାତ୍ରୀଙ୍କୁ ୩ ଜଣ ବ୍ୟକ୍ତି ଗଣଦୁଷ୍କର୍ମ କରିଛନ୍ତି। ପୀଡିତା ରାତି ୧୧ଟାରେ ନିଜର ଜଣେ ବନ୍ଧୁଙ୍କ ସହ କାର୍‌ରେ ବସିଥିବା ବେଳେ ୩ ଅଭିଯୁକ୍ତ ସେଠାରେ ପହଞ୍ଚିଥିଲେ। ବନ୍ଧୁଙ୍କୁ ଆକ୍ରମଣ କରିବା ପରେ ଛାତ୍ରୀଙ୍କୁ ଜୋର ଜବରଦସ୍ତି କାର୍ ବାହରକୁ ଆଣି ସେଠାରୁ ଶୂନସାନ ସ୍ଥାନକୁ ନେଇଯାଇ ଏହି କାଣ୍ଡ ଘଟାଇଥିଲେ। ଦୁଷ୍କର୍ମ କରିବା ପରେ ଅଭିଯୁକ୍ତମାନେ ଛାତ୍ରୀଙ୍କୁ ସେଠାରେ ଛାଡି ଦେଇ ଚାଲିଯାଇଥିଲେ। ଆହତ ହୋଇଥିବା ଛାତ୍ରୀଙ୍କ ବନ୍ଧୁ ପୁଲିସକୁ ଏ ନେଇ ସୂଚନା ଦେଇଥିଲେ। ପୁଲିସ ରାତିସାରା ଛାତ୍ରୀଙ୍କୁ ଖୋଜିବା ପରେ ତାଙ୍କୁ ବିମାନ ବନ୍ଦରଠାରୁ ଏକ କିମି ଦୂରରେ ଏକ ଘରୋଇ କଲେଜ ପାଖରେ ବେହୋଶ ଅବସ୍ଥାରେ ଉଦ୍ଧାର କରିଥିଲା। ଛାତ୍ରୀଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ତାଙ୍କ ବନ୍ଧୁଙ୍କର କୋଏମ୍ବାଟୁର ମେଡିକାଲ କଲେଜରେ ଚିକିତ୍ସା କରାଯାଉଛି। ଅଭିଯୁକ୍ତଙ୍କୁ ଧରିବା ପାଇଁ ପୁଲିସ ୭ଟି ଟିମ୍ ଗଠନ କରିଛି। ଏହି ୩ ଜଣ ଘଟଣା ଘଟାଇବା ପୂର୍ବରୁ ଏକ ବାଇକ୍ ଚୋରି କରିଥିଲେ ବୋଲି ପ୍ରାଥମିକ ଯାଞ୍ଚରୁ ଜଣାପଡ଼ିଛି। ଏବେ ଏହି ଘଟଣା ନେଇ ରାଜନୀତି ଆରମ୍ଭ ହୋଇଛି। ତାମିଲନାଡୁରେ ଏମ୍‌କେ ଷ୍ଟାଲିନ ସରକାରଙ୍କ ବିରୋଧରେ ଆଇନ ଶୃଙ୍ଖଳା ସ୍ଥିତି ଭୁଶୁଡି ପଡ଼ିବା ନେଇ ବିରୋଧୀ ଦଳ ଅଭିଯୋଗ ଆଣିଛନ୍ତି।

## ଦିଲ୍ଲୀ ପ୍ରଦୂଷଣ : ରିପୋର୍ଟ ମାଗିଲେ ସୁପ୍ରିମ୍‌କୋର୍ଟ

ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଦିଲ୍ଲୀ- ଏନ୍‌ସିଆରରେ ଦିନକୁ ଦିନ ବୃଦ୍ଧି ପାଉଥିବା ପ୍ରଦୂଷଣ ନେଇ ସୁପ୍ରିମକୋର୍ଟରେ ସୋମବାର ଶୁଣାଣି ହୋଇଥିଲା। କୋର୍ଟ ଏ ନେଇ ସରକାରଙ୍କଠାରୁ ରିପୋର୍ଟ ମାଗିଛନ୍ତି। ଦୀପାବଳି ପରେ ପ୍ରଦୂଷଣ ବହୁ ଗୁଣରେ ବୃଦ୍ଧି ପାଇଛି। ବାୟୁଗୁଣବତ୍ତା ପ୍ରବନ୍ଧନ ଆୟୋଗ (ସିଏକ୍ୟୁଏମ୍)କୁ ଏ ସଂକ୍ରାନ୍ତରେ ସତ୍ୟପାଠ ଦାଖଲ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ମୁଖ୍ୟ ବିଚାରପତି ବିଆର ଗଭାଇ ଓ ଜଷ୍ଟିସ କେ ବିନୋଦ ଚନ୍ଦ୍ରନଙ୍କ ଖଣ୍ଡପୀଠ ଏମ୍‌ସି ମେହେଟା ମାମଲାର ଶୁଣାଣି କରୁଥିଲା। ବରିଷ୍ଠ ଓକିଲ ତଥା ନ୍ୟାୟମିତ୍ର ଅପରାଜିତା ସିଂ କୋର୍ଟଙ୍କୁ କହିଥିଲେ ଯେ, ଦୀପାବଳି ଦିନ ୩୭ରୁ କେବଳ ୯ଟି ଏୟାର କ୍ୱାଲିଟି ମନିଟରିଂ ଷ୍ଟେସନ ଲାଗତର କାର୍ଯ୍ୟ କରୁଥିଲା। ଯଦି ଏହା କାମ କରୁନାହିଁ, ତେବେ ଗ୍ରେଡେଡ ରେସପନ୍ସ ଆକ୍ସନ ପ୍ଲାନ (ଜିଆରଏପି) କେତେବେଳେ ଲାଗୁ କରାଯିବ ତାହା କିପରି ଜାଣିବା ବୋଲି ସେ ପ୍ରଶ୍ନ କରିଛନ୍ତି। ଏପର୍ଯ୍ୟନ୍ତ ପ୍ରଦୂଷଣ ରୋକିବାକୁ କି ପଦକ୍ଷେପ ସବୁ ନିଆଯାଇଛି ସେ ନେଇ କୋର୍ଟ ସିଏକ୍ୟୁଏମ୍‌କୁ ପ୍ରଶ୍ନ ପଚାରିଛନ୍ତି। ପ୍ରଦୂଷଣ ଭୟଙ୍କର ସ୍ଥିତିରେ ପହଞ୍ଚିବା ପୂର୍ବରୁ ଆଗୁଆ ଦୃଷ୍ଟାନ୍ତମୂଳକ ପଦକ୍ଷେପ ଗ୍ରହଣ କରାଯାଉ ବୋଲି କୋର୍ଟ କହିଛନ୍ତି। ଉଲ୍ଲେଖଥାଉ କି, ଦିପାବଳୀ ପରେ ଦିଲ୍ଲୀର ଅଧିକାଂଶ ସ୍ଥାନରେ ବାୟୁ ଗୁଣବତ୍ତା ସୂଚକାଙ୍କ (ଏକ୍ୟୁଆଇ) ୪୦୦ ପାର କରିଥିଲା ଓ ବାୟୁରେ ଛୋଟ ଛୋଟ ଧୂଳିକଣା (ପିଏମ୍ ୨.୫) ଗତ ୫ ବର୍ଷ ମଧ୍ୟରେ ସର୍ବାଧିକ ବୃଦ୍ଧି ପାଇଥିଲା।

# ଲୁଚାଛପାରେ ଚାଲିଛି ପରମାଣୁ ପରୀକ୍ଷା !



- ପାକିସ୍ତାନ, ଚୀନର ମୁଖା ଖୋଲିଲେ ଟ୍ରମ୍ପ
- ବିଶ୍ୱକୁ ୧୫୦ଥର ଧ୍ୱଂସ କରିବା ପାଇଁ ପରମାଣୁ ଅସ୍ତ୍ର ଆମ ପାଖରେ ରହିଛି

ୱାଶିଂଟନ୍, ୩।୧୧(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ପୁଣିଥରେ ସମସ୍ତଙ୍କୁ ଚକିତ କଲା ଭଳି ମନ୍ତବ୍ୟ ଦେଇଛନ୍ତି। ପରମାଣୁ ଅସ୍ତ୍ର ପରୀକ୍ଷଣ ନେଇ ସେ ଏଥର ମନ୍ତବ୍ୟ ଦେଇ ହଇଚଇ ସୃଷ୍ଟି କରିଛନ୍ତି। ପାକିସ୍ତାନ ପରମାଣୁ ଅସ୍ତ୍ର ପରୀକ୍ଷା କରୁଛି ବୋଲି ସେ କହିଛନ୍ତି। ରବିବାର ସିବିଏସ୍ ନ୍ୟୁଜକୁ ସାକ୍ଷାତ୍‌କାର ଦେବା ଅବସରରେ ସେ ଏହି କଥା କହିଛନ୍ତି। ପୁଣିଥରେ ଆମେରିକାକୁ ପରମାଣୁ ପରୀକ୍ଷଣ ଆରମ୍ଭ କରିବାର ଅବଶ୍ୟକତା ଅଛି ବୋଲି ସେ କହିଛନ୍ତି। ଆମେରିକା ପାଖରେ ପର୍ଯ୍ୟାପ୍ତ ପରିମାଣର ପରମାଣୁ ଅସ୍ତ୍ର ରହିଛି। ଏହି ଅସ୍ତ୍ରକୁ ବ୍ୟବହାର କରି ଆମେରିକା ବିଶ୍ୱକୁ ୧୫୦ଥର ଧ୍ୱଂସ କରିବାର କ୍ଷମତା ରଖୁଛି ବୋଲି ସେ ଦାବି କରିଛନ୍ତି। ଉତ୍ତର କୋରିଆକୁ ବାଦ୍ ଦେଲେ ଆଉ କୌଣସି ଦେଶ ପରମାଣୁ ପରୀକ୍ଷା କରୁନାହାନ୍ତି। ତେଣୁ ଆମେରିକା କାହିଁକି ପରୀକ୍ଷା କରିବ ବୋଲି ପ୍ରଶ୍ନ ହେବାରୁ ଟ୍ରମ୍ପ କହିଛନ୍ତି ଯେ, ପାକିସ୍ତାନ ଓ ଚୀନ୍ ଗୁପ୍ତ ଭାବେ ପରୀକ୍ଷା କରୁଛନ୍ତି। କିନ୍ତୁ ବିଶ୍ୱକୁ ଏ ନେଇ କୌଣସି ସୂଚନା ମିଳିନାହିଁ। ଟ୍ରମ୍ପ ପୂର୍ବରୁ ମଧ୍ୟ ପ୍ରତିରକ୍ଷା ମନ୍ତ୍ରଣାଳୟ (ପେଣ୍ଟାଗନ)କୁ ପରମାଣୁ ଅସ୍ତ୍ର ପରୀକ୍ଷା ଆରମ୍ଭ କରିବା ପାଇଁ ଆଦେଶ ଦେଇସାରିଛନ୍ତି। ସେ ପୁଣିଥରେ ଭାରତ ଓ ପାକିସ୍ତାନ ମଧ୍ୟରେ ହୋଇଥିବା ଯୁଦ୍ଧକୁ ରୋକିବାରେ ବଡ଼ ଭୂମିକା ନିର୍ବାହ କରିଛନ୍ତି ବୋଲି କହିଛନ୍ତି। ଦକ୍ଷିଣ ଏସିଆର ଏହି ଦୁଇ ଦେଶ ମଧ୍ୟରେ ପରମାଣୁ ଯୁଦ୍ଧ ହେବାର ଅବକାସ ସୃଷ୍ଟି ହୋଇଥିଲା। ଯଦି ଦୁଇ ଦେଶ ମଧ୍ୟରେ ଅସ୍ତ୍ରବିରତି ନ କରାଇଥାନ୍ତି, ତାହେଲେ ଲକ୍ଷ ଲକ୍ଷ ଲୋକ ମୃତ୍ୟୁ ବରଣ କରିଥାନ୍ତେ ବୋଲି ସେ ଏହି ସାକ୍ଷାତକାରରେ କହିଛନ୍ତି। ମଧ୍ୟସ୍ଥତା କରିବା ପରେ ସ୍ଥିତି ଶାନ୍ତ ହୋଇଥିଲା ଓ ଦୁଇ ଦେଶ ମଧ୍ୟରେ ଯୁଦ୍ଧ ଆଗକୁ ବଢ଼ି ନଥିଲା। ପୂର୍ବରୁ ମଧ୍ୟ ଟ୍ରମ୍ପ ଏ ନେଇ ଏକାଧିକ ବାର ଦାବି କରିଆସିଛନ୍ତି। ସେ ମୋଟ ଉପରେ ୭୦ଥର ଏପରି ଦାବି କରିଛନ୍ତି। ଗତ ସପ୍ତାହରେ ଟ୍ରମ୍ପ ଦକ୍ଷିଣ କୋରିଆରେ ଏପରି ଦାବି କରିଥିଲେ। ଭାରତ ଓ ପାକିସ୍ତାନ ଉପରେ ୨୫୦ ପ୍ରତିଶତ ଟାରିଫ ଲାଗୁ କରିବାକୁ ଧମକ ଦେବା ପରେ ଦୁଇ ଦେଶ ଫୋନ୍ କରି ଅସ୍ତ୍ରବିରତି ନେଇ ସହମିତ ପ୍ରକାଶ କରିଥିଲେ। ସେହିପରି ସେ ଚୀନ୍ ଓ ତାଇୱାନ ନେଇ ନିଜର ମତ ରଖିଥିଲେ। ଯଦି ତାଇୱାନ ଉପରେ ଚୀନ୍ ଆକ୍ରମଣ କରେ ତେବେ ଗମ୍ଭୀର ପରିଣାମ ଭୋଗିବାକୁ ହେବ ବୋଲି ସେ କହିଥିଲେ। ସେ ମଧ୍ୟ ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁତିନ ଓ ଚୀନ୍ ରାଷ୍ଟ୍ରପତି ସି ଜିନପିଙ୍ଗ୍‌ଙ୍କୁ ପ୍ରଶଂସା କରିଥିଲେ। ଯଦି ଆମେରିକା ପରମାଣୁ ପରୀକ୍ଷା କରେ ତେବେ ୩ ଦଶନ୍ଧି ପରେ ଏପରି ହେବ। ଚୀନ୍ ଓ ରୁଷ୍ ଏପରି କରୁଥିବାର ଆମେରିକା ମଧ୍ୟ ପରମାଣୁ ଅସ୍ତ୍ର ପରୀକ୍ଷା କରିବା ଯଥାର୍ଥ ହେବ ବୋଲି ସେ କହିଥିଲେ।

## ତେଲଙ୍ଗାନାରେ ବସ୍-ଡମ୍ପର ଧକ୍କା; ୧୯ ମୃତ

ରଙ୍ଗାରେଡ୍ଡୀ, ୩।୧୧(ଏଜେନ୍ସି): ତେଲଙ୍ଗାନାର ରଙ୍ଗାରେଡ୍ଡୀ ଜିଲ୍ଲାରେ ସୋମବାର ସକାଳେ ହାଇଦରାବାଦ- ବିଜାପୁର ରାଜପଥରେ ଏକ ଭୟଙ୍କର ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ତେଲଙ୍ଗାନା ରୋଡ ଟ୍ରାନ୍ସପୋର୍ଟ କର୍ପୋରେସନ (ଟିଏସ୍‌ଆରଟିସି)ର ଏକ ବସ ଓ ଗୋଡି ତଥା କଂକ୍ରିଟ୍ ଭର୍ତ୍ତି ଏକ ଡମ୍ପର ମଧ୍ୟରେ ଧକ୍କା ହୋଇଥିଲା। ଏହି ଦୁର୍ଘଟଣାରେ ୧୯ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୨୦ ଜଣ ଆହତ ହୋଇଛନ୍ତି। ମୃତକଙ୍କ ମଧ୍ୟରେ ୧୦ ମାସର ଏକ ଶିଶୁ ସହ ୧୦ ଜଣ ମହିଳା ଓ ଦୁଇ ଗାଡ଼ିର ଡ୍ରାଇଭର ସାମିଲ ଅଛନ୍ତି। ଆହତଙ୍କୁ ଭିନ୍ନ ଭିନ୍ନ ହସ୍ପିଟାଲରେ ଚିକିତ୍ସା କରାଯାଉଛି। ହାଇଦରାବାଦ୍‌ଠାରୁ ୬୦ କିମି ଦୂରରେ ଥିବା ଚେଭେଲା ଥାନା କ୍ଷେତ୍ରର ଖାନ୍‌ପୁର ଗେଟ୍ ନିକଟରେ ଏହି ଦୁର୍ଘଟଣା ଘଟିଛି। ଏହି ବସ୍ ବିକାରବାଦ ଜିଲ୍ଲାର ତନ୍ଦୁରରୁ ହାଇଦରାବାଦ ଯାଉଥିଲା। ଭୁଲ ଦିଗରୁ ଆସୁଥିବା ଏହି ଡମ୍ପର ବସ୍‌କୁ ଏତେ ଜୋରରେ ଧକ୍କା ଦେଇଥିଲା ଯେ, ବସ୍ ପୁରାପୂରି କ୍ଷତିଗ୍ରସ୍ତ ହୋଇଥିଲା। ଡମ୍ପରରେ ଥିବା ଗୋଡି ବସ୍‌ରେ ବସିଥିବା ଯାତ୍ରୀଙ୍କ ଉପରେ ପଡ଼ିଥିଲା। ଫଳରେ କେତେଜଣ ଯାତ୍ରୀ ଗୋଡି ଭିତରେ ଦବି ଯାଇଥିଲେ। ଏହି ଘଟଣାର ହୃଦୟ ବିଦାରକ ଦୃଶ୍ୟର ଭିଡିଓ ଏବେ ସାମ୍ନାକୁ ଆସିଛି। ଗୋଡି ତଳେ ଦବି ରହିଥିବା ଯାତ୍ରୀ ସାହାଯ୍ୟ ପାଇଁ ଚିତ୍କାର କରୁଥିବା ଦେଖାଯାଇଛି। ସୂଚନା ପାଇଁ ପୁଲିସ ଓ ଉଦ୍ଧାରକାରୀ ଦଳ ଘଟଣାସ୍ଥଳରେ ପହଞ୍ଚି ଲୋକଙ୍କୁ ବାହାର କରୁଛନ୍ତି। ମୃତଦେହଗୁଡିକୁ ବାହର କରିବାକୁ ଉଦ୍ଧାରକାରୀ ଦଳକୁ ବସ୍‌କୁ କାଟିବାକୁ ପଡୁଛି। ଡ୍ରାଇଭର ଓ ତାଙ୍କ ସିଟ୍‌ର ପଛଭାଗ ଅଂଶ କ୍ଷତିଗ୍ରସ୍ତ ହୋଇଛି। ଏଠାରେ ବସିଥିବା ଯାତ୍ରୀମାନେ ଘଟଣାସ୍ଥଳରେ ହିଁ ମୃତ୍ୟୁବରଣ କରିଥିଲେ। ଏହି ଦୁର୍ଘଟଣାକୁ ତେଲଙ୍ଗାନା ସରକରା ଗମ୍ଭୀରତା ସହ ଗ୍ରହଣ କରି ଉଦ୍ଧାରକାର୍ଯ୍ୟକୁ ତ୍ୱରାନ୍ୱିତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଦୁର୍ଘଟଣା ପରେ ଜାତୀୟ ରାଜପଥରେ ଭୀଷଣ ଭିଡ଼ ଦେଖିବାକୁ ମିଳିଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏଥିରେ ଦୁଃଖ ପ୍ରକାଶ କରିଛନ୍ତି।

## ଅଶ୍ଳୀଳ ଭିଡିଓ ଶୁଣାଣି ପାଇଁ ମନାକଲେ ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଅଶ୍ଳୀଳ ତଥା ପର୍ଣ୍ଣ ଭିଡିଓକୁ ନିଷିଦ୍ଧ କରିବା ନେଇ ହୋଇଥିବା ଆବେଦନର ଶୁଣାଣି କରିବାକୁ ସୁପ୍ରିମକୋର୍ଟ ସୋମବାର ମନା କରିଦେଇଛନ୍ତି। ଏହିକ୍ରମରେ କୋର୍ଟ ନେପାଳରେ ହୋଇଥିବା ଜେନ- ଜେଡ ଆନ୍ଦୋଳନର ଉଦାହରଣ ଦେଇଛନ୍ତି। ନେପାଳରେ ସୋସିଆଲ ମିଡିଆକୁ ନିଷିଦ୍ଧ କରିବା ପରେ କ'ଣ ହେଲା, ତାହା ଦେଖନ୍ତୁ ବୋଲି କୋର୍ଟ କହିଛନ୍ତି। ତେବେ ମୁଖ୍ୟ ବିଚାରପତି ବିଆର ଗଭାଇଙ୍କ ଅଧକ୍ଷତା କରୁଥିବା ଖଣ୍ଡପୀଠ କହିଛନ୍ତି ଯେ, ପର୍ଣ୍ଣୋଗ୍ରାଫି ନେଇ ହୋଇଥିବା ଆବେଦନର ଶୁଣାଣି ୪ ସପ୍ତାହ ପରେ କରାଯିବ। ଉଲ୍ଲେଖ ଯୋଗ୍ୟ ଯେ, ନଭେମ୍ବରେ ୨୩ରେ ହେବାକୁ ଥିବା ଏହି ଶୁଣାଣି ପୂର୍ବରୁ ଗଭାଇ ନିଜ ପଦରୁ ଅବସର ନେଇ ସାରିଥିବେ। ଏହି ଆବେଦନରେ କେନ୍ଦ୍ର ସରକାର ଅଶ୍ଳୀଳ କଣ୍ଟେଟ୍ ଉପରେ ନିଷେଧାଦେଶ ଜାରି କରିବା ନେଇ ପଲିସି ଆଣିବାକୁ ଦାବି କରାଯାଇଥିଲା। ଏଥିସହ ଛୋଟପିଲାଙ୍କ ନିକଟରେ ଏହି କଣ୍ଟେଟ୍ ନ ପହଞ୍ଚିବ ଯେଭଳି ସେ ନେଇ ବ୍ୟବସ୍ଥା କରିବାକୁ କୁହାଯାଇଥିଲା। ପବ୍ଲିକ୍ ପ୍ଲାଟଫର୍ମରେ ଏହି ଭିଡିଓ ହଟାଇବାକୁ ଦାବି କରାଯାଇଛି।

## ଡିଜିଟାଲ ଆରେଷ୍ଟ ନେଇ ସୁପ୍ରିମକୋର୍ଟ କ୍ଷୁବ୍ଧ



- ୩ ହଜାର କୋଟିର ସାଇବର ଠକେଇ
- କଡ଼ା କାର୍ଯ୍ୟାନୁଷ୍ଠାନ ଜରୁରୀ

ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଦେଶବ୍ୟାପୀ ଡିଜିଟାଲ ଆରେଷ୍ଟ ଓ ସାଇବର ଠକେଇ ମାମଲା ଦିନକୁ ଦିନ ବୃଦ୍ଧି ପାଉଥିବାରୁ ସୁପ୍ରିମକୋର୍ଟ ଅସନ୍ତୋଷ ଜାହିର କରିଛନ୍ତି। ସରକାର ସାଇବର ଠକେଇ ସହ ଜଡିତ ତଥ୍ୟ ଦେଇଥିଲେ। ଦେଶବ୍ୟାପୀ ଏହି ଠକେଇରେ ପୀଡିତମାନଙ୍କଠାରୁ ପାଖାପାଖି ୩ ହଜାର କୋଟି ଟଙ୍କା ଲୁଟି ନିଆଯାଇଛି ବୋଲି ସରକାରଙ୍କ ତରଫରୁ କୁହାଯାଇଥିଲା। ଜଷ୍ଟିସ ସୂର୍ଯ୍ୟକାନ୍ତ ଓ ଜୟମାଲ୍ୟ ବାଗ୍‌ଚୀଙ୍କ ଖଣ୍ଡପୀଠ କହିଛନ୍ତି ଯେ, ଏହି ମାମଲାକୁ କଠୋରତା ସହ ମୁକାବିଲା କରିବାକୁ ହେବ। ଦେଶର ୩ ହଜାର କୋଟି ଟଙ୍କାର ସାଇବର ଠକେଇ ହେବା ନିଶ୍ଚିତ ଭାବେ ଆଶ୍ଚର୍ଯ୍ୟ ଓ ଚିନ୍ତାଜନକ ବୋଲି କୋର୍ଟ କହିଛନ୍ତି। ଏନେଇ ଖୁବ୍‌ଶୀଘ୍ର ଦିଶା ନିର୍ଦ୍ଦେଶ ଜାରି କରାଯିବ।


ପୂର୍ବରୁ ଅକ୍ଟୋବର ୨୭ରେ ହୋଇଥିବା ଶୁଣାଣିରେ ସବୁ ରାଜ୍ୟରେ ହୋଇଥିବା ଡିଜିଟାଲ ଆରେଷ୍ଟ ସମ୍ପର୍କିତ ଏଫ୍‌ଆଇଆରର ସମ୍ପର୍କରେ ସୂଚନା ମାଗିଥିଲେ। ଏଥିସହ ସିବିଆଇ ପାଖରେ ଏହି ମାମଲାଗୁଡିକର ଯାଞ୍ଚ ପାଇଁ ପର୍ଯ୍ୟାପ୍ତ ସଂଶାଧନ ଅଛି କି ବୋଲି ସୁପ୍ରିମକୋର୍ଟ ପ୍ରଶ୍ନ କରିଥିଲେ। କେନ୍ଦ୍ର ଗୃହମନ୍ତ୍ରଣାଳୟ ଓ ସିବିଆଇ ଏ ନେଇ କୋର୍ଟଙ୍କୁ ଏକ ଲଫାପାରେ ବନ୍ଦ ହୋଇଥିବା ରିପୋର୍ଟ ପ୍ରଦାନ କରିଥିଲେ। ଗୃହ ମନ୍ତ୍ରଣାଳୟ ଭିନ୍ନ ଭିନ୍ନ୍ ବିଭାଗ ଏ ନେଇ କାର୍ଯ୍ୟ କରୁଛନ୍ତି ବୋଲି ସଲିସିଟର ଜେନେରାଲ ତୁଷାର ମେହେଟା କହିଛନ୍ତି। ଏହି ମାମଲାର ପରବର୍ତ୍ତୀ ଶୁଣାଣି ନଭେମ୍ବର ୧୦ରେ ହେବ ବୋଲି କୋର୍ଟ କହିଛନ୍ତି। ଉଲ୍ଲେଖଥାଉ କି, ହରିୟାଣାର ଏକ ବୃଦ୍ଧ ଦମ୍ପତି ସେପ୍ଟେମ୍ବର ୩ରୁ ୧୬ ମଧ୍ୟରେ ୧.୦୫ କୋଟି ଟଙ୍କାର ସାଇବର ଠକେଇର ଶିକାର ହୋଇଥିଲେ। ଏ ନେଇ ଏହି ଦମ୍ପତି ସେପ୍ଟେମ୍ବର ୨୧ରେ ମୁଖ୍ୟ ବିଚାରପତି ଭିଆର ଗଭାଇଙ୍କୁ ଚିଠି ଲେଖି ଜଣାଇଥିଲେ। ଏହାପରେ କୋର୍ଟ ନିଜର ଏହି ମାମଲାରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଥିଲେ।

## ଟ୍ରମ୍ପଙ୍କ ଲୋକପ୍ରିୟତା ୧୮ ପ୍ରତିଶତ କମିଛି

ୱାଶିଂଟନ, ୩।୧୧(ଏଜେନ୍ସି): ନଭେମ୍ବର ୫ରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦ୍ୱିତୀୟ କାର୍ଯ୍ୟକାଳ ଗୋଟିଏ ବର୍ଷ ପୂରଣ କରିବ। କିନ୍ତୁ ଏହାର ଗୋଟିଏ ଦିନ ପୂର୍ବରୁ ଅର୍ଥାତ ନଭେମ୍ବର ୪ରେ ସେ ସବୁଠାରୁ ବଡ଼ ଅଗ୍ନିପରୀକ୍ଷାର ସମ୍ମୁଖୀନ ହେବାକୁ ଯାଉଛନ୍ତି। ଏହି ଦିନ ଆମେରିକାର ନ୍ୟୁୟର୍କ ସିଟିର ମେୟର ନିର୍ବାଚନ ଆୟୋଜନ ହେବ। ଏଥିସହ ଭିର୍ଜିନିଆ ଓ ନ୍ୟୁଜର୍ସି ରାଜ୍ୟରେ ଗର୍ଭନର ଓ ବିଧାନସଭା ନିର୍ବାଚନ ହେବ। ଗତ ଗୋଟିଏ ବର୍ଷ ହେବ ଟ୍ରମ୍ପଙ୍କ ନେଟ୍ ଆପ୍ରୁଭାଲ ରେଟିଂ ଅର୍ଥାତ ଲୋକପ୍ରିୟତା ନଭେମ୍ବର ଆରମ୍ଭରେ ୧୮ ପତିଶତ ତଳକୁ ଖସିଛି।

ଏହା ପୂର୍ବତନ ରାଷ୍ଟ୍ରପତି ଓବାମା ଓ ଜୋ ବାଇଡେନଙ୍କ ପ୍ରଥମ ବର୍ଷ ତୁଳନାରେ ବହୁତ କମ୍ ସାବ୍ୟସ୍ତ ହୋଇଛି। ଓବାମା ପ୍ରଥମବର୍ଷ ଶେଷରେ ଏହା ୩ ପ୍ରତିଶତ ଓ ବାଇଡେନଙ୍କ ୭ ପ୍ରତିଶତ କମ୍ ହୋଇଥିଲା। ୱାସିଂଟନଠାରୁ ଆରମ୍ଭ କରି ଭିର୍ଜିନିଆ ଓ ନ୍ୟୁୟର୍କ ପର୍ଯ୍ୟନ୍ତ ସମସ୍ତଙ୍କ ନଜର ଏହି ନିର୍ବାଚନ ଉପରେ ରହିଛି। ଆମେରିକାର ଜନସାଧରଣ ଟ୍ରମ୍ପଙ୍କ କାର୍ଯ୍ୟରେ ସନ୍ତୁଷ୍ଟ ଅଛନ୍ତି କି ନା ତାହା ଏହି ନିର୍ବାଚନ ହିଁ ସ୍ପଷ୍ଟ କରିବ। ଟ୍ରମ୍ପଙ୍କ ରିପବ୍ଲିକାନ ପାର୍ଟି ଏହାକୁ ନୀତିଗତ ଦୃଢ଼ତା ବିବେଚନା କରୁଥିବା ବେଳେ ବିରୋଧୀ ଡେମୋକ୍ରାଟ୍ସ ଏହାକୁ 'ମିନି ରେଫରେଣ୍ଡମ' ବା ଲଘୁ ଜନମତ ବୋଲି କହିଛି। ଉଲ୍ଲେଖଥାଉ କି, ନ୍ୟୁୟର୍କ ମେୟର ନିର୍ବାଚନରେ ଭାରତୀୟ ବଂଶୋଦ୍ଭବ ପ୍ରାର୍ଥୀ ତଥା ଯୁବନେତା ଜୋହରାନ ମମଦାନୀ (୩୩) ଏବ ବଡ଼ ଚେହରା ଭାବେ ଉଦୟ ହୋଇଛନ୍ତି। ସେ ନ୍ୟୁୟର୍କ ଷ୍ଟେଟ ଆସେମ୍ବ୍ଲିର ସଦସ୍ୟ ଅଛନ୍ତି। ଜୋହରାନ ଆଫ୍ରିକାର ୟୁଗାଣ୍ଡାର ଲେଖକ ମହମୁଦ ମମ୍‌ଦାନୀ ଓ ଭାରତୀୟ ଫିଲ୍ମ ନିର୍ଦ୍ଦେଶିକା ମୀରା ନାଏରଙ୍କ ପୁଅ। ମମଦାନୀ ଏବେ ୧୪ ପ୍ରତିଶତର ବଡ଼ ଅନ୍ତରରେ ଆଗରେ ରହିଛନ୍ତି। ନିର୍ବାଚନରେ ମମଦାନୀଙ୍କ ବିରୋଧରେ ୬୭ ବର୍ଷୀୟ ପୂର୍ବତନ ଗଭର୍ନର ଆଣ୍ଡ୍ରୁ କୁମୋ ଅବତୀର୍ଣ୍ଣ ହୋଇଛନ୍ତି। ଯଦି ମମ୍‌ଦାନୀ ମେୟର ଭାବେ ନିର୍ବାଚିତ ହେଉଛନ୍ତି ତେବେ, ନ୍ୟୁୟର୍କକୁ ସଂଘୀୟ ସହାୟତା ପାଣ୍ଠି ବନ୍ଦ କରିବାକୁ ଟ୍ରମ୍ପ ପୂର୍ବରୁ ଧମକ ଦେଇସାରିଛନ୍ତି।

# ଅନନ୍ତ ସିଂହଙ୍କ ପାଇଁ ଭୋଟ ମାଗିଲେ କେନ୍ଦ୍ରମନ୍ତ୍ରୀ



ପାଟନା, ୩।୧୧ (ଏଜେନ୍ସି): ଯାହା ଅନ୍ୟ କେଉଁଠି ଦେଖିବାକୁ ମିଳି ନ ଥାଏ ତାହା ରାଜନୀତିରେ ଦେଖାଯାଇଥାଏ। ଏହାର ନିଚ୍ଛକ ଦୃଶ୍ୟ ବିହାରରୁ ସାମ୍‌ନାକୁ ଆସିଛି। ଗ୍ୟାଙ୍ଗଷ୍ଟାର ରାଜନୀତିକୁ ଆସି ନିର୍ବାଚନ ଲଢୁଛନ୍ତି। ଆଉ ଧଳା ପୋଷାକ ତଳେ ରହି ଲୋକେ କଳା ସାମ୍ରାଜ୍ୟ ଚଳାଉଛନ୍ତି। ଏଭଳି ଦୁଇ ନେତା ହେଉଛନ୍ତି ଦୁଲାରଚାନ୍ଦ ଯାଦବ ଏବଂ ବାହୁବଳୀ ଅନନ୍ତ ସିଂହ ଓରଫ ଛୋଟେ ସରକାର। ଗ୍ୟାଙ୍ଗଷ୍ଟାରରୁ ରାଜନେତା ପାଲଟି ଥିବା ଆରଜେଡି ନେତା ଦୁଲାରଚାନ୍ଦଙ୍କ ହତ୍ୟା ମାମଲାରେ ମୋକାମାର କ୍ଷମତାସୀନ ଜେଡିୟୁ ପ୍ରାର୍ଥୀ ତଥା ବାହୁବଳୀ ତଥା ଛୋଟେ ସରକାର ଅନନ୍ତ ସିଂହଙ୍କୁ ଗିରଫ କରାଯାଇଛି। ମାତ୍ର ଏହି କାର୍ଯ୍ୟାନୁଷ୍ଠାନର ଦିନକ ପରେ ଅନନ୍ତଙ୍କ ପାଇଁ ପ୍ରଚାର କରିବାକୁ ମୋକାମାରେ ଅନେକ ହେଭିୱେଟ ପହଞ୍ଚି ଯାଇଛନ୍ତି। ଏହି ଆସନର ପ୍ରଚାରପ୍ରସାର ଦାୟିତ୍ୱ କେନ୍ଦ୍ରମନ୍ତ୍ରୀ ତଥା ଜେଡିୟୁ ନେତା ଲଲନ ସିଂହ ନିଜ ହାତକୁ ନେଇଛନ୍ତି। ସେ ସୋମବାର ଅନନ୍ତ ସିଂହଙ୍କ ପାଇଁ ପ୍ରଚାର କରି ଭୋଟ ଭିକ୍ଷା କରିଛନ୍ତି। ଖାଲି ସେତିକି ନୁହେଁ, ଉପମୁଖ୍ୟମନ୍ତ୍ରୀ ତଥା ବିଜେପିର ବରିଷ୍ଠ ନେତା ସମ୍ରାଟ ଚୌଧୁରୀ ମଧ୍ୟ ଆଜି ମୋକାମାରେ ରୋଡ୍ ଶୋ' କରିଛନ୍ତି।

ଲଲନ ସିଂହ କହିଛନ୍ତି ଯେ ଅନନ୍ତ ଜେଲ୍ ଯିବା ପରେ ଦାୟିତ୍ୱ ବଢ଼ି ଯାଇଛି। ଜଣେ ଜଣେ ବ୍ୟକ୍ତିଙ୍କୁ ଅନନ୍ତ ସିଂହ ହୋଇ ନିର୍ବାଚନ ଲଢ଼ିବାକୁ ହେବ। ସେହିପରି ଅନନ୍ତଙ୍କୁ ଜେଲ୍ ପଠାଇବା ପାଇଁ ଷଡ଼ଯନ୍ତ୍ର କରାଯାଇଛି ବୋଲି ସେ ଦାବି କରିଛନ୍ତି। ସେହିପରି ବିଜେପି ସାଂସଦ ବ୍ରଜଭୂଷଣ ଶରଣ ସିଂହ ମଧ୍ୟ ଅନନ୍ତଙ୍କ ସପକ୍ଷରେ ବାହାରିଛନ୍ତି। ସେ ଏହି ବାହୁବଳୀଙ୍କୁ ନିର୍ଦ୍ଦୋଷ କହିଛନ୍ତି। ତାଙ୍କ ବିରୋଧରେ ମିଥ୍ୟା ଏତଲା ଦାଏର କରାଯାଇଥିବା କୁହାଯାଉଛି। ତେବେ ନିଜ ସରକାର ଥିବାବେଳେ ଛୋଟେ ସରକାରଙ୍କ ବିରୋଧରେ ମିଥ୍ୟା ଏତଲା କେମିତି ଦାଏର କରାଯାଇପାରିବ ବୋଲି ପ୍ରଶ୍ନ ଉଠୁଛି।

## ପରସ୍ପର ବିରୋଧରେ ମଇଦାନକୁ ଓହ୍ଲାଇଲେ ଦୁଇ ଭାଇ

ବିହାରର ସବୁଠାରୁ ହଟ୍ ସିଟ୍ ମହୁଆ ଏବଂ ରାଘୋପୁରରେ ଆରଜେଡି ମୁଖ୍ୟ ଲାଲୁ ଯାଦବଙ୍କ ଦୁଇ ପୁଅ ମୈଦାନକୁ ଓହ୍ଲାଇଛନ୍ତି। ଏହି ଦୁଇ ଆସନ ଦୁଇ ଭାଇଙ୍କ ମଧ୍ୟରେ ଲଢେଇର କ୍ଷେତ୍ର ପାଲଟି ଯାଇଛି। ପ୍ରେମ ବିବାହକୁ ନେଇ ବଡ଼ ପୁଅ ତେଜପ୍ରତାପଙ୍କୁ ୬ ବର୍ଷ ପାଇଁ ଦଳରୁ ବାହାରି କରିଦେଇଥିବା ଲାଲୁଙ୍କ ନିମନ୍ତେ ସେ ହିଁ କଣ୍ଟା ପାଲଟି ଯାଇଛନ୍ତି। ଲାଲୁଙ୍କ ସାନ ପୁଅ ତେଜସ୍ୱୀ ହେଲିକପ୍ଟରରୁ ମହୁଆରେ ଓହ୍ଲାଇ ଭୋଟ ମାଗିବାରୁ ରାଜନୈତିକ ଚିତ୍ର ବଦଳି ଯାଇଛି। ମହୁଆରୁ ବଡ଼ ଭାଇ ତେଜପ୍ରତାପଙ୍କ ବିରୋଧରେ ତେଜସ୍ୱୀ ଭୋଟ ମାଗିଛନ୍ତି। ଏହାର ପ୍ରତି ବଦଳରେ ସାନ ଭାଇ ତେଜସ୍ୱୀଙ୍କ ନିର୍ବାଚନ କ୍ଷେତ୍ର ରାଘୋପୁରର ୨ଟି ସ୍ଥାନରେ ହେଲିକପ୍ଟର ଓହ୍ଲାଇ ଜବାବ ଦେବେ ବୋଲି ତେଜପ୍ରତାପ କହିଛନ୍ତି। ଦୁଇ ଭାଇଙ୍କ ବିବାଦ ଖୋଲାଖୋଲି ଭାବେ ସାମ୍‌ନାକୁ ଆସିଯାଇଛି।

ସୂଚନା ଅନୁଯାୟୀ ଘରୁ ଏବଂ ଦଳରୁ ବାହାର କରାଯିବା ପରେ ତେଜପ୍ରତାପ ଜନଶକ୍ତି ଜନତା ପାର୍ଟି ଗଢିଛନ୍ତି। ସେ ବୈଶାଳୀର ମହୁଆ ସିଟ୍‌ରୁ ଲଢୁଛନ୍ତି। ସେହିପରି ତେଜସ୍ୱୀ ବିରୋଧୀଙ୍କ ମହାମେଣ୍ଟ ଇଣ୍ଡିଆର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଅଛନ୍ତି। ସେ ମହୁଆରେ କହିଥିଲେ ଯେ ଦଳଠାରୁ ବଡ଼ କେହି ନୁହେଁ। ଦଳ ହିଁ ତାଙ୍କର ବାପାମାଆ। ଦଳ ଅଛି ତ ସବୁ ଅଛି; ଦଳ ନ ଥିଲେ କିଛି ନାହିଁ। ଏହାର ଜବାବରେ ତେଜପ୍ରତାପ କହିଛନ୍ତି ଯେ ଜନତାଙ୍କଠାରୁ ବଡ଼ କେହି ନୁହେଁ ବୋଲି ମୋର ବାଳୁତ ଭାଇ ବୁଝିବା ଦରକାର। ଜନତା ହିଁ ମାଲିକ। ଗଣତନ୍ତ୍ରରେ କୌଣସି ପାର୍ଟି କିମ୍ବା ପରିବାର ନୁହେଁ, ଜନତା ହିଁ ସବୁଠୁ ବଡ଼।





ଉପନିର୍ବାଚନ ପାଇଁ ସୋମବାର ନୂଆପଡ଼ାରେ ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ନିର୍ବାଚନୀ ସଭା

# ତ୍ରିବିକ୍ରମ ବେଶରେ ଦର୍ଶନ ଦେଲେ ମହାପ୍ରଭୁ

ପୁରୀ,୩।୧୧(ସମିସ): କାର୍ତ୍ତିକ ଶୁକ୍ଳ ତ୍ରୟୋଦଶୀ ତଥା ପଞ୍ଚୁକର ଦ୍ୱିତୀୟ ଦିବସରେ ସୋମବାର ରତ୍ନସିଂହାସନରେ ମହାପ୍ରଭୁଙ୍କ ତ୍ରିବିକ୍ରମ ବା ଡାଳିକିଆ ବେଶ ଅନୁଷ୍ଠିତ ହୋଇଛି। ଏହି ବେଶ ଦର୍ଶନ ଲାଗି ଶ୍ରୀମନ୍ଦିରରେ ପ୍ରବଳ ଭିଡ଼ ହୋଇଥିଲା। ଅବକାଶ ନୀତି ଶେଷ ହେବା ପରେ ଠାକୁରମାନଙ୍କ ତ୍ରିବିକ୍ରମ ବେଶ କରାଯାଇଥିଲା। ଏହି ବେଶରେ ଶ୍ରୀଜଗନ୍ନାଥ ଏବଂ ବଳଭଦ୍ରଙ୍କ ଶ୍ରୀମସ୍ତକରେ ସୋଲ, କନା, ବେତ, ଜମ୍ବୁରା, କଇଁଥ ଅଠା ଇତ୍ୟାଦିରେ ନିର୍ମିତ ଦୁଇଟି ଚୂଳ ଲାଗି ହୋଇଥିଲା। ଏହି ଚୂଳରେ ସୋଲ, ଜରି ଓ ରଙ୍ଗ ଲଗାଯାଇ ପ୍ରସ୍ତୁତ ବହୁତ ଫୁଲ ଶ୍ରୀମସ୍ତକରେ ସଜା ଯାଇଥିଲା। ଏଥିରେ ସୁନାର କିଆ ମଧ୍ୟ ଖଞ୍ଜା ଯାଇଥିଲା। ଏଥିସହ ଅନେକ ସୁବର୍ଣ୍ଣ ଅଳଙ୍କାରରେ ଠାକୁରଙ୍କୁ ବିଭୂଷିତ କରାଯାଇଥିଲା। ଶ୍ରୀଜଗନ୍ନାଥ ଶଙ୍ଖ, ଚକ୍ର ଏବଂ ଶ୍ରୀବଳଭଦ୍ର ହଳ, ମୂଷଳ ଧାରଣ କରିଥିଲେ। ଏହା ଅତ୍ୟନ୍ତ ମନୋମୁଗ୍ଧକର ବେଶ। ଏହି ବେଶକୁ ଶ୍ରଦ୍ଧାଳୁ ତ୍ରୟୋଦଶୀ ତିଥିରେ ଦର୍ଶନ କଲେ ଅପାର କରୁଣା ଲାଭ କରିବା ସହ ଅଶେଷ ପୁଣ୍ୟପ୍ରାପ୍ତି ହୋଇଥାଏ ବୋଲି ବିଶ୍ୱାସ ରହିଛି। ମଙ୍ଗଳବାର ମହାପ୍ରଭୁଙ୍କର ଲକ୍ଷ୍ମୀନୃସିଂହ ବେଶ ଅନୁଷ୍ଠିତ ହେବ।

# ଶ୍ରୀମନ୍ଦିରରୁ ଡାଲ୍‌ଡା ଘିଅ ଜବତ

ପୁରୀ, ୩।୧୧(ସମିସ): ଶ୍ରୀମନ୍ଦିର ମଧ୍ୟରେ କେବଳ ଓମ୍‌ଫେଡ୍ ଘିଅ ବ୍ୟବହାର ହେବ। ଅନ୍ୟ କୌଣସି ପ୍ରକାର ଘିଅ ବ୍ୟବହାର କରାଯିବ ନାହିଁ ବୋଲି ଶ୍ରୀମନ୍ଦିର ପରିଚାଳନା କମିଟି ସ୍ଥିର କରିଥିଲା। ଏ ସଂକ୍ରାନ୍ତରେ ସୁଆର ମହାସୁଆର ସେବକଙ୍କୁ ନିର୍ଦ୍ଦେଶ ବି ଦିଆଯାଇଥିଲା। ହେଲେ



ଏଥିରେ ବ୍ୟତିକ୍ରମ ଦେଖିବାକୁ ମିଳିଛି। ସୋମବାର ଶ୍ରୀମନ୍ଦିର ଭିତରୁ ଡାଲଡା ଘିଅ ଜବତ କରାଯାଇଛି। ଜଣେ ମହାସୁଆର ସେବକ ଏହି ନିର୍ଦ୍ଦେଶର ଉଲ୍ଲଂଘନ କରିଥିବାରୁ ତାଙ୍କୁ ଶ୍ରୀମନ୍ଦିର

- କେବଳ ଓମ୍‌ଫେଡ ଘିଅ ବ୍ୟବହାର ଲାଗି ଥିଲା ନିର୍ଦ୍ଦେଶ
- ଉଲ୍ଲଂଘନକାରୀ ମହାସୁଆର ସେବକଙ୍କୁ କୈଫିୟତ ତଲବ

ପ୍ରଶାସନ କୈଫିୟତ ତଲବ କରିଛି। କୌଣସି ପ୍ରକାର ବିଶୃଙ୍ଖଳାକୁ ବରଦାସ୍ତ କରାଯିବ ନାହିଁ ବୋଲି ସ୍ପଷ୍ଟ କରିଛନ୍ତି ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ।

ମହାପ୍ରସାଦ ହେଉ କିମ୍ବା ଶୁଖିଲି ଭୋଗ; ସବୁଥିରେ କେବଳ ଓମଫେଡ୍ ଘିଅ ବ୍ୟବହାର କରାଯିବ। ପୂର୍ବରୁ ବିଭିନ୍ନ ପ୍ରକାର ନିମ୍ନମାନର ଘିଅ ବ୍ୟବହାର କରାଯାଉଥିବା ବାରମ୍ବାର ଅଭିଯୋଗ ଆସିବା ପରେ ପରିଚାଳନା କମିଟି ଏହି ନିଷ୍ପତ୍ତି ନେଇଥିଲା। ତେଣୁ ଏନେଇ ସହଯୋଗ କରିବାକୁ ଗତବର୍ଷ ଅକ୍ଟୋବର ୨୪ ତାରିଖରେ ଓମ୍‌ଫେଡକୁ ଅନୁରୋଧ କରିଥିଲେ ମୁଖ୍ୟ ପ୍ରଶାସକ ଡ. ପାଢ଼ୀ। ଶ୍ରୀମନ୍ଦିରର ଆବଶ୍ୟକତାକୁ ନଜରରେ ରଖି ମନ୍ଦିର ପାଇଁ ଏକ ସ୍ୱତନ୍ତ୍ର ଡିପୋ ଖୋଲାଯିବା ନେଇ ଓମଫେଡ୍ ପରିଚାଳନା ନିର୍ଦ୍ଦେଶକଙ୍କୁ ପତ୍ର ଲେଖିଥିଲେ। ଅନ୍ୟପକ୍ଷରେ ଶ୍ରୀମନ୍ଦିର ମଧ୍ୟକୁ ଓମଫେଡ୍ ବ୍ୟତୀତ ଯେପରି ଅନ୍ୟ କୌଣସି ଘିଅ ପ୍ରବେଶ ନ କରେ, ସେଥିପ୍ରତି ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦେଇଥିଲେ ମୁଖ୍ୟ ପ୍ରଶାସକ। ତଦନୁସାରେ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୁଆର ମହାସୁଆର ନିଯୋଗକୁ ଜଣାଇ ଦିଆଯାଇଥିଲା। ବରିଷ୍ଠ ସୁପରଭାଇଜର ଏବଂ କମାଣ୍ଡର୍ ଏଥିପ୍ରତି ଆବଶ୍ୟକ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ରହିଥିଲା। ଏଥିରେ କୌଣସି ପ୍ରକାର ବ୍ୟତିକ୍ରମକୁ ବରଦାସ୍ତ କରାଯିବ ନାହିଁ। ଅନ୍ୟ ଛାପ ଘିଅ ଶ୍ରୀମନ୍ଦିରକୁ ନେବାକୁ ଚେଷ୍ଟା କଲେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସତର୍କ କରି ଦିଆଯାଇଥିଲା। ଏହାସତ୍ତ୍ୱେ ସୋମବାର ପବିତ୍ର କାର୍ତ୍ତିକ ମାସ ପଞ୍ଚୁକରେ ଶ୍ରୀମନ୍ଦିର ଭିତରୁ ଡାଲ୍‌ଡା ଘିଅ ଜବତ ହୋଇଛି।

# ମନିସୁଖ ସିକ୍ୟୁରିଟି ସଂସ୍ଥା ଓଡ଼ିଶାରୁ ଠକିଛି ୫ଶହ କୋଟି

- ପୁଲିସ ଶୁଣିଲାନି, ଓଏଚ୍ଆରସିଙ୍କ ଦ୍ୱାରସ୍ଥ ହେଲେ ଯୁବକ
- ଭଦ୍ରକ ଏସ୍‌ପିଙ୍କୁ ଜବାବ ତଲବ; ୧୫ ସୁଦ୍ଧା ରିପୋର୍ଟ ଦେବେ
- ଦେଶରୁ ୧୦ ହଜାର କୋଟିର ଠକିଛି ସଂସ୍ଥା

ଭୁବନେଶ୍ୱର,୩।୧୧(ସମିସ): ୨ ମାସରେ ମୂଳଧନ ଦୁଇଗୁଣା କରିଦେବାର ଲୋଭ ଦେଖାଇ 'ମନିସୁଖ ସିକ୍ୟୁରିଟି' ନାମକ ଏକ ସଂସ୍ଥା ଓଡ଼ିଶାରୁ ୫ଶହ କୋଟି ଠକିନେଇଛି। ଏନେଇ ଥାନାରେ ଅଭିଯୋଗ କଲେ ମଧ୍ୟ ପୁଲିସ ଶୁଣୁନି। ଅଭିଯୁକ୍ତମାନଙ୍କୁ ଧରିବା ତ ଦୂରର କଥା, ତଦନ୍ତ ବି କରୁନାହିଁ। ଏପରି ଅଭିଯୋଗ ଆଣି ଭଦ୍ରକ ଜିଲ୍ଲା ଚାରିଗାଁର ପ୍ରହ୍ଲାଦ ସେଠୀ ରାଜ୍ୟ ମାନବାଧିକାର କମିସନ୍ (ଓଏଚ୍ଆର୍‌ସି)ର ଦ୍ୱାରସ୍ଥ ହୋଇଛନ୍ତି। ସେ ଅଭିଯୋଗରେ ଦର୍ଶାଇଛନ୍ତି ଯେ ଗତ ୨୦୨୪ ଜୁଲାଇ ୧୩ ତାରିଖରେ ସେ ଏ ସଂପର୍କରେ ଭଦ୍ରକ ଟାଉନ୍ ଥାନାରେ ଅଭିଯୋଗ କରିଥିଲେ। କିନ୍ତୁ ପୁଲିସ ତଦନ୍ତ କରିବା ପରିବର୍ତ୍ତେ ହାତ ବାନ୍ଧି ଚୁପ୍ ବସିଛି। ଏହାର ଫାଇଦା ନେଇ ଅଭିଯୁକ୍ତମାନେ ବାହାରେ ବସି ଜଣଙ୍କ ପରେ ଜଣଙ୍କୁ ଠକି ଚାଲିଛନ୍ତି। ଏହି ଘଟଣାରେ ଆୟୋଗ ଅସନ୍ତୋଷ ପ୍ରକାଶ କରିବା ସହ ଭଦ୍ରକ ଏସ୍‌ପିଙ୍କୁ ରିପୋର୍ଟ ତଲବ କରିଛନ୍ତି। ଆସନ୍ତା ୧୫ତାରିଖ ସୁଦ୍ଧା ରିପୋର୍ଟ ଦେବାକୁ କହିଛନ୍ତି। ରିପୋର୍ଟ ନଦେଲେ ଆୟୋଗ ନିଜଆଡୁ ମାମଲାର ଅନ୍ତିମ ରାୟ ପ୍ରକାଶ କରିବେ ବୋଲି ଜଣାପଡ଼ିଛି।

'ମନିସୁଖ ସୁକ୍ୟୁରିଟି ଫାଇନାନ୍ସ ଲିମିଟେଡ୍'ର ଦିଲ୍ଲୀରେ ଅଫିସ୍ ରହିଛି। ସଂସ୍ଥା ଏଠାରେ ଲୋକଙ୍କୁ ଠକିବା ପାଇଁ ଯୋଜନା କରି ଲୋଭନୀୟ ଅଫର୍ ରଖିଥିଲା। ମନିସୁଖ ସିକ୍ୟୁରିଟ୍ ଆପ୍‌ରେ ଟଙ୍କା ଲଗାଇଲେ ତାହା ୨ ମାସରେ ଦୁଇଗୁଣା ହୋଇଯିବ ବୋଲି ପ୍ରତିଶ୍ରୁତି ଦେଇଥିଲା। ଲୋଭରେ ପଡ଼ି ଓଡ଼ିଶାର ଏକାଧିକ ଲୋକ ଏଥିରେ ନିବେଶ କରିଥିଲେ। ହେଲେ, ଲାଭ ଦୂର କଥା, ମୂଳ ବି ମିଳିଲାନି। ଶେଷରେ ଆପ୍‌ଟି ମଧ୍ୟ ବନ୍ଦ ହୋଇଯାଇଥିଲା। ଖାଲି ଓଡ଼ିଶା ନୁହେଁ, ଏହି ସଂସ୍ଥା ୧୦ ହଜାର କୋଟି ଟଙ୍କା ଠକେଇ କରିଛି।

ଭଦ୍ରକର ପ୍ରହ୍ଲାଦ ନାମକ ଜଣେ ଯୁବକ ମଧ୍ୟ ଏହି ସଂସ୍ଥା ଦ୍ୱାରା ଠକେଇର ଶିକାର ହୋଇଛନ୍ତି। ସଂସ୍ଥା ତାଙ୍କଠାରୁ ୩୩ଲକ୍ଷ ୭୮ ହଜାର ଟଙ୍କା ଠକି ନେଇଛି। ପ୍ରହ୍ଲାଦଙ୍କ କହିବା କଥା, ତାଙ୍କ ହ୍ୱାଟ୍ସଆପ୍‌କୁ ପ୍ରଥମେ ଏକ ଅଜଣା ନମ୍ବରରୁ ମେସେଜ୍ ଆସିଥିଲା। ମନିସୁଖ ସିକ୍ୟୁରିଟି ସଂସ୍ଥା ଆପ୍‌ରେ ଟଙ୍କା ଲଗାଇଲେ, ଦୁଇଗୁଣା ଅର୍ଥ ମିଳିବ ବୋଲି ସେଥିରେ କୁହାଯାଇଥିଲା। ମେସେଜ୍ ଆସିଥିବା ଫୋନ୍ ନମ୍ବରକୁ କଲ୍ କରିବା ପରେ ଠକ ତାଙ୍କୁ ଏକ ହ୍ୱାଟ୍ସଆପ୍ ଗ୍ରୁପ୍‌ରେ ଆଡ୍ କରିଥିଲେ। ଏହାପରେ ସେଠାରେ ତାଙ୍କୁ ମନିସୁଖ ସିକ୍ୟୁରିଟି ଆପ୍‌କୁ ଡାଉନ୍‌ଲୋଡ୍ କରି ଟଙ୍କା ବିନିଯୋଗ କରିବାକୁ କୁହାଯାଇଥିଲା। ଆଗପଛ ବିଚାର ନ କରି ସେ ୩୩ଲକ୍ଷ ୭୮ହଜାର ଟଙ୍କା ବିନିଯୋଗ କରିଥିଲେ। ବଦଳରେ ସଂସ୍ଥା ତାଙ୍କୁ ୧କୋଟି ୧୪ଲକ୍ଷ ଟଙ୍କା ଦେବ ବୋଲି ପ୍ରତିଶ୍ରୁତି ଦେଇଥିଲା। କିନ୍ତୁ ଦୁଇ ମାସ ପରେ ସେ ଆପ୍‌ରୁ ଆଉ ଟଙ୍କା ଉଠାଇ ପାରିନଥିଲେ। ପ୍ରହ୍ଲାଦ ଠକାମିର ଶିକାର ହୋଇଥିବା ଜାଣିବା ପରେ ୨୦୨୪ରେ ଭଦ୍ରକ ଟାଉନ୍ ଥାନାରେ ଅଭିଯୋଗ କରିଥିଲେ। ବହୁ ଦିନ ବିତିଯାଇଥିଲେ ମଧ୍ୟ ପୁଲିସର ତଦନ୍ତ କିଛି ଆଗକୁ ବଢ଼ି ନଥିବାରୁ ସେ ରାଜ୍ୟ ମାନବାଧିକାର କମିସନ୍‌ଙ୍କ ନିକଟରେ ଅଭିଯୋଗ କରିଛନ୍ତି।

# ଧାନ ଖାଇବାରୁ ହାତୀକୁ ଗୁଳି କରି ହତ୍ୟା

ଭଞ୍ଜନଗର, ୩।୧୧ (ସମିସ): ବାଇବାଲି ଜଙ୍ଗଲର ବାଣିଆପଲ୍ଲୀ ଗାଁ ପାଖ ଜଙ୍ଗଲରେ ୧୫ ବର୍ଷୀୟ ଦନ୍ତା ହାତୀକୁ ଗୁଳି କରି ମାରିବା ଘଟଣାରେ ବନବିଭାଗ ଉମାକାନ୍ତ ପ୍ରଧାନ ଓରଫ୍ ନଣ୍ଡା (୫୦)କୁ ଗିରଫ କରିଛି। ତା' ପାଖରୁ ପୁଲିସ ୩ଟି ଦେଶୀ ବନ୍ଧୁକ ସହ ବିପୁଳ ପରିମାଣର ଦେଶୀ ଗୁଳି ଓ ବିସ୍ଫୋରକ ଜବତ କରାଯାଇଛି। ଏନେଇ ମୁଜାଗଡ଼ ରେଞ୍ଜ ପକ୍ଷରୁ ନମ୍ବର ଓଆର-୪୩୨/୨୫-୨୬ ରେ ଏକ ମାମଲା ରୁଜୁ ହୋଇଛି। ନଣ୍ଡାକୁ କୋର୍ଟଚାଲାଣ କରାଯିବ ବୋଲି ଡିଏଫ୍‌ଓ ହିମାଂଶୁ ଶେଖର ମହାନ୍ତି ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି।

ଗତ ଗୁରୁବାର ରାତିରେ ଉମାକାନ୍ତ ନିଜ ଧାନଜମି ଜଗିବାକୁ ଯାଇଥିଲା। ସାଙ୍ଗରେ ଏକ ଦେଶୀ ବନ୍ଧୁକ ନେଇଥିଲା। ଏହି ସମୟରେ ୨୪ଟିକିଆ ଏକ ହାତୀପଲ ମଧ୍ୟରୁ ୨ଟି ହାତୀ ତା' ଧାନଜମିରେ ପଶିଥିଲେ। ହାତୀକୁ ଦେଖି ସେ ପ୍ରଥମେ ୨ଟି ବାଣ ଫୁଟାଇ ଘଉଡ଼ାଇବାକୁ ଚେଷ୍ଟା କରିଥିଲା। କିନ୍ତୁ ଏହା ପରେ ବି ହାତୀଦ୍ୱୟ ଜମିରୁ ନଯିବାରୁ ତା' ମୁଣ୍ଡକୁ ପିତ୍ତ ଚଢ଼ି ଯାଇଥିଲା। ହାତରେ ଧରିଥିବା ବନ୍ଧୁକରୁ ଗୁଳି ଫୁଟାଇଥିଲା। ଏଥିରେ ଗୋଟିଏ ହାତୀ ଘଟଣାସ୍ଥଳରେ



ଟଳି ପଡ଼ିଥିଲା। ପରେ ସେ ଘଟଣାସ୍ଥଳରୁ ଖସି ଆସି ନିଜ ଜମି ପାଖରେ ଏକ ବୁଦାମୂଳେ ବନ୍ଧୁକ ରଖି ପାଲ ଘୋଡ଼ାଇ ଦେଇଥିଲା।

ଶନିବାର ବନ ବିଭାଗ ହାତୀର ବ୍ୟବଚ୍ଛେଦ କରିବା ବେଳେ ଆଗପଟର ଡାହାଣ ଗୋଡ଼ ସନ୍ଧିରେ ଗୁଳିମାଡ଼ ହୋଇଥିବା ଦେଖିବାକୁ ପାଇଥିଲେ। ସେହିପରି, ଗୁଳି ବାଜିବା ପରେ ହାତୀଟି ଘଟଣାସ୍ଥଳରୁ ପାଖାପାଖି ୪ଶହ ମିଟର ଯିବା ପରେ ଟଳି ପଡ଼ିଥିବା

**ଅଭିଯୁକ୍ତ ଗିରଫ; ୩ ଦେଶୀ ବନ୍ଧୁକ ଓ ଗୁଳି ଜବତ**

ଅନୁମାନ କରାଯାଇଥିଲା। ଏହାର ତଦନ୍ତ କରି ବନ ବିଭାଗ ରବିବାର ରାତିରେ ବାଣିଆପଲ୍ଲୀ ଗାଁରେ ଚଢ଼ଉ କରି ଅଭିଯୁକ୍ତ ଉମାକାନ୍ତକୁ ଗିରଫ କରିଥିଲେ। ଏହି ଚଢ଼ଉରେ ଫରେଷ୍ଟର୍ ଟୁନା ମଲିକ, ବବୁଲ କୁମାର ସେଠୀ, ଅନୁପ କୁମାର ବିଷୋୟୀ ଓ ରାଜେନ୍ଦ୍ର ଦଳେଇଙ୍କ ସମେତ ବହୁ ଗଜସାଥୀ ସାମିଲ ଥିଲେ। ଆଜି ମୁଜାଗଡ଼ ରେଞ୍ଜ କାର୍ଯ୍ୟାଳୟରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଏସିଏଫ୍ ବିବେକ ଦାଶ, ବିମଳ ପ୍ରଧାନ ଓ ରେଞ୍ଜର୍ ବିମ୍ବାଧର ସାହୁ ଉପସ୍ଥିତ ଥିଲେ।

# ଆଜିଠୁ କମିବ ତାପମାତ୍ରା

ଭୁବନେଶ୍ୱର, ୩।୧୧(ସମିସ): ଆସନ୍ତା ଦୁଇ ଦିନ ଭିତରେ ରାଜ୍ୟର ତାପମାତ୍ରା ୨ରୁ ୩ଡିଗ୍ରୀ ପର୍ଯ୍ୟନ୍ତ ହ୍ରାସ ପାଇବ। ଫଳରେ ଥଣ୍ଡା ବଢ଼ିବ। ବିଶେଷକରି, ଆଭ୍ୟନ୍ତରୀଣ ଓ ଦକ୍ଷିଣ ଓଡ଼ିଶାରେ ଥଣ୍ଡାର ପ୍ରଭାବ ଅଧିକ ରହିବ। ବର୍ତ୍ତମାନ ଅଧିକାଂଶ ଅଞ୍ଚଳରେ ରାତି ତାପମାତ୍ରା ହାରାହାରି ୨୦ ଡିଗ୍ରୀ ମଧ୍ୟରେ ରହୁଛି। ଗତ ୨୪ ଘଣ୍ଟାରେ କୋରାପୁଟରେ ସର୍ବନିମ୍ନ ତାପମାତ୍ରା ୧୬ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ଦାରିଙ୍ଗବାଡ଼ିରେ ୧୮ ଡିଗ୍ରୀ, ଫୁଲବାଣୀରେ ୧୮ ଡିଗ୍ରୀ, ଅନୁଗୁଳ ଓ ଭଦ୍ରକରେ ତାପମାତ୍ରା ୧୯ ଡିଗ୍ରୀ ଲେଖାଏଁ ରେକର୍ଡ କରାଯାଇଛି। ଅନ୍ୟପଟେ ମ୍ୟାଁମାର ଉପକୂଳରେ ଥିବା ଘୂର୍ଣ୍ଣିବଳୟ ପ୍ରଭାବରେ ଏକ ଲଘୁଚାପ ସୃଷ୍ଟି ହୋଇଛି। ଏହା ପ୍ରଭାବରେ ରାଜ୍ୟକୁ ଉତ୍ତରା ଶୁଷ୍କ ପବନ ଆସିବାରେ ମଧ୍ୟ ସ୍ଥିତି ସହାୟକ ହେଉଛି। ତେଣୁ, ରାଜ୍ୟକୁ ଉତ୍ତରା-ପଶ୍ଚିମ ଶୁଷ୍କ ଥଣ୍ଡା ବାୟୁ ପଶିବା ଯୋଗୁଁ ରାତିର ତାପମାତ୍ରା ହ୍ରାସ ହେବାରେ ଲାଗିଛି। ମ୍ୟାଁମାର୍ ଉପକୂଳରେ ଥିବା ଏହି ଲଘୁଚାପର କୌଣସି ସିଧାସଳଖ ପ୍ରଭାବ ଓଡ଼ିଶା ଉପରେ ପଡ଼ିବ ନାହିଁ। ଏହା ବାଂଲାଦେଶ ମୁହାଁ ହେବାର ସମ୍ଭାବନା ରହିଛି। ତେଣୁ ରାଜ୍ୟରେ ଆସନ୍ତା ୭ଦିନ ମଧ୍ୟରେ କାଁ ଭାଁ ଅଞ୍ଚଳକୁ ଛାଡ଼ିଦେଲେ ବାକି ସବୁ ଅଞ୍ଚଳରେ ପାଗ ମୁଖ୍ୟତଃ ଶୁଖିଲା ଓ ଖରାଟିଆ ରହିବାର ସମ୍ଭାବନା ରହିଛି।

# ଛାତ୍ରାବାସରେ ପଶି ଅନ୍ତେବାସୀଙ୍କ ସହ ଅପ୍ରାକୃତିକ ଯୌନ ସଂପର୍କ

**ସହକାରୀ ନିର୍ବାହୀ ଯନ୍ତ୍ରୀ ଗିରଫ**

ବାରିପଦା, ୩।୧୧(ସମିସ): ଆଦିବାସୀ ଛାତ୍ରାବାସରେ ପଶି ଛାତ୍ରଙ୍କ ସହ ଅପ୍ରାକୃତିକ ଯୌନ ସଂପର୍କ। ଜଣେ କି ୨ଜଣ ନୁହେଁ, ୯ଜଣ ଆଦିବାସୀ ଛାତ୍ରଙ୍କ ସହ ଏପରି କୁକର୍ମ କରିଥିବା ଜଣେ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କୁ ବାରିପଦା ସଦର ଥାନା ପୁଲିସ ଗିରଫ କରିଛି। ସେ ହେଲେ, ଶ୍ୟାମାଖୁଣ୍ଟା ବ୍ଲକ୍‌ର ସହକାରୀ ନିର୍ବାହୀ ଯନ୍ତ୍ରୀ ପ୍ରଶାନ୍ତ କୁମାର ସେନାପତି। ହରିଶ୍ଚନ୍ଦ୍ରପୁରସ୍ଥିତ ଭଞ୍ଜଭୂମି ସଂସ୍କୃତ ବିଦ୍ୟାଳୟର ଆଦିବାସୀ ଛାତ୍ରାବାସରେ ଏହି ଲଜ୍ଜାଜନକ ଘଟଣା ଘଟିଛି। ଏ ସଂପର୍କରେ ବିଦ୍ୟାଳୟର ପ୍ରଧାନ ପଣ୍ଡିତ ସେବତୀ ମହାନ୍ତଙ୍କ ଅଭିଯୋଗ ଆଧାରରେ ପୁଲିସ ଏକ ମାମଲା ରୁଜୁ କରି ଅଧିକ ତଦନ୍ତ ଚଳାଇଛି। ସୂଚନାନୁଯାୟୀ, ଭଞ୍ଜଭୂମି ସଂସ୍କୃତ ବିଦ୍ୟାଳୟର ଏକ ଶୌଚାଳୟ ନିର୍ମାଣ କାର୍ଯ୍ୟ ତଦାରଖ କରିବାକୁ ଯନ୍ତ୍ରୀ ଶ୍ରୀ ସେନାପତି ରବିବାର ଆସି ଅନ୍ତେବାସୀଙ୍କୁ ନାନା ଧମକଚମକ ଦେଇଥିଲେ। ସେହିଦିନ ସନ୍ଧ୍ୟା ସାଢ଼େ ୭ଟାରେ ପୁଣି ଯନ୍ତ୍ରୀଜଣକ ଛାତ୍ରାବାସକୁ ଆସି ଅନ୍ତେବାସୀଙ୍କ ସହ ମିଶି ଯାଇଥିଲେ। ପରେ କଥାବାର୍ତ୍ତା କରି ୯ଜଣ ନାବାଳକଙ୍କୁ ଅଫିସ କୋଠରିକୁ ନେଇ ଅପ୍ରାକୃତିକ ଯୌନ ସମ୍ପର୍କ ରଖିଥିଲେ। ଏ ସମ୍ପର୍କରେ କାହାକୁ ଜଣାଇଲେ ସ୍କୁଲ ବନ୍ଦ କରିଦେବା ସହ ଜୀବନରୁ ମାରିଦେବାର ଧମକଚମକ ଦେଇଥିଲେ। ଏପରିକି, ଜାତିଆଣ ଆକ୍ଷେପ କରି ଗାଳିଗୁଲଜ କରିବା ସହ ନାଲିଆଖି ଦେଖାଇଥିଲେ ବୋଲି ଅଭିଯୋଗରେ ଦର୍ଶାଯାଇଛି। ଏହି ଘଟଣା ପଦାକୁ ଆସିବା ପରେ ଅଭିଭାବକମହଲରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଏ ସଂକ୍ରାନ୍ତରେ ବାରିପଦା ସଦର ଏସ୍‌ଡିପିଓ ପ୍ରଭାତ କୁମାର ମଲ୍ଲିକ କହିଛନ୍ତି, ଅଭିଯୋଗ କରିଥିବା ପ୍ରଧାନ ପଣ୍ଡିତ, ଛାତ୍ର, ବିଡିଓ ଓ ସଂପୃକ୍ତ ଯନ୍ତ୍ରୀଙ୍କୁ ପଚରାଉଚରା କରାଯିବା ସହ ସହ ତଦନ୍ତ ଜାରି ରହିଛି ବୋଲି କହିଛନ୍ତି।

# ବାଘଛାଲ କାରବାରରେ ଆଇଏଏସ୍ ପୁଅ

ଭୁବନେଶ୍ୱର, ୩।୧୧(ସମିସ): କମିସନରେଟ୍ ପୁଲିସର ସ୍ୱତନ୍ତ୍ର ଅପରାଧ ଶାଖା (ଏସସିୟୁ) ଆଜି ଭୁବନେଶ୍ୱରରେ ଏକ ବାଘଛାଲ ରାକେଟ୍‌ର ପର୍ଦ୍ଦାଫାସ୍ କରିବା ସହ ୩ ଜଣଙ୍କୁ ଗିରଫ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ, ଡୁମୁଡୁମା ପଞ୍ଚସଖାନଗରର ରୋହିତ ମହାପାତ୍ର(୨୬),

- ଗ୍ରାହକ ବେଶରେ ମାଡ଼ି ବସିଲା ପୁଲିସ
- ମାଷ୍ଟରମାଇଣ୍ଡ ସମେତ ୩ ଗିରଫ
- ୩୦ ଲକ୍ଷରେ ହୋଇଥିଲା ଡିଲ୍
- କର୍ଣ୍ଣାଟକରୁ ଦିଲ୍ଲୀ ଯାଏଁ ଲମ୍ବିଛି ଚେର



ଭଞ୍ଜନଗରର ମନଜିତ୍ ସାବତ(୨୧) ଓ ଗଣ୍ଡମୁଣ୍ଡା ଅଞ୍ଚଳର ଶମ୍ଭୁ ବିଷୋୟୀ (୨୩)। ରୋହିତ ଏହାର ମାଷ୍ଟରମାଇଣ୍ଡ ବୋଲି ପୁଲିସ କହିଛି। ତେବେ ରୋହିତ କେନ୍ଦ୍ରରେ କାର୍ଯ୍ୟରତ ଜଣେ ଆଇଏଏସ୍ ଅଧିକାରୀଙ୍କ ପୁଅ ବୋଲି ପୁଲିସକୁ କହିଛି। ଏ ସଂପର୍କରେ ପୁଲିସ ଯାଞ୍ଚ ଚଳାଇଛି।

ପୁଲିସ ସୂଚନାନୁସାରେ, ଦୁଇ ତିନିଜଣ ବେପାରୀ ରାଜଧାନୀରେ ବାଘଛାଲ ଡିଲ୍ କରୁଥିବା ନେଇ ଏସ୍‌ସିୟୁକୁ ଏକ ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଥିଲା। ତେଣୁ ସେମାନଙ୍କୁ ଧରିବା ପାଇଁ ଏସସିୟୁର ଟିମ୍ ଗ୍ରାହକ ବେଶ ଧାରଣ କରିଥିଲା। ଡିସିପି ଅନୁପ କାନୁନଗୋଙ୍କ ନେତୃତ୍ୱରେ ପୁଲିସର ଏକ ଟିମ୍ ବେପାରୀଙ୍କ କହିବା ଅନୁସାରେ ହୋଟେଲ ମେ' ଫେୟାର ନିକଟକୁ ଯାଇଥିଲା। ଅଭିଯୁକ୍ତମାନଙ୍କ ମନରେ ବିଶ୍ୱାସ ଜନ୍ମାଇବା ପାଇଁ ସାଙ୍ଗରେ ୫ଲକ୍ଷ ଟଙ୍କା ନେଇଥିଲେ। ମନଜିତ୍ ଓ ଶମ୍ଭୁ ସେଠାକୁ ଡିଲ୍ ପାଇଁ ଆସିଥିଲେ ହେଁ ସାଙ୍ଗରେ ବାଘଛାଲ ଆଣିନଥିଲେ। କିନ୍ତୁ ଆଖି ଆଗରେ ୫ଲକ୍ଷ ଟଙ୍କା ଦେଖି ଦୁଇଜଣଯାକ ଲୋଭରେ ପଡ଼ି ପୁଲିସ ଜାଲରେ ଛନ୍ଦି ହୋଇଯାଇଥିଲେ। ଛଦ୍ମବେଶୀ ପୁଲିସ ଟିମ୍‌କୁ ଅପେକ୍ଷା କରିବାକୁ କହି ଦୁହେଁ ସେଠାରୁ ପଳାଇଥିଲେ ଏବଂ କିଛି ସମୟ ପରେ ଏକ କଲରାପତରିଆ ବାଘଛାଲ ଧରି ଫେରିଥିଲେ। ଏହା ଦେଖି ପୁଲିସ ଟିମ୍ ଦୁହିଁଙ୍କୁ କାବୁ କରିବା ସହ କିଛି ଦୂରରେ ଥିବା ମାଷ୍ଟରମାଇଣ୍ଡ ରୋହିତକୁ ଧରିଥିଲା।

ଏହି ବାଘଛାଲ ଜବତ ହେବା ପରେ କର୍ଣ୍ଣାଟକ ଓ ଦିଲ୍ଲୀ ଲିଙ୍କ୍ ପଦାକୁ ଆସିଛି। ବାଘଟିର ବୟସ ୮/୯ ବର୍ଷ ହେବ ବୋଲି ଅନୁମାନ କରାଯାଉଥିବା ବେଳେ ଏହା କର୍ଣ୍ଣାଟକରୁ ଆସିଥିବା ପ୍ରାଥମିକ ଅନୁସନ୍ଧାନରୁ ପୁଲିସ ଜାଣିବାକୁ ପାଇଛି। ରାଉରକେଲାର ଜଣେ ବ୍ୟକ୍ତି ଏହାକୁ କର୍ଣ୍ଣାଟକରୁ ଓଡ଼ିଶା ଆଣିଥିଲା। ତା'ଠାରୁ ମନଜିତ୍ ଓ ଶମ୍ଭୁ ଆଣି ରୋହିତକୁ ଦେଇଥିଲେ।

ରୋହିତର ବାପା ଜଣେ ଆଇଏଏସ୍ ଅଧିକାରୀ ଓ ସେ କେନ୍ଦ୍ରରେ କାର୍ଯ୍ୟରତ ବୋଲି ସେ ପୁଲିସକୁ କହିଛି। ଏପରିକି, ତା' ପରିବାର ଦିଲ୍ଲୀରେ ରହୁଛନ୍ତି ବୋଲି ସେ କହିଛି। ରୋହିତ ଭୁବନେଶ୍ୱରରେ ରହୁଥିବା ବେଳେ ଅନେକ ସମୟ ଦିଲ୍ଲୀ ଯିବାଆସିବା କରେ। ଦିଲ୍ଲୀର ଜଣେ ବ୍ୟବସାୟୀ ବାଘଛାଲ ବରାଦ କରିବାରୁ ରୋହିତ ଛାଲ ଯୋଗାଡ଼ କରିଥିଲା। ମୋଟ ୩୦ ଲକ୍ଷ ଟଙ୍କାରେ ଡିଲ୍ ହୋଇଥିଲା। ଦିଲ୍ଲୀରେ ପହଞ୍ଚାଇବା ପରେ ରୋହିତକୁ ୫ଲକ୍ଷ ଟଙ୍କା କମିସନ ମିଳିଥାନ୍ତା। କିନ୍ତୁ କୌଣସି କାରଣରୁ ଦିଲ୍ଲୀ ଡିଲ୍ ବିଳମ୍ବ ହେବାରୁ ରୋହିତ ବାଘଛାଲ ଧରି ଭୁବନେଶ୍ୱରରେ ଥିଲା। ଏହାରି ଭିତରେ ସ୍ପେଶାଲ କ୍ରାଇମ୍ ୟୁନିଟ୍ ଗ୍ରାହକ ବେଶରେ ଅଭିଯୁକ୍ତମାନଙ୍କୁ ଗିରଫ କରିଥିଲା। ତେବେ କାରବାରରେ ଆଉ କେଉଁମାନେ ସଂପୃକ୍ତ ଅଛନ୍ତି, ସେନେଇ ଖୋଳତାଡ଼ ଜାରି ରଖିଛି ପୁଲିସ। ଆବଶ୍ୟକ ପଡ଼ିଲେ, ରୋହିତକୁ ରିମାଣ୍ଡରେ ଅଣାଯିବ ବୋଲି ପୁଲିସ କମିସନର ଡଃ ସୁରେଶ ଦେବଦତ୍ତ ସିଂ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି।

# ପାଟଣା ରେଞ୍ଜରେ ବୁଲୁଛି ବାଘ

କେନ୍ଦୁଝର/ତୁରୁମୁଙ୍ଗା, ୩।୧୧(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ରେଞ୍ଜ ସାହାରପଡ଼ା ସେକ୍ସନ ମାଛଗଡ଼ ବିଟ୍ ଅନ୍ତର୍ଗତ କେନ୍ଦୁଝର-ମୟୂରଭଞ୍ଜ ସୀମାର ଗୋପୀନାଥପୁରଠାରେ ଏକ ବାଘର ପାଦଚିହ୍ନ ଠାବ ହୋଇଛି। ଦୁଇ ଦିନ ତଳେ ୧୨ ସେଣ୍ଟିମିଟର୍ ବିଶିଷ୍ଟ ଏକ ବାଘ ପାଦଚିହ୍ନ ଠାବ ହେବା ଆଖପାଖ ଅଞ୍ଚଳରେ ଭୟର ବାତାବରଣ ଖେଳିଯାଇଛି। ଏପରିକି, କିଛି ସ୍ଥାନୀୟ

- ପାଦଚିହ୍ନ ଠାବ ପରେ ଆତଙ୍କ
- ବନ ବିଭାଗ ଲଗାଇଲା ୩୫ ଟ୍ରାପ୍ କ୍ୟାମେରା



ଲୋକ ବାଘକୁ ଦେଖିଥିବା ମଧ୍ୟ କହିଛନ୍ତି। ଫଳରେ ସନ୍ଧ୍ୟା ହେଲେ ତାଟିକବାଟ ପଡ଼ିଯାଉଛି। ଏପରି ସ୍ଥିତିରେ ବାଘକୁ ଧରିବା ପାଇଁ ବନ ବିଭାଗ ତନାଘନା ଆରମ୍ଭ କରିଦେଇଛି। ଅଟେଇ ସଂରକ୍ଷିତ ଜଙ୍ଗଲରେ ୩୫ଟି ଟ୍ରାପ୍ କ୍ୟାମେରା ଲଗାଯାଇଥିବା କେନ୍ଦୁଝର ଡିଏଫ୍‌ଓ ଏଚ୍.ଡି ଧନରାଜ ସୂଚନା ଦେଇଛନ୍ତି। ତେବେ ୨ଦିନ ମଧ୍ୟରେ ଏଯାଏଁ ଏଠାରେ ବାଘ ଦେଖାଯାଇ ନଥିବା ମଧ୍ୟ ସେ କହିଛନ୍ତି।

ଏହି ଅଞ୍ଚଳ ଏକ ବ୍ୟାଘ୍ର କରିଡର୍ ହୋଇଥିବାରୁ ସମୟ ସମୟରେ ଶିମିଳିପାଳରୁ ଅଟେଇ ଜଙ୍ଗଲକୁ ବାଘ ଆସି ପୁନର୍ବାର ଫେରି ଯାଇଥାନ୍ତି। ଅଟେଇ ସଂରକ୍ଷିତ ଜଙ୍ଗଲ ମଧ୍ୟରେ ବାଘ ପାଇଁ ଅଧିକ ତୃଣଭୋଜି ବନ୍ୟପ୍ରାଣୀ ରହିଥିବାରୁ ବାଘ ଏଠାକୁ ଆସିଥା'ନ୍ତି। ୨୦-୨୨ ମାସର ଏକ ବାଘ ଶିମିଳିପାଳରୁ ବାହାରି ବ୍ୟାଘ୍ର କରିଡର୍ ମଧ୍ୟରେ ଚଳପ୍ରଚଳ କରୁଥିବା ବନଖଣ୍ଡ ଅଧିକାରୀ କହିଛନ୍ତି। ବ୍ୟାଘ୍ର କରିଡର୍ ଶିମିଳିପାଳରୁ ଆରମ୍ଭ ହୋଇ ଠାକୁରମୁଣ୍ଡା, ଆନନ୍ଦପୁର, ସନ୍ତୋଷପୁର ସଂରକ୍ଷିତ ଜଙ୍ଗଲ, ଅଟେଇ ସଂରକ୍ଷିତ ଜଙ୍ଗଲ ଦେଇ ରେବଣା ଓ ସାତକୋଶିଆ ଯାଏ ଲମ୍ବିଛି। ସମୟ ବ୍ୟବଧାନରେ ଏହି କରିଡର୍ ଦେଇ ଅଟେଇ ଜଙ୍ଗଲକୁ ବାଘ ଆସି ପୁନର୍ବାର ଫେରି ଯାଉଥିବା ସେ କହିଛନ୍ତି। କେନ୍ଦୁଝର ଜିଲ୍ଲାର ଘଞ୍ଚ ଅଟେଇ ଜଙ୍ଗଲକୁ ବାଘ ଆସିବା ଏକ ଶୁଭ ସଙ୍କେତ ବୋଲି କହିବା ସହ ଏଥିପାଇଁ ବନବିଭାଗ ସମ୍ପୂର୍ଣ୍ଣ ପ୍ରସ୍ତୁତ ରହିଥିବା ଡିଏଫଓ ଧନରାଜ କହିଛନ୍ତି।

ଅପରପକ୍ଷେ, ଲୋକଙ୍କ ଧନଜୀବନ ପ୍ରତି ବିପଦ ଥିବାରୁ ଆଖପାଖ ଅଞ୍ଚଳରେ ବନ ବିଭାଗ ଲୋକଙ୍କୁ ସତର୍କ କରାଇଛି। ଜଙ୍ଗଲ ଭିତରକୁ ନିଜେ ନ ଯିବା ସହ ଗୃହପାଳିତ ପଶୁଙ୍କୁ ମଧ୍ୟ ନ ଛାଡ଼ିବାକୁ ଗାଁ ଗାଁରେ ସଚେତନ କରାଯାଉଛି।

# ଗମ୍ଭାରୀପଦା ପତିସାହିକୁ ଆସିଲା ପ୍ରେମାଚାର୍ଯ୍ୟଙ୍କ ଶ୍ରୀ ବିଗ୍ରହ



କାକଟପୁର/ନୟାହାଟ,୩।୧୧(ସମିସ): ସର୍ବ ଧର୍ମ ସମନ୍ୱୟ ପୀଠ ପ୍ରାଚୀ ଗୁରୁ ଧର୍ମ କ୍ଷେତ୍ରର ପ୍ରତିଷ୍ଠାତା ପ୍ରେମାଚାର୍ଯ୍ୟ ବାବା ମଧୁସୂଦନଙ୍କ ଶ୍ରୀବିଗ୍ରହ ଓ ପାଦୁକା କାକଟପୁର ଗମ୍ଭାରୀପଦା ପତିସାହିରେ ସ୍ୱର୍ଗତ ମାଳତୀ ଦାଶଙ୍କ ଚତୁର୍ଦ୍ଦଶୀ ଉତ୍ସବ ଉପଲକ୍ଷେ ମନମୋହନ ମହାପାତ୍ରଙ୍କ ତତ୍ତ୍ୱାବଧାନରେ ପହଞ୍ଚିଥିଲା । ନୟାହାଟ ସ୍ଥିତ ପ୍ରାଚୀ ଗୁରୁ ଧର୍ମ କ୍ଷେତ୍ରରୁ ଗୁରୁଦେବଙ୍କ ଶ୍ରୀବିଗ୍ରହ ଶହ ଶହ ଭକ୍ତ ଓ ଶ୍ରଦ୍ଧାଳୁମାନଙ୍କ ହରିବୋଲ, ହୁଳହୁଳି ଓ ଶଙ୍ଖନାଦ, ମହାମନ୍ତ୍ର ଓଁ କୃଷ୍ଣ ମଧୁସୂଦନ, ବାସୁଦେବ ଜନାର୍ଦ୍ଦନ ନାମରେ ବାହାରିଥିଲା । ଏହି ଅଧ୍ୟାତ୍ମିକ କାର୍ଯ୍ୟକ୍ରମରେ ପ୍ରାଚୀ ଗୁରୁ ଧର୍ମ କ୍ଷେତ୍ରର ଅଧ୍ୟକ୍ଷ ବାବାଜୀ ଦାମୋଦର ଦାସ ସଭାପତିତ୍ୱ କରିଥିଲେ। ଏହି ଧର୍ମ ସଭାରେ ବାବାଜୀ ସତ୍ୟାନନ୍ଦ ଦାସ, ବାବାଜୀ ଦିବାକର ଦାସ, ବାବାଜୀ ଅକ୍ଷୟ ଦାସ, ବାବାଜୀ ଚିତ୍ତବିନୋଦ ଦାସ, ବାବାଜୀ ପୂର୍ଣ୍ଣାନନ୍ଦ ଦାସ, ଡ. ରତ୍ନାକର ମହାନ୍ତି ପ୍ରମୁଖ ମାଆର ପଣତ କାନି ଉପରେ ଗୁରୁତ୍ୱାରୋପ କରିଥିଲେ। ଏହି ଉପଲକ୍ଷେ ଶ୍ରୀଗୁରୁଦେବଙ୍କୁ ଷୋଡ଼ଶ ଉପଚାରରେ ପୂଜାର୍ଚ୍ଚନା କରାଯାଇଥିଲା। ମାମୁନି ମା', ଲୋରା ମା', ଗୀତା ମା', ଅନୁ ମା', ବାସନ୍ତୀ ମା' ବନ୍ଦାପନା କରିଥିଲାବେଳେ ସବିତା ଦାସ ଗୀତଗାନ କରିଥିଲେ। ଶକୁନ୍ତଳା ଦାଶ ଅତିଥି ପରିଚୟ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମକୁ ଭାଗବତ ପ୍ରସାଦ ମହାପାତ୍ର, ପ୍ରଭାତ ଦିକ୍ଷୀତ, ପ୍ରୀତି ରଞ୍ଜନ ଦାସ, ଶଶିକାନ୍ତ ଖୁଣ୍ଟିଆ, ସ୍ୱୟମ୍ଭୁ ପ୍ରସାଦ ଦାଶ ପ୍ରମୁଖ ପରିଚାଳନା କରିଥିଲେ।

# ରାସ୍ତାରେ ଫସିଲା ଜନନୀ ଏକ୍ସପ୍ରେସ୍



ସୋମବାର କାକଟପୁର-ଅସ୍ତରଙ୍ଗର ଜିଉଁତି ରାସ୍ତାରେ ଏକ ଜନନୀ ଏକ୍ସପ୍ରେସ୍ ଦୀର୍ଘ ୮ରୁ ୧୦ ଘଣ୍ଟା ପର୍ଯ୍ୟନ୍ତ ଅଟକି ରହିଥିଲା । କର୍ମଚାରୀ ଜଣକୁ ପଚାରିବାରେ ଉତ୍ତର ମିଳିଥିଲା ଯେ ଜଣେ ରୋଗୀଙ୍କୁ ନେଇ ଭୁବନେଶ୍ୱର

ଅସ୍ତରଙ୍ଗ,୩।୧୧(ସମିସ): ଅସ୍ତରଙ୍ଗ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ସେବା ବର୍ତ୍ତମାନ ସମ୍ପୂର୍ଣ୍ଣ ଅବ୍ୟବସ୍ଥା ଥିବାବେଳେ ଆମ୍ବୁଲାନ୍ସ ସେବା ବର୍ତ୍ତମାନ ସାଧାରଣରେ ଚର୍ଚ୍ଚାର ବିଷୟ ପାଲଟିଛି । ଅନେକ ସମୟରେ ରୋଗୀଙ୍କୁ ଅନ୍ୟତ୍ର ସ୍ଥାନାନ୍ତର କରିବାକୁ ଯେତେବେଳେ ସରକାରୀ ଆମ୍ବୁଲାନ୍ସ ସେବାର ଆବଶ୍ୟକତା ପଡ଼େ ସେତେବେଳେ ଅନେକ ସମୟରେ ଜରୁରୀକାଳୀନ ନମ୍ବର ଲାଗେନାହିଁ । ଯଦିଓ ଲାଗେ ଅନେକ ସମୟରେ ଉତ୍ତର ଆସେ ଆଖପାଖ ଅଞ୍ଚଳରେ ଅମ୍ବୁଲାନ୍ସ ନାହିଁ। ସେହି ସମୟରେ ମୃତ୍ୟୁ ସହିତ ଲଢ଼େଇ କରୁଥିବା ବ୍ୟକ୍ତି ଜଣକ କି ପ୍ରକାର ପରିସ୍ଥିତି ଦେଇ ଗତି କରୁଥିବ ତାହା ହିଁ କେବଳ ଜଣେ ଗରିବ ଓ ମଧ୍ୟବିତ୍ତ ପରିବାର ଜାଣିଥିବ । ଏହିପରି ଅନେକ ସମସ୍ୟା ସାମ୍ନାକୁ ଆସୁଥିବାବେଳେ ଯାଇଥିଲି। ମାତ୍ର ଫେରିବା ବାଟରେ ଏହି ସ୍ଥାନରେ ଗାଡ଼ି ଅଚଳ ହୋଇପଡ଼ିଛି । ଏ ବାବଦରେ ସେ ବିଭାଗକୁ ସୂଚନା ଦେବାର ଅନେକ ସମୟ ବିତିଯାଇଥିଲେ ବି ଗାଡ଼ିକୁ ନେବା ପାଇଁ କୌଣସି ପଦକ୍ଷେପ ଗ୍ରହଣ କରାଯାଇନାହିଁ । ଏଠି ପ୍ରଶ୍ନ ଉଠୁଛି, ଏହି ସମୟରେ ଯଦି ଅସ୍ତରଙ୍ଗ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର କି ପଡ଼ୋଶୀ ଚିକିତ୍ସାଳୟରେ ଯଦି ଜଣେ ଗରିବ ଶ୍ରେଣୀର ମହିଳା ଜରୁରୀକାଳୀନ ପରିସ୍ଥିତିରେ ପଡ଼ିବ ଭୁବନେଶ୍ୱର କି କଟକ ସ୍ଥାନାନ୍ତର ପାଇଁ ତେବେ ତାହାର ଜୀବନ ପ୍ରତି ଯଦି ବିପଦ ସୃଷ୍ଟି ହେବ ତାହେଲେ ସେଥିପାଇଁ ଦାୟୀ କିଏ? ଏ ନେଇ ଅସ୍ତରଙ୍ଗର ଜଣେ ବରିଷ୍ଠ ବୁଦ୍ଧିଜୀବୀ ସୁକାନ୍ତ ମହାନ୍ତି କହିଛନ୍ତି ରାଜ୍ୟ ସରକାର ଏହି ବ୍ୟବସ୍ଥା ପ୍ରତି ଦୃଷ୍ଟି ଦେଇ ଏହି ଆମ୍ବୁଲାନ୍ସ ସେବାରେ ପରିବର୍ତ୍ତନ ଆଣନ୍ତୁ ।

## ବିଦ୍ୟାଳୟରୁ ମଧ୍ୟାହ୍ନଭୋଜନ ସାମଗ୍ରୀ ଚୋରି

ଗୋପ,୩।୧୧(ସମିସ): ରବିବାର ବିଳମ୍ବିତ ରାତିରେ ଗୋପ ଥାନା ଅଧୀନ ବେଦପୁର ପଞ୍ଚାୟତସ୍ଥିତ ବେଦପୁର ସଞ୍ଚୟ ପ୍ରାଥମିକ ବିଦ୍ୟାଳୟର କବାଟ ଭାଙ୍ଗି କେତେକ ଦୁର୍ବୃତ୍ତ ମଧ୍ୟାହ୍ନଭୋଜନ ସାମଗ୍ରୀ ଚୋରି କରିଥିବା ନେଇ ପ୍ରଧାନଶିକ୍ଷୟିତ୍ରୀ ଗୋପ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି । ଏହି ଅଭିଯୋଗକୁ ଭିତ୍ତିକରି ପୁଲିସ ତଦନ୍ତ ଜାରି ରଖିଛି । ସୂଚନା ମୁତାବକ, ରବିବାର ବିଳମ୍ବିତ ରାତିରେ କେତେକ ଦୁର୍ବୃତ୍ତ ବେଦପୁର ପ୍ରାଥମିକ ବିଦ୍ୟାଳୟର ତାଲା ଭାଙ୍ଗି ମଧ୍ୟାହ୍ନଭୋଜନ ଚାଉଳ ସମେତ ଅନ୍ୟାନ୍ୟ ସାମଗ୍ରୀ ଚୋରି ହୋଇଥିବା ନେଇ ସୋମବାର ବିଦ୍ୟାଳୟ ଖୋଲିବା ପରେ ପ୍ରଧାନଶିକ୍ଷୟିତ୍ରୀ ଗୀତା ପ୍ରିୟଦର୍ଶିନୀ ଦେଖିବା ପରେ ଗୋପ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଗୋପ ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଥିବାବେଳେ ଅଭିଯୁକ୍ତମାନଙ୍କୁ ଖୁବ୍‌ଶୀଘ୍ର ଗିରଫ କରାଯିବ ବୋଲି ଥାନା ଅଧିକାରୀ କହିଛନ୍ତି ।

## ଭଲନେରା ଆଇଟା-ଓଟିଏ ଟେନିସ ପ୍ରତିଯୋଗିତା ଉଦ୍‌ଘାଟିତ

ସାକ୍ଷୀଗୋପାଳ,୩।୧୧(ସମିସ): ସ୍ଥାନୀୟ ଫୁଲଅଲସାସ୍ଥିତ ସାଇ ଏକାଡେମୀ ଟେନିସ୍ କୋର୍ଟଠାରେ ଭଲନେରା ଆଇଟା-ଓଟିଏ ସର୍ବଭାରତୀୟ ମହିଳା ଓ ପୁରୁଷ ବର୍ଗଙ୍କ ମଧ୍ୟରେ ୫ ଦିନିଆ ଟେନିସ୍ ପ୍ରତିଯୋଗିତା ଉଦ୍‌ଘାଟିତ ହୋଇଛି । ଏହି ପ୍ରତିଯୋଗିତାର ଉଦ୍‌ଘାଟନୀ ଉତ୍ସବରେ ପ୍ରାୟୋଜକ ଭୁବନେଶ୍ୱର ଭଲନେରା ସାଂଟିୟୁର କମ୍ପାନୀର ପ୍ରତିଷ୍ଠାତା ପ୍ରଦୀପ କୁମାର ବିଶୋଇ ମୁଖ୍ୟ ଅତିଥିଭାବରେ ଯୋଗଦେଇ ଆନୁଷ୍ଠାନିକ ଭାବରେ ଉଦ୍‌ଘାଟନ କରି ଖେଳାଳିମାନଙ୍କର ସଫଳତା କାମନା କରିଥିଲେ। ଅନ୍ୟତମ ଅତିଥିଭାବରେ ପୁରୀ ଫାର୍ମାସୀ ମହାବିଦ୍ୟାଳୟର ଚେୟାରମ୍ୟାନ୍ ଅନିମା ଦାଶ ଓ ସାଇ ଏକାଡେମୀର ସଭାପତି ସୁଶ୍ରୀ ପ୍ରିୟଦର୍ଶିନୀ ପାଣିଙ୍କ ସମେତ ଅନ୍ୟାନ୍ୟ ଅତିଥିମାନେ ଯୋଗଦେଇ ଖେଳାଳିମାନଙ୍କୁ ଉତ୍ସାହିତ କରିଥିଲେ। ଛାତିଶଗଡ଼, ବିହାର, ତେଲଙ୍ଗାନା, ପଶ୍ଚିମବଙ୍ଗ, ଆନ୍ଧ୍ରପ୍ରଦେଶ, ମହାରାଷ୍ଟ୍ର ଏବଂ ଓଡ଼ିଶା ପ୍ରମୁଖ ଭାରତର ବିଭିନ୍ନ ପ୍ରାନ୍ତରୁ ୫୦ରୁ ଊର୍ଦ୍ଧ୍ୱ ଟେନିସ ଖେଳାଳି ଅଂଶଗ୍ରହଣ କରୁଛନ୍ତି। ରେଫରୀ ପ୍ରବୀଣ ନାୟକ ଓ କୋଚ୍ ବିଶ୍ୱଜିତ୍ ଦାସଙ୍କ ତତ୍ତ୍ୱାବଧାନରେ ଏହି ମ୍ୟାଚ୍ ଅନୁଷ୍ଠିତ ହେଉଛି। ଆସନ୍ତା ୭ ତାରିଖରେ ଏହି ପ୍ରତିଯୋଗିତା ଉଦ୍‌ଯାପିତ ହେବ।




# ମଠକାଙ୍କୁଡ଼ାରେ ୧୧୫ 'ରୁକ୍ମିଣୀ ବିବାହ'



ବ୍ରହ୍ମଗିରି,୩।୧୧(ସମିସ): ଗୋଷ୍ଠାଷ୍ଟମୀର ଚାରିଦିନ ପୂର୍ବରୁ ବିବାହିତ ୧୧୫ ଝିଅଙ୍କ ଘରକୁ ରୁକ୍ମିଣୀ ବିବାହ ମହୋତ୍ସବରେ ଯୋଗଦେବା ପାଇଁ ଅତିବଡ଼ୀ ଜଗନ୍ନାଥ ଦାସଙ୍କ ଜନ୍ମପୀଠ କପିଳେଶ୍ୱରପୁର ସଂଲଗ୍ନ ପବିତ୍ର ପାଦୁକା ପୀଠ ମଠକାଙ୍କୁଡ଼ାରୁ ଯାଇଥିଲା ଭ୍ରାଇଁ ନିମନ୍ତ୍ରଣ । ସେମାନେ ଗାଁରେ ପହଞ୍ଚି ନିଜ ଘରକୁ ଯାଇ ନ ଥିଲେ। ସୁଦୂର ଜଟଣୀ, ବାଲିପାଟଣା, ବେଗୁନିଆ, ଡେଲାଙ୍ଗ ଭଳି ବିଭିନ୍ନ ଗ୍ରାମରୁ ଲକ୍ଷ୍ମୀ ଜେନା,-ଭରତ ଜେନା, ଝୁଲି ସ୍ୱାଇଁ, ସୁକାନ୍ତ ସ୍ୱାଇଁ, ପ୍ରତିମା ବିଶ୍ୱାଳ, ଧର୍ମେନ୍ଦ୍ର ବିଶ୍ୱାଳଙ୍କ ସହ ସବୁ ଝିଅ-ଜ୍ୱାଇଁ ଦ୍ୱାଦଶୀ ତିଥିରେ ପହଞ୍ଚିଲେ ଗାଁର ରାଧାଗୋବିନ୍ଦ ମନ୍ଦିରରେ। ହବିଷ ଖାଇ ସେଇଠି ରହିଲେ। ସୂର୍ଯ୍ୟାସ୍ତ ସହ ବାଜିଲା ଡକରା ଘଣ୍ଟ। ଗ୍ରାମବାସୀ ଏବଂ ଓଡ଼ିଶା ସାହିତ୍ୟ ଏକାଡେମୀର ମିଳିତ ସହଯୋଗରେ ଗୋଷ୍ଠାଷ୍ଟମୀଠାରୁ ରାସ ପୂର୍ଣ୍ଣିମା ପର୍ଯ୍ୟନ୍ତ ଚାଲିଥିବା ଶ୍ରୀମଦ୍ ଭାଗବତ ସପ୍ତାହ ଓ କଥାମୃତ ମହୋତ୍ସବ ମଞ୍ଚରେ ପଢ଼ାହେଲା ଭାଗବତର ରୁକ୍ମିଣୀ ବିବାହ ଅଧ୍ୟାୟ। ଆଖପାଖ ଗାଁର ଶହଶହ ମହିଳାଙ୍କ ହୁଳହୁଳିରେ କମ୍ପିଉଠିଲା ମଠକାଙ୍କୁଡ଼ା। ମଠକାଙ୍କୁଡ଼ା ଗ୍ରାମର ଭାଗବତ ମଣିଷ ପ୍ରଭାକର ସାହୁ, ସଭାପତି ବାଳକୃଷ୍ଣ ରାଉତ, ସମ୍ପାଦକଙ୍କ ସମେତ ଗ୍ରାମର ଯୁବ ସ୍ୱେଚ୍ଛାସେବୀଙ୍କ ମିଳିତ ପ୍ରୟାସରେ ଚାଲିଥିଲା ମହୋତ୍ସବ। ଏହି କାର୍ଯ୍ୟକ୍ରମରେ ଶିକ୍ଷାବିତ୍ କୈଳାଶ ଚନ୍ଦ୍ର ଟିକାୟତରାୟ, ଡ. ଶ୍ରୀନିବାସ ଆଚାର୍ଯ୍ୟ, ସଞ୍ଜୟ ଛୁଆଳସିଂହ, ବ୍ରହ୍ମଗିରି ତହସିଲ୍‌ଦାର ଶଶିଭୂଷଣ ମିଶ୍ର, ପ୍ରମୋଦ ଆଚାର୍ଯ୍ୟଙ୍କ ସମେତ ଭାଷ୍ୟକାର ଡ. ବଦ୍ରି ମିଶ୍ର, ଅନ୍ତର୍ଯ୍ୟାମୀ ପଟ୍ଟନାୟକ, ପ୍ରଶାନ୍ତ ତ୍ରିପାଠୀ, କବି ବିପିନ ବିହାରୀ ଦଳାଇ ପ୍ରମୁଖ ଯୋଗଦେଇଥିଲେ।

## କାର୍ତ୍ତିକେଶ୍ୱର ମହାଦେବଙ୍କ ବାର୍ଷିକ ଉତ୍ସବ



ନିମାପଡ଼ା,୩।୧୧(ସମିସ): ନିମାପଡ଼ା ବ୍ଲକ୍ ଅନ୍ତର୍ଗତ ଛେନୁଅଁ ଗୁଡୁସାହି ବାବା କାର୍ତ୍ତିକେଶ୍ୱର ମହାଦେବଙ୍କ ୨୮ତମ ବାର୍ଷିକ ଉତ୍ସବ ପାଳିତ ହୋଇଯାଇଛି । ଉକ୍ତ କାର୍ଯ୍ୟକ୍ରମରେ ଗ୍ରାମର ଶତାଧିକ ଯୁବକଯୁବତୀ ଓ ମହିଳା-ପୁରୁଷ ଏକତ୍ରିତ ହୋଇ ଉତ୍କଳର ହୃତ୍ ଗୌରବକୁ ମନେ ପକାଇଛନ୍ତି । ଗାଁର ପରମ୍ପରା, ଐତିହ୍ୟ, ସଂସ୍କୃତି ସହରୀ ସଭ୍ୟତାରେ ହଜି ଯାଉଥିବାବେଳେ ଗାଁ ମାଟିରେ, ଗାଁ ଲୋକଙ୍କ ମିଳିତ ଉଦ୍ୟମରେ ଏଭଳି କାର୍ଯ୍ୟକ୍ରମ ସମସ୍ତଙ୍କ ମନ ଜିଣିଛି । ଖୋର୍ଦ୍ଧାରୁ ଆସିଥିବା ପାଇକ ଆଖଡ଼ା ସଂଗଠନର ନିପୁଣ କଳା, ଦର୍ଶକଙ୍କୁ ବିମୋହିତ କରିଦେଇଥିଲା । ଅତିଥି ଭାବେ ସମାଜସେବୀ, କ୍ରୀଡ଼ାବିତ୍ ତଥା ପାଣି ଜାହାଜର କ୍ୟାପ୍‌ଟେନ ଶ୍ୱେତପୂର୍ଣ୍ଣ ରାୟ ମହାପାତ୍ର, ନିମାପଡ଼ା ପ୍ରେସ୍ କ୍ଲବ୍‌ର ସଭାପତି ଅକ୍ଷୟ ବେହେରା, କୁଶଭଦ୍ରା କାନ୍ଦୁଛି ପରିବାରର ଆବାହକ ନିଗମାନନ୍ଦ ସାହୁ, ଯୁବ ବିକାଶ ପରିଷଦର ସଭାପତି ନିରଞ୍ଜନ ସାହୁ, ହେଲ୍ପ ଲାଇନ ନିମାପଡ଼ାର ସଭାପତି ଅକ୍ଷୟ ସାହୁ, ବର୍ଣ୍ଣ ଟୁ ହେଲ୍ପ ଅଲ୍‌ର ପ୍ରତିଷ୍ଠାତା ତଥା ନାବିକ ପପକ୍ ରଞ୍ଜନ ବାରିକ, ବରିଷ୍ଠ ସାମ୍ବାଦିକ ଶିକ୍ଷାବିତ୍ ଶରତ ସେନାପତି ଏବଂ ଶିକ୍ଷକ ନେତା, କବି ସଦାଶିବ ବେହେରାଙ୍କ ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ ଯୁବ ସାମ୍ବାଦିକ ତଥା କାର୍ତ୍ତିକେଶ୍ୱର ପୂଜା କମିଟିର ସଭାପତି ବିକାଶ ଚନ୍ଦ୍ର ବାରିକ।

## ୮ ଲକ୍ଷର ସୁନା, ରୁପା ଅଳଙ୍କାର ଚୋରି

ନିମାପଡ଼ା,୩।୧୧(ସମିସ): ନିମାପଡ଼ା ନିୟନ୍ତ୍ରିତ ବଜାର କମିଟି ନିକଟରୁ ଜଣେ ବ୍ୟକ୍ତିଙ୍କ ଘରୁ ଚୋରି ହୋଇଥିବା ଅଭିଯୋଗ ହୋଇଛି। ପ୍ରାୟ ୮ ଲକ୍ଷ ଟଙ୍କାର ସୁନା, ରୁପା ଗହଣା ଚୋରି ଯାଇଥିବା ନେଇ ପୁଲିସ ନିକଟରେ ଅଭିଯୋଗ ହୋଇଛି। ପ୍ରକାଶ ଯେ, ସିରାଜ ନାମକ ଜଣେ ଯୁବକ ନିୟନ୍ତ୍ରିତ ବଜାର କମିଟି ନିକଟରେ ଭଡ଼ାଘରେ ରହି ଏକ ଘରୋଇ କମ୍ପାନୀରେ ଚାକିରି କରିଥିଲେ। ରବିବାର ତାଙ୍କ ପତ୍ନୀଙ୍କ ଦେହ ଅସୁସ୍ଥ ଥିବାରୁ ତାଙ୍କୁ ଚିକିତ୍ସା ପାଇଁ ଡାକ୍ତରଖାନା ନେଇଥିବାର ସୁଯୋଗ ନେଇ ଦୁର୍ବୃତ୍ତମାନେ ତାଙ୍କ ଘରୁ ୮ ଲକ୍ଷ ଟଙ୍କାର ସୁନା, ରୁପା ଅଳଙ୍କାର ଚୋରି କରିନେଇଥିବା ଥାନାରେ ଅଭିଯୋଗ କରିଛନ୍ତି। ଅଭିଯୋଗ ଆଧାରରେ ନିମାପଡ଼ା ପୁଲିସ ଓ ପୁରୀ ସାଇଣ୍ଟିଫିକ୍ ଟିମ୍ ସହ ଯାଇ ଘଟଣାର ତଦନ୍ତ କରି ଫେରିଯାଇଛନ୍ତି।

## ରାଧାମୋହନ ମନ୍ଦିରରେ ଗୀତା ପାରାୟଣ

ଚାରିଛକ,୩।୧୧(ସମିସ): ନିମାପଡ଼ା ବ୍ଲକ୍ ଅନ୍ତର୍ଗତ ଭୋଦର ଗ୍ରାମର ରାଧାମୋହନ ମନ୍ଦିର ପ୍ରାଙ୍ଗଣରେ ଜୋନ୍-୨ର ମୁଖ୍ୟ ଅମରେଶ୍ୱର ତ୍ରିପାଠୀଙ୍କ ପ୍ରସ୍ତାବ କ୍ରମେ ଏବଂ ଡ. ସନ୍ତୋଷ କୁମାର ମିତ୍ରଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଏକ ଗୀତା ପାରାୟଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଶେଷରେ ଜଗନ୍ନାଥ ଅଷ୍ଟକମ୍ ସହ ଗୀତଗୋବିନ୍ଦ ଗାନ କରାଯାଇଥିଲା । ଅନୁଷ୍ଠାନର ସାଧକ ତଥା ବିଶ୍ୱ ପ୍ରାର୍ଥନା ଦିବସ ଟ୍ରଷ୍ଟର ଅଧ୍ୟକ୍ଷ ପଣ୍ଡିତ ମୁରଲୀଧର ଭାରତୀ ଗୋସ୍ୱାମୀ ବିଶ୍ୱ କଲ୍ୟାଣ ପାଇଁ ଶାନ୍ତି ମନ୍ତ୍ରପାଠ କରିଥିଲେ। ଏହି କାର୍ଯ୍ୟକ୍ରମରେ ଗୀତା ନାରାୟଣ ଆଧ୍ୟାତ୍ମିକ ପରିବାରର ସାଧକ ନିରଞ୍ଜନ କର, ଡ. ସନ୍ତୋଷ କୁମାର ମିତ୍ର, ଅମରେଶ୍ୱର ତ୍ରିପାଠୀ, ସହଦେବ ମିଶ୍ର, ମୁରଲୀଧର ଭାରତୀ, ଦଇତାରୀ ସାହୁ, ବସନ୍ତ ମଞ୍ଜରୀ ସାହୁ, ସୋମା ପ୍ରିୟଦର୍ଶିନୀ, ଚକ୍ରଧର ସା, ସତ୍ୟଜିତ୍ ବାନାର୍ଜୀ ଯୋଗଦେଇ ଗୀତା ପଠନ କରିଥିଲେ। କାର୍ଯ୍ୟକ୍ରମର ସୁପରିଚାଳନାରେ ଗୀତା ନାରାୟଣ ଆଧ୍ୟାତ୍ମିକ ପରିବାରର ସାଧକସାଧିକା ଭାବେ ଡେଜି ରାୟ, ପବିତ୍ର ବିଶ୍ୱାଳ, କୈଳାସ ଚନ୍ଦ୍ର ସାହୁ ତଥା ଭଗବତପ୍ରେମୀ ଗୋପୀନାଥ କର, କୈଳାସ ଚନ୍ଦ୍ର ତ୍ରିପାଠୀ, ନିରୋଦ ତ୍ରିପାଠୀ, ପଞ୍ଚାନନ ସାହୁ, କାହ୍ନୁ ଚରଣ ବେହେରା, ସବିତା ସିହ୍ନା ସହଯୋଗ କରିଥିଲେ।

## ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ବିଜ୍ଞାନ ମେଳା



କଣାସ,୩।୧୧(ସମିସ): ସୋମବାର କଣାସ ବ୍ଲକ୍ ଚୁପୁରିଙ୍ଗି ଗ୍ରାମପଞ୍ଚାୟତର ସୁପୁରିଙ୍ଗି ଗ୍ରାମରେ ପ୍ରତିଷ୍ଠିତ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପରିସରରେ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ରାଜେନ୍ଦ୍ର କୁମାର ଦାସଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବିଜ୍ଞାନ ମେଳାରେ ମୁଖ୍ୟ ଅତିଥି ଭାବେ କଣାସ ବ୍ଲକ୍ ଉପଶିକ୍ଷାଧିକାରୀ ଗୋବର୍ଦ୍ଧନ ବେହେରା, ମୁଖ୍ୟବକ୍ତା ଭାବେ ଓଷ୍ଟାର ସମ୍ପାଦକ ପୀତବାସ ପ୍ରଧାନ, ସମ୍ମାନିତ ଅତିଥି ସମ୍ପାଦକ ପ୍ରିୟରଞ୍ଜନ ଶତପଥୀ ଯୋଗଦେଇଥିଲେ। ବିଦ୍ୟାମନ୍ଦିରର ପ୍ରଧାନଆଚାର୍ଯ୍ୟ ପରୀକ୍ଷିତ ଦାସ ବିଦ୍ୟାଳୟର ବାର୍ଷିକ ବିବରଣୀ ସହ ଅତିଥି ପରିଚୟ ଓ ଧନ୍ୟବାଦ ଅର୍ପଣ କରିଥିଲେ। କୃତୀ ଛାତ୍ରଛାତ୍ରୀଙ୍କୁ ଅତିଥିମାନେ ମାନପତ୍ର ସହ ପୁରସ୍କାର ପ୍ରଦାନ କରିଥିଲେ।

# ଭକ୍ତ ଶିରୋମଣି ଦାସିଆଙ୍କ ଜୟନ୍ତୀ ଉତ୍ସବ

### ତ୍ରୟମାସିକ ପତ୍ରିକା 'ଭାବକୁ ନିକଟ' ଲୋକାର୍ପିତ




ପିପିଲି,୩।୧୧(ସମିସ): ପଞ୍ଚଦଶ ଶତାବ୍ଦୀର ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଅନନ୍ୟ ଭକ୍ତ ଶିରୋମଣି ଦାସିଆଙ୍କ ଜୟନ୍ତୀ ଉତ୍ସବ କାର୍ତ୍ତିକ ଶୁକ୍ଳ ଏକାଦଶୀ ତିଥିରେ ପୁରୀ ଜିଲ୍ଲା ପିପିଲି ବ୍ଲକ୍ ଅନ୍ତର୍ଗତ ବାଲିଗାଁଠାରେ ଭକ୍ତଙ୍କ ଜନ୍ମ ଓ ସାଧନା ପୀଠରେ ମହାସମାରୋହରେ ପାଳିତ ହୋଇଯାଇଛି । ପ୍ରାତଃ ୬ଟାରୁ ଭକ୍ତଙ୍କ ସମାଧି ପୀଠରେ ଭକ୍ତ ଦାସିଆ ସ୍ମୃତି କମିଟିର ବରିଷ୍ଠ ସଦସ୍ୟ ତଥା ନିକଟବର୍ତ୍ତୀ ଅଞ୍ଚଳର ବହୁ ଧର୍ମପରାୟଣ ବ୍ୟକ୍ତିମାନେ ପୁଷ୍ପ ମାଲ୍ୟାର୍ପଣ, ବେଦ, ଗୀତା ପାଠ ଓ ଭକ୍ତ ଦାସିଆ ସଂକୀର୍ତ୍ତନ ମଣ୍ଡଳୀର ସଦସ୍ୟମାନେ ନଗର ସଂକୀର୍ତ୍ତନ, ଅଖଣ୍ଡ ମହାମନ୍ତ୍ର ଜପ ସହିତ ପୀଠସ୍ଥ ମହାପ୍ରଭୁ ଶ୍ରୀଜଗନ୍ନାଥ ମନ୍ଦିରରେ ମଙ୍ଗଳ ଆଳତି, ସକାଳ ଧୂପ, ମଧ୍ୟାହ୍ନ ଧୂପ ସହିତ ପାଶ୍ୱର୍ ଦେବଦେବୀଙ୍କ ସମସ୍ତ ପୂଜାକର୍ମ ସମ୍ପାଦିତ ହୋଇଥିଲା। ସ୍ମୃତି କମିଟି ଦ୍ୱାରା ଆୟୋଜିତ ସାଧାରଣ ସଭାରେ ଅନୁଷ୍ଠାନର ସଭାପତି ଡ. ପ୍ରତିଭା ମହାରଥୀ ଅଧ୍ୟକ୍ଷତା କରି ଶ୍ରୀଜଗନ୍ନାଥ ସଂସ୍କୃତିରେ ଭକ୍ତ ଦାସିଆଙ୍କ ଅବଦାନ ବିଭିନ୍ନ ଉପାଖ୍ୟାନ ଦେଇ ସ୍ମୃତିଚାରଣ କରିଥିଲେ। ଭୁବନେଶ୍ୱର କେୟାର ହସ୍ପିଟାଲର ବିଶିଷ୍ଟ ହୃଦ୍‌ରୋଗ ବିଶେଷଜ୍ଞ ଡାକ୍ତର ବିପିନ ବିହାରୀ ମହାନ୍ତି ମୁଖ୍ୟ ଅତିଥି ଭାବେ ଯୋଗଦେଇଥିବା ବେଳେ ଶିକ୍ଷା ଓ ଅନୁସନ୍ଧାନ ବିଶ୍ୱବିଦ୍ୟାଳୟର ପ୍ରାକ୍ତନ କୁଳପତି ଡ. ରାଜେନ୍ଦ୍ର ପ୍ରସାଦ ମହାନ୍ତି ମୁଖ୍ୟବକ୍ତାଭାବେ ଭକ୍ତଙ୍କ ସ୍ମୃତିଚାରଣ କରିଥିଲେ। ବିଶିଷ୍ଟ ଶିକ୍ଷାବିତ୍ ତଥା କିଟ୍ +୨ ବିଜ୍ଞାନ ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ଚିତ୍ତରଞ୍ଜନ ମିଶ୍ର ଓ ଡେଲାଙ୍ଗ ମହାବିଦ୍ୟାଳୟର ପ୍ରାକ୍ତନ ଅଧ୍ୟକ୍ଷ ଭାସ୍କର ଚନ୍ଦ୍ର ସାମନ୍ତରାୟ ଏବଂ ୱାଲ୍ଲେଟ୍ ଫର୍ ୱେଲ୍‌ଥ ମ୍ୟାନେଜମେଣ୍ଟର ମ୍ୟାନେଜିଂ ଡାଇରେକ୍ଟର ତ୍ରିନାଥ ଲେଙ୍କା ସମ୍ମାନିତ ଅତିଥିଭାବେ ଯୋଗଦେଇଥିଲେ। ଅନୁଷ୍ଠାନର ସାଧାରଣ ସମ୍ପାଦକ ଡ. ଘନଶ୍ୟାମ ସ୍ୱାଇଁ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ସାଂସ୍କୃତିକ ସମ୍ପାଦକ ସରୋଜ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ଆଧ୍ୟାତ୍ମିକ ତ୍ରୟମାସିକ ପତ୍ରିକା 'ଭାବକୁ ନିକଟ'ର ୧୦ମ ବର୍ଷର ୪ର୍ଥ ସଂସ୍କରଣ ଅତିଥିମାନଙ୍କ ଦ୍ୱାରା ଲୋକାର୍ପିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ସ୍ମୃତି କମିଟିର ବରିଷ୍ଠ ସଦସ୍ୟ ଅର୍ଜୁନ ଚରଣ ସାମଲ, ଡ. ବାସନ୍ତୀ ଦାସ, ଶିକ୍ଷାବିତ୍ ବୃନ୍ଦାବନ ମହାପାତ୍ର, ଅକ୍ଷୟ ସାହୁ, ପ୍ରତାପ ଚନ୍ଦ୍ର ସିଂ, ସଂଗୀତଜ୍ଞ ଅଜୟ ଦାସ, ଆଞ୍ଚଳିକ କମିଟିର ସଦସ୍ୟ ସ୍ୱର୍ଣ୍ଣପ୍ରକାଶ ପରିଡ଼ା, ରମେଶ ଚନ୍ଦ୍ର ପ୍ରଧାନ, ଯୁଧିଷ୍ଠିର ପରିଡ଼ା, କୃଷ୍ଣଚନ୍ଦ୍ର ଲେଙ୍କା, କବିନ୍ଦ୍ର ବେହେରା, ଗିରିଧାରୀ ପଲାଇ, ରାଜନ ଛାଟୋଇ, ସାଗର ବଳ ତଥା ବାଲିଗାଁର ଗ୍ରାମବାସୀମାନେ ପରିଚାଳନାରେ ଅଂଶଗ୍ରହଣ କରିଥିଲେ।

# ଚେନ୍ନାଇରେ ଓଡ଼ିଆ ଶ୍ରମିକଙ୍କ ସନ୍ଦେହଜନକ ମୃତ୍ୟୁ



ବଳଙ୍ଗା,୩।୧୧(ସମିସ): ପୁରୀ ଜିଲ୍ଲା ବଳଙ୍ଗା ଥାନା ଅଧୀନ ଉଛୁପୁର ପଞ୍ଚାୟତ ନୂଆସାହି ଗ୍ରାମର ଓଡ଼ିଆ ଶ୍ରମିକଙ୍କ ଚେନ୍ନାଇରେ ସନ୍ଦେହଜନକ ମୃତ୍ୟୁକୁ ନେଇ ବଳଙ୍ଗା ଥାନାରେ ଅଭିଯୋଗ ହୋଇଛି। ସୋମବାର ଭୋର୍ ସମୟରେ ନୂଆସାହି ଗ୍ରାମର କେଳୁଚରଣ ଜେନାଙ୍କ ପୁତ୍ର ଶ୍ରୀନିବାସ ଜେନା ୧ ମାସ ତଳେ ଚେନ୍ନାଇ ଯାଇ ଏକ ସଂସ୍ଥାରେ କାମ କରୁଥିବାବେଳେ ସେହି ସଂସ୍ଥା ପକ୍ଷରୁ ପରିବାର ଲୋକଙ୍କୁ ମୃତ୍ୟୁ ବିଷୟରେ ଅବଗତ କରାଯାଇଥିବା ବେଳେ ବର୍ତ୍ତମାନ ସୁଦ୍ଧା ମୃତ୍ୟୁର କାରଣ ସ୍ପଷ୍ଟ କରି ନ ଥିବା ଜଣାପଡ଼ିଛି । ମୃତଶରୀର ନିଜ ଭିଟାମାଟିକି ଅଣାଯିବା ବ୍ୟବସ୍ଥା ମଧ୍ୟ କରାଯାଇ ନାହିଁ। ଏଭଳି ସ୍ଥିତିରେ ସମଗ୍ର ଗ୍ରାମରେ ଶୋକର ଛାୟା ଖେଳିଯାଇଛି । ପରିବାର କହିଲେ ବାପା ଓ ମାଆ ସମେତ ତାଙ୍କ ପତ୍ନୀ ଆଉ ୪ବର୍ଷର ଶିଶୁକନ୍ୟା ଓ ୩ ବର୍ଷର ପୁତ୍ର ସନ୍ତାନ । ୬ ବର୍ଷ ତଳେ ବିବାହ କରିଥିଲେ । ପରିବାରର ଆର୍ଥିକ ସ୍ଥିତି ଶ୍ରୀନିବାସକୁ ବାଧ୍ୟ କରିଥିଲା ବାହାରକୁ ଯିବା ପାଇଁ । ସୋମବାର ଭୋରୁ ଝୁଲନ୍ତା ମୃତଦେହ ଦେଖି କମ୍ପାନୀ ତରଫରୁ ପରିବାର ଲୋକଙ୍କୁ ଜଣାଯାଇଥିଲା। ଏନେଇ ନିମାପଡ଼ା ବିଧାୟିକା ଓ ରାଜ୍ୟ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କୁ ମୃତ ଶରୀର ଆଣିବା ବ୍ୟବସ୍ଥା ପାଇଁ ନିବେଦନ କରିଛନ୍ତି ।

● ବିଡିଓ, ଉପାଧ୍ୟକ୍ଷଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି

# ଏସ୍‌ପି ଅଫିସରେ ଧାରଣାଦେଲେ ଅଧ୍ୟକ୍ଷା




ଗୋପ,୩।୧୧(ସମିସ): ଗତବର୍ଷ ଏପ୍ରିଲ ମାସରେ ଗୋପ ପଞ୍ଚାୟତ ସମିତି ନୂତନ ଗୃହ ଉଦ୍‌ଘାଟନ ହୋଇଥିଲା। ଏଥିରେ ଲାଗିଥିବା ସୂଚନାଫଳକରେ ପଞ୍ଚାୟତ ସମିତି ଅଧ୍ୟକ୍ଷା ଝୁନୁ ମଲ୍ଲିକଙ୍କ ନାଁ ନ ଥିବାରୁ ବିଡିଓ ଛବିରାଣୀ ସାହୁଙ୍କ ପଚାରିଥିଲେ। ଏଠାରେ ଉପାଧ୍ୟକ୍ଷ ବନରଞ୍ଜନ ପଟ୍ଟନାୟକ ମଧ୍ୟ ଉପସ୍ଥିତ ଥିଲେ। ଏହାକୁ ନେଇ ବିଡିଓ ଏବଂ ଉପାଧ୍ୟକ୍ଷ ଶ୍ରୀମତୀ ମଲ୍ଲିକଙ୍କୁ ଦୁର୍ବ୍ୟବହାର କରିଥିଲେ। ଏ ନେଇ ଗୋପ ଥାନାରେ ଅଭିଯୋଗ ହୋଇଥିଲେ ମଧ୍ୟ ପୁଲିସ ୩୧୧/୨୫ରେ ଏକ ମାମଲା ରୁଜୁ କରିଥିଲେ ମଧ୍ୟ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ନ ଥିଲା। ସୋମବାର ଅଧ୍ୟକ୍ଷା ଶ୍ରୀମତୀ ମଲ୍ଲିକ ପୁରୀ ଏସ୍‌ପିଙ୍କୁ ଭେଟିବା ସହ କାର୍ଯ୍ୟାନୁଷ୍ଠାନ ଦାବିରେ ଏସ୍‌ପି ଅଫିସ ସମ୍ମୁଖରେ ଧାରଣା ଦେଇଛନ୍ତି। ତେବେ ଏହି ଘଟଣାକୁ ନେଇ ରାଜନୀତି ସରଗରମ ହୋଇଥିବାବେଳେ କର୍ଯ୍ୟାନୁଷ୍ଠାନ ଦାବି ହୋଇଛି।

# ବସ୍ କର୍ମଚାରୀଙ୍କ ମଧ୍ୟରେ ମାର୍‌ପିଟ୍; ଯାତ୍ରୀ ହନ୍ତସନ୍ତ




ଗୋପ,୩।୧୧(ସମିସ): ସୋମବାର ଅପରାହ୍ଣରେ ଗୋପ ବଜାର ନିକଟରେ ଦୁଇଟି ଯାତ୍ରୀବାହୀ ବସ୍ ଯାତାୟାତ ସମୟକୁ ନେଇ ମାର୍‌ପିଟ୍ ହୋଇଥିବାବେଳେ ଯାତ୍ରୀମାନେ ହନ୍ତସନ୍ତ ହୋଇଛନ୍ତି। ତେବେ ପୁଲିସ ଦୁଇ ବସ୍ ଏବଂ ଡ୍ରାଇଭର ଓ କର୍ମଚାରୀଙ୍କୁ ଅଟକ ରଖିଥିବା ଜଣାପଡ଼ିଛି । ସୂଚନା ମୁତାବକ, ପୁରୀରୁ ଗୋପ ଦେଇ ପାରାଦୀପକୁ ଗୁରୁକୃପା ଓ ଶିବଶକ୍ତି ନାମକ ଦୁଇଟି ବସ୍ ଦୈନିକ ଚଳାଚଳ କରନ୍ତି । ମାତ୍ର ଦୁଇଟି ବସ୍ ମଧ୍ୟରେ ଯାତାୟାତ ସମୟକୁ ନେଇ ଦୀର୍ଘ ଦିନ ଧରି ବିବାଦ ଲାଗି ରହିଥିଲା । ସୋମବାର ଦୁଇ ବସ୍ କର୍ମଚାରୀଙ୍କ ମଧ୍ୟରେ ଗୋପ ବଜାର ନିକଟରେ କଥା କଟାକଟି ପରେ ମାର୍‌ପିଟ୍ ହୋଇଥିଲା । ପରେ ଜଣେ ବସ୍ କର୍ମଚାରୀ ଚାବି ଛଡ଼ାଇ ନେଇ ଥାନାରେ ଅଭିଯୋଗ କରିଥିଲେ । ଘଟଣାସ୍ଥଳରେ ପୁଲିସ ପହଞ୍ଚି ତଦନ୍ତ କରିଥିବାବେଳେ ଗୁରୁକୃପା ବସ୍ ଡ୍ରାଇଭର ପ୍ରଶାନ୍ତ ନାୟକ, ଶିବଶକ୍ତି ବସ୍ ଡ୍ରାଇଭର ସୁବାସ ଚନ୍ଦ୍ର ଗୋଛାୟତଙ୍କ ସମେତ କିଛି କର୍ମଚାରୀଙ୍କୁ ଥାନାରେ ଅଟକ ରଖି ତଦନ୍ତ ଜାରି ରଖିଥିବା ତଦନ୍ତକାରୀ ଅଧିକାରୀ ବୁଲୁ ସେଠୀ କହିଛନ୍ତି ।



# ଶ୍ରୀକ୍ଷେତ୍ର ସିଟି

୩/୧୧/୨୦୨୫ (ସୋମବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୧୨,୮୫,୫୧୨/-
ସୁନା: ୨୩.୬୦୦ ଗ୍ରାମ୍
ରୁପା: ୧୨୬.୪୦୦ ଗ୍ରାମ୍



ଦିନକ ପରେ ଡଙ୍ଗା ଭସା

# ପରିତ୍ୟକ୍ତ ପଥର ପୋଖରୀ

ପୁରୀ,୩ା୧୧(ସମିସ)

ଦିନକ ପରେ କାର୍ତ୍ତିକ ପୂର୍ଣ୍ଣିମା। ପୁରପଲ୍ଲୀରେ ହେବ ବୋଇତ ବନ୍ଦାଣ। ଉତ୍କଳୀୟ ନୌବାଣିଜ୍ୟ ପରମ୍ପରାର ସ୍ମୃତିକୁ ମନେ ପକାଇବା ପାଇଁ ନଦୀ, ପୋଖରୀ ସମେତ ବିଭିନ୍ନ ଜଳାଶୟରେ ଡଙ୍ଗା ଭସାଇବେ ଲୋକେ। ବିଶେଷକରି ଶ୍ରୀକ୍ଷେତ୍ରରେ ବିଭିନ୍ନ ତୀର୍ଥ ପୁଷ୍କରିଣୀ, ମହୋଦଧି ଏବଂ ଐତିହ୍ୟ ପୁଷ୍କରିଣୀରେ ବହୁଳ ମାତ୍ରାରେ ଶ୍ରଦ୍ଧାଳୁ ଡଙ୍ଗା ଭସାଇଥା'ନ୍ତି। ହେଲେ କିଛିବର୍ଷ ହେବ ପରିତ୍ୟକ୍ତ ହୋଇ ପଡ଼ିରହିଛି ଶ୍ରୀକ୍ଷେତ୍ରର ଅନ୍ୟତମ ଐତିହ୍ୟ ପୁଷ୍କରିଣୀ ପଥର ପୋଖରୀ। ଏହାକୁ ନେଇ କ୍ଷୋଭ ପ୍ରକାଶ କରିଛନ୍ତି ସ୍ଥାନୀୟ ଅଞ୍ଚଳବାସୀ ଏବଂ ଶ୍ରଦ୍ଧାଳୁ। ଏହାର ପାଣି ଏଭଳି ଭାବେ ଦୂଷିତ ହୋଇପଡ଼ିଛି ଯେ, ଛୁଇଁଲେ ବିଭିନ୍ନ ପ୍ରକାର ଚର୍ମରୋଗ ହେବା ସମ୍ଭାବନା ରହିଛି। ପୋଖରୀ ଚାରିପାଖରେ ଆବର୍ଜନା ଗଦା ହୋଇଥିବାବେଳେ ପାଣି ଉପରେ ବି ଅଳିଆ, ଆବର୍ଜନା ଭାସୁଛି। ତୁରନ୍ତ ଏହାର ପୁନରୁଦ୍ଧାର କରିବାକୁ ଜନସାଧାରଣ ଦାବି କରିଛନ୍ତି।

ଅବଢ଼ା ଯୋଜନାରେ ପଥର ପୁଷ୍କରିଣୀର ପୁନରୁଦ୍ଧାର ଓ ସୌନ୍ଦର୍ଯ୍ୟକରଣ ପାଇଁ ପୂର୍ବରୁ ଉଦ୍ୟମ ଆରମ୍ଭ ହୋଇଥିଲା। ଏଥିଲାଗି ୨କୋଟି ୧୬ଲକ୍ଷ ୫୨ ହଜାର ୨୮୮ ଟଙ୍କା ମଞ୍ଜୁର ହୋଇଥିଲା। ଓଡ଼ିଶା ସେତୁ ଓ ନିର୍ମାଣ ନିଗମ (ଓବିସିସି) ପକ୍ଷରୁ କାମ ଆରମ୍ଭ ହୋଇଥିଲା। ପ୍ରଥମ ପର୍ଯ୍ୟାୟରେ ପାଇପ୍ ଯୋଗେ ପୋଖରୀରୁ





ପାଣି ଖାଲି କରାଯାଇଥିଲା। କିନ୍ତୁ ମଞ୍ଜୁର ଅର୍ଥରେ ପୋଖରୀର ପୁନରୁଦ୍ଧାର ସମ୍ପୂର୍ଣ୍ଣ ହେବ ନାହିଁ। ତେଣୁ ଅନୁଦାନ ରାଶି ବଢ଼ାଇବା ପାଇଁ କାମ ଅଟକିଥିଲା। ଗତ ଏପ୍ରିଲରେ ଏହାର ଅନୁଦାନ ପରିମାଣ ବଢ଼ାଯାଇଥିଲା। ହେଲେ କାମ ଏ ପର୍ଯ୍ୟନ୍ତ ଆରମ୍ଭ ହୋଇପାରି ନାହିଁ। ଶ୍ରୀକ୍ଷେତ୍ରର ଅନ୍ୟ ତୀର୍ଥ ପୁଷ୍କରିଣୀ ଭଳି ପଥର ପୋଖରୀକୁ ଖଣ୍ଡୋଲାଇଟ୍ ପଥରରେ ଆଚ୍ଛାଦିତ କରାଯିବା ନେଇ ହୋଇଥିଲା ଯୋଜନା। ଏହାବ୍ୟତୀତ ଚତୁଃପାଶ୍ୱର୍ରେ ଖଣ୍ଡୋଲାଇଟ୍ ପଥରରେ ପୌରାଣିକ କଥାବସ୍ତୁର ଅବତାରଣା କରାଯିବା ନେଇ ଡିଜାଇନ୍ ପ୍ରସ୍ତୁତ ହୋଇଥିଲା। ଓବିସିସି ପକ୍ଷରୁ ପ୍ରଥମ ପର୍ଯ୍ୟାୟରେ ପୁଷ୍କରିଣୀରୁ ପାଇପ୍ ଯୋଗେ ପାଣି ଖାଲି କରାଯାଇଥିଲା। ପାଣି ଖାଲି ହେବା ପରେ ମାଟି ପରୀକ୍ଷା ହୋଇଥିଲା। ପରୀକ୍ଷା ପରେ ସ୍ଥିତି ଦେଖି ଡିଜାଇନ୍‌ରେ ପରିବର୍ତ୍ତନ କରିବାକୁ ନିଷ୍ପତ୍ତି ନେଇଥିଲା ଓବିସିସି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ପାଣି ଖାଲି ହେବା ପରେ ପୁରୁଣା ରିଟେନିଂ ୱାଲ୍‌ର ପଥର ଦୁର୍ବଳ ହୋଇଯାଇଥିବା ଜଣାପଡ଼ିଥିଲା। ତେଣୁ ପୁଷ୍କରିଣୀର ପୂର୍ବ ଡିଜାଇନ ଅନୁଯାୟୀ, କାମ କରିବା ସମ୍ଭବ ନୁହେଁ ବୋଲି ଓବିସିସିର ଯନ୍ତ୍ରୀ ସ୍ପଷ୍ଟ କରିଥିଲେ। ତେଣୁ ସେତେବେଳର ନିଷ୍ପତ୍ତି ମୁତାବକ ଅନୁଦାନ ରାଶି ୨କୋଟି ୧୬ ଲକ୍ଷରୁ ୪ କୋଟି ୧୩ଲକ୍ଷ ୩୫ ହଜାର ୪୪୬ ଟଙ୍କା, ଅର୍ଥାତ୍ ଦୁଇଗୁଣା ବୃଦ୍ଧି ପାଇଥିବାବେଳେ ୬ ମାସରେ କାମ ସାରିବାକୁ ଲକ୍ଷ୍ୟ ଧାର୍ଯ୍ୟ ରହିଥିଲା। ହେଲେ ଏବେ ସେହିଭଳି ପରିତ୍ୟକ୍ତ ଅବସ୍ଥାରେ ପଡ଼ିରହିଛି ପଥର ପୋଖରୀ।

ଶ୍ରୀକ୍ଷେତ୍ରର ପ୍ରବେଶ ପଥ ଅଠରନଳା ନିକଟରେ ରହିଛି ମା' ଆଲାମଚଣ୍ଡୀଙ୍କ ମନ୍ଦିର। ମନ୍ଦିର ସମ୍ମୁଖ ଭାଗରେ ରହିଛି ଏହି ପୁଷ୍କରିଣୀ। ଏହାକୁ ମଧ୍ୟ କେହି କେହି ମା' ଆଲାମଚଣ୍ଡୀଙ୍କ ପୁଷ୍କରିଣୀ କହିଥା'ନ୍ତି। ଏହି ପଥର ପୋଖରୀ ନବକଳେବର ସହ ଜଡ଼ିତ। ମହାପ୍ରଭୁଙ୍କ ନବକଳେବର ଦଇତାପତିମାନେ ବନଯାଗ ଯାତ୍ରାରେ ଦାରୁ ନେଇ ଫେରିବାବେଳେ ଏଇଠାରେ ବିଶ୍ରାମ ନେଇ ପୁଷ୍କରିଣୀରେ ସ୍ନାନ କରନ୍ତି। ସେଠାରେ ଅଟକିଥିବା ଦାରୁ ଶ୍ରୀକ୍ଷେତ୍ର ଅଭିମୁଖେ ଯାତ୍ରା ଆରମ୍ଭ କରେ। ମାତ୍ର ଐତିହ୍ୟ ଗୁରୁତ୍ୱ ବହନ କରୁଥିବା ଏହି ପୁଷ୍କରିଣୀ ପର୍ଯ୍ୟଟକଙ୍କ ଆଢୁଆଳରେ ରହିଯାଇଛି। ନବକଳେବର ଯାତ୍ରାକୁ ଦୃଷ୍ଟିରେ ରଖି ୨୦୧୩ରେ ପର୍ଯ୍ୟଟନ ବିଭାଗ ପକ୍ଷରୁ ପୋଖରୀର ପୁନରୁଦ୍ଧାର ଲାଗି ପଦକ୍ଷେପ ନିଆଯାଇଥିଲା। ଏଥିଲାଗି ୨୬ଲକ୍ଷ ୫୨ହଜାର ଟଙ୍କା ବ୍ୟୟ ଅଟକଳ ହୋଇଥିଲା। ଏହି ଅନୁଦାନରେ ପୋଖରୀର ପୁନରୁଦ୍ଧାର, ପାହାଚ, ଚତୁଃପାଶ୍ୱର୍ରେ ୩ ଫୁଟ୍‌ର ପାଚେରି, ଲ୍ୟାଣ୍ଡ ସ୍କେପିଂ ଓ ଉଜ୍ଜ୍ୱଳ ଆଲୋକୀକରଣ ବ୍ୟବସ୍ଥା ରହିଥିଲା। ୨୦୧୪ରେ ପୋଖରୀରୁ ପଙ୍କୋଦ୍ଧାର ସହ ଲ୍ୟାଣ୍ଡ ସ୍କେପିଂ, ଉଜ୍ଜ୍ୱଳ ଆଲୋକୀକରଣ, ପାଚେରି ଆଦି କରାଯାଇଥିଲା। ଏହି କାମ ୨୦୧୫ ମାର୍ଚ୍ଚରେ ସରିଥିଲା। କିନ୍ତୁ ପୋଖରୀର ପୁନରୁଦ୍ଧାର ସତ୍ତ୍ୱେ ପାଣି ପ୍ରଦୂଷିତ ରହିବାରୁ ନବକଳେବର ବେଳେ ଦଇତାପତିମାନେ ସ୍ନାନ ପାଇଁ ବ୍ୟବହାର କରିପାରି ନ ଥିଲେ। ନବକଳେବର ଯାତ୍ରା ଶେଷ ପରେ ପୋଖରୀର ରକ୍ଷଣାବେକ୍ଷଣ ପ୍ରତି ଦୃଷ୍ଟି ଦିଆଗଲା ନାହିଁ। ୨୦୧୬ ବର୍ଷା ଦିନରେ ଏହାର ଦକ୍ଷିଣ ପାଶ୍ୱର୍ ପାଚେରି ଭୁଶୁଡ଼ି ପଡ଼ିଲା। ଏହି ପାଚେରିର ମରାମତି କରାଯାଇ ନ ଥିବାବେଳେ ପୋଖରୀକୁ ତିନି ପାଶ୍ୱର୍ରୁ ଜବରଦଖଲ କରାଯାଇଛି।

ଶ୍ରୀମନ୍ଦିରରେ 'ପଞ୍ଚକ ବ୍ରତ' ଆଲୋଚନା ମେଳା

## ମହାପ୍ରଭୁଙ୍କର କାର୍ତ୍ତିକ ବ୍ରତ ଓ ଏକାଦଶୀ ଅଧିକ ପ୍ରିୟ

ପୁରୀ,୩ା୧୧(ସମିସ): ଶ୍ରୀଜଗନ୍ନାଥ ଭକ୍ତ ସମାଜ ତରଫରୁ ସ୍ଥାନୀୟ ହାବେଳୀ ଗଳିସ୍ଥିତ ଅନୁଷ୍ଠାନର କାର୍ଯ୍ୟାଳୟଠାରେ 'ଶ୍ରୀମନ୍ଦିରରେ ପଞ୍ଚକ ବ୍ରତ ଓ ମହାପ୍ରଭୁଙ୍କ ବେଶ ତଥା ଦେବୋତ୍ଥାପନ ଏକାଦଶୀ' ସମ୍ପର୍କରେ ଏକ ଆଲୋଚନାଚକ୍ର ଅନୁଷ୍ଠାନର ସଭାପତି ଶଙ୍କର୍ଷଣ ମଙ୍ଗରାଜଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି ଭାବେ ବୀର ଅନନ୍ତ ପଣ୍ଡା ଯୋଗଦେଇ କରୁଣାମୟ ମହାପ୍ରଭୁଙ୍କର କାର୍ତ୍ତିକ ବ୍ରତ ଓ ଏକାଦଶୀ ସବୁଠାରୁ ଅଧିକ ପ୍ରିୟ ବୋଲି କହିବା ସହ ଯେଉଁମାନେ କାର୍ତ୍ତିକ ହବିଷ୍ୟ କରି ନ ପାରନ୍ତି ସେମାନେ ପଞ୍ଚକ ବ୍ରତକୁ ନିଷ୍ଠାର ସହିତ ପାଳନ କଲେ କାର୍ତ୍ତିକ ବ୍ରତର ଫଳପ୍ରାପ୍ତ ହୁଅନ୍ତି ବୋଲି କହିଥିଲେ। ବିଶିଷ୍ଟ ଅତିଥି ଭାବେ ଡ. ବଳରାମ ଦାଶ ଯୋଗଦେଇ ପଞ୍ଚକକୁ ଭୀଷ୍ମ ପଞ୍ଚକ ତଥା ବକ ପଞ୍ଚକ କହିବାର ତାତ୍ପର୍ଯ୍ୟକୁ ବାଖ୍ୟା କରିଥିଲେ। ମୁଖ୍ୟବକ୍ତା ଭାବେ ଡ. ପ୍ରଦୀପ ଚନ୍ଦ୍ର ଆଚାର୍ଯ୍ୟ ଯୋଗଦେଇ ପଞ୍ଚକରେ ମହାପ୍ରଭୁଙ୍କର ସ୍ୱତନ୍ତ୍ର ପାଞ୍ଚଟି ବେଶ ଯଥା ଏକାଦଶୀରେ ଲକ୍ଷ୍ମୀନାରାୟଣ ବେଶ ବା ଠିଆକିଆ ବେଶ, ଦ୍ୱାଦଶୀରେ ବାଙ୍କଚୂଡ଼ା ବେଶ, ତ୍ରୟୋଦଶୀରେ ତ୍ରିବିକ୍ରମ ବେଶ ବା ଡାଳିକିଆ ବେଶ, ଚତୁର୍ଦ୍ଦଶୀ ଦିନ ଲକ୍ଷ୍ମୀନୃସିଂହ ବେଶ ବା ଆଡିକିଆ ବେଶ ଓ ପୂର୍ଣ୍ଣିମା ଦିନ ରାଜରାଜେଶ୍ୱର ବା ସୁନା ବେଶରେ ଦର୍ଶନ ଦେଇଥାଆନ୍ତି।

ଏହି ଦିବ୍ୟ ବେଶରେ ମହାପ୍ରଭୁଙ୍କୁ ଦର୍ଶନ କଲେ ସାଯୁର୍ଯ୍ୟ ମୁକ୍ତି ମିଳିଥାଏ ବୋଲି ସେ ମତବ୍ୟକ୍ତ କରିଥିଲେ। ସମ୍ପାଦକ ଡ. ଶଶିକାନ୍ତ ରଥ ସଭା ପରିଚାଳନା କରିଥିଲେ। ସୁଶ୍ରୀ ପୁଷ୍ପିତା ପଟ୍ଟନାୟକ, କାର୍ତ୍ତିକ ସାହୁ, ଡ. ସ୍ନେହଲତା ମହାପାତ୍ର, ଶିବପ୍ରସାଦ ସ୍ୱାଇଁ, ସୁଦର୍ଶନ ବାରିକ ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରିଥିଲେ।

## ଉଚ୍ଚ ଅଟ୍ଟାଳିକା ନିର୍ମାଣ ପାଇଁ ଦବୁଛି ରାସ୍ତା

### ପୌର କର୍ତ୍ତୃପକ୍ଷଙ୍କୁ ଫେରାଦ୍ ହେଲା ଆପ୍

ପୁରୀ,୩ା୧୧(ସମିସ): ପୁରୀ ସହରରେ ବେଆଇନ ଭାବେ ଅନେକ ନିର୍ମାଣ କରାଯାଉଛି। କିଏ ସିଆର୍‌ଜେଡ୍ ନିୟମ ଉଲ୍ଲଂଘନ କରୁଛନ୍ତି ତ ଆଉ କେହି ବିନା ପ୍ଲାନିଂରେ ଘର ନିର୍ମାଣ କରୁଛନ୍ତି। ଏପରିକି ବିଭିନ୍ନ ସ୍ଥାନରେ ବେଆଇନ ଭାବେ ଉଚ୍ଚ ଅଟ୍ଟାଳିକା ନିର୍ମାଣ କରାଯାଉଛି। ଫଳରେ ଏହା ନିକଟବର୍ତ୍ତୀ ଛୋଟ ଛୋଟ ରାସ୍ତା ଦବିବାରେ ଲାଗିଛି। ଏଥିପ୍ରତି କେହି ବିଶେଷ ଧ୍ୟାନ ଦେଉନାହାନ୍ତି। ଯେହେତୁ ରାସ୍ତା ସର୍ବସାଧାରଣଙ୍କର ତେଣୁ ଉତ୍ତରଦାୟୀ ଭାବେ କେହି ଆଗକୁ ଆସୁନାହାନ୍ତି। ଏମିତି ଏକ ଅଭିଯୋଗ ନେଇ ସୋମବାର ପୁରୀ ପୌରସଂସ୍ଥା କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ନିକଟରେ ଫେରାଦ୍ ହୋଇଛି ଆମ୍ ଆଦ୍‌ମୀ ପାର୍ଟି(ଆପ୍)।

ଏହି ମର୍ମରେ ଆପ୍ ପୁରୀ ଜିଲ୍ଲା ସଭାପତି ସଞ୍ଜୀବ କୁମାର ମହାନ୍ତି ପୌରସଂସ୍ଥା କାର୍ଯ୍ୟନିର୍ବାହୀ ଅଧିକାରୀ ଅଭିମନ୍ୟୁ ବେହେରାଙ୍କୁ ଦେଇଥିବା ପତ୍ରରେ ଉଲ୍ଲେଖ କରିଛନ୍ତି ଯେ, ସୁନାର ଗୌରାଙ୍ଗ ସମ୍ମୁଖ ରାସ୍ତା ଯାହା ସମୁଦ୍ରକୂଳ ପର୍ଯ୍ୟନ୍ତ ଯାଇଛି ତାହାର ଚଉଡ଼ା ମାତ୍ର ୧୫ରୁ ୨୦ ଫୁଟ୍। ଏହି ରାସ୍ତା ବର୍ତ୍ତମାନ ଦବି ଗଲାଣି। ବିରାଟ ବିରାଟ ଅଟ୍ଟାଳିକାମାନ ତିଆରି ହେବା ଏହି ରାସ୍ତା ଦବିବାର ପ୍ରମୁଖ କାରଣ। ତେବେ ଏଠାରେ ପ୍ରଶ୍ନ ଉଠୁଛି ଏତେ ଉଚ୍ଚ ଅଟ୍ଟାଳିକାକୁ ଏହି ରାସ୍ତାରେ ନିର୍ମାଣ ପାଇଁ ଅନୁମତି ଦେଲା କିଏ? ଏହା ସମ୍ପୂର୍ଣ୍ଣ ରୂପେ ସିଆର୍‌ଜେଡ୍‌ର ଉଲ୍ଲଂଘନ। ଯଦି ସିପସରୁବାଲି ମୌଜାରେ ହେଉଥିବା ଅଟ୍ଟାଳିକା ଉପରେ ହାଇକୋର୍ଟ ରୋକ୍ ଲଗାଇଛନ୍ତି ତେବେ ପୌରସଂସ୍ଥା ଅନ୍ତର୍ଗତ ଏହି ଅଞ୍ଚଳ ପାଇଁ ସରକାରୀ ଅଧିକାରୀ ଚୁପ୍ କାହିଁକି? ଆଜି ଯଦି ଏମାନେ ସରକାରୀ ନିୟମ ମାନୁନାହାନ୍ତି ତେବେ ଆଗାମୀ ଦିନରେ ରାସ୍ତା ଧସେଇ ଗଲେ ଯେଉଁ କ୍ଷୟକ୍ଷତି ହେବ ସେଥିପାଇଁ ପୌରସଂସ୍ଥା ଉତ୍ତରଦାୟୀ ରହିବ ତ? ଏହିଭଳି ନିର୍ମିତ ହେଉଥିବା ଅଟ୍ଟାଳିକାର କାଗଜପତ୍ର ଓ ସରକାରୀ ଅନୁମତି ଯାଞ୍ଚ କରି ତୁରନ୍ତ ସେହି ରାସ୍ତା ଓ ଧନଜୀବନକୁ ସୁରକ୍ଷା ଦେବା ପୌର କର୍ତ୍ତୃପକ୍ଷ ଯତ୍ନବାନ ହୋଇ ସତ ସାମ୍ନାକୁ ଆଣନ୍ତୁ। ଯଦି ଏଥିରେ କିଛି ଅନିୟମିତତା ହୋଇଛି ସମ୍ପୃକ୍ତ ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଶ୍ରୀ ମହାନ୍ତି ଅନୁରୋଧ କରିଛନ୍ତି।

ଶ୍ରୀସଦାଶିବ ପରିସରରେ ରାଷ୍ଟ୍ରୀୟ ମହିଳା ସମ୍ମିଳନୀ ଉଦ୍‌ଘାଟିତ

## ଧରଣୀ ପରି ନାରୀ ସହନ ଶକ୍ତିର ଆଧାର

ପୁରୀ,୩ା୧୧(ସମିସ): କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ ଶ୍ରୀସଦାଶିବ ପରିସର ଆନୁକୂଲ୍ୟରେ ପରିସରର ନିର୍ଦ୍ଦେଶକ ପ୍ରଫେସର ପ୍ରଭାତ କୁମାର ମହାପାତ୍ରଙ୍କ ଅଧ୍ୟକ୍ଷତାରେ 'ସମର୍ଥ ନାରୀ ସମୃଦ୍ଧ ଭାରତ' ଶୀର୍ଷକ ଦ୍ୱିଦିବସୀୟ ରାଷ୍ଟ୍ରୀୟ ମହିଳା ସମ୍ମିଳନୀ ସୋମବାର ଉଦ୍‌ଘାଟିତ ହୋଇଯାଇଛି। ଛାତ୍ରୀ ମାଧବୀ ମଞ୍ଜରୀଙ୍କ ମଙ୍ଗଳାଚରଣ ଓ ବିଶ୍ୱବିଦ୍ୟାଳୟର କୁଳଗୀତ ଗାନ ପୂର୍ବକ ଏହା ଆରମ୍ଭ ହୋଇଥିଲା। ଉଦ୍‌ଘାଟନୀ ଅଧିବେଶନରେ ମୁଖ୍ୟଅତିଥି ଭାବେ ଉତ୍କଳ ବିଶ୍ୱବିଦ୍ୟାଳୟର ପ୍ରାକ୍ତନ କୁଳପତି ପ୍ରଫେସର ସବିତା ଆଚାର୍ଯ୍ୟ, ସମ୍ମାନିତ ଅତିଥି ଭାବେ ଓଡ଼ିଶା ପ୍ରଶାସନିକ ସେବା ଅଧିକାରୀ ଡ. ଜ୍ୟୋତ୍ସ୍ନାରାଣୀ ପାତ୍ର, ବିଶିଷ୍ଟ ଅତିଥି ରୂପେ ବରିଷ୍ଠ ଚଳଚ୍ଚିତ୍ର ଅଭିନେତ୍ରୀ ପୁଷ୍ପା ପଣ୍ଡା, ଚଳଚ୍ଚିତ୍ର ପ୍ରଯୋଜିକା ତଥା ଅଭିନେତ୍ରୀ ସୌଭାଗ୍ୟଲକ୍ଷ୍ମୀ (ବିନି) ସାମଲ ପ୍ରମୁଖ ଯୋଗଦେଇ କହିଥିଲେ, ନାରୀ ସର୍ବ ଶକ୍ତିବାନ୍ ସାଜି ସମସ୍ତ ଦହଗଞ୍ଜକୁ ଏକାକୀ ସହ୍ୟକରି ଅନ୍ୟମାନଙ୍କ ମୁଖରେ ସୁଖଶାନ୍ତି ବଜାୟ ରଖିଥାଏ। ସେ ଧୈର୍ଯ୍ୟର ମୂର୍ତ୍ତି, ଧରଣୀ ପରି ସହନଶକ୍ତିର ଆଧାରରେ ପ୍ରତ୍ୟେକ କାର୍ଯ୍ୟକୁ ସୂଚାରୁ ରୂପେ ପ୍ରତିପାଦନ କରିବା ସହ ସମସ୍ତ ଗୁରୁଦାୟିତ୍ୱ ବହନ କରିବାରେ ସାମର୍ଥ୍ୟ



ହାସଲ କରିପାରିଛି। ନାରୀର ଉନ୍ନତିରେ ଦେଶର ଉନ୍ନତି ବିକଶିତ ହୋଇଥାଏ। ପ୍ରତିଟି କାର୍ଯ୍ୟରେ ନାରୀ ଜାତିର ଭୂମିକା ମହତ୍ୱ ଅତ୍ୟଧିକ ରହିଥାଏ। ନାରୀ ସମ୍ପୂର୍ଣ୍ଣ ତ୍ୟାଗ ଓ ସର୍ମପଣ ଭାବ ନେଇ ସଂକଳ୍ପବଦ୍ଧ ହୋଇ କାମ କରିଥା'ନ୍ତି। ପର ଆପଣା ଭେଦଭାବ ନ ରଖି ନିଃସ୍ୱାର୍ଥପର ଭାବନା ସହ ପରିବାର ସମାଜସେବା ଓ ଦେଶର ପ୍ରଗତି ପାଇଁ ଆଗ୍ରହୀ ହୋଇଥାଏ ବୋଲି ଅତିଥିମାନେ ନିଜ ନିଜର ବକ୍ତବ୍ୟରେ ମତ ରଖିଥିଲେ। ଏହି ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ସ୍ୱାଗତ ଭାଷଣ ସମ୍ମେଳନର ସଂଯୋଜିକା ପ୍ରଫେସର ନିର୍ମଳା ପାଣିଗ୍ରାହୀ ପ୍ରଦାନ କରିଥିଲାବେଳେ ଧନ୍ୟବାଦ ଅର୍ପଣ କରିଥିଲେ ପ୍ରଫେସର ଗୌରପ୍ରିୟା ଦାଶ। ମଞ୍ଚ ସଞ୍ଚାଳନ କରିଥିଲେ ଡ. ସ୍ୱାଗତିକା ମହାନ୍ତି। ସୂଚନାଯୋଗ୍ୟ ଯେ, ଏହି ଦ୍ୱିଦିବସୀୟ କାର୍ଯ୍ୟକ୍ରମର ପ୍ରଥମ ଦିବସରେ ଦେଶର ବିଭିନ୍ନ ପ୍ରାନ୍ତରୁ ସଫଳତାପ୍ରାପ୍ତ ନାରୀ ପ୍ରତିଭାମାନେ ଅଂଶଗ୍ରହଣ କରି 'ମହିଳାଙ୍କ ମୁକ୍ତି ସେମାନଙ୍କ ପାଇଁ ଉପହାର ନୁହେଁ ବରଂ ମାନବିକତା', ସମ୍ବେଦନଶୀଳତାରୁ ନେତୃତ୍ୱ ପର୍ଯ୍ୟନ୍ତ ଏକ ସଶକ୍ତ ନାରୀର ପରିଚୟ, ସଶକ୍ତ ମହିଳା ପରିବାରରୁ ସମାଜ ପର୍ଯ୍ୟନ୍ତ ପରିବର୍ତ୍ତନର ବାହକ, ସ୍ମାର୍ଟ ମହିଳା, ସ୍ମାର୍ଟ ରାଷ୍ଟ୍ର, ଶୀର୍ଷକ ବିନ୍ଦୁରେ ଚର୍ଚ୍ଚା କରିଥିଲେ।

## ୨୩ରୁ କବାଡ଼ି ଟୁର୍ଣ୍ଣାମେଣ୍ଟ

ପୁରୀ,୩ା୧୧(ସମିସ): ନିତା ସ୍ପୋର୍ଟ୍ସ ଏକାଡେମୀ ଆନୁକୂଲ୍ୟରେ ପୁରୀ ଜିଲ୍ଲା ସ୍କୁଲ ସ୍ପୋର୍ଟ୍ସ ଜୋନ୍, ପୁରୀ ଜିଲ୍ଲା ଆଥ୍‌ଲେଟିକ୍ ଆସୋସିଏସନ୍ ଏବଂ ଓଡ଼ିଶା କବାଡ଼ି ଆସୋସିଏସନ ସହଯୋଗରେ କବାଡ଼ି ଟୁର୍ଣ୍ଣାମେଣ୍ଟ ଆସନ୍ତା ୨୩ରୁ ୩୦ ତାରିଖ ପର୍ଯ୍ୟନ୍ତ ଜିଲ୍ଲା ସ୍କୁଲ ଖେଳ ପଡ଼ିଆରେ ଅନୁଷ୍ଠିତ ହେବ। ଏହି ଟୁର୍ଣ୍ଣାମେଣ୍ଟରେ ୪ଟି ୧୯ ବର୍ଷରୁ କମ୍ ବାଳିକା ଦଳ ଓ ୪ଟି ୧୭ ବର୍ଷରୁ କମ୍ ବାଳକ ଦଳ ଲିଗ୍ ମାଧ୍ୟମରେ ଖେଳିବେ। ଭାଗ ନେଉଥିବା ୮ଟି ଦଳକୁ ୮ ଜଣ ଫ୍ରାଞ୍ଚାଇଜ୍ ନେଉଥିବାବେଳେ ସେମାନଙ୍କ ମନମୁତାବକ ନାମକରଣ କରାଯାଇଛି। ରାଜକିଶୋର ପାତ୍ରଙ୍କ ଦଳ ଓଡ୍ରା, ଅଭିଷେକ ପଣ୍ଡାଙ୍କ ଦଳ ମା'କୃଷ୍ଣ କାଳୀ, ଆଡ୍‌ଭୋକେଟ ଭଗବାନ ପଢ଼ିଆରୀଙ୍କ ଦଳ ପୁରୀ ୱାରିୟର୍ସ, ଆଡ୍‌ଭୋକେଟ ଦୀପକ ଦାସଙ୍କ ଦଳ ମହାବୀର ଯୋଦ୍ଧା, ଆଡ୍‌ଭୋକେଟ ଆତ୍ମାରଞ୍ଜନ ମହାନ୍ତିଙ୍କ ଦଳ ପୁରୀ ଚ୍ୟାଲେଞ୍ଜର, ଅମରେନ୍ଦ୍ର ପାଇକରାଏଙ୍କ ଦଳ ମହୋଦଧି ଥଣ୍ଡର ଷ୍ଟୋର୍, ପୂର୍ଣ୍ଣ ଚନ୍ଦ୍ର ଦାଶଙ୍କ ଦଳ କଳିଙ୍ଗ ଯୋଦ୍ଧା ହୋଇଥିବାବେଳେ ଇଂ. ସୁବ୍ରତ ଦାସଙ୍କ ଦଳ ନିତା ସ୍ପୋର୍ଟ୍ସ ଏକାଡେମୀ ରହିଛି। ତୃଣମୂଳସ୍ତରରେ କବାଡ଼ି ଖେଳକୁ ପ୍ରୋତ୍ସାହନ ଦେବା ସହିତ ପୁରୀରେ କବାଡ଼ି ଖେଳକୁ ପୁନରୁଦ୍ଧାର କରିବା ଏହି ଟୁର୍ଣ୍ଣାମେଣ୍ଟର ମୂଳ ଉଦ୍ଦେଶ୍ୟ। ଏହି ପ୍ରତିଯୋଗିତା ପାଇଁ ହଲିଡେ' ରିସୋର୍ଟରେ ଜର୍ସି ଉନ୍ମୋଚନ ହୋଇଯାଇଛି। ମୁଖ୍ୟଅତିଥି ଭାବେ ପୂର୍ବତନ ବିଧାୟକ ଜୟନ୍ତ କୁମାର ଷଡ଼ଙ୍ଗୀ, ସମସ୍ତ ଫ୍ରାଞ୍ଚାଇଜ୍, କୋଚ୍, ରେଫରୀ, ଅଫିସିଆଲ ଉପସ୍ଥିତ ଥିଲେ। ନିତା ସ୍ପୋର୍ଟ୍ସ ଏକାଡେମୀ ତରଫରୁ ମହମ୍ମଦ ଶାହିଦ ଜାବର, ଅରୁଣ ତ୍ରିପାଠୀ, ଶେଫାଳି ପତି, ଗାୟତ୍ରୀ ସେଠୀ, ଜିତେନ୍ଦ୍ର ବେହେରା ଓ ସମ୍ପାଦକ ଆଡ୍‌ଭୋକେଟ ସତ୍ୟବ୍ରତ ଷଡ଼ଙ୍ଗୀ ଉପସ୍ଥିତ ଥିଲେ।

• ବଡ଼ ଏକାଦଶୀରେ ପାଇଲେନି ଅବଢ଼ା

## କ୍ଷୋଭ ପ୍ରକାଶ କଲେ ପୁରୀବାସୀ

ପୁରୀ,୩ା୧୧(ସମିସ): ଆରମ୍ଭ ହୋଇଛି ପଞ୍ଚୁକ। ଶ୍ରୀମନ୍ଦିରରେ ମହାପ୍ରଭୁଙ୍କ ଦର୍ଶନ ପାଇଁ ହଜାର ହଜାର ଭକ୍ତଙ୍କ ସମାଗମ ହେଉଛି। ହେଲେ ଦୁର୍ଭାଗ୍ୟର ବିଷୟ ଦର୍ଶନ ବ୍ୟବସ୍ଥା ଶୃଙ୍ଖଳିତ କରିବାରେ ପ୍ରଶାସନ ଫେଲ୍ ମାରିଛି। ଫଳରେ କିଏ ଲମ୍ବା ଲାଇନ୍‌ରେ ଘଣ୍ଟା ଘଣ୍ଟା ଧରି ଛିଡ଼ା ହୋଇ ଥକିଯାଉଛି ତ ଆଉ କିଏ ମହାପ୍ରଭୁଙ୍କ ଦର୍ଶନ ପାଇଁ ଆସି ମନ୍ଦିର ଭିତରୁ ଏପରିକି ବାହାରୁ ଫେରିଯାଇଛନ୍ତି। ତେବେ ସବୁଠୁ ଅଧିକ କଷ୍ଟ ପାଇଛନ୍ତି ପୁରୀ ସହରବାସୀ ବୋଲି ଅଭିଯୋଗ ହୋଇଛି। ଠାକୁରଙ୍କ ଦର୍ଶନ ତ ପାଇଲେ ନାହିଁ ବଡ଼ ଏକାଦଶୀରେ ଅବଢ଼ା ମଧ୍ୟ ଅନେକ ପାଇପାରି ନାହାନ୍ତି ବୋଲି କହିଛନ୍ତି ବୁଦ୍ଧିଜୀବୀ ସ୍ୱାଧୀନ କୁମାର ପଣ୍ଡା। ଶ୍ରୀ ପଣ୍ଡା କହିଛନ୍ତି, ରବିବାର ପୁରୀବାସୀ ବହୁ କଷ୍ଟ ପାଇଛନ୍ତି। ବଡ଼ ଏକାଦଶୀରେ ଅଧିକାଂଶ ବ୍ୟକ୍ତି ଉପବାସ କରିଥା'ନ୍ତି। ସନ୍ଧ୍ୟାବେଳେ ଥରୁଟିଏ ମହାପ୍ରସାଦ ସେବନ କରିଥା'ନ୍ତି। ଅନେକ ପରିବାରର ବୟସ୍କ ମହିଳା ଘରେ ରହୁଛନ୍ତି। ସେମାନେ ନିଶ୍ଚିତ ପାଇବା କଥା। କିନ୍ତୁ ସେମାନଙ୍କ ପାଇଁ ପ୍ରଶାସନ ଆଦୌ ଚିନ୍ତା କରି ନ ଥିଲା। ସହରବାସୀ କେବଳ ମହାପ୍ରସାଦ ଆଣିବାକୁ ଯାଇ ନାକେଦମ୍ ହୋଇପଡ଼ିଛନ୍ତି। ଚାରିଦ୍ୱାର ବୁଲିଲେ ବି ସେମାନଙ୍କୁ ଭିତରକୁ ଛଡ଼ାଯାଇ ନ ଥିଲା। ଏମିତିକି ଅନେକ ବୟସ୍କ ମହିଳା ମଧ୍ୟ ବିଭିନ୍ନ ଦ୍ୱାରରେ ଥିବା ସୁରକ୍ଷା କର୍ମୀଙ୍କୁ କେବଳ ମହାପ୍ରସାଦ ପାଇବା ପାଇଁ ଭିତରକୁ ଛାଡ଼ ବୋଲି କହିଥିଲେ ମଧ୍ୟ କେହି ଶୁଣି ନ ଥିଲେ। କିନ୍ତୁ ଦୁଃଖର ବିଷୟ ଭିଆଇପିମାନଙ୍କୁ ଛଡ଼ାଯାଉଥିଲା। ମାର୍କେଟ ଛକ ପର୍ଯ୍ୟନ୍ତ ଲମ୍ବା ଲାଇନ୍‌ରେ ୬/୭ ଘଣ୍ଟା କେବଳ ଅବଢ଼ା ପାଇଁ ଠିଆ ହେବା ସମ୍ଭବ ନୁହେଁ ବୋଲି କହିଛନ୍ତି ସ୍ୱାଧୀନ। ପୁରୀବାସୀଙ୍କ ପାଇଁ ପ୍ରଶାସନ ସ୍ୱତନ୍ତ୍ର ଭାବେ କିଛି ବ୍ୟବସ୍ଥା କରିବା ଦରକାର। ପୂର୍ବରୁ ଯେଭଳି ପଶ୍ଚିମ ଦ୍ୱାରରେ ପରିଚୟପତ୍ର ଦେଖାଇ ପୁରୀବାସୀଙ୍କୁ ଛଡ଼ାଯାଉଥିଲା ସେଭଳି ହେବା ପାଇଁ କହିଥିଲେ।

ପଞ୍ଚକ ମହୋତ୍ସବର ଦ୍ୱିତୀୟ ସନ୍ଧ୍ୟା

## ନୃତ୍ୟ, ସଙ୍ଗୀତରେ କମ୍ପିଲା ବଡ଼ଦାଣ୍ଡ

ପୁରୀ,୩ା୧୧(ସମିସ): ପଞ୍ଚକ ମହୋତ୍ସବ କମିଟି ପକ୍ଷରୁ ମାଉସୀ ମା' ମନ୍ଦିର ସମ୍ମୁଖରେ ଚାଲିଥିବା ପଞ୍ଚକ ମହୋତ୍ସବର ସୋମବାର ଦ୍ୱିତୀୟ ସନ୍ଧ୍ୟାରେ ଅନୁଷ୍ଠିତ ନୃତ୍ୟ ସଙ୍ଗୀତରେ କମ୍ପିଥିଲା ବଡ଼ଦାଣ୍ଡ। ପ୍ରାରମ୍ଭରେ ଶ୍ରୀକ୍ଷେତ୍ରର ଅଗ୍ରଣୀ ସଙ୍ଗୀତ ଅନୁଷ୍ଠାନ "ଦୟାନିଧି ସଙ୍ଗୀତ ସୁଧା'ର କଣ୍ଠଶିଳ୍ପୀମାନେ ଗୁରୁ ପ୍ରକାଶ କୁମାର ରଥଙ୍କ ସଂଯୋଜନାରେ ଶ୍ରୀଜଗନ୍ନାଥ ମହାପ୍ରଭୁ ଏବଂ ମାଉସୀ ମା'ଙ୍କ ଉଦ୍ଦେଶ୍ୟରେ ଭକ୍ତି ସଙ୍ଗୀତ ପରିବେଷଣ କରି ଜଗନ୍ନାଥପ୍ରେମୀ, କାର୍ତ୍ତିକ ବ୍ରତାଚାରୀ ତଥା ସଙ୍ଗୀତ ପ୍ରେମୀମାନଙ୍କୁ ମନ୍ତ୍ରମୁଗ୍ଧ କରିଥିଲେ। ପରେ ପଣ୍ଡିତ ଲଳିତ ମୋହନ ମହାପାତ୍ରଙ୍କ ପ୍ରବଚନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି ଅବସରରେ ଆୟୋଜିତ ସଭାକାର୍ଯ୍ୟରେ ଅତିଥି ଭାବେ ଯୋଗଦେଇ ଅତିଥିମାନେ ପଞ୍ଚକ ପାଞ୍ଚ ଦିନର ମହତ୍ତ୍ୱ ବିଷୟରେ ତଥ୍ୟ ଉପସ୍ଥାପନ କରିଥିଲେ। ଶ୍ରୀକ୍ଷେତ୍ରର ଆଧ୍ୟାତ୍ମିକ ଜାଗରଣରେ ପଞ୍ଚକ ମହୋତ୍ସବ ସହାୟକ ହୋଇପାରିଛି ବୋଲି ମତବ୍ୟକ୍ତ କରିଛନ୍ତି ବିଧାୟକ ସୁନିଲ କୁମାର ମହାନ୍ତି। ଏଭଳି ମହୋତ୍ସବ ଆୟୋଜନ ଦ୍ୱାରା ବଡ଼ଦାଣ୍ଡରେ ଏକ ସୁସ୍ଥ ବାତାବରଣ ସୃଷ୍ଟି ହୋଇଛି ବୋଲି ସେ କହିଥିଲେ। ରାଧାବଲ୍ଲଭ ମଠାଧୀଶ ରାମକୃଷ୍ଣ ଦାସ ମହାରାଜ ଏବଂ ସୂଚନା ଓ ଲୋକ ସମ୍ପର୍କ ବିଭାଗର ଉପନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ଏହି ଅବସରରେ ଲଳିତ ମୋହନ ମହାପାତ୍ର, ପ୍ରକାଶ ରଥ, ଜଗନ୍ନାଥ ମିଶ୍ରଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଶେଷରେ ଲିଙ୍ଗରାଜ କଳା ନିକେତନ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ପଞ୍ଚକ ମହୋତ୍ସବ କମିଟିର ସଭାପତି ଜଗନ୍ନାଥ ଦାସ ମହାପାତ୍ର, କାର୍ଯ୍ୟକାରୀ ସଭାପତି ବିରେନ୍ଦ୍ର କୁମାର ଶାସ୍ତ୍ରୀ, ସମ୍ପାଦକ ରାମଚନ୍ଦ୍ର ଦୋରା, କୋଷାଧ୍ୟକ୍ଷ ଗୋପୀନାଥ ମହାନ୍ତି, ଅଭ୍ୟର୍ଥନା କମିଟି ଅଧ୍ୟକ୍ଷ ଚକ୍ରଧର ମହାପାତ୍ର, ସତ୍ୟ ଦାଶ, ଡ. ବିଶ୍ୱନାଥ ମିଶ୍ର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।




## ହବିଷ୍ୟାଳି ମା'ମାନେ ଆମ ସଂସ୍କୃତି ଓ ପରମ୍ପରାର ବାର୍ତ୍ତାବହ

ପୁରୀ,୩ା୧୧(ସମିସ):

ପ୍ରତିଟି ହବିଷ୍ୟାଳି ମା' ଆମ ସଂସ୍କୃତି ଓ ପରମ୍ପରା ବାର୍ତ୍ତାବହ। ମା' ସୁଭଦ୍ରା ପ୍ରେମ, କରୁଣା, ସମତା, ମମତା ଓ ସମନ୍ୱୟର ପ୍ରତୀକ ପରି ମା'ମାନେ ଜାୟା, ଜନନୀ, ଭଗିନୀ ରୂପରେ ଭକ୍ତି ଓ ସମର୍ପଣର ପ୍ରତୀକ। ମାଆମାନଙ୍କ ଧର୍ମୀୟ ଭାବନା ଓ ମହାପ୍ରଭୁଙ୍କ ପ୍ରତି ସମର୍ପଣ ଆମ ରାଜ୍ୟକୁ ଗୌରବାନ୍ୱିତ କରୁଥିବ ବୋଲି କହିଛନ୍ତି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା। ସୋମବାର ବୃନ୍ଦାବତୀ ନିବାସ ହବିଷ୍ୟାଳି କେନ୍ଦ୍ରରେ ହବିଷ୍ୟାଳି ମା'ମାନଙ୍କଠାରୁ ଆଶୀର୍ବାଦ ଗ୍ରହଣ ଓ ମା'ମାନଙ୍କୁ ଶୁଭେଚ୍ଛା ଜଣାଇବା ପାଇଁ ଉପମୁଖ୍ୟମନ୍ତ୍ରୀ ପହଞ୍ଚିଥିଲେ। ଏହି କାର୍ଯ୍ୟକ୍ରମର ଶୁଭାରମ୍ଭ କରି ଶ୍ରୀମତୀ ପରିଡ଼ା କାର୍ତ୍ତିକ ମାସରେ ହବିଷ୍ୟାଳି ମା'ମାନେ ଅତ୍ୟନ୍ତ ନିଷ୍ଠାର ସହ ଏହି ବ୍ରତକୁ ପାଳନ କରିଛନ୍ତି। ଭୋର୍‌ରୁ ସ୍ନାନ, ବୃନ୍ଦାବତୀ ପୂଜନ, ମନ୍ଦିର ଦର୍ଶନ, ଗୋଟିଏ ବେଳା ମହାପ୍ରସାଦ ସେବନ ସହ ମହାପ୍ରଭୁଙ୍କ ନିକଟରେ ନିଜକୁ ସମର୍ପଣ କରି ସେମାନେ ଅଶେଷ ପୁଣ୍ୟ ଅର୍ଜନ କରୁଛନ୍ତି। ସେମାନଙ୍କୁ ଦର୍ଶନ ପାଇଁ ମୁଁ ଧାଇଁ ଆସିଛି। ଆଜିର ସମୟରେ ଅନେକ ପିଲା ନିଜ ବାପା ମା'ଙ୍କ ସେବା କରୁନାହାନ୍ତି। କିନ୍ତୁ ହବିଷ୍ୟାଳି କେନ୍ଦ୍ରରେ ଏତେ ସଂଖ୍ୟକ ମା'ଙ୍କୁ ସରକାରୀ ଅଧିକାରୀ, କର୍ମଚାରୀ, ସ୍ୱେଚ୍ଛାସେବୀ ଯେପରି ପୂରା ମାସେ ନିଃସ୍ୱାର୍ଥ ସେବା ଯୋଗାଉଛନ୍ତି ତାହା ଅନନ୍ୟ। ଏଥିପାଇଁ ପ୍ରଶାସନ ଓ ଅନ୍ୟ ସମସ୍ତଙ୍କୁ ଧନ୍ୟବାଦ ଜଣାଇଥିଲେ।

ପୁରୀ ବିଧାୟକ ସୁନୀଲ କୁମାର ମହାନ୍ତି ହବିଷ୍ୟାଳି ମା'ମାନଙ୍କର ଏହି ଏକ ମାସର ବ୍ରତ କେବଳ ସେମାନଙ୍କ ପରିବାରକୁ ନୁହେଁ ସମଗ୍ର ରାଜ୍ୟକୁ ଆଶୀର୍ବାଦ ପ୍ରଦାନ କରିବ ବୋଲି କହିଥିଲେ। କାର୍ଯ୍ୟକ୍ରମରେ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା ସ୍ୱାଗତ ସହ ଏହି ଏକ ମାସର କାର୍ଯ୍ୟକ୍ରମକୁ ଶୃଙ୍ଖଳିତ ଭାବେ ଆୟୋଜନ କରିବାରେ ସମସ୍ତଙ୍କ ସହଯୋଗ ପାଇଁ କୃତଜ୍ଞତା ଜଣାଇଥିଲେ। ଓଡ଼ିଶାର ବିଭିନ୍ନ ଜିଲ୍ଲାରୁ ଆସିଥିବା ହବିଷ୍ୟାଳି ମା'ମାନଙ୍କ ସମସ୍ତ ବ୍ୟବସ୍ଥା କରାଯାଇଛି। ଏଥିପାଇଁ ଅଧିକାରୀ, କର୍ମଚାରୀ ଓ ସ୍ୱେଚ୍ଛାସେବୀମାନଙ୍କୁ ଦାୟିତ୍ୱ ଦିଆଯାଇଛି। ହବିଷ୍ୟାଳି ମା'ମାନେ ବ୍ରତ ପରେ ଘରକୁ ଯିବା ବେଳକୁ ସୁଖଦ ଅନୁଭୂତି ନେଇ ଯିବେ ସେଥିପାଇଁ ସମସ୍ତ ବ୍ୟବସ୍ଥା ହୋଇଛି ବୋଲି ଜିଲ୍ଲାପାଳ ସୂଚନା ଦେଇଥିଲେ। କାର୍ଯ୍ୟକ୍ରମରେ ଏସ୍‌ପି ପ୍ରତୀକ ସିଂ ଯୋଗଦେଇଥିଲେ। ଏହି ଅବସରରେ ହବିଷ୍ୟାଳି ମା'ମାନଙ୍କୁ ଉପମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର କିଟ୍ ବଣ୍ଟନ କରିଥିଲେ। ଶେଷରେ ଅତିରିକ୍ତ ଜିଲ୍ଲାପାଳ ଶରତ ଚନ୍ଦ୍ର ବେହେରା ଧନ୍ୟବାଦ ଅର୍ପଣ କରିଥିଲେ। ସୂଚନା ଓ ଲୋକସମ୍ପର୍କ ଉପ ନିର୍ଦ୍ଦେଶକ ସନ୍ତୋଷ ସେଠୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ପ୍ରାରମ୍ଭରେ ଉପମୁଖ୍ୟମନ୍ତ୍ରୀ ହବିଷ୍ୟାଳି ମା'ମାନଙ୍କ ସହ ଆକାଶଦୀପ ଉତ୍ତୋଳନ କରିଥିଲେ।



# ସମ୍ପାଦକୀୟ



ପୃଥିବୀରେ ଏପରି ଅନେକ ଲୋକ ଅଛନ୍ତି, ଯେଉଁମାନଙ୍କ ପାଇଁ କେବଳ ରୁଟି ହିଁ ଭଗବାନ।
-ମହାତ୍ମା ଗାନ୍ଧୀ

ସକାଳ
THE SAKALA

## ବିଶ୍ୱ ବିଜୟିନୀ

ଅନୁଭବ ଓ ଅଭିଜ୍ଞତା ଦୃଷ୍ଟିରୁ ହରମନପ୍ରୀତଙ୍କ ଦଳ ଅଧିକ ପରିପକ୍ୱ ଓ ଶାଣିତ, ବିଶେଷକରି ସ୍ୱଦେଶ ମାଟିର ସହାନୁଭୂତି ଓ ସମର୍ଥନ ବିଶ୍ୱକପ ହାସଲରେ ସହାୟକ ହୋଇଛି। ପୂର୍ବରୁ ଏହିଦଳ ଦୁଇଥର ଫାଇନାଲ ଖେଳି ରନର୍ସଅପ ମଧ୍ୟ ହୋଇଛି। ତେଣୁ ଭାଷ୍ୟକାରମାନେ ଏହି ବିଜୟକୁ ୧୯୮୩ରେ କପିଳଦେବଙ୍କ ନେତୃତ୍ୱରେ ଭାରତର ବିଶ୍ୱକପ ହାସଲ ସହ କରୁଥିବା ତୁଳନା ଆଦୌ ସମୀଚୀନ ନୁହେଁ। ଫାଇନାଲରେ ଅବତୀର୍ଣ୍ଣ ହୋଇଥିବା ଦୁଇଦଳ ଦକ୍ଷିଣ ଆଫ୍ରିକା ଓ ଭାରତ ସେମିଫାଇନାଲରେ ଯଥାକ୍ରମେ ଇଂଲଣ୍ଡ ଓ ଅଷ୍ଟ୍ରେଲିଆକୁ ପରାଜିତ କରିବାରେ ଯେଉଁ ଚମକ ଦେଖାଇଥିଲେ ତାହା ସେମାନଙ୍କ ଯୋଗ୍ୟତା ଓ ପରାକାଷ୍ଠାର ନିଦର୍ଶନ ବୋଲି କୁହାଯାଇପାରେ। କାରଣ ପରାଜିତ ଦୁଇଦଳ ହିଁ ଥିଲେ ଅସଲରେ ବିଶ୍ୱକପ ଦାବିଦାର। ଅଷ୍ଟ୍ରେଲିଆର ୩୩୯ ଲକ୍ଷ୍ୟର ଅନୁଧାବନ କରି ମ୍ୟାଚ ଜିତିବା ଭାରତ ପାଇଁ ଏତେ ସହଜ ନଥିଲା। ଅଧିନାୟକ ହରମନପ୍ରୀତଙ୍କ ଉପଯୋଗୀ ୮୯ ରନ ସାଙ୍ଗକୁ ଜେମିମାଙ୍କ ଧୈର୍ଯ୍ୟପୂର୍ଣ୍ଣ ଅପରାଜିତ ୧୨୭ରନ ଭାରତକୁ ଫାଇନାଲରେ ପହଞ୍ଚାଇବାରେ ସହାୟକ ହୋଇଥିଲା। ଏହାଥିଲା ଏକଦିବସୀୟ ମହିଳା କ୍ରିକେଟ ଇତିହାସରେ ରେକର୍ଡ ଅନୁଧାବନ। ସେହିଭଳି ଦକ୍ଷିଣ ଆଫ୍ରିକା ମଧ୍ୟ ପ୍ରଥମେ ବ୍ୟାଟିଂ କରି ୩୧୯ ରନ କରିଥିଲା। ଇଂଲଣ୍ଡ ତାହାର ପିଛା କରି ମାତ୍ର ୧୯୪ରନ କରିବାକୁ ସମର୍ଥ ହୋଇଥିଲା।

ଫାଇନାଲରେ ଟସ୍ ଜିତି ଦକ୍ଷିଣ ଆଫ୍ରିକା ଅଧିନାୟକ ଲୌରା ଉଇଲଭାର୍ଟ ପଶ୍ଚାତଧାବନ କରିବାକୁ ଉଚିତ ମଣି ଭାରତକୁ ପ୍ରଥମେ ବ୍ୟାଟିଂ କରିବାକୁ ସୁଯୋଗ ଦେଇଥିଲେ। ମ୍ୟାଚର ଗତି ଓ ପ୍ରକୃତି ଯାହା ସେଥିରେ ୩୦୦ରୁ ଊର୍ଦ୍ଧ୍ୱ ରନ ଲକ୍ଷ୍ୟ ଧାର୍ଯ୍ୟ ନକଲେ ଜିତିବା ଯେକୌଣସି ଦଳ ପକ୍ଷରେ ଏତେ ସହଜ ହେବ ନାହିଁ। ତେବେ ଓପନିଂ ବ୍ୟାଟର ଶେଫାଳି ଦଳ ପକ୍ଷରୁ ସର୍ବାଧିକ ୮୭ରନ ଓ ଦୀପ୍ତିଙ୍କ ଉପଯୋଗୀ ୫୮ରନ ଭାରତକୁ ୨୯୮ ପହଞ୍ଚାଇବାରେ ସହାୟକ ହୋଇଥିଲା। ଏହି ଲକ୍ଷ୍ୟର ପିଛା କରୁ କରୁ ଦକ୍ଷିଣ ଆଫ୍ରିକା ୪୫.୩ ଓଭରରେ ୨୪୬ ରନ କରି ଅଲଆଉଟ ହୋଇଯାଇଥିଲା। ଦଳର ଅଧିନାୟକ ଲୌରା ଉଇଲଭାର୍ଟଙ୍କ ଚମକପ୍ରଦ ଶତକ ସତ୍ତ୍ୱେ ଦଳକୁ ସଫଳତା ମିଳିନଥିଲା। ଦଳ ପ୍ରଥମ ଥର ଫାଇନାଲକୁ ଉନ୍ନୀତ ହୋଇଥିବାରୁ ରନର୍ସଅପରେ ହିଁ ସନ୍ତୁଷ୍ଟ ହେବାକୁ ପଡ଼ିଲା। ଭାରତର ଏହି ବିଜୟ ପଛରେ ଶେଫାଳିଙ୍କ ୮୭ ରନ ଓ ଦୁଇଟି ଉଇକେଟ ହାସଲ ଦୃଷ୍ଟିରୁ ତାଙ୍କୁ ଶ୍ରେଷ୍ଠ ଖେଳାଳି ରୂପେ ସମ୍ମାନିତ କରାଯାଇଥିଲା। ଏହାସତ୍ତ୍ୱେ ଦୀପ୍ତିଙ୍କ ୫୮ ରନ ସାଙ୍ଗକୁ ୫ ଉଇକେଟ ହାସଲ କମ ଗୁରୁତ୍ୱପୂର୍ଣ୍ଣ ନୁହେଁ। ସର୍ବାଧିକ ୨୨ଉଇକେଟ ହାସଲ ସହ ୨୧୫ରନ ସଂଗ୍ରହ ସକାଶେ ସେ ଚଳିତ ବିଶ୍ୱକପର ଶ୍ରେଷ୍ଠ ଖେଳାଳିର ମର୍ଯ୍ୟାଦା ହାସଲ କରିଛନ୍ତି। ଯାହାହେଉ ଭାରତୀୟ ଦଳ ୫୨ରନରେ ଦକ୍ଷିଣ ଆଫ୍ରିକାକୁ ପରାଜିତ କରି ବିଶ୍ୱକପ ଚମ୍ପିୟାନ ହେବା କମ ଗୌରବର କଥା ନୁହେଁ।

ବିସିସିଆଇର ଘୋଷଣା ଅନୁଯାୟୀ ଭାରତୀୟ ମହିଳା କ୍ରିକେଟ ଦଳ ୧୨୫ କୋଟିଟଙ୍କା ପାଇବ। ଏହି ପୁରସ୍କାର ରାଶି ଯେତେ ବଡ଼କଥା ନୁହେଁ ବଡ଼କଥା ହେଲା ଆମ ଦେଶର ମହିଳା ଯେ ବିଶ୍ୱବିଜୟିନୀ ହୋଇପାରିବେ ତାହା ଏହି ବିଶ୍ୱକପ ଟୁର୍ଣ୍ଣାମେଣ୍ଟରେ ପ୍ରମାଣିତ ହୋଇଛି। ଆଗାମୀ ଦିନରେ ମହିଳା କ୍ରିକେଟ ପ୍ରତି ଆମ ଦେଶରେ ଆଗ୍ରହ ଓ ଆକର୍ଷଣ ବଢ଼ିବ। ଉନ୍ନତମାନର ମହିଳା କ୍ରିକେଟ ପାଇଁ କ୍ଷେତ୍ର ପ୍ରସ୍ତୁତିର ସୁଯୋଗ ଆହୁରି ବ୍ୟାପକ ହେବ ବୋଲି ଆଶା କରିବା। ●

## ଆଣ୍ଡ୍ରୁଙ୍କ ପରେ କିଏ?

ଜେଫ୍ରି ଏପିଷ୍ଟିନ୍‌ଙ୍କ ଯୌନ କେଲେଙ୍କାରୀ ସମଗ୍ର ବିଶ୍ୱର ହଟଚମଟ ସୃଷ୍ଟି କରିଥିଲା। ବିତ୍ତୀୟ ସହାୟତା ଓ ବିଭିନ୍ନ ସାମାଜିକ କାର୍ଯ୍ୟକ୍ରମ ମାଧ୍ୟମରେ ନିଜର ପ୍ରତିଷ୍ଠା ଓ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିଥିବା ଏପିଷ୍ଟିନ୍ ଉଭୟ ରାଜନୈତିକ ଓ କର୍ପୋରେଟ୍ ଜଗତରେ ବିଶ୍ୱରେ ଜଣେ ପ୍ରଭାବଶାଳୀ ବ୍ୟକ୍ତିତ୍ୱ ଭାବେ ଲୋକସଂପର୍କ ବଢ଼ାଇଥିଲେ। ବୈଭବ ପ୍ରାଚୁର୍ଯ୍ୟ ମଧ୍ୟରେ ଥିବା ଏପିଷ୍ଟିନ୍ ଯୌନ ଲାଳସାକୁ ଚରିତାର୍ଥ କରିବା ପାଇଁ ବ୍ୟଭିଚାରର ସମସ୍ତ ସୀମା ଅତିକ୍ରମ କରିଥିଲେ। ନିଜର ପ୍ରଭାବ ଓ ପ୍ରତିଷ୍ଠାର ଆଢୁଆଳରେ ତଥାକଥିତ ବନ୍ଧୁମାନଙ୍କ ସନ୍ତୁଷ୍ଟି ପାଇଁ ବିପୁଳ ବ୍ୟୟରେ ନାବାଳିକାଙ୍କୁ ସଂଗ୍ରହ କରି ଗୋପନ ଅଭିସାରର ପଥ ପରିଷ୍କାର କରିଥିଲେ। କିଛି ନିକଟତମ ସହଯୋଗୀ ଚଳଚ୍ଚିତ୍ର ନିର୍ଦ୍ଦେଶକ ହୋଇଥିବାରୁ ଏହି ଘଟଣାକ୍ରମର ଭିଡିଓ ସୁଟିଂ ମଧ୍ୟ କରାଇଥିଲେ।

ତେବେ ଏପ୍ରକାର ଯୌନ ଶୋଷଣ ସବୁଦିନ ଲୁଚି ରହିପାରିବ ନାହିଁ। ନିର୍ଯାତନା ଓ ଶୋଷଣର ସମ୍ମୁଖୀନ ହୋଇଥିବା ଯୁବତୀ ଦିନେ ନା ଦିନେ ମୁହଁ ଖୋଲିବେ। ତାହା ହିଁ ଶେଷରେ ଘଟିଲା। ଏଫବିଆଇ ପକ୍ଷରୁ ତଦନ୍ତ ହେଲା। ପ୍ରବଳ ଚାପ ସତ୍ତ୍ୱେ ସେ ଦୋଷୀ ସାବ୍ୟସ୍ତ ହେଲେ ଏବଂ ତାଙ୍କୁ ୧୯ ମାସ କାରାଦଣ୍ଡାଦେଶ ଭୋଗିବାକୁ ପଡ଼ିଲା। ଶେଷରେ ସେ ଆତ୍ମହତ୍ୟା କଲେ ବୋଲି କୁହାଯାଇଥିଲେ ମଧ୍ୟ ତାହା ସନ୍ଦେହରୁ ଊର୍ଦ୍ଧ୍ୱରେ ଆସିପାରୁନାହିଁ। ଆମେରିକା ଦୁଇ ପରସ୍ପର ବିରୋଧୀ ଦଳର ନେତା ଏହି ଯୌନ ଶୋଷଣରେ ସଂପୃକ୍ତ ଥିବାରୁ ଏପିଷ୍ଟିନ୍‌ଙ୍କ କଳାକାରନାମାର ସବିଶେଷ ତଥ୍ୟ ପଦାକୁ ଆସିପାରିନାହିଁ। ଏ ସଂକ୍ରାନ୍ତରେ ଭିଡିଓ ରେକର୍ଡିଂ କେଉଁଠି ନା କେଉଁଠି ଲୁକ୍କାୟିତ ହୋଇ ରହିଛି। ତେଣୁ ନେତାଙ୍କ ମୁଣ୍ଡରୁ ବିବାଦ ହଟିନି। ବ୍ରିଟେନର ଯୁବରାଜ ଆଣ୍ଡ୍ରୁଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପରେ ଏହି ଯୌନ କେଲେଙ୍କାରୀ ପୁଣି ଥରେ ପଦାକୁ ଆସିଛି। ଆମେରିକୀୟ ଯୁବତୀ ଭର୍ଜିନିଆ ଜେଫ୍ରି ମୁହଁ ଖୋଲିବାରୁ ଯୁବରାଜ ଆଣ୍ଡ୍ରୁ ବ୍ରିଟେନ ରାଜପରିବାର ପଦମର୍ଯ୍ୟାଦା ସମ୍ମାନରୁ ବଞ୍ଚିତ ହୋଇଛନ୍ତି। କିଛିଦିନ ତଳେ କିଙ୍ଗ ଚାର୍ଲସ୍ ଏକ କାର୍ଯ୍ୟକ୍ରମରେ ଯୋଗ ଦେଇଥିବା ବେଳେ ଏହି ପ୍ରସଙ୍ଗକୁ କେନ୍ଦ୍ର କରି କଡ଼ା ବିରୋଧର ସମ୍ମୁଖୀନ ହୋଇଥିଲେ। ତେଣୁ ପ୍ରବଳ ଚାପର ବଶବର୍ତ୍ତୀ ହୋଇ ତୁରନ୍ତ ଆଣ୍ଡ୍ରୁଙ୍କ ଉପାଧି ପ୍ରତ୍ୟାହାର କରାଯିବା ସହ ୱିଣ୍ଡସର କାସଲ ବାସଗୃହରୁ ବିଦାୟ ନେବାକୁ କୁହାଯାଇଛି। ତାଙ୍କଠାରୁ ରାଜ ପରିବାରର ଉପାଧି ଓ ସମ୍ମାନ ପ୍ରତ୍ୟାହାର କରାଯିବା ପ୍ରକ୍ରିୟା ଆରମ୍ଭ ହୋଇଛି।

ଜେଫ୍ରିଙ୍କ ଭଳି ବହୁ ନାବାଳିକା ଏପିଷ୍ଟିନ୍‌ଙ୍କ ଯୌନ କେଲେଙ୍କାରୀର ଶିକାର ହୋଇଛନ୍ତି। ଆଗକୁ ଆଉ ଯେ କିଏ ମୁହଁ ଖୋଲିବ ତାହାର ସମ୍ଭାବନା ଊଣା। ତେବେ ଭିଡିଓ ରେକର୍ଡିଂକୁ ଯେ ନଷ୍ଟ କରାଯାଉଛି ଏକଥା ନୁହେଁ। ଏହା ବେଶୀବର୍ଷ ତଳର ଘଟଣା ନୁହେଁ। ଟ୍ରମ୍ପଙ୍କୁ ନେଇ ବାରମ୍ବାର କଥା ଉଠୁଥିଲେ ମଧ୍ୟ କ୍ଷମତାର ଚାପ ଓ ସାଲିସ ଉଭୟ ଏକ୍ଷେତ୍ରରେ କାମ କରୁଛି। ଗାଜା ବ୍ୟାପାରରେ ଟ୍ରମ୍ପଙ୍କ ଭୂମିକାକୁ ଲକ୍ଷ୍ୟ କଲେ ମୋସାଡର ଭୂମିକା ଆପେ ଆପେ ସନ୍ଦେହ ପରିସରକୁ ଆସି ଯାଉଛି। ●

# ସୃଜନାତ୍ମକ ବିନାଶ ବନାମ ସୃଜନାତ୍ମକ ସଂରକ୍ଷଣ

**ଦୁର୍ଗାପ୍ରସାଦ ଆଚାର୍ଯ୍ୟ**

ପୁଞ୍ଜିବାଦୀ ଅର୍ଥନୀତି ତଥା ଅତ୍ୟାଧୁନିକ ପ୍ରଯୁକ୍ତିବିଦ୍ୟା ଆଧାରିତ ପ୍ରଗତି ପଛରେ ସୃଜନଶୀଳ ବା ସୃଜନାତ୍ମକ ବିନାଶ (କ୍ରିଏଟିଭ୍ ଡେଷ୍ଟ୍ରକସନ୍)ର ନିର୍ଣ୍ଣାୟକ ଭୂମିକା ଅବିସମ୍ବାଦିତ ବୋଲି ପ୍ରତିପାଦିତ କରି ୨୦୨୫ର ନୋବେଲ ପୁରସ୍କାରରେ ସମ୍ମାନିତ ହେଲେ ପ୍ରସିଦ୍ଧ ତିନି ଅର୍ଥନୀତିଜ୍ଞ ଜୋଏଲ୍ ମୋକିର୍, ଫିଲିପ୍ ଆଘିଅନ୍ ଓ ପିଟର୍ ହାଓଇଟ୍। ଏହି 'ସୃଜନାତ୍ମକ ବିନାଶ'ର ତତ୍ତ୍ୱଟି ପ୍ରଥମେ ଆମକୁ ଜଣାଇଥିଲେ 'ଜୋସେଫ୍ ସୁମ୍ପିଟର୍'। ଏ ବର୍ଷର ଏହି ଚର୍ଚ୍ଚିତ ନୋବେଲ୍ ବିଜେତାମାନେ ଏହି ନିଷ୍କର୍ଷଟିର ସତ୍ୟତା ତଥା ପ୍ରାମାଣିକତା ଗବେଷଣାଲବ୍ଧ ତଥ୍ୟନିଷ୍ଠ ଯୁକ୍ତି ଆଧାରରେ ଦୃଢ଼ତାର ସହ ସାବ୍ୟସ୍ତ କଲେ। ତେଣୁ ଏବେ ଆମ ବୁଦ୍ଧିଜୀବୀଙ୍କ ତୁଣ୍ଡରେ 'ସୃଜନାତ୍ମକ ବିନାଶ' ରୂପକ ଆପାତତଃ ବିପରୀତାଭାସ ତତ୍ତ୍ୱଟି ଏକ ଘୋଷାପଦ ପାଲଟି ସାରିଲାଣି। ଅନେକ ବି ମାତ୍ରାତିରିକ୍ତ ଉତ୍ସାହ ଦେଖାଇ କହିବାକୁ ଆରମ୍ଭ କଲେଣି ଯେ ପ୍ରତ୍ୟେକ ପ୍ରକାରର ସମୃଦ୍ଧି ବା ବିକାଶ, ତାହା ପ୍ରାକୃତିକ ହେଉ କି ମାନବଜୀବନକୈନ୍ଦ୍ରିକ ହେଉ, ର ଏହା ହେଉଛି ଏକମାତ୍ର ଉତ୍ପ୍ରେରକ।

ଏଥିରେ ବିସ୍ମିତ ହେବାର କାରଣ ଅବଶ୍ୟ ଥାଇ ନପାରେ। କାରଣ ଆମେ ପ୍ରତ୍ୟେକ ଜାଣିଛେ ଯେ ଘଞ୍ଚ ଅରଣ୍ୟଟିଏ ଅଗ୍ନିଦଗ୍ଧ ହେଲା ପରେ ନୂତନ ସବୁଜିମାର ସୃଷ୍ଟି ହୁଏ; ପୁରାତନ ସଂସ୍କୃତି ଓ ପରମ୍ପରା, ପୁରାତନ ଜ୍ଞାନରାଜିରୁ ବେଶ୍ କିଛିକୁ ନେପଥ୍ୟକୁ ହଟାଇ ଦେଇ ନୂତନ ସଂସ୍କୃତି, ପରମ୍ପରା ବା ଜ୍ଞାନରାଜିର ଅଭ୍ୟୁଦୟ ହୁଏ ଏବଂ ପୁରାତନ ପ୍ରବିଧି ବା ପ୍ରାବିଧିକ କୌଶଳର ସ୍ଥାନରେ ନୂତନ ପ୍ରବିଧି, ପ୍ରାବିଧିକ କୌଶଳର ଆବିଷ୍କାର ବା ଉଦ୍‌ଭାବନ ହୁଏ। କିନ୍ତୁ ଦୁର୍ଭାଗ୍ୟଜନକ କଥାଟି ହେଉଛି ଯେ ବର୍ତ୍ତମାନର ଏହି ଲଗାମହୀନ କାଳଖଣ୍ଡରେ ସଂକୀର୍ଣ୍ଣ, ବିଦ୍ୱେଷପୂର୍ଣ୍ଣ ମତାଦର୍ଶର ପ୍ରବକ୍ତା ଓ ଅନ୍ଧଭକ୍ତମାନେ ଆମ ଧର୍ମ, ସଂସ୍କୃତି ତଥା ଜ୍ଞାନପରମ୍ପରାରେ ଥିବା ସକଳ ପ୍ରକାରର ମୁକ୍ତ, ଉଦାର ଚିନ୍ତନ ଓ ସାର୍ବଜନୀନ ବିଚାରଧାରା ସର୍ବାଦୌ ପରିତ୍ୟଜ୍ୟ ବୋଲି ଆମମାନଙ୍କୁ କହୁଛନ୍ତି। ଦେଶପ୍ରେମ, ଜାତିପ୍ରେମ ବା ସଂପ୍ରଦାୟପ୍ରେମର ଦ୍ୱାହି ଦେଇ ଚିରନ୍ତନୀ ମାନବୀୟ ଆଦର୍ଶ ବା ମୂଲ୍ୟବୋଧ ସବୁର ସ୍ଥାନରେ ଘୃଣା, ଅସୂୟା, ଅସହିଷ୍ଣୁତା, ଧର୍ମୀୟ ବିଭେଦର ବୀଜ ରୋପଣ କରିବାରେ ବିକୃତ ଉତ୍ସାହ ଦେଖାଇ ଚାଲିଛନ୍ତି। ଦୟା, କ୍ଷମା, ସମଭାବାପନ୍ନ, ବିଶ୍ୱପ୍ରେମ ଓ ସର୍ବଧର୍ମସମନ୍ୱୟୀ ଭାବଭାବନାଗୁଡ଼ିକୁ ଖର୍ବ, ମଳିନ, ନିଷ୍ପ୍ରଭ କିମ୍ବା ମୂଳପୋଛ କରିଦେବା ପାଇଁ ହୀନ ମସୁଧା ଚାଲିଛି ସର୍ବତ୍ର।

ଏମିତି ଭ୍ରଷ୍ଟ, ଭ୍ରାନ୍ତ ବିଚାରଧାରାର ତଥାକଥିତ ରାଷ୍ଟ୍ରପ୍ରେମୀ ବା ଧର୍ମପ୍ରେମୀମାନଙ୍କ ସହିତ ଆମ ବୁଦ୍ଧିଜୀବୀ, ଆମ ଜନବିଦ୍ୱାନମାନେ, ଏପରିକି ବିଜ୍ଞାନୀ ଓ ପ୍ରଯୁକ୍ତିବିଦ୍ୟା ବିଶାରଦମାନେ, ସ୍ୱର ମିଳାଇଥିବାର ଭୁରିଭୁରି ଦୃଷ୍ଟାନ୍ତ ଆମ ପାଖରେ। ଏପରି ଏକ ବିଷାକ୍ତ, ବିମର୍ଷକର ବାତାବରଣରେ ବିଚରା ସାଧାରଣ ଜନତା ଅତି ସହଜରେ ପ୍ରତାରିତ ହେବା ଆଦୌ ବିଚିତ୍ର ନୁହେଁ। ମାନବୀୟ ମୂଲ୍ୟବୋଧ, ଗଣତାନ୍ତ୍ରିକ ଆଦର୍ଶ ଓ ଧର୍ମନିରପେକ୍ଷ ବିଚାରଧାରା ସବୁକୁ ପୁରୁଣା, ଘଷରା, ଯୁଗଅନୁପଯୋଗୀ ବୋଲି କହି ଉଗ୍ର, ହିଂସ୍ର, ସାଂପ୍ରଦାୟିକ ମତାଦର୍ଶ ସବୁର ପରିପ୍ରସାର ପାଇଁ ନିରନ୍ତର ପ୍ରୟାସ କରୁଥିବା ନ୍ୟସ୍ତସ୍ୱାର୍ଥଗୋଷ୍ଠୀ ସୃଜନାତ୍ମକ ବିନାଶ ତତ୍ତ୍ୱଟିର ଅପପ୍ରୟୋଗ କରିବାର ସହସ୍ର ସମ୍ଭାବନା ଥିବା ପରି ସ୍ପଷ୍ଟ ବୋଧ ହୁଏ। ତେଣୁ ଏ ସନ୍ଦର୍ଭରେ ଏକ ବିକଳ୍ପ ଚିନ୍ତନର ଆବଶ୍ୟକତା ଅଛି, କାରଣ ପ୍ରତ୍ୟେକ କ୍ଷେତ୍ରରେ ସଂଘଟିତ ହେଉଥିବା ବିକାଶ, ପରିବର୍ଦ୍ଧନ ବା ନବପ୍ରବର୍ତ୍ତନ ପଛରେ ସୃଜନାତ୍ମକ ଧ୍ୱଂସ କି ବିନାଶ ଏକ ଅବଧାରିତ ପ୍ରକ୍ରିୟା ନୁହେଁ।

ଏ ଜୀବନ ଓ ଜଗତରେ ଏମିତି ଅନେକ କ୍ଷେତ୍ର ଅଛି, ଯେଉଁଠି ସୃଜନାତ୍ମକ ବିନାଶ ନୁହେଁ, ବରଂ ସୃଜନାତ୍ମକ ସଂରକ୍ଷଣ ମାଧ୍ୟମରେ ନୂତନକୁ ଆବାହନ ଓ ସ୍ୱାଗତ କରାଯାଇଥାଏ, ଯେଉଁଠି ବିକାଶ, ବିବର୍ତ୍ତନ କି ନବନବ ଉନ୍ମେଷମାନ ଅନବରତ ଘଟିଚାଲିଥାଏ ଧ୍ୱଂସ ବା ବିନାଶର ବିନା ସଂରଚନାରେ। ନୂତନର ଆବାହନ, ନୂତନର ଧରାବତରଣ ପାଇଁ ଯାହାକିଛି ପ୍ରାଚୀନ, ଯାହାକିଛି ପୂର୍ବସୃଷ୍ଟ ବା ପୂର୍ବପ୍ରତିଷ୍ଠିତ ସେ ସବୁକୁ ସଂପୂର୍ଣ୍ଣ ବିନାଶ କରିବା ବା ନେପଥ୍ୟକୁ ଠେଲିଦେବା ସର୍ବଦା ଏକ ଅବଧାରିତ ସତ୍ୟ ନୁହେଁ। ଆଗକୁ ପାଦ ପକାଇ ଚାଲିବା ପାଇଁ ସର୍ବଦା ପଛର ସବୁ ପଦଚିହ୍ନକୁ ଲିଭାଇଦେବା ଆବଶ୍ୟକ ହୋଇନଥାଏ। ପ୍ରେମ, ମମତା, ଅନୁରାଗ ପରି ଆଦିମତମ ତଥା ସହଜାତ ମାନବୀୟ ପ୍ରବୃତ୍ତି ସବୁର କ୍ରମପ୍ରସ୍ଫୁଟନ ପାଇଁ ଲୋଡ଼ା ହେଉଛି ସୃଜନାତ୍ମକ ସଂରକ୍ଷଣ। ଅର୍ଥାତ୍ ଏହି ମାନବୀୟ ଭାବାବେଗ କ୍ରମଶଃ ଗଭୀରରୁ ଗଭୀରତର ହୋଇଥା'ନ୍ତି ପୂର୍ବର ସକଳ ସ୍ମୃତି, ସକଳ ଆବେଗକୁ ଅତୁଟ ରଖି। ପ୍ରଥମ ପ୍ରେମାନୁଭୂତିର ମଧୁଆବେଶକୁ ସଂପୂର୍ଣ୍ଣ ନିଶ୍ଚିହ୍ନ କରି ପ୍ରେମ ତା'ର ସାର୍ଥକତା ସାଉଁଟି ନଥାଏ, ପୂର୍ଣ୍ଣତା ପ୍ରାପ୍ତ ହୋଇ ନ ଥାଏ। ମା'ର ବାତ୍ସଲ୍ୟ ପ୍ରେମ ସର୍ବଦା ହିଁ ରହିଥାଏ ଜାଜ୍ୱଲ୍ୟମାନ। ବୟସ୍କ ସନ୍ତାନ ପ୍ରତି ମା'ର ପ୍ରେମ ହେଉଛି ସ୍ମୃତି ଓ ଅଭିଜ୍ଞତାର ଆଧାରରେ ବିବର୍ଦ୍ଧିତ, ପରିପକ୍ୱ ହୋଇଥିବା ସେହି ବାତ୍ସଲ୍ୟ ପ୍ରେମ ମାତ୍ର। ବାତ୍ସଲ୍ୟ ପ୍ରେମ ଅନୁରୂପ ବି ଘନ ଆବେଗଦୀପ୍ତ ରୋମାଣ୍ଟିକ୍ ପ୍ରେମ, ଯା'ର ପ୍ରବାହ ଅବିଚ୍ଛିନ୍ନ ରହିଥାଏ ଅତୀତରୁ ବର୍ତ୍ତମାନ ଏବଂ ଯା'ର ଦୀପ୍ତି ସଂଚରିତ ହୋଇଚାଲିଥାଏ ପାହାନ୍ତା ପ୍ରହରର କୋମଳ ସୂର୍ଯ୍ୟାଲୋକର ଅବିଚ୍ଛିନ୍ନ କ୍ରମସଂଚରଣ ପରି। ପ୍ରେମ, ମମତା ଓ ଅନୁରାଗର ଅଙ୍ଗନ ହେଉଛି ହୃଦୟ ଏବଂ ହୃଦୟ ଜାଣେ ନାହିଁ 'ସୃଜନାତ୍ମକ ବିନାଶ'ର ଭାଷା। ହୃଦୟ କେବଳ ଜାଣେ 'ସୃଜନାତ୍ମକ ସଂରକ୍ଷଣ'ର ଭାଷା। ଏହା କେବଳ ବିଶ୍ୱାସ କରେ 'ସୃଜନାତ୍ମକ ବିକାଶ', 'ବିବର୍ତ୍ତନ' ଓ 'ସୃଜନାତ୍ମକ ପରିବର୍ଦ୍ଧନ'ରେ। ଫିନିକ୍ସ ପକ୍ଷୀ ପରି ପୁନର୍ଜନ୍ମ ନେବାକୁ, ପୁନଃ ସତେଜ ବା ଜୀବନ୍ତ ହେବାକୁ ମାନବୀୟ ପ୍ରେମ, ମମତା ଓ ଅନୁରାଗ କେବେହେଲେ ଲୋଡ଼ି ନ ଥା'ନ୍ତି ଆପଣା ଆପଣାର ଭସ୍ମ ପାଉଁଶ। ଏକ ଗୂଢ଼, ଗଭୀର ଦୃଷ୍ଟିରୁ ବିଚାର କଲେ ଆମେ ନିଶ୍ଚୟ ଉପଲବ୍ଧି କରିପାରିବା ଯେ ଆମ ଜୀବନର ମହାର୍ଘ ଭାବକ୍ଷେତ୍ର ପାଇଁ ସୃଜନଶୀଳ ବା ସୃଜନାତ୍ମକ ବିକାଶର ତତ୍ତ୍ୱଟି ପୂରାପୂରି ନିରାଧାର।

ଖାଲି ପ୍ରେମ ବା ମମତାର କ୍ଷେତ୍ର ନୁହେଁ, ମୈତ୍ରୀ, କରୁଣା, ସମ୍ବେଦନା ଓ ନୈତିକତା ପରି ଶ୍ରେଷ୍ଠତମ ମାନବୀୟ ମୂଲ୍ୟବୋଧ ସବୁର ବିକାଶ ବା ଯୁଗୋପଯୋଗୀ ରୂପାନ୍ତରଣ ପାଇଁ ଆବଶ୍ୟକ ହୋଇନଥାଏ କୌଣସି ପ୍ରକାର ବିନାଶର ପ୍ରକ୍ରିୟା। ଏ ସମସ୍ତ ମୂଲ୍ୟବୋଧର ଉତ୍ସ ହେଉଛି ମାନବର ଅନ୍ତର୍ମନ ବା ଚେତନା। ମାନବୀୟ ଚେତନାର କ୍ରମବିକାଶ ସହ ତାଳ ଦେଇ ବିବର୍ତ୍ତିତ ବା ବିକଶିତ ହୋଇଥାଏ ମୂଲ୍ୟବୋଧଭିତ୍ତିକ ମାନବଜୀବନ। ପ୍ରସ୍ତର ଯୁଗର ଅନ୍ଧାରି ବଳୟରୁ ଧୀରେ ଧୀରେ ସଚେତନତାର ଆଲୋକକୁ ଆସୁଥିବା ମଣିଷ ପ୍ରଥମେ କେବଳ ଆପଣାର ସୁରକ୍ଷା, ନିରାପତ୍ତା ନିଶ୍ଚିତ କରିବା ପାଇଁ କେତୋଟି ନୀତି, ନିୟମ ମାନିବାକୁ ଚାହିଁଥିବ ଏବଂ ପରେ ସେ ସବୁର ଉପଯୋଗିତା ତା' ପାଖରେ ସ୍ପଷ୍ଟ ହୋଇଯିବା ପରେ ସେ ବୁଝିଯାଇଥିବ ଯେ ସେ ନୀତି, ନିୟମ ବା ଲକ୍ଷ୍ମଣରେଖାମାନଙ୍କର ଉଲ୍ଲଙ୍ଘନ ତା'ର ଅସ୍ତିତ୍ୱ ପାଇଁ ବିପଜ୍ଜନକ। ମଣିଷ ତା'ର ସଭ୍ୟତାର ବ୍ରାହ୍ମ ମୁହୂର୍ତ୍ତରୁ ଏ ପର୍ଯ୍ୟନ୍ତ ମୈତ୍ରୀ, ପ୍ରୀତି, କରୁଣା ଓ ନୈତିକତା ଆଦି ମହନୀୟ ମାନବୀୟଭାବ, ନୀତି ବା ଆଦର୍ଶର ପରିପୁଷ୍ଟି କରିଆସିଛି ବିନା ସୃଜନାତ୍ମକ ବିନାଶ ତତ୍ତ୍ୱର ସଚେତନ ପ୍ରୟୋଗରେ। ପୁରାତନ ଆତ୍ମିକ ଭାବସଂପଦ, ପୁରାତନ ମୂଲ୍ୟବୋଧର ଧ୍ୱଂସସାଧନ ନୁହେଁ, ସଚେତନ ଅଙ୍ଗୀକାର ସଚେତନ ସଂରକ୍ଷଣ ମାଧ୍ୟମରେ ସେ ସବୁର ଦୃଢ଼ୀକରଣ ଓ ପରିବର୍ଦ୍ଧନ ହୋଇଥାଏ। ନ୍ୟାୟପ୍ରଦାନର ଦାୟରେ ଦୟା, କ୍ଷମା ବା କରୁଣାର ବିନାଶ କାମ୍ୟ ନୁହେଁ, ସାହସ ପ୍ରଦର୍ଶନ ପାଇଁ ନମ୍ରତା ବା ସଂବେଦନାର ବିନାଶ କାମ୍ୟ ନୁହେଁ କି ନିରପେକ୍ଷ ସତ୍ୟର ପ୍ରତିଷ୍ଠା ପାଇଁ ପ୍ରେମଭାବର ବିନାଶ କାମ୍ୟ ନୁହେଁ।

ଉତ୍ତରୋତ୍ତର ଭୌତିକ ତଥା ଅର୍ଥନୈତିକ ପ୍ରଗତିର ଧାରାରେ ସୃଜନାତ୍ମକ ଧ୍ୱଂସ ବା ବିନାଶ (କ୍ରିଏଟିଭ ଡେଷ୍ଟ୍ରକସନ୍)ର ପ୍ରାସଙ୍ଗିକତା ଅବଶ୍ୟ ଅନସ୍ୱୀକାର୍ଯ୍ୟ। ଅତ୍ୟାଧୁନିକ ପ୍ରଯୁକ୍ତିର ପ୍ରୟୋଗ, ଅତ୍ୟାଧୁନିକ ପ୍ରବିଧିମାନଙ୍କ ନିର୍ମାଣ, ବିନିର୍ମାଣ କ୍ରମରେ ଲିପ୍ତ ବିଶାରଦ, ବିଶେଷଜ୍ଞମାନେ ସୃଜନାତ୍ମକ ବିନାଶର ମନ୍ତ୍ରଟି ଉଚ୍ଚାରଣ କରି ପୁରୁଣାର ଯଜ୍ଞାନଳରେ ଆହୂତି ପ୍ରଦାନ କରୁଥା'ନ୍ତୁ। ନୂଆର ଧରାବତରଣ କରାଇ ଚାଲିଥା'ନ୍ତୁ, ନବପ୍ରବର୍ତ୍ତନ ମାଧ୍ୟମରେ। କିନ୍ତୁ ସକଳ ପ୍ରକାରର ବିକାଶ, ପରିବର୍ତ୍ତନ ବା ପରିବର୍ଦ୍ଧନ ପାଇଁ ପୂରାତନର ସମୂଳ ଉତ୍ପାଟନ, ସମୂଳ ବିସର୍ଜନ ଯେ ଅପରିହାର୍ଯ୍ୟ-ଏହା ଆଦୌ ଏକ ନିର୍ବିବାଦୀୟ ସତ୍ୟ ନୁହେଁ। ଆମେ ଯଦି ଏପରି ଭାବିବସିବା ଆମେ ମତାନ୍ଧ ହୋଇଯିବା, ଏକପ୍ରକାର ରୂଢ଼ିବାଦୀ ଧାରଣାର ଅନ୍ଧଭକ୍ତ ହୋଇଯିବା ଏବଂ ଜୀବନ ଓ ଜଗତ ପାଇଁ ଅତି ଶ୍ରେୟସ୍କର ଅନେକ ମହାର୍ଘ ଭାବସଂପଦ, ଅନେକ ମହାର୍ଘ ଗୁଣରାଜିର ବିନାଶପର୍ବର ପୁରୋଧା ହୋଇଯିବା, ଯେମିତି ହୋଇଚାଲିଛେ ଏବେ। ●

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
କୋଡିଆଁ ବାରଙ୍ଗ, ମୋ: ୯୮୫୩୩୫୫୧୦୭

# ଶିକ୍ଷା, ଶିକ୍ଷକ ଓ ଶିକ୍ଷାୟତନ

**ଡ. ଅଭିମନ୍ୟୁ ବରାଳ**

ଆମ ଜନ୍ମଭୂମି ଭାରତବର୍ଷ ପ୍ରାଚୀନ ସଂସ୍କୃତିସମ୍ପନ୍ନ ସଭ୍ୟ ଦେଶ। ଏ ଦେଶର ବେଦ, ବେଦାନ୍ତ, ଉପନିଷଦ, ପୁରାଣ, ଜ୍ୟୋତିଷ, ସାହିତ୍ୟ, ବ୍ୟାକରଣ, ନ୍ୟାୟ, ମୀମାଂସା, ଅର୍ଥନୀତି ଓ ରାଜନୀତି ଆଦି ଥିଲା ଉନ୍ନତତର। ନାଳନ୍ଦା, ତକ୍ଷଶିଳା, ପୁଷ୍ପଗିରି ପ୍ରଭୃତି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଦେଶବିଦେଶରୁ ଛାତ୍ରଛାତ୍ରୀମାନେ ଜ୍ଞାନ ଆହରଣ କରୁଥିଲେ। ଇଂରେଜମାନେ ଭାରତବର୍ଷକୁ ଅଧିକାର କରିବା ପରେ ଦେଖିଲେ ଯେ ଏ ଦେଶର ଶିକ୍ଷାଦାନ ପଦ୍ଧତି ଅତ୍ୟନ୍ତ ଉନ୍ନତ। ବେଦ, ବେଦାନ୍ତ ଓ ସଂସ୍କୃତ ଭାଷା ଏ ଜାତିକୁ ଉନ୍ନତ କରି ରଖିଛି। ତେଣୁ ଏ ଶିକ୍ଷା ବ୍ୟବସ୍ଥାକୁ ଯଦି ବିଭ୍ରାଟ କରିଦିଆଯାଏ ତେବେ ଭାରତୀୟମାନେ ଆମର ପଦାଙ୍କ ଅନୁସରଣ କରିବେ। ବେଶପୋଷାକ, ଚାଲିଚଳଣି ସବୁ ପରିବର୍ତ୍ତନ ହୋଇଯିବ। ଏମାନେ ସଂସ୍କୃତ ନ ପଢ଼ି ଇଂରାଜୀ ପଢ଼ିବେ। ବେଦ ବେଦାନ୍ତ ନ ପଢ଼ି ଇଂରାଜୀ ଉପନ୍ୟାସ (ନଭେଲ) ଓ ଗଳ୍ପାଦିକୁ ପଢ଼ିବାକୁ ଆଗ୍ରହ ପ୍ରକାଶ କରିବେ।

ତେଣୁ ଇଂରେଜମାନେ ଯେଉଁ ଶିକ୍ଷାର ପ୍ରବର୍ତ୍ତନ କଲେ ସେଥିରେ ନଥିଲା ନୈତିକତାର ଲେଶମାତ୍ର ସୂଚନା। ତାହା ଥିଲା କେବଳ ଚାକିରି କୈନ୍ଦ୍ରିକ ବିଦ୍ୟା। ନାଳନ୍ଦା, ତକ୍ଷଶିଳା ପ୍ରଭୃତି ବିଶ୍ୱବିଦ୍ୟାଳୟରେ ଯେଉଁ ଶିକ୍ଷା ଦିଆଯାଉଥିଲା, ତାହା ନୈତିକତା ତଥା ବୌଦ୍ଧିକ ବିକାଶର ଶିକ୍ଷା। ଚୀନ ପରିବ୍ରାଜକ ହୁଏନ୍ ସାଂ ସ୍ୱୀୟ ବିବରଣୀରେ ଆମ ଶିକ୍ଷା ବ୍ୟବସ୍ଥାର ଭୂୟସୀ ପ୍ରଶଂସା କରିଛନ୍ତି। ତେଣୁ ସ୍ୱାର୍ଥପର ଇଂରେଜମାନେ ନିଜ ସ୍ୱାର୍ଥ ସିଦ୍ଧି ପାଇଁ ବିଶ୍ୱବିଦ୍ୟାଳୟକୁ ପ୍ରାୟ ଅଚଳ କରିଦେଲେ। ସେଥିରେ ଥିବା ବିଶାଳ ପାଠାଗାରକୁ ଅନଳ ଲଗାଇ ଭସ୍ମୀଭୂତ କରିଦେଲେ। ଶୁଣାଯାଏ ଉକ୍ତ ପାଠାଗାର ଦୀର୍ଘ ୬ ମାସ ପର୍ଯ୍ୟନ୍ତ ଜଳିଲା। ଫଳରେ ଅନେକ ଦୁଷ୍ପ୍ରାପ୍ୟ ଗ୍ରନ୍ଥ, ତାଳପତ୍ର ପୋଥି ଜଳିପୋଡ଼ି ପାଉଁଶ ହୋଇଗଲା। ଭାରତର ଶିକ୍ଷାଗତ ମେରୁଦଣ୍ଡକୁ ଭାଙ୍ଗିଦେବାରେ ଏହା ଥିଲା ଇଂରେଜମାନଙ୍କର ପ୍ରଥମ ଅଭିନବ କୌଶଳ। ଫଳରେ ଭାରତୀୟମାନେ ପାଶ୍ଚାତ୍ୟାଭିମୁଖୀ ତଥା ପରମୁଖାପେକ୍ଷୀ ହୋଇଗଲେ। ସେମାନଙ୍କର ସ୍ୱାଧୀନ ଚିନ୍ତା ଓ ଚେତନା ବିଲୁପ୍ତ ହୋଇଗଲା। ତେଣୁ ଇଂରେଜମାନେ ଦୀର୍ଘଦିନ ଧରି ଏ ଦେଶକୁ ଶାସନ କରିବାର ସୁଯୋଗ ପାଇଗଲେ। ବ୍ୟାସକବି ଫକୀରମୋହନ ଯଥାର୍ଥରେ କହିଛନ୍ତି,

'ହିଷ୍ଟ୍ରି, ଫିଲୋସୋଫି, ବଟାନୀ ବିଦେଶୁ ହୋଇଛି ଏ ଆମଦାନୀ / ପିଲାଏ ଖାଆନ୍ତି ଏ ସବୁ ଫଳ ପାପ ଟଙ୍କା ଗଣିଦିଏ କେବଳ / ଏ ସବୁ ଫଳର ଗୁଣ ଓଲଟା ହୁଏ ଦେହ ସରୁ ବୁଦ୍ଧିଟା ମୋଟା / ମାତ୍ରକ ହଜମ ଯେପରି ଜାଣି ଜଗତ ଜିଣେ ସେ ଆପଣା ଜ୍ଞାନେ।' (ମୁଁ ହାଟ ବାହୁଡ଼ା)

ପ୍ରାଚୀନ ଭାରତରେ ଋଷିମୁନିମାନେ ଗୁରୁକୁଳ ଆଶ୍ରମରେ ଛାତ୍ରଛାତ୍ରୀମାନଙ୍କୁ ଶିକ୍ଷାଦାନ କରୁଥିଲେ। ସେମାନେ ଶିଷ୍ୟମାନଙ୍କୁ ପୁତ୍ରବତ୍ ଜ୍ଞାନ ପ୍ରଦାନ କରୁଥିଲେ। ଶିକ୍ଷାଦାନର ପଦ୍ଧତି ଭିନ୍ନ ଥିଲା। ଶିକ୍ଷା ଶେଷରେ ଏକ ଆଦର୍ଶ ମଣିଷ ଭାବରେ ଛାତ୍ରଟି ସମାଜର ମୁଖ୍ୟ ସ୍ରୋତରେ ମିଶି ନିଜ ଜୀବନଯାତ୍ରା ପଥରେ ଅଗ୍ରସର ହେଉଥିଲା। ସେଠାରେ ବେଦ ବେଦାନ୍ତଠାରୁ ଆରମ୍ଭ କରି କୃଷି ଏବଂ ବ୍ରହ୍ମଚର୍ଯ୍ୟ ପାଳନର ଶିକ୍ଷା ଦିଆଯାଉଥିଲା। ଏଥିପାଇଁ ଶିଷ୍ୟକୁ କୌଣସି ମୂଲ୍ୟ ଦେବାକୁ ପଡୁ ନ ଥିଲା। ଶିକ୍ଷା ସମାପ୍ତି ପରେ ଗୁରୁ ନିଜ ଇଚ୍ଛାରେ ଗୋଟିଏ ଦକ୍ଷିଣା ମାଗୁଥିଲେ। ଠିକ୍ ସେହିପରି ଥିଲା ଉତ୍କଳମଣି ଗୋପବନ୍ଧୁଙ୍କ ପ୍ରତିଷ୍ଠିତ ବକୁଳ ଛୁରିଅନା କୁଞ୍ଜର ବନ ବିଦ୍ୟାଳୟ। ବକୁଳ, ତମାଳ ତରୁ ବ୍ରତତୀର ସ୍ନିଗ୍ଧ ଛାୟାରେ ବସି ଛାତ୍ରମାନେ ଗୁରୁଙ୍କ ମୁଖରୁ ଶିକ୍ଷା ଗ୍ରହଣ କରୁଥିଲେ। ବନ ବିଦ୍ୟାଳୟର ଗୁରୁମାନେ ମଧ୍ୟ ଋଷି ପ୍ରତିମ ଥିଲେ। ପରବର୍ତ୍ତୀ କାଳରେ ଜନପଦମାନଙ୍କରେ ମାଟିବଂଶର ଅବଧାନମାନେ ଶିକ୍ଷାଦାନ କଲେ। ଧନୀ ଜମିଦାରଙ୍କ ବ୍ୟତୀତ ଖୁବ କମ୍ ପିଲା ଅଧ୍ୟୟନର ସୁଯୋଗ ପାଇଲେ। ପରେ ଗ୍ରାମ୍ୟ ଚାଟଶାଳୀରେ ସମସ୍ତ ବର୍ଗର ଛାତ୍ର ଅଧ୍ୟୟନ କରିବାର ସୁଯୋଗ ପାଇଲେ। ଛାନ୍ଦ, ପ୍ରବନ୍ଧ, ପଣିକିଆ ପ୍ରଭୃତି ସେଠାରେ ଅବଧାନେ ଶିକ୍ଷାଦାନ କଲେ। କିନ୍ତୁ ତାହା ମଧ୍ୟ ସାର୍ବଜନୀନ ହୋଇପାରିଲା ନାହିଁ।

ସ୍ୱାଧୀନତା ପରେ ସରକାରୀ ପ୍ରାଥମିକ ବିଦ୍ୟାଳୟମାନ ପ୍ରତିଷ୍ଠା କରାଗଲା। ଆଧୁନିକ ପ୍ରାଥମିକ ବିଦ୍ୟାଳୟଗୁଡ଼ିକରେ ଛାତ୍ରଛାତ୍ରୀମାନେ ସ୍ୱଚ୍ଛନ୍ଦରେ ଅଧ୍ୟୟନ କରିପାରିଲେ। ଗାଁରେ ଥିବା ସରକାରୀ ଜମିରେ ବିଦ୍ୟାଳୟ ଖୋଲାଗଲା। ଅନେକ ସ୍ଥଳରେ ଧନିକ ଶ୍ରେଣୀର ଲୋକମାନେ ଜମି ଦେଇ ଘରଦ୍ୱାର ମଧ୍ୟ ତୋଳାଇ ଦେଲେ। ଗ୍ରାମବାସୀମାନେ ବିଦ୍ୟାଳୟର ରକ୍ଷଣାବେକ୍ଷଣ ତଥା ପରିଚାଳନା ଦାୟିତ୍ୱ ନେଲେ। କ୍ରମଶଃ ଝିଅମାନେ ବିଦ୍ୟାଳୟକୁ ଆସିଲେ। ଏହାପୂର୍ବରୁ ତତ୍କାଳୀନ ସମାଜରେ ଝିଅମାନେ ବାହାରକୁ ଯାଇ ପାଠ ପଢ଼ିବା ଏକ ଦୁରୁହ କାର୍ଯ୍ୟ ଥିଲା। ବ୍ୟାସକବି ଫକୀରମୋହନଙ୍କ ରେବତୀ ଗଳ୍ପ ଏହାର ଏକ ପ୍ରତିଫଳନ। ଛାତ୍ର-ଶିକ୍ଷକଙ୍କ ମଧ୍ୟରେ ସୁସମ୍ପର୍କ ସ୍ଥାପିତ ହେଲା। ଅଭିଭାବକମାନେ ମଧ୍ୟ ବିଦ୍ୟାଳୟ ସହିତ ସମ୍ପର୍କ ରକ୍ଷା କରୁଥିଲେ। କୌଣସି ଛାତ୍ର ବିଦ୍ୟାଳୟକୁ ନ ଆସିଲେ ଶିକ୍ଷକ ତା' ଘରକୁ ଯାଇ ଭଲମନ୍ଦ ବୁଝିବା ସହିତ ତାକୁ ଡାକି ଆଣୁଥିଲେ। 'ସମସ୍ତେ ପଢ଼ିବେ ସମସ୍ତେ ବଢ଼ିବେ', 'ଶିକ୍ଷା ହେଉଛି ମଣିଷର ମୌଳିକ ଅଧିକାର।' ସମ୍ବିଧାନର ଧାରା ୨୧ (ଏ)ରେ ଏହା ନିଶ୍ଚିତ କରାଯାଇଛି। ଗାଁ ଗହଳିରେ ଶିକ୍ଷକମାନେ ସମ୍ମାନିତ ବ୍ୟକ୍ତି ଭାବରେ ପ୍ରତିଷ୍ଠା ପାଇଲେ। ବିଦ୍ୟାଳୟର ଶୈକ୍ଷିକ ବାତାବରଣ ବେଶ୍ ମନୋରମ ହୋଇପାରିଲା।

ଶିକ୍ଷାଳୟ ଜ୍ଞାନର ମନ୍ଦିର। ଏହା ଅତ୍ୟନ୍ତ ପବିତ୍ର ସ୍ଥାନ। ସେହିପରି ଅଧ୍ୟୟନ ଏକ ମହାଯଜ୍ଞ। ଏଥିରେ ଛାତ୍ର ଜଜମାନ, ଶିକ୍ଷକ ପୁରୋହିତ। ଶିକ୍ଷାୟତନ ଏକ ଯଜ୍ଞଶାଳା। ସତ୍ୟବାଦୀ ବନ ବିଦ୍ୟାଳୟ ଏବଂ ସ୍ୱାଧୀନତା ପରେ ସରକାରଙ୍କ ଦ୍ୱାରା ପ୍ରତିଷ୍ଠିତ ମୌଳିକ ଶିକ୍ଷା ଏବଂ ମୌଳିକ ବିଦ୍ୟାଳୟମାନଙ୍କରେ ନ୍ୟୂନାଧିକେ ଏ ସବୁ ଦେଖିବାକୁ ମିଳୁଥିଲା। ସମୟକ୍ରମେ ଆଧୁନିକତାର ଦ୍ୱାହି ଦେଇ ଏହାର ପବିତ୍ରତା ନଷ୍ଟ ହୋଇଚାଲିଛି। ଏବେ ଆଉ ପ୍ରାଥମିକ ବିଦ୍ୟାଳୟରେ ସେ ଗୌରବ ନାହିଁ କି ସେ ଶୈକ୍ଷିକ ବାତାବରଣ ଆଉ ନାହିଁ। ଶିକ୍ଷକମାନେ ଚାକିରି କରି ଅର୍ଥ ଉପାର୍ଜନ ପାଇଁ ଆସୁଛନ୍ତି। ମାତ୍ର ପିଲାଟିର ଉନ୍ନତି ବିଷୟରେ ସେମାନେ ଚିନ୍ତା କରୁନାହାନ୍ତି। ବିଦ୍ୟାଳୟର ଝାଟିମାଟି ଚାଳଘର ଏବେ କୋଠାରେ ପରିଣତ ହୋଇଯାଇଛି। ସେହି ଅଞ୍ଚଳକୁ ଦଣ୍ଡମୁକ୍ତ ଅଞ୍ଚଳ କରି ଦିଆଯାଇଛି। କେତେକ ଛାତ୍ର ଖାଲି ମଧ୍ୟାହ୍ନଭୋଜନ ପାଇଁ ସ୍କୁଲକୁ ଆସୁଛନ୍ତି କହିଲେ ଅତ୍ୟୁକ୍ତି ହେବ ନାହିଁ।

ପାଶ୍ଚାତ୍ୟ ଦେଶକୁ 'ମ୍ଳେଚ୍ଛ ଦେଶ' ବୋଲି 'ମନୁ ସଂହିତା'ରେ କୁହାଯାଇଛି। କିନ୍ତୁ ପରିବର୍ତ୍ତିତ ପରିସ୍ଥିତିରେ ଆଜି ସବୁକିଛି ବଦଳିଯାଇଛି। ଆଜି ଭାରତୀୟମାନେ ବିଦେଶରୁ ଶିକ୍ଷାଲାଭ କରି ଆସିବା ପରେ ତାଙ୍କୁ ଏଠାରେ ସମ୍ମାନ ଦିଆଯାଉଛି ଏବଂ ସେମାନେ ଗର୍ବ ଅନୁଭବ କରୁଛନ୍ତି। ଏ ସବୁକୁ ଦେଖିଲେ ମନରେ ସ୍ୱତଃ ପ୍ରଶ୍ନଟିଏ ଉଠୁଛି - ଏ କ'ଣ ସେହି ଭାରତବର୍ଷ, ଯିଏ ଦିନେ ଶିକ୍ଷା କ୍ଷେତ୍ରରେ ଅପୂର୍ବ ଗୌରବର ଅଧିକାରୀ ହୋଇ ବିଶ୍ୱଗୁରୁର ସମ୍ମାନ ଲାଭ କରିଥିଲା? ତା'ଠାରୁ ବଡ଼ ପ୍ରଶ୍ନ ହେଉଛି ବିଶ୍ୱଗୁରୁ ଭାରତର ସେ ହୃତଗୌରବ ସତରେ କ'ଣ ଆଉ ଫେରିବନି? ●

ସାକ୍ଷୀଗୋପାଳ(ପୁରୀ), ମୋ: ୯୯୩୭୮୩୫୨୩୦

# ଧାତବ ଜୈବିକ ଆଧାରକୁ ନୋବେଲ ସ୍ୱୀକୃତି

**ଶ୍ରୀନନ**

**ବିଜ୍ଞାନ ବାର୍ତ୍ତା**

ଚଳିତ ବର୍ଷ (୨୦୨୫) ରସାୟନ ବିଜ୍ଞାନରେ ନୋବେଲ ପୁରସ୍କାର ପ୍ରଦାନ କରାଯାଉଛି ଜାପାନର କିଓଟୋ ବିଶ୍ୱବିଦ୍ୟାଳୟ ସୁସୁମୁ କିଟାଗାୱା, ମେଲବୋର୍ଣ୍ଣ ବିଶ୍ୱବିଦ୍ୟାଳୟର ରିଚାର୍ଡ ରୋବ୍‌ସନ ଏବଂ କାଲିଫର୍ଣ୍ଣିଆ ବିଶ୍ୱବିଦ୍ୟାଳୟର ଓମାର ୟାଘିଙ୍କୁ। ସେମାନଙ୍କର ଗୁରୁତ୍ୱପୂର୍ଣ୍ଣ ଉଦ୍‌ଭାବନ 'ଧାତବ-ଜୈବିକ ଆଧାର' (ମେଟାଲ-ଅର୍ଗାନିକ ନେଟୱାର୍କ୍ ବା ସଂକ୍ଷେପରେ ଏମ୍‌ଓଏଫ୍) ଲାଗି। ଏହି ପଦାର୍ଥଗୁଡ଼ିକରେ ଧାତବ ଆୟନ୍‌ଗୁଡ଼ିକ ଜୈବିକ ଅଣୁମାନଙ୍କ ଦ୍ୱାରା ଏକ ନିୟମିତ ପୁନରାବୃତ୍ତି ଘଟୁଥିବା ଢଙ୍ଗରେ ସଂଯୁକ୍ତ ହୋଇ ତ୍ରିପରିସରୀୟ ସଂରଚନାଟିଏ ସୃଷ୍ଟି କରିଥା'ନ୍ତି। ଏହା ବିଷୟରେ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଯେ ଏଥିରେ ଥିବା ଧାତବ ଆୟନ ଏବଂ ଜୈବିକ ଅଣୁ ମଧ୍ୟରେ ଶୂନ୍ୟସ୍ଥାନ ବିଶାଳକାୟ ରନ୍ଧ୍ର ରୂପେ କାର୍ଯ୍ୟ କରି ଏହାକୁ ଅତ୍ୟନ୍ତ ସଚ୍ଛିଦ୍ର କରିଥା'ନ୍ତି। ୟାଘିଙ୍କ କହିବା ଅନୁସାରେ ଏକ ଗ୍ରାମ ଏମ୍‌ଓଏଫ୍‌ର ଆଭ୍ୟନ୍ତରୀଣ ପୃଷ୍ଠଭୂମିର ଆକାର ପ୍ରାୟ ଏକ କ୍ଷୁଦ୍ର ଫୁଟବଲ ପଡ଼ିଆ ସହିତ ସମାନ। ଏହି କାରଣରୁ ଏଗୁଡ଼ିକ ଜେଓଲାଇଟ୍ ଏବଂ ମେସୋପୋରୋସ୍ ସିଲିକା ଭଳି ଅନ୍ୟାନ୍ୟ ସଚ୍ଛିଦ୍ର ପଦାର୍ଥ ତୁଳନାରେ ବହୁଗୁଣ ଅଧିକ ଶୋଷଣକାରୀ ରୂପେ କାର୍ଯ୍ୟ କରେ।

ବିଭିନ୍ନ ଧାତୁ ବ୍ୟବହାର କରି ଏବଂ ଜୈବିକ ସଂଯୋଗକାରୀ ଅଣୁ ଦ୍ୱାରା ଏମ୍‌ଓଏଫ୍‌ର ରନ୍ଧ୍ରଗୁଡ଼ିକୁ ସାନ କିମ୍ବା ବଡ଼ କରାଯାଇ ପାରିବା ସହିତ ତାହାକୁ ଅଧିକ ସକ୍ରିୟ କରିହେବ। ଅତଏବ, ତାହାକୁ ବାଷ୍ପ ସଂଚୟ କିମ୍ବା ବିଭିନ୍ନ ପ୍ରକାର ପରିସ୍ରବଣ କିମ୍ବା ଅଙ୍ଗାରକାମ୍ଳ ଶୋଷଣ ଆଦି କାର୍ଯ୍ୟରେ ନିୟୋଜିତ କରାଯାଇପାରିବ। ପୁନଶ୍ଚ ଏହାର ରାସାୟନିକ ଧର୍ମ ବଦଳାଇ ଏହାକୁ ଉତ୍ପ୍ରେରଣ, ବିଦ୍ୟୁତ୍ ରସାୟନ ବିଜ୍ଞାନ ଏବଂ ଫ୍ଲୋରେସେନସ୍‌ଭିତ୍ତିକ ଚିତ୍ର ଉତ୍ତୋଳନ ଆଦିରେ ବ୍ୟବହାର କରିହେବ।

ରୋବସନ୍ ୧୯୮୦ ଦଶକରେ ହୀରାର ସଂରଚନା ଅନୁକରଣରେ ତମ୍ବା ଧାତୁର ଆୟନ ସହିତ ଏକ ଜୈବିକ ଅଣୁ (ଲିଜେଣ୍ଡ) ଯୋଡ଼ି ଏହା ପ୍ରସ୍ତୁତ କରିବାକୁ ଉଦ୍ୟମ ଚଳାଥିଲେ। ଏଥିରେ ତାଙ୍କୁ ସଫଳତା ମିଳିଲା ୧୯୮୯ ମସିହାରେ। ତତ୍ପରେ ୟାଘି ଏବଂ କିଟାଗାୱା ବିଭିନ୍ନ ଧାତବ ଆୟନ ଏବଂ ସଂଯୋଗକାରୀ ଜୈବିକ ଅଣୁ (ଲିଜେଣ୍ଡ) ବ୍ୟବହାର କରି ଏକ୍ଷେତ୍ରକୁ ବିକଶିତ କରିବାକୁ ଲାଗିଲେ। ଫଳରେ ପରବର୍ତ୍ତୀ ବର୍ଷମାନଙ୍କରେ ତାହା ଅଧିକରୁ ଅଧିକ ପ୍ରସ୍ତୁତ କରିବା ସମ୍ଭବ ହେଲା ଏବଂ ୨୦୦୦-ଦଶକ ବେଳକୁ ଏଥିରୁ ମାତ୍ର କେତେ ଡଜନ୍ ତିଆରି ହୋଇ ପାରିଥିବା ସ୍ଥଳେ ବିଗତ ବର୍ଷ (୨୦୨୪) ଏହା ପ୍ରାୟ ୧୦ ହଜାର ପର୍ଯ୍ୟନ୍ତ ହୋଇପାରିଛି। ଅତଏବ ଆଜି ସୁଦ୍ଧା ଏଗୁଡ଼ିକର ସଂଖ୍ୟା ଏକ ଲକ୍ଷ ଅତିକ୍ରମ କରିଗଲା, ଯାହାକି ଅତ୍ୟନ୍ତ ସୁଦୃଢ଼ ଏବଂ ୩୦୦ ରୁ ୩୫୦ ଡିଗ୍ରୀ ସେଲ୍ସିୟସ୍ ତାପ ସହ୍ୟ କରିପାରୁଛି।

ଇତିମଧ୍ୟରେ ବିଭିନ୍ନ ଦେଶର କମ୍ପାନୀମାନେ ଏହାକୁ ବ୍ୟବସାୟିକ ଭିତ୍ତିରେ ଉତ୍ପନ୍ନ କରି ନାନାଦି କାର୍ଯ୍ୟରେ ଲଗାଇବା ପାଇଁ ଅର୍ଥ ବିନିଯୋଗ କରିବା ଆରମ୍ଭ କରିଦେଲେଣି। ଉଦାହରଣ ସ୍ୱରୂପ ଇଂଲଣ୍ଡର 'ନୂଆଡା' ନାମକ କମ୍ପାନୀ ସତେଜ ଫଳ ଓ ପନିପରିବା ଆଦିକୁ ଦୀର୍ଘକାଳ ଧରି ଗଚ୍ଛିତ ରଖିବାରେ ଏହାକୁ ଉପଯୋଗ କରୁଛି। ଏଥିରେ ବ୍ୟବହୃତ ଏମ୍‌ଏଫ୍‌ଓରେ ରହୁଛି ଏକ ରାସାୟନିକ ପଦାର୍ଥ, ଯାହାକି ସେଗୁଡ଼ିକୁ ନଷ୍ଟ ହେବାକୁ ଦେଉନାହିଁ। ସେହିପରି ଆମେରିକାର 'ନୁମାଟ୍' କମ୍ପାନୀ ତିଆରି କରିଥିବା ଏହି ଜାତୀୟ ଏକ ନୂତନ ପଦାର୍ଥ ଶିଳ୍ପରୁ ନିର୍ଗତ ପ୍ରଦୂଷଣକାରୀ ବାଷ୍ପରୁ ଅଙ୍ଗାରକାମ୍ଳ ଏବଂ ଅଲଗା ଅଲଗା ଭାବେ ଅନ୍ୟାନ୍ୟ ବାଷ୍ପଗୁଡ଼ିକୁ ଶୋଷଣ କରି ଧରିରଖୁଛି। ସେଗୁଡ଼ିକୁ ବିଭିନ୍ନ ଶିଳ୍ପ କ୍ଷେତ୍ରରେ ବ୍ୟବହାର କରାଯାଉଛି। ଅନ୍ୟପକ୍ଷରେ ଜଳାଭାବର ସମ୍ମୁଖୀନ ହେଉଥିବା ଉପସାଗରୀୟ ଦେଶମାନଙ୍କରେ ବ୍ୟବହାର ଏହାର 'ମେଟ୍' ନାମକ କମ୍ପାନୀ କେତେ ପ୍ରକାର ଏମ୍‌ଓଏଫ୍ ତିଆରି କରି ବ୍ୟବସାୟିକ ଭିତ୍ତିରେ ବାୟୁରୁ ଜାତୀୟ ବାଷ୍ପ ଶୋଷଣ କରି ତାହାକୁ ତରଳ ଜଳରେ ପରିଣତ କରିବା କାର୍ଯ୍ୟକ୍ରମ ଆରମ୍ଭ କରିଛି। ଏହା ସେଠାରେ ପାନୀୟ ଜଳସଂକଟକୁ କିଛିମାତ୍ରାରେ ଦୂର କରିପାରିବ। ବୈଜ୍ଞାନିକମାନେ ଆଶା କରନ୍ତି ଯେ ଆଗାମୀ ଦିନମାନଙ୍କରେ ଏହାର ବିଭିନ୍ନ କିସମ ଅଧିକରୁ ଅଧିକ ସଂଖ୍ୟାରେ ପ୍ରସ୍ତୁତ ହେବ। ତାହା ମାନବଜାତିର ବିବିଧ କଲ୍ୟାଣକାର କ୍ଷେତ୍ରରେ ବିନିଯୋଗ ହୋଇ ପାରିବ। ●

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୬୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ବିଜେପିରେ ଯୋଗ ଦେଲେ ଅମର ପଟ୍ଟନାୟକ

ଭୁବନେଶ୍ୱର,୩।୧୧(ସମିସ): ପୂର୍ବତନ ରାଜ୍ୟସଭା ସାଂସଦ ଅମର ପଟ୍ଟନାୟକ ଆଜି ବିଜେପିରେ ସାମିଲ ହୋଇଛନ୍ତି। ରାଜ୍ୟ କାର୍ଯ୍ୟାଳୟରେ ଅନୁଷ୍ଠିତ ଏହି ମିଶ୍ରଣ ପର୍ବରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ରାଜ୍ୟ ସଭାପତି ମନମୋହନ ସାମଲ, ରାଜ୍ୟ ପ୍ରଭାରୀ ବିଜୟପାଲ ସିଂ ତୋମାର, ପୂର୍ବତନ ରାଜ୍ୟ ସଭାପତି ତଥା ରାଷ୍ଟ୍ରୀୟ କାର୍ଯ୍ୟକାରିଣୀ ସଦସ୍ୟ ସମୀର ମହାନ୍ତି ପ୍ରମୁଖ ଉପସ୍ଥିତ ରହି ଅମରଙ୍କୁ ଦଳୀୟ ଟୋପି ଓ ଉତ୍ତରୀୟ ପିନ୍ଧାଇ ଦଳକୁ ସ୍ୱାଗତ କରିଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ନେତୃତ୍ୱ ଓ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ବିକାଶମୂଳକ କାର୍ଯ୍ୟରେ ଅନୁପ୍ରାଣିତ ହୋଇ ସେ ବିଜେପିରେ ଯୋଗ ଦେଇଥିବା ଅମର କହିଛନ୍ତି।

# ସୁବିଧାବାଦୀ ରାଜନୀତିର ଉତ୍କୃଷ୍ଟ ଉଦାହରଣ : ବିଜେଡି

- ବିଜେଡି ଅମର ପଟ୍ଟନାୟକଙ୍କୁ ଦେଇଥିଲା ରାଜନୈତିକ ପରିଚୟ
- ଅମର ସ୍ପଷ୍ଟ କରନ୍ତୁ ଭୋଟ ଚୋରି ସଂପର୍କରେ ନିଜ ଆଭିମୁଖ୍ୟ



ଭୁବନେଶ୍ୱର,୩।୧୧(ସମିସ): ପୂର୍ବତନ ରାଜ୍ୟସଭା ସାଂସଦ ଅମର ପଟ୍ଟନାୟକ ବିଜେପିରେ ଯୋଗଦାନକୁ କଡ଼ା ସମାଲୋଚନା କରିଛି ବିଜେଡି । ତାଙ୍କର ବିଜେପି ଯୋଗଦାନ ସୁବିଧାବାଦୀ ରାଜନୀତିର ଉତ୍କୃଷ୍ଟ ଉଦାହରଣ ଓ ଏହାଦ୍ୱାରା ବିଜେଡିରେ ସାମାନ୍ୟ ପ୍ରଭାବ ପଡ଼ିବ ନାହିଁ ବୋଲି କହିଛି ବିଜେଡି। ଶଙ୍ଖ ଭବନଠାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ସାଧାରଣ ସମ୍ପାଦିକା ତଥା ରାଜ୍ୟସଭା ସାଂସଦ ସୁଲତା ଦେଓ, ମୁଖପାତ୍ର ଡ. ଲେନିନ୍ ମହାନ୍ତି, ସାଧାରଣ ସମ୍ପାଦିକା ରଞ୍ଜିତା ସାହୁ ଓ ଗୀତାଞ୍ଜଳି ପ୍ରଧାନ ପ୍ରମୁଖ ଅମର ପଟ୍ଟନାୟକଙ୍କ ଏପରି କାର୍ଯ୍ୟକୁ ତୀବ୍ର ସମାଲୋଚନା କରିଛନ୍ତି। ସୁଲତା କହିଛନ୍ତି ଯେ ବିଜେଡି ସଭାପତି ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଅମର ପଟ୍ଟନାୟକଙ୍କୁ ରାଜ୍ୟସଭା ପଠାଇଥିଲେ। ତାଙ୍କୁ ଦଳର ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱ ସହ ରାଜନୈତିକ ପରିଚୟ ଦେଇଥିଲେ । ଗତ ସାଧାରଣ ନିର୍ବାଚନରେ ବିଜେପିର ଭୋଟ ଚୋରି ବାବଦରେ ସମସ୍ତ ତଥ୍ୟ ସହ ନିର୍ବାଚନ କମିଶନ ନିକଟରେ ବିଜୁ ଜନତା ଦଳ ପକ୍ଷରୁ ଅଭିଯୋଗ ଦାୟର ହୋଇଥିଲା। ଯେଉଁଥିରେ ଅମର ପଟ୍ଟନାୟକ ପ୍ରମୁଖ ଭୂମିକା ନେଇଥିଲେ। ବର୍ତ୍ତମାନ ବିଜେପିରେ ସାମିଲ ହେଲାପରେ ଭୋଟ ଚୋରି ସଂପର୍କରେ ତାଙ୍କ ଆଭିମୁଖ୍ୟ ସ୍ପଷ୍ଟ କରନ୍ତୁ ।

ସେହିପରି ଲେନିନ୍ କହିଛନ୍ତି ଯେ ଅବସର ଗ୍ରହଣ କରିବା ପରେ ବିଜୁ ଜନତା ଦଳର ଆଦର୍ଶ ତଥା ନବୀନ ବାବୁଙ୍କ ନେତୃତ୍ୱକୁ ସର୍ବଦା ପ୍ରଶଂସା କରିଆସୁଥିବା ଅମର ପଟ୍ଟନାୟକ ବର୍ତ୍ତମାନ ରାସ୍ତା ନିର୍ମାଣ କରିବା ପାଇଁ ବିଜେପିରେ ଯୋଗ ଦେଇଥିବା କହିବା ହାସ୍ୟାସ୍ପଦ। ସାମାଜିକ ଗଣମାଧ୍ୟମରେ ପ୍ରତ୍ୟେକ ଦିନ ବିଜେପିର ଶୀର୍ଷ ନେତୃତ୍ୱ ତଥା ରାଜ୍ୟ ସରକାରଙ୍କ ଦୋଷ ଦୁର୍ବଳତା ଓ ଅପାରଗତାକୁ ଲୋକଲୋଚନକୁ ଆଣୁଥିବା ଶ୍ରୀ ପଟ୍ଟନାୟକ ଆଜି ହଠାତ ୟୁ ଟର୍ଣ୍ଣ ନେଇ ବିଜେପି ୱାସିଙ୍ଗ ମେସିନରେ ପଶିବା ସୁବିଧାବାଦ ରାଜନୀତିର ଶ୍ରେଷ୍ଠ ଉଦାହରଣ। ଉପନିର୍ବାଚନ ପ୍ରଚାର ପାଇଁ ନବୀନ ପଟ୍ଟନାୟକ ନୂଆପଡାରେ ଥିବା ସମୟରେ ବିଜେପି ଅମର ପଟ୍ଟନାୟକଙ୍କୁ ନିଜ ଦଳରେ ସାମିଲ କରିବା ପାଇଁ ସମୟ ଧାର୍ଯ୍ୟ କରିବା, ରାଜନୈତିକ ଉଦ୍ଦେଶ୍ୟ ପ୍ରଣୋଦିତ। ଯେଉଁଭଳି ଭାବେ ନୂଆପଡାବାସୀ ଆଜି ନବୀନ ପଟ୍ଟନାୟକଙ୍କୁ ସ୍ୱାଗତ କରିଛନ୍ତି, ଏହାଦ୍ୱାରା ବିଜେପିର ମିଶ୍ରଣ ଉଦ୍ୟମ ଫସର ଫାଟିଛି ଓ ଉପନିର୍ବାଚନରେ ଏହାର କୌଣସି ପ୍ରଭାବ ପଡିବ ନାହିଁ ବୋଲି ଡ. ମହାନ୍ତି କହିଛନ୍ତି।

## ଗାଁକୁ ଫେରିଲା ଦାଦନ ଶ୍ରମିକର ଶବ

ଥୁଆମୁଲରାମପୁର,୩।୧୧(ସମିସ): କଳାହାଣ୍ଡି ଜିଲ୍ଲା ଥୁଆମୁଲରାମପୁର ବ୍ଲକ୍ କର୍ଲାପାଟ ଥାନା ଅଧୀନ ଢୁବାଙ୍ଗ ଗ୍ରାମର ଉଦୟ ମାଝୀ(୨୫) କାମଧନ୍ଦା ଅନ୍ୱେଷଣରେ ସୁଦୂର କେରଳ ଯାଇ କୋଝିକୋଡିର କାଦ୍ୱାଡିରେ ଏକ ଠିକା ସଂସ୍ଥାରେ କାମ କରୁଥିଲେ। ଗତ ୧ ତାରିଖ ଶନିବାର ସେଠାରେ କାମ କରୁଥିବା ବେଳେ ଘରର କାନ୍ଥ ଭୁଶୁଡ଼ି ପଡ଼ିଥିଲା। ସ୍ଲାବ ତଳେ ଉଦୟ ଚାପି ହୋଇ ଗୁରୁତର ହୋଇଥିଲେ। ତାଙ୍କୁ ସେଠାକାର ଏକ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲେ ହେଁ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସୋମବାର ସକାଳେ ଗାଁରେ ଶବ ପହଞ୍ଚିବା ପରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ପରିବାର ଏବଂ ସମ୍ପର୍କୀୟଙ୍କ କାନ୍ଦବୋବାଳିରେ ଗାଁ ଦାଣ୍ଡ ଫାଟି ପଡ଼ିଥିଲା। ଶୋକାକୁଳ ପରିବେଶରେ ଗାଁ ଶ୍ମଶାନକୁ ଦାହ ସଂସ୍କାର ପାଇଁ ନିଆଯାଇଥିଲା।

**AFFIDAVIT**
I, Sagupta Zari W/o MD Shahud Pervez, Resident of Latumia Lane, Panposh Town, PO-Rourkela-4, PS-Raghunathpali, Dist-Sundargarh, Odisha, PIN-769004, declared by this affidavit No A/08 Dated 01.11.2025 that now onwards I shall be known as **SHAGUFTA PERVEZ** for all future purposes.

**PUJA OFFER SALE**
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
**9437015112**

**NOTICE (FOR MINOR)**
Gangadhar Sahu, aged about 44 years, S/o-Late Sambaru Sahu, resident of AT: Plot No. 322, Raghunath Nagar, Dumuduma Housing Board Colony, Ps-Khandagiri, Bhubaneswar, Dist-Khordha, Pin-751019, declare that I have changed the name of my son from Priyanshu Pritam to Priyanshu Pritam Sahu henceforth he shall be known as **Priyanshu Pritam Sahu** for all purposes.
Sd/- Gangadhar Sahu

**AFFIDAVIT**
By virtue of an affidavit No. 572, dtd. 01.08.2025 in the court of the Executive Magistrate, Koraput, I, Cahnini Bibi resident of Tudukuthuba, Po- T. Thuba, Ps.- Nandapur, Dist.- Koraput-764037 have changed my name from Chandini Bagama to Chandi Bibi. Henceforth I shall be known as **Chandini Bibi** for all purposes.
Sd/- Chandini Bibi

**NOTICE**
By the virtue of an Natatory partnership deed sworn before the notary public Bhubaneswar dated 29.10.2025 . I Premanand Nath bearing Aadhar no.2609 2268 8325 S/o late Dharanidhar Nath from the Organization M/s Jaleswar Packaging is no more interested to continue as Partner with effect from 18.10.2025. The Partners have agreed to reconstitute the business as per the reconstitute Deed for all the purpose.

**AFFIDAVIT**
I, TAUHID MOHAMMED, age-67, S/o- Nabu Mian, Adress: D/29, Sector-16, Rourkela, Dist.: Sundargarh, PIN-769003, Odisha, declared by this Affidavit No.1342/2025, Dated: 01.11.2025. That now onwards I shall be known as MD TAUHEED for all future Purposes.

**AFFIDAVIT**
By virtue of an affidavit sworn before The Executive Magistrate, G.Udayagiri, Kandhamal, date- 16/10/2025. I, **N Dirghika Saumya Deepti,** D/o Situ Kumar Nayak, permanent resident of Village-Lebaguda, PO- Rudangia, PS-G.Udayagiri, Dist- Kandhamal, PIN-762100, Odisha declare that I have changed my name from **N.Dirghika Soumya Dipty** to **N Dirghika Saumya Deepti.** Henceforth, I shall be known as **N Dirghika Saumya Deepti** (new name) for all future purposes.
N Dirghika Saumya Deepti

**AFFIDAVIT**
By virtue of an affidavit no 5274 sworn before the Executive Magistrate, Tirtol dated- 31/10/2025, I **Namita Das,** resident of At-Bakharpur, Po- Malanda, Ps-Tirtol, Dist- Jagatsinghpur, Pin- 754136, Odisha declare that I have changed my name from **Ruksar Parwin** (old name) to **Namita Das** (new name). Henceforth, I shall be known as **Namita Das** for all future purposes.
**Namita Das**

**AFFIDAVIT**
By virtue of an affidavit before the Notary Public, Titilagarh, on dated-30/10/2025. I, **Nilakantha Bagarty** (applicant name), S/o Dharanidhar Bagarty, permanent & current resident of AT/PO- Bijepur, PS-Titilagarh, Dist- Balangir, (Odisha), PIN Code: 767033 declare that I have changed my minor son's name from **Meet Bagarty** (old name) to **Jeet Bagarty** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he shall be known as **Jeet Bagarty** (new name) for all purposes.
**Nilakantha Bagarty**

**AFFIDAVIT**
I, Elakiya Sabapathi, W/o-P. Sabapathi, Resident of Qtr No. C-31, CMPDI COLONY, Post- Sainik School, Bhubaneswar, Dist.- Khorda, Pin-751005, Odisha declare by this Affidavit No. 76AA 943695, Dated 03.07.2025, that now onwards I shall be known as **U. ELAKIYA** for all future purposes.

**AFFIDAVIT**
By virtue of an affidavit no 5855, sworn before the Executive Magistrate, Champua on dtd- 16/10/2025, I **Puja Naik**, W/o- Akash Mallick, resident of At/Po/Ps-Champua, Dist- Keonjhar, Pin-758041, Odisha, I have changed name from **Puja Mallick** (old name) to **Puja Naik** (new name). Henceforth both the name **Puja Mallick** and **Puja Naik** is one & same person, I will be known as **Puja Naik** for all future purposes.
**Puja Naik**

**AFFIDAVIT**
I, Shahina Bano Suriya, aged about 45 years, W/o-Mohammad Irfan, resident of Ward No 05, Dasarapada, Bhanjamandap, Po-Umarkote, Ps- Umarkote, Dist- Nabarangapur, Odisha, PIN- 764073 declare by this affidavit No. 2251, dtd- 03/11/2025, that now onwards I shall be known as **SAHINA BANU SURIYA** for all future purposes.

Government of India
**Income Tax Department**
Bhubaneswar
**ସାର୍ବଜନୀନ ସୂଚନା**
F.No. Nodal Officer/Odisha Elections/2025-26/ Date: 31.10.2025
71-ନୂଆପଡା ବିଧାନସଭା ନିର୍ବାଚନ ମଧ୍ୟବର୍ତ୍ତୀ ଭୋଟ, 2025 ଘୋଷଣା କରାଯାଇଛି ଭାରତର ନିର୍ବାଚନ ଆୟୋଗ ଦ୍ୱାରା । ନିର୍ବାଚନ ପ୍ରକ୍ରିୟା ସମୟରେ କଳା ଟଙ୍କା ବ୍ୟବହାର ରୋକିବା ପାଇଁ ଆୟକର ବିଭାଗ ନିୟମ କଡାକଡି ରଖିବା ପାଇଁ ଦାୟିତ୍ୱ ପାଇଛି ।
ଅଘୋଷିତ ଅର୍ଥ ଓ ଅନ୍ୟ ଅଘୋଷିତ ମୂଲ୍ୟବାନ ସାମଗ୍ରୀର ସୂଚନା ଓ ଅଭିଯୋଗ ପ୍ରାପ୍ତ କରିବାପାଇଁ ଆୟକର ବିଭାଗ, ଓଡ଼ିଶା ଦ୍ୱାରା ୨୪×୭ କଲ୍ ସେଣ୍ଟର୍ ସୁବିଧା ସହିତ ନିମ୍ନଲିଖିତ ଯୋଗାଯୋଗ ନମ୍ବର ସହିତ ଭୁବନେଶ୍ୱରରେ ଏକ କେନ୍ଦ୍ରୀୟ ନିୟନ୍ତ୍ରଣ କକ୍ଷ ସହିତ ସୂଚନା ଅଭିଯୋଗ ପ୍ରକୋଷ୍ଠ ସ୍ଥାପିତ ହୋଇଛି ।
**ନିର୍ବାଚନ ନିୟନ୍ତ୍ରଣ ପ୍ରକୋଷ୍ଠ ସହ ଅଭିଯୋଗ ପରିଚାଳନା ପ୍ରକୋଷ୍ଠ**
**ଟୋଲ୍ ଫ୍ରି ନମ୍ବର: 1800-345-7921**
**ହ୍ୱାଟ୍ସଆପ୍ ନମ୍ବର : 9438917442**
**ଇ ମେଲ କରନ୍ତୁ: Bhubaneswar.addidit.inv2@incometax.gov.in**
ନିର୍ବାଚନ ସମ୍ବନ୍ଧୀୟ କୌଣସି ପ୍ରକାର ଅନୁଚିତ ନଗଦ ରାଶିର ଲେଣଦେଣ କିମ୍ବା ଅଘୋଷିତ ନଗଦ ରାଶି ଓ ମୂଲ୍ୟବାନ ସାମଗ୍ରୀର ସୂଚନା ବିଷୟରେ ଦୟାକରି ଉପରୋକ୍ତ ନମ୍ବରରେ ସୂଚନା ଦିଆଯାଇପାରିବ ।
ସ୍ୱା/- ବିମଲେନ୍ଦୁ ତୁଡୁ
ଯୁକ୍ତ ନିର୍ଦ୍ଦେଶକ, ଆୟକର (ଅନ୍ୱେଷଣ)
ୟୁନିଟ୍ -୨ ସହ ନୋଡାଲ ଅଧିକାରୀ (ଇ.ଇ.ଏମ୍.), ଭୁବନେଶ୍ୱର

## ମନ୍ତ୍ରୀଙ୍କ ସତ୍ୟପାଠରେ ଅସତ୍ୟ ତଥ୍ୟ

# କୃଷ୍ଣ ପାତ୍ରଙ୍କ ବିଧାୟକ ପଦ ରଦ୍ଦ ଦାବି କଲା କଂଗ୍ରେସ

ଭୁବନେଶ୍ୱର,୩।୧୧(ସମିସ): ୨୦୨୪ ରାଜ୍ୟ ବିଧାନସଭା ନିର୍ବାଚନରେ ଢେଙ୍କାନାଳ ବିଧାନସଭା ଆସନରୁ ବିଜୟୀ ହୋଇ ରାଜ୍ୟରେ ଯୋଗାଣ ମନ୍ତ୍ରୀ ପଦ ପାଇଥିବା ବିଜେପି ପ୍ରାର୍ଥୀ କୃଷ୍ଣଚନ୍ଦ୍ର ପାତ୍ର ତାଙ୍କ ସତ୍ୟପାଠରେ ଅସତ୍ୟ ତଥ୍ୟ ଦେଇଛନ୍ତି । ମିଥ୍ୟା ସତ୍ୟପାଠ ଦାଖଲ କରିଥିବାରୁ ଶ୍ରୀ ପାତ୍ରଙ୍କ ବିଧାୟକ ପଦ ରଦ୍ଦ କରିବାକୁ ଦାବି କରିଛି କଂଗ୍ରେସ।

ଦଳପକ୍ଷରୁ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ କୁହାଯାଇଛି ଯେ କୃଷ୍ଣଚନ୍ଦ୍ର ପାତ୍ର ତାଙ୍କ ନାମାଙ୍କନ ପତ୍ର ଦାଖଲ କଲାବେଳେ ସତ୍ୟପାଠରେ ଉଲ୍ଲେଖ କରିଥିବା ପାନ ନମ୍ବରଟି ହେଉଛି ଏକେକେପିପି୩୩୪୨ଆର୍। ମାତ୍ର ଏହି ପାନ୍ ନମ୍ବର ସମ୍ପୂର୍ଣ୍ଣ ତ୍ରୁଟିପୂର୍ଣ୍ଣ ଓ ଭୁଲ। ତାଙ୍କ ପତ୍ନୀଙ୍କ ପାନ ନମ୍ବର ଠିକ ଥିଲା ବେଳେ କୃଷ୍ଣଚନ୍ଦ୍ର ପାତ୍ରଙ୍କ ପାନକାର୍ଡ ସଂପୂର୍ଣ୍ଣ ବେନାମୀ। ଆୟକର ବିଭାଗର କର୍ତ୍ତୃପକ୍ଷଙ୍କ ପାଖରୁ ଏହି ପାନକାର୍ଡର ସତ୍ୟାସତ୍ୟ ବାବଦରେ ଖବର ନେବାପରେ ଏହି ପାନକାର୍ଡଟି ଏକ ଅବୈଧ ବୋଲି ତଥ୍ୟ ମିଳିଛି। ଏପରି ପାନକାଡର୍



କାହାରିକୁ ଦିଆଯାଇନାହିଁ ବୋଲି ଆୟକର ବିଭାଗ କହିଛି।

ଜନପ୍ରତିନିଧି ଅଧିନିୟମ ୧୯୫୧ ଧାରା ୪(ଏ)ଅନୁସାରେ ଜଣେ ପ୍ରାର୍ଥୀ ନାମାଙ୍କନ ଦାଖଲ କରିବା ସମୟରେ ଫର୍ମ-୨୬ ସହିତ ଏକ ସତ୍ୟପାଠ ବା ଶପଥପତ୍ର ମଧ୍ୟ ଦାଖଲ କରିଥାନ୍ତି। ତାଙ୍କ ଦ୍ୱାରା ଦିଆଯାଇଥିବା ସମସ୍ତ ତଥ୍ୟ ସଂପୂର୍ଣ୍ଣଭାବେ ଠିକ ଓ ନିର୍ଭୁଲ ବୋଲି ଉଲ୍ଲେଖ କରିଥାଆନ୍ତି। ତେଣୁ ଫର୍ମ- ୨୬ ରେ ମିଛ ତଥ୍ୟ ଦେଇଥିବା ହେତୁ ତାଙ୍କ ନାମାଙ୍କନ ପତ୍ର ଖାରଜ ହେବା ପରିବର୍ତ୍ତେ କିପରି ଯାଞ୍ଚ ପ୍ରକ୍ରିୟାରେ କାଏମ ରହିଲା ଏହାକୁ ନେଇ କଂଗ୍ରେସର ବରିଷ୍ଠ ମୁଖପାତ୍ର ରଜନୀ କୁମାର ମହାନ୍ତି ପ୍ରଶ୍ନ କରିଛନ୍ତି। ଯଦି ଏହି ପାନ ନମ୍ବର ମନ୍ତ୍ରୀଙ୍କର ନୁହେଁ ତେବେ ଏହା କାହାର ସେକଥା ମନ୍ତ୍ରୀ ସ୍ପଷ୍ଟ କରନ୍ତୁ ବୋଲି କଂଗ୍ରେସ ଦାବି କରିଛି।

ଅନ୍ୟପକ୍ଷରେ ମନ୍ତ୍ରୀ ଶ୍ରୀ ପାତ୍ର ନିଜ ସତ୍ୟପାଠରେ ଯେଉଁ ୫ ବର୍ଷର ଆୟକର ଦାଖଲ କରିଥିବାର ତଥ୍ୟ ପ୍ରଦାନ କରିଛନ୍ତି ତାହା କେଉଁ ପାନ ନମ୍ବର ଅନୁସାରେ ଦେଇଛନ୍ତି ଏହା ନିର୍ବାଚନ ଆୟୋଗ ଯାଞ୍ଚ କରୁ ବୋଲି କଂଗ୍ରେସ ଦାବି କରିଛି। ବିଧାୟକ ତଥା ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଦୁଇଟି ପାନକାର୍ଡ ରଖିଛନ୍ତି କି ବୋଲି କଂଗ୍ରେସ ପ୍ରଶ୍ନ କରିବା ସହ ଯଦି ଏହା ହୋଇଥାଏ ଏହାମଧ୍ୟ ଏକ ଧର୍ତ୍ତବ୍ୟ ଅପରାଧ। ମିଛ ତଥ୍ୟ ପ୍ରଦାନ ଜନପ୍ରତିନିଧି ଆଇନ-୧୯୫୧ର ୪ଏର ସଂପୂର୍ଣ୍ଣ ଉଲ୍ଲଘଂନ। ନିର୍ବାଚନ ଆୟୋଗ ଏ ଖବର ଜାଣିଲାପରେ ସେତେବେଳର ରିଟର୍ଣ୍ଣିଂ ଅଫିସରଙ୍କ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବା ଜରୁରୀ ବୋଲି କଂଗ୍ରେସ ଦାବି କରିଛି। ନିର୍ବାଚନ ଆୟୋଗ ନିର୍ବାଚନ ପ୍ରକ୍ରିୟାର ସ୍ୱଚ୍ଛତା ଓ ଗଣତନ୍ତ୍ରର ସୁସ୍ଥ ପରମ୍ପରାକୁ ବଜାୟ ରଖନ୍ତୁ ବୋଲି ସେ କହିବା ସହିତ ବିଧାୟକ ତଥା ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କ ବିଧାୟକ ପଦକୁ ତୁରନ୍ତ ରଦ୍ଦ କରାଯାଉ ବୋଲି ରାଜ୍ୟ କଂଗ୍ରେସ ପକ୍ଷରୁ ଦାବି କରାଯାଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ନଳିନୀ କାନ୍ତ ନାୟକ ଓ ଡଃ ମନିଷାଦାସ ପଟ୍ଟନାୟକ ଉପସ୍ଥିତ ଥିଲେ।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ମୋ ପ୍ରତି ବିଶ୍ୱାସଘାତକତା...

ନବୀନ କହିଥିଲେ ଯେ ବିଜୁ ଜନତା ଦଳ ସରକାର ସମୟରେ ନୂଆପଡ଼ା ଜିଲ୍ଲାରେ ଅନେକ ଉନ୍ନତିମୂଳକ କାର୍ଯ୍ୟ ହୋଇଛି। ଗମନାଗମନ ପାଇଁ ବିଜୁ ଏକ୍ସପ୍ରେସ ୱେ' ନିର୍ମାଣ, ବିଶୁଦ୍ଧ ପାନୀୟ ଜଳ ଯୋଗାଣ, ୧୦ ହଜାର ହେକ୍ଟରରୁ ଅଧିକ କ୍ଷେତକୁ ଜଳସେଚନ କରାଯାଇଛି। ଆମ ସରକାର ସମୟରେ ସୁନାବେଡ଼ା ଅଭୟାରଣ୍ୟର ଲୋକଙ୍କ କଲ୍ୟାଣ ପାଇଁ ଅନେକ ପଦକ୍ଷେପ ନିଆଯାଇଥିଲା; କିନ୍ତୁ ବିଜେପି ସରକାର ଆସିବା ପରେ ରାଜ୍ୟରେ ପରିସ୍ଥିତି ପୂରା ବଦଳି ଯାଇଛି ବୋଲି ସେ କ୍ଷୋଭ ପ୍ରକାଶ କରିଥିଲେ।

ନବୀନ କହିଥିଲେ ଯେ ଏବେ ସାରା ରାଜ୍ୟରେ ବିକାଶ କାମ ପୂରା ବନ୍ଦ ହୋଇଯାଇଛି। ଆଇନଶୃଙ୍ଖଳା ଭୁଶୁଡି ପଡ଼ିଛି, ନାରୀ ଅତ୍ୟାଚାର ସବୁ ସୀମା ଟପିଛି। ଭାଇଚାରାର ରାଜ୍ୟ ଓଡ଼ିଶାର ସୁନାମ ଆଜି ନଷ୍ଟ ହୋଇଛି ବୋଲି ନବୀନ କହିଥିଲେ।

ଶ୍ରୀ ପଟ୍ଟନାୟକ ଆହୁରି କହିଥିଲେ ଯେ ମିଶନ ଶକ୍ତି ମା'ମାନେ ରାଜ୍ୟରେ ଏକ ନୀରବ ଆନ୍ଦୋଳନ ଆଣିଥିଲେ। କିନ୍ତୁ ଏ ସରକାରରେ ମିଶନ ଶକ୍ତି ମା'ମାନେ ଆଜି ଋଣ ପାଉନାହାନ୍ତି, ମିଶନ ଶକ୍ତି ସହଯୋଗୀ ମା'ମାନେ ୮ ମାସ ହେଲା ଦରମା ପାଇ ନାହାନ୍ତି। ଏ ସରକାର କେବଳ ମିଛ ପ୍ରଚାରରେ ମାତିଛି। ରାଜ୍ୟ ସରକାର କେବଳ ରଙ୍ଗମରା ସରକାରରେ ପରିଣତ ହୋଇଛି ବୋଲି ଉଲ୍ଲେଖ କରି ନିର୍ବାଚନ ପୂର୍ବରୁ ବିଜେପି ଦେଇଥିବା ଗୋଟିଗୋଟି ପ୍ରତିଶ୍ରୁତି ଓ ଏହାର ଫଳଶ୍ରୁତି ସମ୍ପର୍କରେ ଲୋକଙ୍କୁ ପ୍ରଶ୍ନ କରିଥିଲେ। ମାଗଣା ବିଜୁଳି, ୩୫୦୦ ଟଙ୍କା ଭତ୍ତା, ଚାଷୀଙ୍କୁ ୟୁରିଆ ସାର ମିଳିଛି କି, କଟ୍‌ନୀଛଟ୍‌ନୀ ବନ୍ଦ ହୋଇଛି କି, ବିଏସ୍‌କେୱାଇ ଭଲ ନା ଆୟୁଷ୍ମାନ କାର୍ଡ ଭଲ ବୋଲି ଉପସ୍ଥିତ ଜନସାଧାରଣଙ୍କୁ ପଚାରିବା ସହ ରାଜ୍ୟ ସରକାରଙ୍କୁ କଟୁ ସମାଲୋଚନା କରିଥିଲେ।

ସମାବେଶରେ ବିଜେଡିର ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର ସଭାପତିତ୍ୱ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଦଳୀୟ ପ୍ରାର୍ଥୀ ସ୍ନେହାଙ୍ଗିନୀ ଛୁରିଆଙ୍କ ସମେତ ଦଳର ବରିଷ୍ଠ ନେତା ପ୍ରସନ୍ନ ଆଚାର୍ଯ୍ୟ, ପ୍ରଣବ ପ୍ରକାଶ ଦାସ, ନିରଞ୍ଜନ ପୂଜାରୀ, ପ୍ରମିଳା ମଲ୍ଲିକ, ଟୁକୁନି ସାହୁ, ଅବନୀ ଯୋଷୀ, ମନୋଜ ମିଶ୍ର, ଅଧିରାଜ ପାଣିଗ୍ରାହୀ, ପ୍ରତାପ କେଶରୀ ଦେବ, ସୁଦାମ ମାରାଣ୍ଡି, ପୁଷ୍ପେନ୍ଦ୍ର ସିଂହଦେଓ, ନିରଞ୍ଜନ ବିଶି, ଶୁଭାଶିଷ ଖୁଣ୍ଟିଆ, ମୁନ୍ନା ଖାନ୍, ଶର୍ମିଷ୍ଠା ସେଠୀ, ଡଲି ମାଝୀ, ଦୀପିକା ଦୀପ, କ୍ଷମାନିଧି ନିଆଲ, ବ୍ୟୋମକେଶ ରାୟ, ପ୍ରଣବ ବଳବନ୍ତରାୟ, ଚିନ୍ମୟ ସାହୁ, ଇପ୍ସିତା ସାହୁ, ସୁଶାନ୍ତ କୁମାର ରାଉତ, ବିଶ୍ୱରଞ୍ଜନ ମଲ୍ଲିକ, ନଳିନୀକାନ୍ତ ପ୍ରଧାନ, ଯୋଗେଶ ସିଂ, ପ୍ରଦୀପ ମାଝୀ, ସଞ୍ଜୀବ ମଲ୍ଲିକ, କଳିକେଶ ସିଂହଦେଓ, ରୂପେଶ ପାଣିଗ୍ରାହୀ, ମାଧବ ଧଡ଼ା, ଉମାକାନ୍ତ ସାମନ୍ତରାୟ, ରବି ନାରାୟଣ ନନ୍ଦ, ଜଗନ୍ନାଥ ସାରକା, ରମେଶ ମାଝୀ, ସୁବାସ ସିଂ, ଡଃ. ଲେଖାଶ୍ରୀ ସାମନ୍ତସିଂହାର, ଭୃଗୁ ବକ୍ସିପାତ୍ର, ଦୁଷ୍ମନ୍ତ ନାୟକ, ଗିରିଜା ସିଂ ମାଝୀ, ଈଶ୍ୱର ପାଣିଗ୍ରାହୀ, ହେମନ୍ତ ସାମନ୍ତରାୟ, ସରୋଜ ମେହେର, ମୁନା ମହାନ୍ତି, ଅବିନାଶ ସାମଲ ପ୍ରମୁଖ ଦଳୀୟ ପ୍ରାର୍ଥୀଙ୍କୁ ଭୋଟ ଦେବାକୁ ଅନୁରୋଧ କରିଥିଲେ।

## ଅନିଲ ଅମ୍ବାନୀଙ୍କ ବିଳାସପୂର୍ଣ୍ଣ...

ରିଲାଏନ୍ସ ହୋମ୍ ଫାଇନାନ୍ସ (ଆରଏଚଏଫଏଲ) ଏବଂ ରିଲାଏନ୍ସ କମର୍ସିଆଲ ଫାଇନାନ୍ସ (ଆରସିଏଫଏଲ)କୁ ଦିଆଯାଇଥିବା ପାଣ୍ଠିର ଅପବ୍ୟବହାର ହୋଇଛି। ୨୦୧୭ରୁ ୨୦୧୯ ମଧ୍ୟରେ ୟେସ ବ୍ୟାଙ୍କ ପକ୍ଷରୁ ଆରଏଚଏଫଏଲକୁ ୨୯୬୫ କୋଟି ଏବଂ ଆରସିଏଫଏଲକୁ ୨୦୪୫ କୋଟି ଟଙ୍କାର ଋଣ ଦେଇଥିଲା। କିନ୍ତୁ ୨୦୧୯ ଡିସେମ୍ବର ସୁଦ୍ଧା ଏହି ଟଙ୍କା ନନ୍-ପରଫର୍ମିଂ ଆସେଟ (ଏନପିଏ) ପାଲଟି ଯାଇଥିଲା। ଏବେ ସୁଦ୍ଧା ଆରଏଚଏଫଏଲର ୧୩୫୩ କୋଟି ଏବଂ ଆରସିଏଫଏଲର ୧୯୮୪ କୋଟି ଟଙ୍କା ବକେୟା ଅଛି। ୟେସ ବ୍ୟାଙ୍କର ମୋଟ ୨୭୦୦ କୋଟିରୁ ଅଧିକ କ୍ଷତି ହୋଇଛି।

ଇଡି ଅନୁଯାୟୀ, ଏହି କମ୍ପାନୀଙ୍କୁ ଦିଆଯାଇଥିବା ଟଙ୍କାକୁ ରିଲାଏନ୍ସ ଅନ୍ୟତ୍ର ସ୍ଥାନାନ୍ତର କରି ଦେଇଥିଲା। ଋଣ ପ୍ରଦାନ ବ୍ୟବସ୍ଥାରେ ମଧ୍ୟ ଜାଲିଆତି କରାଯାଇଥିଲା। ଦିନକରେ ଋଣ ଆବେଦନ, ଅନୁମୋଦନ ଏବଂ ପ୍ରଦାନ କରାଯାଇଥିଲା। କ୍ଷେତ୍ର ପର୍ଯ୍ୟବେକ୍ଷଣ ଏବଂ ବୈଠକ କରାଯାଇ ନ ଥିଲା। ଦାଖଲ କାଗଜପତ୍ର ଖାଲି ଥିଲା। ଇଡି ଏହାକୁ 'ଜାଣିଶୁଣି କରାଯାଇଥିବା ଠକେଇ' କହିଛି।

## ୨୦ଟି ଗାଡ଼ି ଉପରେ...

କାହର ପେଟ୍ କଟିଯାଇଛି ତ ଆଉ କାହାର ହାତ କଟିଯାଇଛି।

ଏହି ଦୁର୍ଘଟଣା ସୋମବାର ଦ୍ୱିପହରରେ ହରମାଡାର ଲୋହା ମଣ୍ଡିଠାରେ ଘଟିଛି। ଅପରାହ୍ଣ ୧ଟାରେ ଏହି ଡମ୍ପର ଲୋହା ମଣ୍ଡି ପେଟ୍ରୋଲ ପମ୍ପଠାରୁ ରୋଡ୍ ନଂ-୧୪ରୁ ହାଇୱେ ଉପରକୁ ଉଠିଥିଲା। ଏହାପ।।ରେ ରାସ୍ତାରେ ଥିବା ଗାଡ଼ିଗୁଡିକୁ ଧକ୍କା ଦେଇ ସେଗୁଡିକ ଉପରେ ଚଢ଼ିଯାଇଥିଲା। ଡମ୍ପର ଡ୍ରାଇଭର କଲ୍ୟାଣ ମିନାକୁ ଲୋ।।କେ ଧରି ପୁଲିସ ଜିମା ଦେଇଛନ୍ତି।

## ସୁଦାନରେ ଓଡ଼ିଆ...

ଶ୍ରୀ ବେହେରା ସୁଦାନରେ ଏକ ପ୍ଲାଷ୍ଟିକ କାଖାନାରେ ୨୦୨୨ରୁ କାମ କରୁଥିଲେ। ବିଭିନ୍ନ ଜାତୀୟ ଗଣମାଧ୍ୟମ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ୩୬ ବର୍ଷୀୟ ଆଦର୍ଶ ବେହେରାଙ୍କୁ ଅଲ-ଫସିର ନାମକ ଏକ ସହରରୁ ରାପିଡ୍ ସପୋର୍ଟ ଫୋର୍ସ ନାମକ ବିଦ୍ରୋହୀ ସଂଗଠନ ଅପହରଣ କରିନେଇଛି। ରାଜଧାନୀ ଖାର୍ତୁମ୍‌ଠାରୁ ଏକ ହଜାର କିଲୋମିଟର ଦୂରରେ ରହିଛି ଅଲ-ଫସିର। ବିଦ୍ରୋହୀମାନେ ଆଦର୍ଶଙ୍କୁ ନ୍ୟାଲା ନେଉଥିବା ଜଣାପଡ଼ିଛି। ଏହି ସହର ଏବେ ବିଦ୍ରୋହୀଙ୍କ କବଜାରେ ରହିଛି। ତେବେ ସେମାନେ ବେହେରାଙ୍କୁ କାହିଁକି ଅପହରଣ କରିଛନ୍ତି ଏବଂ ସେମାନଙ୍କର ଦାବି କଣ ରହିଛି, ତାହା ଜଣାପଡ଼ିନାହିଁ। ଆଦର୍ଶ ବେହେରାଙ୍କର ଏକ ଭିଡିଓ ଜାରି କରିଛନ୍ତି ବିଦ୍ରୋହୀ। ସେମାନେ ତାଙ୍କୁ ଶାହରୁଖ ଖାନଙ୍କ ବିଷୟରେ ପଚାରୁଥିବା ଶୁଣାଯାଉଛି।

ତାଙ୍କୁ ଉଦ୍ଧାର କରିବା ଲାଗି ଭାରତ ସରକାର ଉଦ୍ୟମ ଆରମ୍ଭ କରିଛନ୍ତି। ଏସଂପର୍କରେ ଦିଲ୍ଲୀରେ ଅବସ୍ଥାପିତ ସୁଦାନର ରାଷ୍ଟ୍ରଦୂତଙ୍କୁ ଯୋଗାଯୋଗ କରାଯାଇଥିଲା। ସେ କହିଛନ୍ତି ଯେ ବେହେରାଙ୍କର ସୁରକ୍ଷିତ ଉଦ୍ଧାର ପାଇଁ ସବୁ ପ୍ରକାର ସହାୟତା ଯୋଗାଇ ଦିଆଯିବ। ବିଦ୍ରୋହୀମାନେ ତାଙ୍କର କୌଣସି କ୍ଷତି କରିବେ ନାହିଁ ଏବଂ ସେ ସୁରକ୍ଷିତ ଫେରିଆସିବେ ବୋଲି ରାଷ୍ଟ୍ରଦୂତ ଆଶା ପ୍ରକାଶ କରିଛନ୍ତି। ସୂଚନାଯୋଗ୍ୟ ଯେ ସୁଦାନରେ ଏବେ ବଡ଼ ଧରଣର ଗୃହଯୁଦ୍ଧ ଚାଲିଛି ଏବଂ ଏଥିରେ ଲକ୍ଷ ଲକ୍ଷ ଲୋକ ବାସଚ୍ୟୁତ ହୋଇଥିବା ବେଳେ ୪ ଲକ୍ଷରୁ ଅଧିକ ଲୋକ ଅନାହାରରେ ରହିଛନ୍ତି।

## ବିଚାରଧୀନ କଏଦୀଙ୍କ...

କୁଖ୍ୟାତ ଅପରାଧୀ ଜେଲ୍‌ର କଡ଼ା ସୁରକ୍ଷାବଳୟ ଭେଦ କରି ପାଚେରି ଡେଇଁ ଫେରାର୍ ହୋଇଯାଇଥିଲେ। ଏ ପର୍ଯ୍ୟନ୍ତ ସେମାନଙ୍କୁ ଗିରଫ କରାଯାଇପାରିନାହିଁ। ସେହିପରି, ଅନ୍ୟ ଏକ ଘଟଣାରେ ଜଣେ କଏଦୀର ପଥର ମାଡ଼ରେ ଅନ୍ୟ ଜଣେ କଏଦୀ ଗୁରୁତର ଆହତ ହୋଇଥିବା ଭଳି ଘଟଣା ଘଟିଛି। ୧୧୬୫ କ୍ଷମତା ବିଶିଷ୍ଟ ଏହି ଜେଲରେ ଏବେ ୯୦୦ଜଣ କଏଦୀ ରହୁଛନ୍ତି। ଜେଲ ସୁପରିଟେଣ୍ଡେଣ୍ଟଙ୍କ ସମେତ ଜଣେ ଜେଲର୍, ୫ଜଣ ସବ୍-ଆସିଷ୍ଟାଣ୍ଟ ଜେଲର୍, ୪ଜଣ ଆସିଷ୍ଟାଣ୍ଟ ଜେଲର ଓ ୬୦ଜଣ ମହିଳା ଓ ପୁରୁଷ ୱାର୍ଡର୍ ନିୟୋଜିତ ରହିଛନ୍ତି।

## ପାଇଖାନା ଟାଙ୍କିରେ...

ଶିବୁ ନାଏକ (୫)। ସେମାନେ ମାମୁଘର ରଗଡ଼ିପଡ଼ା ଗାଁକୁ ବୁଲିବାକୁ ଆସିଥିଲେ। ଆଜି ସେମାନେ ଏକାଠି ଖେଳିବା ବେଳେ ଏହି ଅଘଟଣ ଘଟିଛି। ଏହି ଦୁଃଖଦ ଘଟଣା ଗ୍ରାମରେ ଶୋକାକୁଳ ପରିବେଶ ସୃଷ୍ଟି କରିଛି।

ସୂଚନାନୁଯାୟୀ, ଶୁଭମ, ଶିବାନୀ ଓ ଶିବୁ ପରିବାର ସଦସ୍ୟଙ୍କ ସହ ମାମୁଘରକୁ ବୁଲିବାକୁ ଆସିଥିଲେ। ଆଜି ସେମାନେ ହସଖୁସିରେ ଖେଳୁଥିବା ବେଳେ ଦୁର୍ଘଟଣାର ଶିକାର ହୋଇଥିଲେ। ଖେଳନିଶାରେ ସେମାନେ ନିକଟରେ ଥିବା ସେପ୍ଟିକ ଟାଙ୍କି ଉପରେ ଚଢ଼ି ଯାଇଥିଲେ। ଟାଙ୍କିର ଘୋଡ଼ଣୀଟି ଭାଙ୍ଗିଯିବାରୁ ୩ଜଣ ଯାକ ଟାଙ୍କି ଭିତରେ ଗଳିପଡ଼ିଥିଲେ। ସେହି ସମୟରେ ଆଖପାଖରେ କେହି ନଥିବାରୁ ଘଟଣା ଜଣାପଡ଼ିନଥିଲା। ତେବେ ଦୀର୍ଘ ସମୟ ପରେ ବି ପିଲାମାନେ ଘରକୁ ନଫେରିବାରୁ ପରିବାରଲୋକଙ୍କ ସନ୍ଦେହ ହୋଇଥିଲା। ସେମାନେ ବହୁ ଖୋଜାଖୋଜି କରିବା ପରେ ବାରିପଟେ ଥିବା ପାଇଖାନା ଟାଙ୍କି ଘୋଡ଼ଣୀ ଭାଙ୍ଗି ଯାଇଥିବା ଦେଖିବାକୁ ପାଇଥିଲେ। ସନ୍ଦେହ ହେବାରୁ ଗାଁ ଲୋକଙ୍କ ସହାୟତାରେ ଟାଙ୍କି ଭିତରେ ଖୋଜାଖୋଜି କରି ଅଚେତ ଅବସ୍ଥାରେ ସମସ୍ତଙ୍କୁ ଉଦ୍ଧାର କରିଥିଲେ। ସେମାନଙ୍କୁ ତୁରନ୍ତ ବଡ଼ମ୍ବା ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସମସ୍ତଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ।

ଖବର ପାଇ ବଡ଼ମ୍ବା ଥାନା ଅଧିକାରୀ ଅନିରୁଦ୍ଧ ମୁଦୁଲି, ଆଠଗଡ଼ ଉପଖଣ୍ଡ ଆରକ୍ଷୀ ଅଧିକାରୀ ବିଶ୍ୱଜିତ ମହାନ୍ତି ପ୍ରମୁଖ ପହଞ୍ଚି ତଦନ୍ତ କରିଥିଲେ। ବଡ଼ମ୍ବା ଥାନାରେ ଏ ସଂକ୍ରାନ୍ତରେ ପୃଥକ୍ ପୃଥକ୍ ଅପମୃତ୍ୟୁ ମାମଲା ରୁଜୁ ହୋଇଛି। ଜିଲ୍ଲା ରେଡ଼କ୍ରସ୍ ସହାୟତା ପାଣ୍ଠି ପକ୍ଷରୁ ସମସ୍ତ ମୃତକଙ୍କ ପରିବାରଙ୍କୁ ୨୦ ହଜାର ଟଙ୍କାର ଅନୁକମ୍ପା ସହାୟତା ରାଶି ପ୍ରଦାନ କରାଯିବା ପାଇଁ ପ୍ରଶାସନ ତରଫରୁ ପ୍ରତିଶ୍ରୁତି ଦିଆଯାଇଛି। ବ୍ୟବଚ୍ଛେଦ ପରେ ମୃତଦେହ ସେମାନଙ୍କ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଛି।

## ସିଲିକନ୍ ଟେକ୍...

କୁହାଯାଇଛି। କ୍ରାଇମ୍‌ବ୍ରାଞ୍ଚ ପକ୍ଷରୁ ମିଳିଥିବା ସୂଚନା ଅନୁସାରେ ଏସ୍‌ଆଇ ପରୀକ୍ଷା ପରିଚାଳନା ପାଇଁ ଓପିଆର୍‌ବି ପକ୍ଷରୁ କେନ୍ଦ୍ରୀୟ ପିଏସ୍‌ୟୁ ଆଇଟିଆଇକୁ ଦାୟିତ୍ୱ ଦିଆଯାଇଥିଲା। ପରେ ଆଇଟିଆଇ ଏହି ଦାୟିତ୍ୱ ସିଲିକନ୍‌କୁ ଦେଇଥିଲା। ସିଲିକନ୍ ଏହି ଦାୟିତ୍ୱ ଶଙ୍କର ପୃଷ୍ଟିଙ୍କ ଦ୍ୱାରା ପରିଚାଳିତ ପଞ୍ଚସଫ୍ଟକୁ ଦେଇଥିଲା। ତେବେ କେଉଁ ଆଧାରରେ ଏତେ ବଡ ଗୁରୁଦାୟିତ୍ୱ ଏକ ଅନଭିଜ୍ଞ ସଂସ୍ଥାକୁ ସିଲିକନ୍ ପ୍ରଦାନ କରିଥିଲା, ତାହାକୁ ନେଇ ପ୍ରଶ୍ନ ଉଠିଥିଲା। ଜେରା ବେଳେ ସିଲିକନ୍ ହାତରେ ପରୀକ୍ଷା ସଂକ୍ରାନ୍ତ ସମସ୍ତ ଗୁପ୍ତ ସୂଚନା ରହିଥିବା ଜଣା ପଡ଼ିଥିଲା। ପ୍ରଶ୍ନପତ୍ର ଠାରୁ ଆରମ୍ଭ କରି ସବୁକିଛିର ତଥ୍ୟ ସିଲିକନ୍‌ର ମାଲିକ ସୁରେଶ ଜାଣିଥିଲେ। ପରୀକ୍ଷା ପରିଚାଳନା ଆଳରେ ଚାକିରି ବିକ୍ରି କରି ଟଙ୍କା କମାଇବା ପାଇଁ ସେ ଏକ ଭଲ ସ୍କାମ୍ ନେଟ୍‌ୱର୍କ ଅପରେଟ୍ କରୁଥିବା ବ୍ୟକ୍ତିଙ୍କୁ ଖୋଜୁଥିଲେ। ବହୁ ଖୋଜାଖୋଜି ପରେ ଶଙ୍କର ତାଙ୍କ ହାବୁଡରେ ପଡ଼ିଥିଲେ। ବିନା କୌଣସି ବାଛବିଚାରରେ ତତ୍‌କ୍ଷଣାତ୍ ପଞ୍ଚସଫ୍ଟକୁ ଦାୟିତ୍ୱ ଦେବା ସହ ପରୀକ୍ଷା ସଂକ୍ରାନ୍ତ ସମସ୍ତ ଗୁପ୍ତ ତଥ୍ୟ ଶଙ୍କରଙ୍କ ହାତରେ ଟେକି ଦେଇଥିଲେ। ଶଙ୍କର ତାଙ୍କ ନେଟ୍‌ୱର୍କରେ ଥିବା ସହଯୋଗୀଙ୍କୁ ବ୍ୟବହାର କରି ମାର୍କେଟ୍‌ରୁ କୋଟି କୋଟି ଟଙ୍କା ଉଠାଇଥିଲେ।

ଶଙ୍କରଙ୍କୁ ପରୀକ୍ଷା ସଂକ୍ରାନ୍ତ ବହୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ସୁରେଶ ମେଲ୍ ଏବଂ ହ୍ୱାଟ୍ସଆପ୍ ଯୋଗେ ଯୋଗାଇଥିଲେ। ହେଲେ ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ସାମ୍ନାକୁ ଆସିବା ପରେ ଉଭୟ ନିଜ ନିଜର ମେଲ୍ ଏବଂ ହ୍ୱାଟ୍ସଆପ୍ ଚାଟ୍ ଡିଲିଟ୍ କରିଦେଇଛନ୍ତି। ଏଣୁ କ୍ରାଇମ୍‌ବ୍ରାଞ୍ଚ ପାଇଁ ପ୍ରମାଣ ଯୋଗାଡ କରିବା ଏକ ବଡ ଚାଲେଞ୍ଜ ପାଲଟି ଯାଇଛି।

ସୁରେଶଙ୍କୁ ଜେରା ବେଳେ ମିଳିଥିବା ତଥ୍ୟ ସମ୍ପର୍କରେ କ୍ରାଇମ୍‌ବ୍ରାଞ୍ଚ ପକ୍ଷରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ଯେ ସିଲିକନ୍ ଟେକ୍‌ର ସିଇଓ ସୁରେଶ ନାୟକ ଏସ୍‌ଆଇ ପରୀକ୍ଷା ପ୍ରଶ୍ନପତ୍ର ପ୍ରସ୍ତୁତି, ପ୍ରିଣ୍ଟିଂ ଏବଂ ପରିବହନ ଦାୟିତ୍ୱରେ ରହିଥିଲେ। ସେ ପଞ୍ଚସଫ୍ଟର ମାଲିକ ଶଙ୍କର ପୃଷ୍ଟିଙ୍କ ସହ ଅଙ୍ଗାଙ୍ଗୀଭାବେ ଜଡ଼ିତ ଥିଲେ। ସେ ତାଙ୍କୁ ଲୁଚାଇବାକୁ ସବୁ ପ୍ରକାର ଚେଷ୍ଟା କରିଥିଲେ। ଉଭୟ ଲଗାତାର ଯୋଗାଯୋଗରେ ରହୁଥିଲେ। ଶଙ୍କର କିପରି ଫେରାର ହେବେ ଆଉ ପୁଲିସ ହାତରେ ଧରା ନ ପଡ଼ିବେ, ସୁରେଶ ଏଥିପାଇଁ ମାଷ୍ଟରପ୍ଲାନ୍ ପ୍ରସ୍ତୁତ କରିଥିଲେ। ଏପରିକି ଶଙ୍କର ଯେତେବେଳେ ଫେରାର ଥିଲେ, ସେ ତାଙ୍କୁ ଦିଲ୍ଲୀରେ ରହିବା ପାଇଁ ଘର ଦେଇଥିଲେ। ତାଙ୍କୁ କମ୍ପାନୀର ନୂଆଦିଲ୍ଲୀ କାଲ୍‌କାଜୀସ୍ଥିତ ଗେଷ୍ଟ ହାଉସ୍ ଯୋଗାଇ ଦେଇଥିଲେ। ଏଠାରେ ଶଙ୍କର କିଛିଦିନ ଧରି ଗୁପ୍ତ ଭାବେ ରହିଥିଲେ। ପୁଲିସ ହାତରେ ଧରା ନ ପଡ଼ିବା ପାଇଁ ଶଙ୍କର ତାଙ୍କ ନିର୍ଦ୍ଦେଶରେ ବାରମ୍ବାର ଠିକଣା ବଦଳାଉଥିଲେ। ଏ ସମ୍ପର୍କିତ ସମସ୍ତ ପ୍ରମାଣ କ୍ରାଇମ୍‌ବ୍ରାଞ୍ଚକୁ ମିଳି ସାରିଛି। କଲ୍ ରେକର୍ଡ ଠାରୁ ଆରମ୍ଭ କରି ଲୋକେସନ୍ ସବୁକିଛି କ୍ରାଇମ୍‌ବ୍ରାଞ୍ଚ ପାଇ ସାରିଛି। ଶଙ୍କରଙ୍କ ମୋବାଇଲ୍ ଫୋନ୍ ଏବଂ ସୁରେଶଙ୍କ ଲାପଟପ୍‌କୁ ଫରେନ୍‌ସିକ୍ ଯାଞ୍ଚ ପାଇଁ ପଠାଯାଇଛି।

ଅନ୍ୟପକ୍ଷରେ କ୍ରାଇମ୍‌ବ୍ରାଞ୍ଚ ରିମାଣ୍ଡରେ ଥିବା ମୁନ୍ନା, ଲୋକନାଥ ଓ ସୌମ୍ୟା ପ୍ରିୟଦର୍ଶନୀଙ୍କୁ କ୍ରାଇମବ୍ରାଞ୍ଚ ସୋମବାର ମଧ୍ୟ ଜେରା କରିଥିଲା। ଏମାନେ ବିଭିନ୍ନ ଶିକ୍ଷାନୁଷ୍ଠାନ ଏବଂ ପରୀକ୍ଷା ପାଇଁ ପ୍ରସ୍ତୁତି କରୁଥିବା ବଡ଼ ବଡ଼ ଲୋକଙ୍କୁ ଯୋଗଯୋଗ କରିଥିବା ଏବଂ ଟଙ୍କା ନେଣଦେଣ କରିଥିବା ନେଇ କ୍ରାଇମ୍‌ବ୍ରାଞ୍ଚ ଜାଣିବାକୁ ପାଇଛି। ଗିରଫ ଶଙ୍କର ଏବଂ ସୁରେଶଙ୍କୁ କୋର୍ଟ ଚାଲାଣ କରାଯାଇଛି।

## ବ୍ରହ୍ମପୁର ଜେଲ୍‌ରେ...

ଜେରା ପାଇଁ କ୍ରାଇମବ୍ରାଞ୍ଚ ପକ୍ଷରୁ କୋର୍ଟରେ ୭ଦିନିଆ ରିମାଣ୍ଡ ପାଇଁ ଆବେଦନ କରାଯାଇଥିଲା। କୋର୍ଟ ଜାମିନ ଆବେଦନକୁ ଖାରଜ କରିଦେବା ପରେ ଉଭୟଙ୍କୁ ବ୍ରହ୍ମପୁର ମଣ୍ଡଳ କାରାଗାରକୁ ପଠାଇ ଦିଆଯାଇଛି। କ୍ରାଇମବ୍ରାଞ୍ଚ ପକ୍ଷରୁ ହୋଇଥିବା ରିମାଣ୍ଡ ସମ୍ପର୍କିତ ଶୁଣାଣି ମଙ୍ଗଳବାର ହେବ ବୋଲି ଜଣାପଡ଼ିଛି। ଉଭୟ ଶଙ୍କର ଓ ସୁରେଶଙ୍କୁ ବ୍ରହ୍ମପୁର କୋର୍ଟରେ ହାଜର ବେଳେ ପ୍ରବଳ ଭିଡ଼ ପରିଲକ୍ଷିତ ହୋଇଥିଲା। ପୂର୍ବରୁ ଘଟଣାରେ ଗିରଫ ପରୀକ୍ଷା ଆଶାୟୀ ଓ ଦଲାଲଙ୍କୁ ପୁଲିସ ମୁହଁ ଘୋଡ଼ାଇ ନେଇଥିବା ବେଳେ ଘଟଣାର ମୁଖ୍ୟ ଅଭିଯୁକ୍ତ ଉଭୟ ଶଙ୍କର ପୃଷ୍ଟି ଓ ସୁରେଶ ନାୟକଙ୍କୁ ମୁହଁ ନ ଘୋଡ଼ାଇ ଏପରିକି ଗଣମାଧ୍ୟମକୁ ପ୍ରତିକ୍ରିୟା ଦେବାକୁ ମଧ୍ୟ ସୁଯୋଗ ଦେଇଥିବା ଦେଖିବାକୁ ମିଳିଥିଲା।

## ପୁଲିସ କବ୍‌ଜାରେ...

ଇଲାକାରେ ଏକ ଗୁପ୍ତ ସ୍ଥାନରେ ରଖାଯାଇଛି। ସେମାନଙ୍କୁ ବ୍ରହ୍ମପୁର ଏସପି ଡା ସର୍ବଣା ବିବେକ ଏମଙ୍କ ସମେତ ଅନ୍ୟ ବରିଷ୍ଠ ଅଧିକାରୀମାନେ ପଚରାଉଚରା କରୁଥିବା ଜଣାପଡ଼ିଛି। ଜେରା ସମୟରେ ପୁଲିସ ସେମାନଙ୍କଠାରୁ କିଛି ଗୁରୁତ୍ୱପୂର୍ଣ୍ଣ ତଥ୍ୟ ଓଗାଳିଥିବା ମଧ୍ୟ ସୂଚନା ମିଳିଛି। ଜେରା ସମୟରେ ପୁଲିସ ଅନ୍ୟ ଦୁଇଜଣଙ୍କୁ ମଧ୍ୟ ଅଟକ ରଖି ପଚରାଉଚରା କରିଥିବା କୁହାଯାଉଛି।

ହତ୍ୟାକାଣ୍ଡ ପରେ ପୁରୀରୁ ଚିଣ୍ଟୁ ପ୍ରଧାନ ବେଙ୍ଗାଲୁରୁ ଫେରିଯାଇଥିବା ବେଳେ କୁରୁପତି ଜୟପୁର ଯାଇ ଉମା ବିଶୋୟୀ ସହ ମିଶିଥିଲା। ସେଠାରେ ସ୍ୱଳ୍ପ ଦିନର ରହଣି ପରେ ଉଭୟ ରାୟପୁର ଓ ରାଞ୍ଚି ଦେଇ ଅନ୍ୟତ୍ର ଫେରାର ହୋଇଯାଇଥିଲେ। ଅଟକ ଉମା ଓ କୁରୁପତିଙ୍କୁ ଆସନ୍ତାକାଲି ଗିରଫ ଦେଖାଇ ପୁଲିସ କୋର୍ଟ ଚାଲାଣ କରିପାରେ ବୋଲି କୁହାଯାଉଛି।

### ମହିଳାଙ୍କୁ ହତ୍ୟା ଘଟଣାରେ ୨ ଅଟକ

## ସାଇଣ୍ଟିଫିକ୍ ଟିମ୍ ଓ ସନ୍ଧାନୀ କୁକୁରର ତନାଘନା

**ଗଣିଆ,୩।୧୧(ସମିସ):** ଗଣିଆ ବ୍ଲକ ଆଡକଟା ପଞ୍ଚାୟତ ଜଗନ୍ନାଥ ପ୍ରସାଦ ଗ୍ରାମରେ ଗତକାଲି ରାତିରେ ଏକ ଜଘନ୍ୟ ହତ୍ୟାକାଣ୍ଡ ଘଟିଥିଲା। ଘରେ କେହି ନଥିବା ବେଳେ ଗ୍ରାମର ସାବିତ୍ରୀ ସାହୁଙ୍କୁ ନିର୍ମମ ଭାବେ ହତ୍ୟା କରାଯାଇଥିଲା। ଏ ସମ୍ପର୍କରେ ମହିଳାଙ୍କ ସ୍ୱାମୀ ଭରତ ସାହୁ ଗଣିଆ ଥାନାରେ ଅଭିଯୋଗ କରିଥିଲେ। ଗଣିଆ ଥାନା ଅଧିକାରୀ ଲକ୍ଷ୍ମଣ ଦଣ୍ଡସେନା, ଏଏସଆଇ ଦେବାଶିଷ ସେଠୀ ସଦଳବଳେ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଜାରି ରଖିଥିଲେ। ସୋମବାର ସାଇଣ୍ଟିଫିକ ଟିମ୍ ଏବଂ ସନ୍ଧାନୀ କୁକୁର ଘଟଣାସ୍ଥଳକୁ ଯାଇ ତନାଘନା କରିଛନ୍ତି। ମହିଳାଙ୍କ ହତ୍ୟା ଘଟଣାରେ କିଏ କିଏ ସଂପୃକ୍ତ ଅଛନ୍ତି ସେ ନେଇ ଜୋରଦାର ଖୋଳତାଡ ଜାରି ରହିଛି। ସନ୍ଧାନୀ କୁକୁର ମୃତକଙ୍କ ଘରଠାରୁ ମୁଖ୍ୟ ଛକ ପର୍ଯ୍ୟନ୍ତ ଯାଇ ଫେରି ଆସିଛି। ମହିଳା ଜଣଙ୍କର ଜଣେ ପୁରୁଷଙ୍କ ସହିତ ପରକ୍ରିୟା ପ୍ରୀତି ରହିଥିବା ତାଙ୍କ ସ୍ୱାମୀ ପ୍ରକାଶ କରିଛନ୍ତି। ମୃତକଙ୍କ ସ୍ୱାମୀର ଅଭିଯୋଗକୁ ଭିତ୍ତି କରି ଗଣିଆ ପୁଲିସ ସନ୍ଦେହରେ ଦୁଇ ଜଣକୁ ଥାନାରେ ଅଟକ ରଖିଛନ୍ତି। ଗଣିଆ ପୁଲିସ ଏକ ମାମଲା ରୁଜୁ କରି ଶବ ବ୍ୟବଚ୍ଛେଦ ପାଇଁ ଦଶପଲ୍ଲା ପଠାଇଥିବା ଜଣାପଡିଛି। ପୁଲିସ ବିଭିନ୍ନ ଦିଗରୁ ଘଟଣାର ତଦନ୍ତ କରୁଥିବାବେଳେ ଖୁବଶିଘ୍ର ରହସ୍ୟ ସାମନାକୁ ଆସିବ ବୋଲି ଥାନା ଅଧିକାରୀ ଜଣାଇଛନ୍ତି। ଏହି ହତ୍ୟା ଘଟଣାରେ ମୃତ ମହିଳାଙ୍କ ସହିତ ସମ୍ପର୍କ ରଖିଥିବା ବ୍ୟକ୍ତିଙ୍କ ପୁଅ ହତ୍ୟାକାଣ୍ଡ ଘଟାଇଛି ବୋଲି ବିଶେଷ ସୂତ୍ରରୁ ଜଣାପଡିଛି।

## କ୍ରିକେଟ୍ ଟୁର୍ଣ୍ଣାମେଣ୍ଟ: ଏଲପଡ଼ା ସେମିରେ

**ଭାପୁର,୩।୧୧(ସମିସ):** ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ ବଡସହରା ଗ୍ରାମରେ ଚାଲିଥିବା ଢୋଲାଚଣ୍ଡି କ୍ରିକେଟ ଟୁର୍ଣ୍ଣାମେଣ୍ଟ ଆଜିର ମ୍ୟାଚରେ ରାମଚଣ୍ଡୀ କ୍ରିକେଟ କ୍ଲବ୍ ରାମପଡ଼ା ଓ ବାପୁଜୀ କ୍ରିକେଟ କ୍ଲବ ଏଲପଡ଼ା ପରସ୍ପରକୁ ଭେଟିଥିଲେ। ଟସ୍ ଜିତି ପ୍ରଥମେ ରାମପଡ଼ା ଦଳ ବ୍ୟାଟିଂ କରି ନିର୍ଦ୍ଧାରିତ ୨୦ ଓଭରରେ ସମସ୍ତ ୱିକେଟ ହରାଇ ୧୧୧ ରନ୍ କରିଥିଲା। ୧୧୨ ରନ ବିଜୟ ଲକ୍ଷ୍ୟ ନେଇ ଏଲପଡ଼ା କ୍ରିକେଟ କ୍ଲବ୍ ୧୪.୩ ଓଭରରେ ୮ ୱିକେଟ ହରାଇ ୨ ୱିକେଟରେ ବିଜୟୀ ହୋଇଥିଲେ। ବିଜୟୀ ଦଳର ମଳୟ ଫତେସିଂହ ବ୍ୟାଟିଂରେ ୨୨ ରନ୍ ଓ ବୋଲିଂରେ ୨ ୱିକେଟ୍ ନେଇ ଦଳକୁ ବିଜୟୀ କରାଇଥିଲେ। ଅମ୍ପାୟର ଭାବେ ସୁଶାନ୍ତ ଦଳବେହେରା ଓ ସରୋଜ୍ ଦାଶ ଖେଳ ପରିଚାଳନା କରିଥିଲେ। ଅଗସ୍ତି ଦାଶ ଧାରା ବିବରଣୀ ପ୍ରଦାନ କରିଥିଲେ ଓ ରବୀନ୍ଦ୍ରନାଥ ମହାରଣା ସ୍କୋରର ଭାବେ କାର୍ଯ୍ୟ ସମ୍ପାଦନ କରିଥିଲେ।

## ଯୌତୁକ ନିର୍ଯାତନା; ୩ ଦୋଷୀ ସାବ୍ୟସ୍ତ

**ନୟାଗଡ଼,୩।୧୧(ସମିସ):** ନୟାଗଡ଼ ଜିଲ୍ଲା ପରିବାର ଅଦାଲତରେ ଚାଲିଥିବା ଏକ ଯୌତୁକ ନିର୍ଯାତନା ମାମଲାର ବିଚାର କରି ୩ ଜଣ ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରାଯାଇଛି। ଅଭିଯୁକ୍ତମାନେ ହେଲେ ନୂଆଗାଁ ଥାନା ରାଧାନାଥପୁର ଗ୍ରାମର ରାଜୁ ସେଠୀ, ତାଙ୍କ ବାପା ଦେବରାଜ ସେଠୀ, ମାଆ ଶାନ୍ତି ସେଠୀ। ୨୦୧୪ ମସିହା ମେ' ୧୧ ତାରିଖ ରାଜୁ ସୁନୀତା ସେଠୀ ନାମକ ଜଣେ ମହିଳାଙ୍କୁ ବିବାହ କରିଥିଲେ। ବିବାହ ସମୟରେ ଆବଶ୍ୟକ ଯୌତୁକ ପ୍ରଦାନ କରାଯାଇଥିଲା। ପରେ ସୁନୀତାଙ୍କୁ ଅଧିକ ଯୌତୁକ ଆଣିବାକୁ ନିର୍ଯାତନା ଦେଉଥିଲେ। ଏହାକୁ ନେଇ ସୁନୀତା ନୂଆଗାଁ ଥାନାରେ ଅଭିଯୋଗ କରିଥିଲେ। ଏହି ମାମଲାର ବିଚାର କରି ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରାଯାଇଛି। ୩୦ ହଜାର ଟଙ୍କା ଜରିମାନା କରାଯାଇଛି। ୨ ବର୍ଷ ପର୍ଯ୍ୟନ୍ତ ସେମାନେ ଜିଲ୍ଲା ସୁରକ୍ଷା ଅଧିକାରୀଙ୍କ ନଜରରେ ରହିବେ ବୋଲି ନିର୍ଦ୍ଦେଶ ଦିଆଯାଇଛି। ଏହି ମାମଲାକୁ ଆଇନଜୀବୀ ଆକାଶ ଦାଶ, ଆଶୁତୋଷ ସାମନ୍ତରାୟ ଓ ମଦନମୋହନ ପଣ୍ଡା ପରିଚାଳନା କରୁଥିବା ସୂଚନା ମିଳିଛି।

## ମୂଲ୍ୟବାନ ଶାଗୁଆନ ଓ ପଣସ ପଟା ଜବତ

**ଖଣ୍ଡପଡ଼ା,୩।୧୧(ସମିସ):** ଖଣ୍ଡପଡ଼ା ବନବିଭାଗ କର୍ମଚାରୀମାନେ ସୋମବାର ସକାଳ ୮ ଘଣ୍ଟା ସମୟରେ ଖଳିସାହି ଗ୍ରାମର ରାଜୁଆ ସାହିରେ ଅଚାନକ ଚଢ଼ଉ କରି କଳପଙ୍ଗି ଗ୍ରାମ ପଣ୍ଡିତ ଜମ୍ବେଶ୍ୱର ବିଦ୍ୟାପୀଠ କ୍ରୀଡା ଶିକ୍ଷକ ଧନେଶ୍ୱର ବେହେରାଙ୍କ ବାସଗୃହ ମଧ୍ୟରୁ ବିପୁଳ ପରିମାଣର ଶାଗୁଆନ ଓ ପଣସ ପଟା ଜବତ କରିଥିବା ଜଣାପଡିଛି। ଖଣ୍ଡପଡ଼ା ବନାଞ୍ଚଳ ଅଧିକାରୀ ଦିଲ୍ଲୀପ କୁମାର ପଟ୍ଟନାୟକଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ କର୍ମଚାରୀମାନେ ଚଢ଼ଉ କରି ବାସଗୃହ ମଧ୍ୟରେ ରଖାଯାଇଥିବା ପଟା ଗୁଡିକୁ ଜବତ କରିଥିଲେ। ଏ ସଂର୍ପକରେ ଏକ ମାମଲା ରୁଜୁ ହୋଇଥିବା ବେଳେ ଜବତ ପଟା ଗୁଡ଼ିକର ଆନୁମାନିକ ମୂଲ୍ୟ ୪୫ ହଜାର ଟଙ୍କା ହେବ ବୋଲି ବନାଞ୍ଚଳ ଅଧିକାରୀ ଶ୍ରୀପଟ୍ଟନାୟକଙ୍କ ଠାରୁ ଜଣାପଡ଼ିଛି।

## ପାଚିକା ସଂଘ ଖଣ୍ଡପଡ଼ା ବ୍ଲକ ସମ୍ମିଳନୀ

**ଖଣ୍ଡପଡ଼ା,୩।୧୧(ସମିସ):** ଓଡ଼ିଶା ମଧ୍ୟାହ୍ନ ଭୋଜନ ପାଚିକା ଓ ସହାୟିକା ସଂଘ ସିଆଇଟିୟୁ ଖଣ୍ଡପଡ଼ା ବ୍ଲକ କମିଟି ଚତୁର୍ଥ ସମ୍ମିଳନୀ ଖଣ୍ଡପଡ଼ା ସହରାଞ୍ଚଳ ଅଧୀନ ବାଉରୀଦେବୀଙ୍କ ମନ୍ଦିର ପ୍ରାଙ୍ଗଣରେ କାଳନ୍ଦୀ ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ସମ୍ପାଦିକା ଜୟନ୍ତୀ ଦାସ ଯୋଗଦେଇ ସଙ୍ଗଠନ ସମ୍ମିଳନୀକୁ ଉଦଘାଟନ କରିଥିଲେ। ଉକ୍ତ ସମ୍ମିଳନୀରେ ସିଆଇଟିୟୁ ନେତା ଶରତ ବେହେରା, ସୁରେଶ ସ୍ୱାଇଁ, ସଞ୍ଜୁକ୍ତା ସେଠୀ, ଚାପଧାରୀ ରାଉତ, ଆଶା ନେତ୍ରୀ ମଙ୍ଗୁଳି ରାଉତ ଓ ରୂପମଞ୍ଜରୀ ସାହୁ, କୃଷକ ନେତା ବୈକୁଣ୍ଠ ଖୁଣ୍ଟିଆ, ଯୁବ ନେତା ବିରଞ୍ଚି ପ୍ରଧାନ ପ୍ରମୁଖ ଯୋଗଦେଇଥିଲେ। ଏହି ସମ୍ମିଳନୀରେ ଏକ ନୂତନ ବ୍ଲକ କମିଟି ନିର୍ବାଚିତ ହୋଇଥିଲା ବେଳେ ଏହାର ସଭାପତି ଭାବେ କାଳନ୍ଦୀ ନାୟକ, ସମ୍ପାଦିକା ଭାବେ ରୀନା ବେହେରା, ସୁକୁମାରୀ ପରିଡ଼ା, ସୁନୀତା ବେହେରା, ଗୋଲାପ ସ୍ୱାଇଁ କୋଷାଧ୍ୟକ୍ଷ ଭାବେ ମାନସି ବାରିକ, ଉପସଭାପତି ଭାବେ ସୁମିତ୍ରା ପୃଷ୍ଟି, ରମାମଣି ମୁଦୁଲି ଓ ସକୁନ୍ତଳା ଡାକୁଆ ନିର୍ବାଚିତ ହୋଇଛନ୍ତି।

### ଦେଓଗାଁ ଭାଲିଆଡିହି ରାସ୍ତା ପ୍ରସଙ୍ଗ

# ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଧାରଣା

**ନୟାଗଡ଼,୩।୧୧(ସମିସ)**

ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ ଦେଓଗାଁ ଓ ଭାଲିଆଡିହି ମଧ୍ୟରେ ରାସ୍ତା ବିବାଦ ଘଟଣା ଆଜି ଭିନ୍ନ ମୋଡ଼ ନେଇଛି। ରାସ୍ତା ନିର୍ମାଣ ଦାବିରେ ଦେଓଗାଁବାସୀ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଧାରଣା ଦେଇଛନ୍ତି। ବିବାଦୀୟ ସ୍ଥାନରେ ଶନିବାର ବିଳମ୍ବିତ ରାତିରେ ଭାଲିଆଡିହି ଗ୍ରାମବାସୀ ମାଟି ପକାଇ ସମାନ କରିବା ଘଟଣାକୁ ଏଭଳି ପରିସ୍ଥିତି ସୃଷ୍ଟି ହୋଇଛି। ରଙ୍ଗଣୀପାଟଣାଠାରୁ ସୁନାମୁହିଁ ଯାଇଥିବା ପୂର୍ତ୍ତ ବିଭାଗ ରାସ୍ତା ଦେଓଗାଁ ଭାଲିଆଡିହି ଉଚ୍ଚ ବିଦ୍ୟାଳୟ ପୂର୍ବରୁ ଏକ ସ୍ମଶାନ କିସମ ଥିବା ପଡ଼ିଆ ଦେଇ ଯାଇଥିବା ରାସ୍ତାକୁ ଦେଓଗାଁ ଗ୍ରାମବାସୀଙ୍କ ଦ୍ୱାରା ବିରୋଧ କରିବା ପରେ ଘଟଣା କୋର୍ଟରେ ପହଞ୍ଚିଥିଲା। ଫଳରେ ନିର୍ମାଣ ହେଉଥିବା ପିଚୁ



ରାସ୍ତା ବିବାଦୀୟ ସ୍ଥାନରୁ କାର୍ଯ୍ୟ ସ୍ଥଗିତ ରହିଥିଲା। ପରବର୍ତ୍ତୀ ସମୟରେ କୋର୍ଟଙ୍କ ରାୟ ଅନୁସାରେ ରାସ୍ତା ନିର୍ମାଣ ପାଇଁ ଦେଓଗାଁ ଗ୍ରାମବାସୀ ଚାହୁଁଥିବା ବେଳେ ଭାଲିଆଡିହି ଗ୍ରାମବାସୀ ପୂର୍ବ ଗତାନୁଗତିକ ରାସ୍ତା ଉପରେ ସ୍ଥାୟୀ ସଡ଼କ ନିର୍ମାଣ କରାଯାଉ ବୋଲି ଅଡି ବସିଥିଲେ। ଅନେକ ଦିନ ପୂର୍ବରୁ କୋର୍ଟଙ୍କ ରାୟକୁ କାର୍ଯ୍ୟକାରୀ କରାଇବା ପାଇଁ ପ୍ରଶାସନ ଉଦ୍ୟମ କରି ଆସୁଥିବା ବେଳେ ତାହା ବର୍ତ୍ତମାନ ପର୍ଯ୍ୟନ୍ତ ସମ୍ପୂର୍ଣ୍ଣ ହୋଇପାରିନାହିଁ। ଏପରି ପରିସ୍ଥିତିରେ ଗତ ଲଘୁଚାପ ବର୍ଷାରେ ବିବାଦୀୟ ରାସ୍ତାଟି ଅଧିକ ନଷ୍ଟ ହୋଇଯାଇଥିବା ବେଳେ ଠାକୁରାଣୀଙ୍କ ଯଜ୍ଞ ଅନୁଷ୍ଠାନ ନିମନ୍ତେ ଭାଲିଆଡିହି ଗ୍ରାମବାସୀ ଶନିବାର ରାତିରେ ସେଠାରେ ମାଟି ପକାଇ ସମତୁଲ କରିବା ଆରମ୍ଭ କରିଥିଲେ। ଏନେଇ ଅଭିଯୋଗ ପାଇବା ପରେ ଉପଜିଲ୍ଲାପାଳଙ୍କ ନିର୍ଦ୍ଦେଶ କ୍ରମେ ରବିବାର ଅତିରିକ୍ତ ତହସିଲଦାର ସ୍ଥାନୀୟ ପୋଲିସ୍ ଅଫିସର ବିବାଦୀୟ ସ୍ଥାନରେ ପହଞ୍ଚିଥିଲେ। ବିବାଦୀୟ ସ୍ଥାନରେ କେହି ନଥିବାରୁ ପ୍ରାଶାସନିକ ଅଧିକାରୀମାନେ ଭାଲିଆଡିହି ଗାଁକୁ ଯାଇଥିଲେ। ସେମାନଙ୍କୁ ତହସିଲଦାରଙ୍କୁ ଭେଟିବାକୁ ପରାମର୍ଶ ଦେଇଥିଲେ। ଏଭଳି ସ୍ଥିତିରେ ଦେଓଗାଁ ବାସୀ କୋର୍ଟଙ୍କ ରାୟ ଅନୁସାରେ, ରାସ୍ତା ନିର୍ମାଣ କରିବାକୁ ଆଜି ଜିଲ୍ଲାପାଳଙ୍କୁ ଅଭିଯୋଗ କରିବା ସହ ଧାରଣା ଦେଇଥିବା ସୂଚନା ମିଳିଛି। ସକାଳୁ ସନ୍ଧ୍ୟା ପର୍ଯ୍ୟନ୍ତ ଗ୍ରାମବାସୀମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ବସି ରହିଛନ୍ତି।

## ଜିଲ୍ଲାପାଳଙ୍କ ଜନଶୁଣାଣି ଶିବିର

**ନୟାଗଡ଼,୩।୧୧(ସମିସ):** ନୟାଗଡ଼ ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରୱାଲଙ୍କ ଅଧ୍ୟକ୍ଷତାରେ ଆଜି ସଦଭାବନା ସଭାଗୃହରେ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ନୟାଗଡ଼ ଏସ୍‌ପି ଏସ୍ ସୁଶ୍ରୀ, ଅତିରିକ୍ତ ଜିଲ୍ଲାପାଳ ବିଜୟାନନ୍ଦ ନାୟକ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ଲଗ୍ନଜିତ ରାଉତ, ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ସୁଶାନ୍ତ କୁମାର ଦାଶଙ୍କ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀ ଉପସ୍ଥିତ ରହି ଶୁଣାଣି କରିଥିଲେ। ଏହି ଅବସରରେ ଆଜି ମୋଟ ୧୬୪ ଟି ଅଭିଯୋଗ ମଧ୍ୟରୁ ୧୫୨ଟି ବ୍ୟକ୍ତିଗତ ଅଭିଯୋଗ, ୮ଟି ଗ୍ରାମ୍ୟ ସମସ୍ୟା, ୪ଟି ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠି ସମ୍ପର୍କିତ ସମସ୍ୟା ଉପରେ ଶୁଣାଣି କରାଯାଇଥିଲା। ୪୬ଟି ମାମଲାକୁ ତତ୍କାଳ ସମାଧାନ କରାଯାଇଥିଲା।

## ମଣିଭଦ୍ରା ବିଶ୍ୱଶାନ୍ତି ମହାଯଜ୍ଞ ପାଳନ ପ୍ରସ୍ତୁତି

**ନୟାଗଡ଼,୩।୧୧(ସମିସ):** ନୟାଗଡ଼ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଅତିରିକ୍ତ ଜିଲ୍ଲାପାଳ ରୋଜିନା ଦାସଙ୍କ ଅଧ୍ୟକ୍ଷତାରେ ମଣିଭଦ୍ରା ବିଶ୍ୱଶାନ୍ତି ମହାଯଜ୍ଞ ଉପଲକ୍ଷେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଗଣିଆ ବ୍ଲକ ସ୍ଥିତ ମଣିଭଦ୍ରା ପାହାଡ଼ର ପାଦଦେଶରେ ଅନୁଷ୍ଠିତ ହେବାକୁ ଯାଉଥିବା ଏହି ମହାଯଜ୍ଞ ଆସନ୍ତା ନଭେମ୍ବର ୨୩ ରୁ ୨୬ତାରିଖ ପର୍ଯ୍ୟନ୍ତ ୪ଦିନ ବ୍ୟାପୀ ଅନୁଷ୍ଠିତ ହେବ। ମହାଯଜ୍ଞକୁ ସଂପର୍କରେ ବିଭିନ୍ନ ଜିଲ୍ଲାସ୍ତରୀୟ ଅଧିକାରୀ, ଲାଇନ ବିଭାଗର ଅଧିକାରୀ ଓ ଓଁ ମା' ସତ୍ୟଶାନ୍ତ ସେବାଶ୍ରମର ସଦସ୍ୟଙ୍କ ସହିତ ଆଲୋଚନା କରାଯାଇଥିଲା। ଆଗାମୀ ୧୦ ତାରିଖରେ ପରବର୍ତ୍ତୀ ବୈଠକ ଗଣିଆ ଗୋଷ୍ଠୀ ଉନ୍ନୟନ ଅଧିକାରୀ, ତହସିଲଦାର ଗଣିଆ, ଟ୍ରଷ୍ଟି ସଦସ୍ୟ, ନିର୍ବାଚିତ ସ୍ଥାନୀୟ ଜନପ୍ରତିନିଧି ଏବଂ ଯାତ୍ରା ସହ ସଂପୃକ୍ତ ଅଧିକାରୀଙ୍କୁ ନେଇ ଅନୁଷ୍ଠିତ ହେବ। ଯଜ୍ଞରେ ସ୍ୱାସ୍ଥ୍ୟସେବା, ରାସ୍ତାଘାଟ ମରାମତି, ପାନୀୟଜଳ ଓ ପରିମଳ, ବିଦ୍ୟୁତ୍ ସେବା, ଅଗ୍ନିକ ଗାଡ଼ି, ଡଙ୍ଗାରେ ଯାତ୍ରୀମାନଙ୍କର ନିରାପତ୍ତା ନିମନ୍ତେ ଲାଇଫ୍ ଜ୍ୟାକେଟ୍ ଯୋଗାଇ ଦେବା ସହ ସଜାଗ ରହିବାକୁ ପରାମର୍ଶ ଦେଇଥିଲେ। ଯଜ୍ଞସ୍ଥଳରେ ମାଦକଦ୍ରବ୍ୟ ସେବନ କିମ୍ବା ବିକ୍ରୟ ନିଷେଧ କରାଯିବା ସହିତ ଆମିଷଦ୍ରବ୍ୟ ବିକ୍ରୟ ସମ୍ପୂର୍ଣ୍ଣ ଭାବରେ ନିଷେଧ କରାଯିବା ପାଇଁ ସ୍ଥିର କରାଯାଇଛି। ଖାଦ୍ୟର ମାନ ପରୀକ୍ଷଣ ନିମନ୍ତେ ଖାଦ୍ୟ ନିରୀକ୍ଷକଙ୍କୁ ପରାମର୍ଶ ଦେଇଥିଲେ। ନଦୀ ଗର୍ଭରୁ ଯାତ୍ରାସ୍ଥଳକୁ ଯାତାୟତର ସୁବିଧା ପାଇଁ ବିଭିନ୍ନ ସ୍ଥାନରେ ବ୍ୟାରିକେଡ୍ ନିର୍ମାଣ କରିବା ପାଇଁ ରାସ୍ତା ଓ ଗୃହ ନିର୍ମାଣ, ଦଶପଲ୍ଲାଙ୍କୁ ପରାମର୍ଶ ଦିଆଯାଇଥିଲା। ଯାତ୍ରାସ୍ଥଳକୁ ସୁରକ୍ଷିତରେ ଯାତାୟତ କରିବା ପାଇଁ ଆଞ୍ଚଳିକ ପରିବହନ ଅଧିକାରୀଙ୍କୁ ବସ୍ ଯୋଗାଇ ଦେବାକୁ ପରାମର୍ଶ ଦିଆଯାଇଥିଲା। ଓରମାସ ତରଫରୁ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀଙ୍କ ଦ୍ୱାରା ମେଳାରେ ବିଭିନ୍ନ ଷ୍ଟଲ ପକାଇବା ନିମନ୍ତେ ନିଷ୍ପତ୍ତି ଗ୍ରହଣ କରାଗଲା। ଯଜ୍ଞସ୍ଥଳ ସଫା ରଖିବା ସହ ପରିବେଶ ସଫା ରଖିବାକୁ ସ୍ଥାନୀୟ ଗ୍ରାମର ସ୍ୱେଚ୍ଛାସେବୀ, ପଲିଥିନ ବ୍ୟବହାର ନ କରିବାକୁ ଟ୍ରଷ୍ଟି ଏବଂ ସଂପୃକ୍ତ ଅଧିକାରୀ ଦୃଷ୍ଟି ଦେବା ପାଇଁ ନିଷ୍ପତ୍ତି ନିଆଗଲା। ଏହି ବୈଠକରେ ଜିଲ୍ଲା ସଂସ୍କୃତି ଅଧିକାରୀ ସୁଜାତା କୁମାରୀ ସାହୁ, ଜିଲ୍ଲା ସୂଚନା ଓ ଲୋକ ସଂପର୍କ ଅଧିକାରୀ ଜ୍ୟୋସ୍ନାମୟୀ ଆଚାର୍ଯ୍ୟ ଯୋଗ ଦେଇଥିଲେ।

### ପ୍ରଧାନଶିକ୍ଷକଙ୍କ ନିଲମ୍ବନ ଆଦେଶ ପ୍ରତ୍ୟାହାର ଦାବି

## ବିଦ୍ୟାଳୟରେ ତାଲା; ଛାତ୍ରଛାତ୍ରୀଙ୍କ ଧାରଣା



**ଓଡ଼ଗାଁ,୩।୧୧(ସମିସ):** ଓଡ଼ଗାଁ ବ୍ଲକ ମଶାବାରିଠାରେ ଅବସ୍ଥିତ ସରକାରୀ ଉଚ୍ଚ ବିଦ୍ୟାଳୟ ପ୍ରଧାନ ଶିକ୍ଷକ ଭାବଗ୍ରାହୀ ମହାପାତ୍ରଙ୍କ ନିଲମ୍ବନ ଆଦେଶର ପ୍ରତ୍ୟାହାର ଦାବିକରି ଛାତ୍ରଛାତ୍ରୀ ଓ ଅଭିଭାବକମାନେ ଫାଟକରେ ତାଲା ପକାଇ ଧାରଣାରେ ବସିଥିଲେ। ଖବରପାଇ ଅତିରିକ୍ତ ବ୍ଲକ ଶିକ୍ଷା ଅଧିକାରୀ ରାଜକିଶୋର ସାହୁ, ସିଆରସିସି ନରେଶ ପାଣିଗ୍ରାହୀ ଘଟଣାସ୍ଥଳରେ ପହଞ୍ଚି ଧାରଣା ପ୍ରତ୍ୟାହୃତ ପାଇଁ ଅଭିଭାବକଙ୍କୁ ବୁଝାସୁଝା କରିଥିଲେ। କୌଣସି ସମାଧାନର ପ୍ରତିଶୃତି ବିନା ସେମାନେ ଧାରଣାରୁ ଉଠିବେ ନାହିଁ ବୋଲି କହିଥିଲେ। ଛାତ୍ରଛାତ୍ରୀ ଭୋ ଭୋ କାନ୍ଦି କାନ୍ଦି ଭାବସାରଙ୍କୁ ଫେରାଇ ଆଣିବାକୁ ଏବିଓଙ୍କଠାରେ ଅଳି କରିଥିଲେ। ବ୍ଲକ ଶିକ୍ଷା ଅଧିକାରୀ ପିଣ୍ଟୁ ସାହୁ ଧାରଣାସ୍ଥଳ ସମସ୍ତ ଘଟଣା ସମ୍ପର୍କରେ ଅବଗତ ହେବା ପରେ ୪୮ ଘଣ୍ଟା ମଧ୍ୟରେ ପ୍ରଧାନ ଶିକ୍ଷକ ଭାବଗ୍ରାହୀ ମହାପାତ୍ରଙ୍କ ପୁନଃ ନିଯୁକ୍ତି ନିମନ୍ତେ ବ୍ଲକ ଅତିରିକ୍ତ ଶିକ୍ଷା ଅଧିକାରୀ ରାଜକିଶୋର ସାହୁଙ୍କ ମାଧ୍ୟମରେ ଲିଖିତ ପ୍ରତିଶୃତି ରଖିଥିଲେ। ନିର୍ଦ୍ଧାରିତ ସମୟରେ ଦାବି ପୂରଣ ନହେଲେ ପୁଣି ଥରେ ଧାରଣା ଦିଆଯିବ ବୋଲି ଅଭିଭାବକମାନେ ଚେତାବନୀ ଦେଇଛନ୍ତି। ଦୀପାବଳି ଅମାବାସ୍ୟା ସନ୍ଧ୍ୟାରେ ପ୍ରଧାନ ଶିକ୍ଷକ ଭାବଗ୍ରାହୀ ମହାପାତ୍ରଙ୍କ ସହିତ ଛାତ୍ରଛାତ୍ରୀ, ସ୍କୁଲ କମିଟି ସଦସ୍ୟ ଏବଂ ଅଭିଭାବକମାନେ ମିଶି ପ୍ରଦୀପ ପ୍ରଜ୍ୱଳନ ଉତ୍ସବ ପାଳନ କରିଥିଲେ। ଉକ୍ତ ଘଟଣାକୁ ନେଇ ଅଭିଯୋଗ ହୋଇଥିଲା।

## ସାଇବର ସୁରକ୍ଷା ସଚେତନତା



**ଓଡ଼ଗାଁ,୩।୧୧(ସମିସ):** ନୟାଗଡ଼ ଜିଲ୍ଲା ଓଡ଼ଗାଁ ଆଦର୍ଶ ଥାନା ଆନୁକୂଲ୍ୟରେ ସ୍ଥାନୀୟ ବ୍ଲକ୍ ରୋଡ୍ କଲ୍ୟାଣୀ ମଣ୍ଡପ ପରିସରରେ ସୋମବାର ଏକ ସାଇବର ସୁରକ୍ଷା ସଚେତନତା ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଓଡ଼ଗାଁ ଏନ୍‌ଏସି ଅଞ୍ଚଳର ବିଭିନ୍ନ ଶିକ୍ଷାନୁଷ୍ଠାନରୁ ଏନ୍‌ସିସି, ସ୍କାଉଟ ଓ ଗାଇଡ ଛାତ୍ରଛାତ୍ରୀଙ୍କ ସହିତ ପ୍ରାୟ ୨ଶହରୁ ଊଶହର ଛାତ୍ରଛାତ୍ରୀ ଯୋଗ ଦେଇଥିଲେ। ସମସ୍ତ ଛାତ୍ରଛାତ୍ରୀଙ୍କୁ ନେଇ ଏକ ସଚେତନତା ଶୋଭାଯାତ୍ରାରେ ଓଡ଼ଗାଁ ଗଣେଶ ବଜାର ବସଷ୍ଟାଣ୍ଡ ଦେଇ ସହର ପରିକ୍ରମା କରି କଲ୍ୟାଣୀ ମଣ୍ଡପ ଠାରେ ପହଞ୍ଚିଥିଲେ। ଶରଣକୁଳ ଏସଡିପିଓ ଦିପ୍ତିକାନ୍ତ ପ୍ରଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ନୟାଗଡ଼ ଜିଲ୍ଲା ସଦର ଡିଏସପି ସୁକାନ୍ତ ପାତ୍ର, ଓଡ଼ଗାଁ ତହସିଲଦାର ଡ.ମାନସ ରଞ୍ଜନ ଭୋଇ, ବିଡିଓ ଜିତେନ୍ଦ୍ର କୁମାର ନାୟକ, ଏନ୍‌ଏସି କାର୍ଯ୍ୟ ନିର୍ବାହୀ ଅଧିକାରୀ ନିହାର ରଞ୍ଜନ ବେହେରା ଏବଂ ଆଦର୍ଶ ଥାନା ଆଇଆଇସି ଅଭୟ ବେହେରା ପ୍ରମୁଖ ଅଂଶଗ୍ରହଣ କରି ବିଭିନ୍ନ ପ୍ରକାରର ସାଇବର ଅପରାଧ ପୃଷ୍ଠଭୂମି ଏବଂ ତା'ର ନିୟନ୍ତ୍ରଣ ସମ୍ପର୍କରେ ଆଲୋଚନା ରଖିଥିଲେ। ପରିଶେଷରେ ସାଇବର ସୁରକ୍ଷା ସଚେତନତା ଧର୍ମୀ ଏକ ନାଟକ ପରିବେଷଣ ହୋଇଥିଲା। ଏସଆଇ ଚକ୍ରଧର ସିଂଙ୍କ ସହିତ ସମସ୍ତ ପୁଲିସ ଅଧିକାରୀ ଓ କର୍ମଚାରୀମାନେ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ଶିକ୍ଷକ ଭାବଗ୍ରାହୀ ମହାପାତ୍ର ଏବଂ ରଞ୍ଜନ କୁମାର ଦାଶ ମଞ୍ଚ ପରିଚାଳନା କରିଥିବା ବେଳେ ଅବସରପ୍ରାପ୍ତ ଶିକ୍ଷକ ପଞ୍ଚାନନ ପଣ୍ଡା କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ।

## ରୋଟାରୀ କ୍ଲବ୍ ପକ୍ଷରୁ କୃତ୍ରିମ ଅଙ୍ଗ ପ୍ରତିରୋପଣ



**ନୟାଗଡ଼,୩।୧୧(ସମିସ):** ନୟାଗଡ଼ ରୋଟାରୀ କ୍ଲବ ଓ ବ୍ରହ୍ମପୁର ଇଷ୍ଟ ମିଳିତ ଆନୁକୂଲ୍ୟରେ ବିଜୁ ମହାବୀର ଫୁଟ୍ ସେଣ୍ଟର ସହଯୋଗ କ୍ରମେ ଓଡିଶା ରାଜ୍ୟ ସରକାରଙ୍କ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ଦ୍ୱାରା ପରିଚାଳିତ କୃତିମ ଅଙ୍ଗ ପ୍ରତିରୋପଣ, ଶ୍ରବଣ ବାଧିତ କର୍ଣ୍ଣଯନ୍ତ୍ର, ଦୃଷ୍ଟି ହୀନଙ୍କ ପାଇଁ ଆଶାବାଡ଼ି ଇତ୍ୟାଦି ବହୁବିଧ ସେବା କାର୍ଯ୍ୟ "ସକ୍ଷମ" କାର୍ଯ୍ୟକ୍ରମ ଉଦଘାଟିତ ହୋଇଯାଉଛି। ଓଡିଶାର ବିଭିନ୍ନ ପ୍ରାନ୍ତରୁ ଆସିଥିବା ପ୍ରାୟ ଦୁଇ ଶହରୁ ଊର୍ଦ୍ଧ୍ୱ ଭିନ୍ନକ୍ଷମ ଏହି ସେବା ପାଇଁ ଆଜି ପଞ୍ଜୀକରଣ କରିଥିଲେ। ସେବା ଶିବିରର ପ୍ରଥମ ଦିନରେ ପନ୍ଦର ଜଣ ଦୃଷ୍ଟିବାଧିତ ବ୍ୟକ୍ତି, ଶ୍ରବଣ ବାଧିତ ୯୭ ଜଣ ବ୍ୟକ୍ତି, ୨୮ ଜଣଙ୍କର କୃତିମ ଅଙ୍ଗ ପ୍ରତିରୋପଣ, ୧୮ ଜଣଙ୍କୁ ଆଶାବାଡି ପ୍ରଦାନ କରାଯାଇଥିଲା।

ଏହି କାର୍ଯ୍ୟକ୍ରମ ନଭେମ୍ବର ୭ ତାରିଖ ପର୍ଯ୍ୟନ୍ତ ଚାଲୁ ରହିବ ବୋଲି ଆୟୋଜକମାନେ ସୂଚନା ପ୍ରଦାନ କରିଛନ୍ତି। ଏହି ଅବସରରେ ରୋଟାରୀ କ୍ଲବ୍ ସଭାପତି ବସିରନ ବିବିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ସାଂସଦ ଡା. ସମ୍ବିତ ପାତ୍ର ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରୱାଲ, ପୂର୍ବତନ ସାଂସଦ ପ୍ରତ୍ୟୁଷା ରାଜେଶ୍ୱରୀ ସିଂ, ରୋଟାରୀ ଜିଲ୍ଲା ଗଭର୍ଣ୍ଣର ରୋଟାରିଆନ ମନୋଜ ତ୍ରିପାଠୀ, ପ୍ରାକ୍ତନ ରୋଟାରି ଗଭର୍ଣ୍ଣର, ରୋଟାରିଆନ ଅଜୟ ଅଗ୍ରୱାଲ, ପୌର ପରିଷଦ ଅଧ୍ୟକ୍ଷା ନିରୁପମା ଖଟେଇ, ବ୍ରହ୍ମପୁର ଇଷ୍ଟ କ୍ଲବ ସଭାପତି, ରୋଟାରିଆନ ପ୍ରଦୀପ୍ତ ପଟ୍ଟନାୟକ ଏବଂ ରୋଟାରୀ ଜିଲ୍ଲାର ଭିନ୍ନକ୍ଷମ କାର୍ଯ୍ୟକ୍ରମ ଚେୟାରମ୍ୟାନ ରୋଟାରିଆନ ଅଜିତ ପୃଷ୍ଟି ଏହି କାର୍ଯ୍ୟକ୍ରମ ଯୋଗ ଦେଇଥିଲେ। ଏହି କାର୍ଯ୍ୟକ୍ରମଟି ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସର୍ବେଶ୍ୱର ପାଣିଗ୍ରାହୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା। ରୋଟାରିଆନ ପ୍ରବୀର ପୃଷ୍ଟି ଓ ରୋଟାରିଆନ ପ୍ରଶନ୍ନ ବସନ୍ତିଆ କାର୍ଯ୍ୟକ୍ରମକୁ ସଂଯୋଜନା କରିଥିବା ବେଳେ କ୍ଲବ୍ ସଂପାଦକ ଅବିନାଶ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

### କିଆଝର ଉଚ୍ଚ ବିଦ୍ୟାଳୟ

## ମଧ୍ୟାହ୍ନଭୋଜନ ସାମଗ୍ରୀ ଅନିୟମିତତାର ତଦନ୍ତ ଆରମ୍ଭ

**ଖଣ୍ଡପଡ଼ା,୩।୧୧(ସମିସ)**

ଖଣ୍ଡପଡ଼ା ବ୍ଲକରେ ଏବେ ଶିକ୍ଷକଙ୍କ ଦ୍ୱାରା ଦୁର୍ନୀତି, ଲୁଟ ପାଟ ହେଉଥିବା ଘଟଣା ସାମ୍ନାକୁ ଆସୁଛି। ଏଭଳି ଏକ ଘଟଣା ବ୍ଲକ ଅଧୀନ କିଆଝର ଉଚ୍ଚ ବିଦ୍ୟାଳୟରୁ ସହକାରୀ ଶିକ୍ଷକ ମୁରଲୀଧର ବାରିକ ଗତ ଶନିବାର ମଧ୍ୟାହ୍ନଭୋଜନ ସାମଗ୍ରୀ ନେଉଥିବା ନେଇ ଗ୍ରାମବାସୀ ଅଭିଯୋଗ କରିଥିଲେ। ଅଭିଯୋଗକୁ ଭିତ୍ତି କରି ଖଣ୍ଡପଡ଼ା ଗୋଷ୍ଠୀ ଶିକ୍ଷାଧିକାରୀ କୈଳାଶ ଚନ୍ଦ୍ର କର, ଏବିଇଓ କଳିଙ୍ଗ ଚନ୍ଦ୍ର ନାୟକ, ପ୍ରଦୀପ କୁମାର ସାହୁଙ୍କ ସମେତ ଡାଟା ଏଣ୍ଟ୍ରି ଅପରେଟର ପ୍ରକାଶ କୁମାର ବାରିକ ସୋମବାର ପୂର୍ବାହ୍ନରେ ଉକ୍ତ ବିଦ୍ୟାଳୟରେ ପହଞ୍ଚି ଉପରୋକ୍ତ ଅଭିଯୋଗର ତଦନ୍ତ କରିଥିବା ଜଣାଯାଇଛି। ଘଟଣା ସମ୍ପର୍କରେ ତଦନ୍ତ ହେବା ପରେ ଅଭିଯୋଗର ସତ୍ୟାସତ୍ୟ ଥିବା ନେଇ ବିଇଓ ଶ୍ରୀ କର ସୂଚନା ଦେଇଛନ୍ତି। ଉକ୍ତ ବିଦ୍ୟାଳୟ ପରିଚାଳନା କମିଟି ସଦସ୍ୟମାନେ ଅଭିଯୋଗ ସଂର୍ପକରେ ସମ୍ପୂର୍ଣ୍ଣ ନୀରବ



ରହିଥିବା ବେଳେ ଅନୁଷ୍ଠାନ ଅନ୍ୟ ଶିକ୍ଷକମାନେ ମଧ କୌଣସି ସୂଚନା ଦେବାକୁ ଅନିଚ୍ଛା ପ୍ରକାଶ କରିଥିଲେ। ମୋଟାମୋଟି ଭାବେ ବିଦ୍ୟାଳୟ ପରିଚାଳନା କମିଟିର ସଦସ୍ୟମାନେ ତଦନ୍ତରେ ଅସହଯୋଗ କରିଥିବା ବିଇଓ ଶ୍ରୀ କରଙ୍କ ଠାରୁ ସୂଚନା ମିଳିଛି। ଅପରପକ୍ଷେ ବିଦ୍ୟାଳୟରୁ ମଧ୍ୟାହ୍ନଭୋଜନ ସାମଗ୍ରୀ ନେବା ଘଟଣାରେ ଶିକ୍ଷକଙ୍କ ସଂପୃକ୍ତି ନେଇ ସମଗ୍ର କିଆଝର ପଞ୍ଚାୟତରେ ଗତ ୩ ଦିନ ଧରି ସରଗରମ ଆଲୋଚନା ହେଉଥିବା ବେଳେ ଉକ୍ତ ଘଟଣାକୁ ଚପାଇବା ଦେବା ପାଇଁ ବିଦ୍ୟାଳୟ କର୍ତ୍ତୃପକ୍ଷ ଏବେ ପୁରାଦମରେ ଲାଗି ପଡିଥିବା ନେଇ ସାଧାରଣରେ ଚର୍ଚ୍ଚା ହେଉଛି। ଖଣ୍ଡପଡ଼ା ଗୋଷ୍ଠୀ ଶିକ୍ଷାଧିକାରୀଙ୍କ ନେତୃତ୍ୱରେ ତଦନ୍ତକାରୀ ଟିମ୍ ତଦନ୍ତ କରି ନୟାଗଡ ଜିଲ୍ଲା ଶିକ୍ଷାଧିକାରୀଙ୍କୁ କଣ ରିପୋର୍ଟ ପ୍ରଦାନ କରୁଛି ଓ ସଂପୃକ୍ତ ଶିକ୍ଷକଙ୍କ ବିରୁଦ୍ଧରେ ପ୍ରଶାସନ, ଶିକ୍ଷା ବିଭାଗ ଉଚ୍ଚ କର୍ତ୍ତୃପକ୍ଷ କଣ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁଛନ୍ତି ତାହା ଦେଖିବାକୁ ବାକି ରହିଲା ବୋଲି ସାଧାରଣରେ ଆଲୋଚନା ହେଉଛି।

## ଟ୍ରେନ୍ ଆଗକୁ ଡେଇଁ ଯୁବକଙ୍କ ଆତ୍ମହତ୍ୟା

**ନୟାଗଡ଼,୩।୧୧(ସମିସ):** ନୟାଗଡ଼ ଜିଲ୍ଲା ନୂଆଗାଁ ଥାନା ମହୀପୁର ନିକଟସ୍ଥ ରେଳଧାରଣାରୁ ଜଣେ ଯୁବକଙ୍କ ମୃତଦେହ ଉଦ୍ଧାର କରାଯାଇଛି। ଯୁବକ ଜଣଙ୍କ ହେଲେ ନୟାଗଡ଼ ସଦରଥାନା ଅନ୍ତର୍ଗତ ଲକ୍ଷ୍ମୀପ୍ରସାଦ ପଞ୍ଚାୟତ ଡିହଗାଁର ରାଜକିଶୋର ପ୍ରଧାନଙ୍କ ପୁଅ ସୁଶାନ୍ତ କୁମାର ପ୍ରଧାନ। ଗତକାଲି ରାତିରେ ସୁଶାନ୍ତ ଗତକାଲି ନୟାଗଡ଼ ଟାଉନ ଷ୍ଟେସନରେ ବାଇକ ରଖି ଟ୍ରେନ ଯୋଗେ ମହୀପୁର ଅଭିମୁଖେ ଯାଇଥିଲେ। ରେଳ ଆଗକୁ ଡେଇଁ ଆତ୍ମହତ୍ୟା କରିଥିବା ପୁଲିସ ପକ୍ଷରୁ ସୂଚନା ମିଳିଛି। ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରିଛି।

### ବୋଇତ ବନ୍ଦାଣ ଯାତ୍ରା ଉତ୍ସବ ତୃତୀୟ ସନ୍ଧ୍ୟା

## ଦର୍ଶକଙ୍କ ମନମୋହିଲେ ଇରା ମହାନ୍ତି



**ନୟାଗଡ଼,୩।୧୧(ସମିସ):** ନୟାଗଡ଼ ପୁରୁଣା ସହର ମଣ୍ଡାବାଗନ୍ ପଡ଼ିଆରେ ୨୨ତମ ବୋଇତ ବନ୍ଦାଣ ଯାତ୍ରା ଉତ୍ସବ ତୃତୀୟ ସନ୍ଧ୍ୟାରେ ପୁରୀ ସାଂସଦ ସମ୍ବିତ ପାତ୍ର, ପୂର୍ବତନ ସାଂସଦ ପ୍ରତ୍ୟୁଷା ରାଜେଶ୍ୱରୀ ସିଂ, ନୟାଗଡ଼ ପୌର ପରିଷଦ ଅଧ୍ୟକ୍ଷା ନିରୂପମା ଖଟେଇ, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ସୁବାଷ ଚନ୍ଦ୍ର ପଣ୍ଡା, ନୟାଗଡ଼ ଏସ୍‌ଡିପିଓ ଜ୍ୟୋତିରଞ୍ଜନ ସାମନ୍ତରାୟ ପ୍ରମୁଖ ଯୋଗ ଦେଇଥିଲେ। ଏହି ଅବସରରେ ସ୍ଥାନୀୟ କଳାକାରଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସଂସ୍କୃତି ବିଭାଗ ଆନୁକୂଲ୍ୟରେ ସାଂସ୍କୃତିକ କାର୍ଯ୍ୟକ୍ରମ ସହ ସୁରତରଙ୍ଗ ଦ୍ୱାରା ମେଲୋଡି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସୁନାମ ଧନ୍ୟ ଓଡ଼ିଆ କଣ୍ଠଶିଳ୍ପୀ ଇରା ମହାନ୍ତିଙ୍କ ସଙ୍ଗୀତ ଦର୍ଶକଙ୍କୁ ବିମୋହିତ କରିଥିଲା। ବୋଇତ ବନ୍ଦାଣ ଯାତ୍ରାରେ ଛୋଟ ପିଲାଙ୍କ ପାଇଁ ଦୋଳି, ଟ୍ରେନ୍ ବ୍ୟବସ୍ଥା ହୋଇଛି। ଅନେକ ଘର ଉପକରଣ ଦ୍ରବ୍ୟ, ଖାଦ୍ୟ ଷ୍ଟଲଖୋଲିଛି। ଆଜି ଦ୍ୱିତୀୟ ସନ୍ଧ୍ୟା ବେଶ୍ ଗହଳି ହୋଇଥିବା ଦେଖା ଯାଇଛି। ବୋଇତ ବନ୍ଦାଣ ଯାତ୍ରା ଉତ୍ସବ କମିଟି ସଭାପତି କିଶାନ ଦାଶ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ସଂଯୋଜକ ଦାଶରଥି ସାହୁ, ଶ୍ରୀକାନ୍ତ ଖଟେଇ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ପୁରୁଣା ସହର ଯୁବ ଗୋଷ୍ଠୀ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ।

# ଦୁଷ୍କର୍ମ ମାମଲାରେ ଅଭିଯୁକ୍ତକୁ ୨୦ ବର୍ଷ ଜେଲ୍‌ଦଣ୍ଡ

ଭୁବନେଶ୍ୱର,୩।୧୧(ସମିସ): ବାଘମାରୀ ଥାନାର ଏକ ଦୁଷ୍କର୍ମ ମାମଲାରେ ଏଡିଜି-୪/ ସ୍ପେଶାଲ ଜଜ୍ ପୋକ୍‌ସୋ କୋର୍ଟ ଶୁଣାଣି କରି ଅଭିଯୁକ୍ତକୁ ଦୋଷୀ ସାବ୍ୟସ୍ତ କରି ସଜା ଶୁଣାଇଛନ୍ତି। ଅଭିଯୁକ୍ତ ପ୍ରକାଶ ନାୟକଙ୍କୁ ୨୦ ବର୍ଷ ଜେଲଦଣ୍ଡ ସହ ଜରିମାନା ଶୁଣାଇଛନ୍ତି କୋର୍ଟ। ଏଥିସହ ପୀଡ଼ିତାଙ୍କୁ ୬ଲକ୍ଷ ଟଙ୍କା କ୍ଷତି ପୂରଣ ଦେବାକୁ କୋର୍ଟ ତାଙ୍କ ରାୟରେ କହିଛନ୍ତି।

ସୂଚନା ଅନୁସାରେ, ବାଘମାରୀ ଥାନା ଅଞ୍ଚଳରେ ପୀଡ଼ିତା ଏବଂ ଅଭିଯୁକ୍ତ ପ୍ରକାଶଙ୍କ ଘର। ୨୦୨୪ ଏପ୍ରିଲ ୭ ତାରିଖ ଦିନ ନାବାଳିକା ଜଣଙ୍କ ଘର ପଛରେ ଥିବା ଆମ୍ବ ତୋଟାକୁ ଶୌଚ ହେବାକୁ ଯାଇଥିବାବେଳେ ପୂର୍ବରୁ ଛକି ବସିଥିବା ଅଭିଯୁକ୍ତ ପ୍ରକାଶ ନାବାଳିକାର ପାଟିକୁ ଚାପି ଧରି ଏକ ବୁଦା ମୂଳକୁ ଟେକିନେଇ ଦୁଷ୍କର୍ମ କରିଥିଲେ। ଏହାପରେ ନାବାଳିକା ବେହୋସ ହୋଇଥିବା ପରେ ହତ୍ୟା କରିବା ଉଦ୍ଦେଶ୍ୟରେ ନାବାଳିକାକୁ ନିକଟରେ ଥିବା ଏକ ଗୋବର ଖାତକୁ ଫିଙ୍ଗି ପଳାଇଯାଇଥିଲା। ପରିବାର ଲୋକ ପୀଡ଼ିତାଙ୍କୁ ବହୁ ଖୋଜା ଖୋଜି କରିବା ପରେ ବାରିପଛରେ ଥିବା ଗୋବର ଖାତରେ ଅଚେତ ଅବସ୍ଥାରେ ପାଇଥିଲେ। ଏହା ପରେ ତାଙ୍କ ଉପରେ ପାଣି ସିଞ୍ଚିବା ପରେ ତାଙ୍କ ଚେତା ଫେରିଥିଲା। ଘଟଣା ବିଷୟରେ ପରିବାର ଲୋକ ପଚାରିବାରୁ ନାବାଳିକା ସବୁ କଥା କହିଥିଲେ। ଏପରିକି ପରିବାର ଲୋକ କିମ୍ବା ଥାନାରେ ଅଭିଯୋଗ କଲେ ହତ୍ୟା କରିବାକୁ ଧମକ ଦେଇଥିବା କହିଥିଲେ। ନାବାଳିକାର ବାପା ଏନେଇ ବାଘମାରୀ ଥାନାରେ ଅଭିଯୋଗ କରିବା ପରେ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ କରିଥିଲା। ତଦନ୍ତ ଅଧିକାରୀ ଘଟଣାସ୍ଥଳକୁ ଯାଇ ଯାଞ୍ଚ କରିବା ସହ ନାବାଳିକାର କପଡ଼ା ଏବଂ ଅନ୍ୟାନ୍ୟ ସାମଗ୍ରୀ ସଂଗ୍ରହ କରିଥିଲେ। ଏହାପରେ ଡାକ୍ତରୀମାଇନା କରିବା ପରେ ଅଭିଯୁକ୍ତକୁ ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଥିଲା। ତଦନ୍ତ ଅଧିକାରୀ ଦୃଢ଼ ଚାର୍ଜସିଟ୍ ଏବଂ ସାକ୍ଷୀ ବଳରେ କୋର୍ଟ ଅଭିଯୁକ୍ତକୁ ୨୦ବର୍ଷ ଜେଲଦଣ୍ଡ ଶୁଣାଇଛନ୍ତି। ସ୍ପେଶାଲ ସରକାରୀ ପିପି ସୁବ୍ରତ ପ୍ରିୟଦର୍ଶିନୀ ଏହି ମାମଲାର ପରିଚାଳନା କରିଥିଲେ।

- ଆମ୍ବ ତୋଟାରେ ଦୁଷ୍କର୍ମ ପରେ ହତ୍ୟା ଉଦ୍ୟମ କରିଥିଲା
- ୬ଲକ୍ଷର କ୍ଷତିପୂରଣ ଦେବାକୁ କୋର୍ଟଙ୍କ ନିର୍ଦ୍ଦେଶ

# ଆଜି ବଡ଼ଓଷା; ବାବା ଧବଳେଶ୍ୱରଙ୍କ ପୀଠ ଚଳଚଞ୍ଚଳ

ଖୋର୍ଦ୍ଧା,୩।୧୧(ସମିସ)



ମଙ୍ଗଳବାର ବଡ଼ଓଷା। ଚଳଚଞ୍ଚଳ ହୋଇଛି ଖୋର୍ଦ୍ଧା ପୌର ପରିଷଦ ଅନ୍ତର୍ଗତ ଗୁରୁଜଙ୍ଗସ୍ଥିତ ବାବା ଧବଳେଶ୍ୱରଙ୍କ ପୀଠ। ଜିଲ୍ଲାର ପ୍ରମୁଖ ଶୈବପୀଠଭାବେ ପରିଚିତ ଏହି ପୀଠରେ ବଡ଼ଓଷା ପର୍ବ ଧୂମ୍‌ଧାମରେ ଚାଲିବ। ବଡ଼ଓଷା ଯାତ୍ରା ଚଳିତ ବର୍ଷ ସୋମବାରଠାରୁ ଛାଡ଼ଖାଇ ପର୍ଯ୍ୟନ୍ତ ୪ଦିନ ଧରି ପାଳିତ ହେବ। ରଙ୍ଗିନ ଆଲୋକମାଳାରେ ଝଲସୁଛି ମନ୍ଦିର। ମନ୍ଦିରଠାରୁ ରାସ୍ତାର ଉଭୟ ପାର୍ଶ୍ୱରେ ପ୍ରାୟ ୧ କିଲୋମିଟର ପର୍ଯ୍ୟନ୍ତ ଶତାଧିକ ଉଠାଦୋକାନୀ ପସରା ମେଲାଇଲେଣି। ବିଶେଷକରି ମାର୍ଗଶିର ମାସରେ ଧାନ ଅମଳ ଏବଂ ଲକ୍ଷ୍ମୀ ପୂଜା ପାଇଁ ଡାଲା, କୁଲା, ବୋଝ, ଦା, କଟୁରୀ ସହ ଅନ୍ୟାନ୍ୟ ଘରକରଣା ସାମଗ୍ରୀର କିଣାବିକା ହୋଇଥାଏ। ବଡ଼ଓଷାରେ ମାନସିକଧାରୀମାନେ ଗଜଭୋଗ ଓ ଅଟକାଳି ଭୋଗ କରିବା ଲାଗି ସୋମବାରଠାରୁ ଭିଡ଼ ଲଗାଇଲେଣି। ଲମ୍ବାଧାଡ଼ିରେ ଭକ୍ତମାନେ ମନ୍ଦିର ଭିତରକୁ ପ୍ରବେଶ କରି ଦର୍ଶନ କରୁଛନ୍ତି।

କାର୍ତ୍ତିକ ଶେଷ ସୋମବାର ଯୋଗୁଁ ମନ୍ଦିରରେ ଶତାଧିକ ଶ୍ରଦ୍ଧାଳୁଙ୍କ ଭିଡ଼ ହୋଇଛି। ବଡ଼ଓଷା ଦିନ ଭୋର୍ ୩ଟାରୁ ବାବା ଧବଳେଶ୍ୱରଙ୍କୁ ଘିଅ, ଲହୁଣୀ, ମହୁ, କ୍ଷୀର, ନବାତରେ ମାଜଣା କରାଯିବ। ପରେ ଠାକୁରଙ୍କ ରୀତିନୀତି, ଶଙ୍ଖୁଡ଼ି ଭୋଗ କରାଯାଇ ସର୍ବସାଧାରଣଙ୍କ ଲାଗି ଦର୍ଶନ ଆରମ୍ଭ ହେବ। ସନ୍ଧ୍ୟା ସମୟରେ ଶତାଧିକ ଶ୍ରଦ୍ଧାଳୁଙ୍କ ଗହଣରେ ଠାକୁରଙ୍କ ବେଢ଼ା ପରିକ୍ରମା ହେବ। ପବିତ୍ର ବଡ଼ଓଷା ଏବଂ କାର୍ତ୍ତିକ ପୂର୍ଣ୍ଣିମାକୁ ଶାନ୍ତି ଶୃଙ୍ଖଳାରେ ସମାହିତ କରିବାକୁ ଟ୍ରଷ୍ଟି ତରଫରୁ ବ୍ୟାପକ ବ୍ୟବସ୍ଥା ଗ୍ରହଣ କରାଯାଇଛି। ଧବଳେଶ୍ୱର ଟ୍ରଷ୍ଟି ବୋର୍ଡ ସହ ସେବାୟତ ସଂଘ କମିଟି ସଭ୍ୟ ଏବଂ ପ୍ରଶାସନିକ ସହଯୋଗରେ ଏହି ବଡ଼ଓଷା ଯାତ୍ରା, ପୂଜାର୍ଚ୍ଚନା, ଦର୍ଶନ, ଅଟକାଳି ଭୋଗ ପ୍ରସ୍ତୁତି ଏବଂ ସମର୍ପଣ କାର୍ଯ୍ୟ କରାଯାଉଛି। ପୌର ପ୍ରଶାସନ ପକ୍ଷରୁ ପରିମଳ, ଜଳ ଯୋଗାଣ, ବିଦ୍ୟୁତ୍ ବିଭାଗ ତରଫରୁ ଆଲୋକ ବ୍ୟବସ୍ଥା କରାଯାଇଛି। ଚଳିତ ବର୍ଷ ପ୍ରଭୁ ଧବଳେଶ୍ୱରଙ୍କ ବଡ଼ଓଷା ଯାତ୍ରାକୁ ଆଡ଼ମ୍ବର ସହକାରେ ପାଳନ କରିବାକୁ ମ୍ୟାନେଜିଂ ଟ୍ରଷ୍ଟି ବଦ୍ରି ନାରାୟଣ ସାହୁ, ଟ୍ରଷ୍ଟି ତଥା ବରିଷ୍ଠ ସାମ୍ବାଦିକ ଶୁଭ୍ରାଂଶୁ ରଞ୍ଜନ ସାମନ୍ତରାୟ, ଟ୍ରଷ୍ଟି ବସନ୍ତ କୁମାର ସୁନ୍ଦରାୟ, କୃଷ୍ଣଚନ୍ଦ୍ର ସାହୁ, ମଳୟେଶ ପ୍ରଧାନ ପ୍ରମୁଖ ଅନ୍ୟ ସଭ୍ୟଙ୍କ ସହଯୋଗ କାମନା କରିଛନ୍ତି। ସନ୍ଧ୍ୟାରେ ପ୍ରଶାସନ ପକ୍ଷରୁ ବିଡିଓ କ୍ଷୀରାବ୍ଧୀ ତନୟା ସାହୁ, ଆଦର୍ଶ ଥାନା ଅଧିକାରୀ ସଞ୍ଜୟ ନାୟକଙ୍କ ସମେତ ପୁଲିସ ଟିମ୍ ପ୍ରମୁଖ ପହଞ୍ଚି ସ୍ଥିତି ଅନୁଧାନ କରିବା ସହ ସିସିଟିଭି କ୍ୟାମେରା ଲଗାଇବାକୁ ପରାମର୍ଶ ଦେଇଥିଲେ। ଟ୍ରଷ୍ଟି ପକ୍ଷରୁ ୧୫ଟି ସ୍ଥାନରେ ସିସିଟିଭି କ୍ୟାମେରା ଲଗାଯାଇଥିବା ଟ୍ରଷ୍ଟି ଶୁଭ୍ରାଂଶୁ ରଞ୍ଜନ ସାମନ୍ତରାୟ ସୂଚନା ଦେଇଛନ୍ତି। ଭିଡ଼ ନିୟନ୍ତ୍ରଣ କରିବାକୁ ଜିଲ୍ଲା ପୁଲିସ ତରଫରୁ ସଦର ଏସ୍‌ଡିପିଓ ନିହାର ରଞ୍ଜନ ପ୍ରଧାନଙ୍କ ନେତୃତ୍ୱରେ ୨ ଇନ୍ସପେକ୍ଟର, ସବ୍‌ଇନ୍ସପେକ୍ଟର ଓ ଏଏସ୍‌ଆଇଙ୍କ ସମେତ ଦୁଇ ପ୍ଲାଟୁନ୍ ଫୋର୍ସ ସୁରକ୍ଷା ବ୍ୟବସ୍ଥାରେ ନିୟୋଜିତ ଥିବା ଜଣାଯାଇଛି।

### ସ୍ଥିତି ଅନୁଧ୍ୟାନ କଲେ ପ୍ରଶାସନିକ ଅଧିକାରୀ

## ବଡ଼ଓଷାରେ ସହଯୋଗ କରିବାକୁ ଉପଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ

ଖୋର୍ଦ୍ଧା,୩।୧୧(ସମିସ): ଖୋର୍ଦ୍ଧା ପୌରାଞ୍ଚଳ ଅନ୍ତର୍ଗତ ଗୁରୁଜଙ୍ଗ ଧବଳେଶ୍ୱର ମନ୍ଦିରରେ ଚାଲିଥିବା ବଡ଼ଓଷା ଏବଂ କାର୍ତ୍ତିକ ପୂର୍ଣ୍ଣିମା ପର୍ବକୁ ସମ୍ପୂର୍ଣ୍ଣ ସହଯୋଗ କରିବାକୁ ଉପଜିଲ୍ଲାପାଳଙ୍କୁ ଅତିରିକ୍ତ ଦେବୋତ୍ତର କମିଶନର ନିର୍ଦ୍ଦେଶ ଦେଇଛନ୍ତି। ଏ ସଂକ୍ରାନ୍ତରେ ଏକ ଚିଠି ଖୋର୍ଦ୍ଧା ଜିଲ୍ଲାପାଳ, ଉପଜିଲ୍ଲାପାଳ ଏବଂ ମନ୍ଦିର ପରିଚାଳନା ଟ୍ରଷ୍ଟି ବଦ୍ରି ନାରାୟଣ ସାହୁଙ୍କ ପାଖକୁ କମିଶନର କାର୍ଯ୍ୟାଳୟରୁ ଆସିଛି। ଏତଦ୍ ବ୍ୟତୀତ ପୂର୍ବରୁ ଉପଜିଲ୍ଲାପାଳ ଗଠନ କରିଥିବା ଅସ୍ଥାୟୀ କମିଟି ଦ୍ୱାରା ନିଲାମ ଦେଇଥିବା ଭୋଗ ଦୋକାନ, ଦୀପ ଦୋକାନ, ପୋଖରୀ, ଗଛର ଅର୍ଥରାଶିକୁ ସାତ ଦିନ ଭିତରେ ଟ୍ରଷ୍ଟିକୁ ହସ୍ତାନ୍ତର କରିବାକୁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଛି। ସୂଚନା ଯୋଗ୍ୟ, ହାଇକୋର୍ଟ ଦେବୋତ୍ତର କମିଶନ ଦ୍ୱାରା ଗଠିତ ମ୍ୟାନେଜିଂ କମିଟି ବୈଧ ବୋଲି ଦର୍ଶାଇଥିଲେ। ଉପଜିଲ୍ଲାପାଳଙ୍କ ଦ୍ୱାରା ଅସ୍ଥାୟୀ କମିଟି ସମ୍ପୂର୍ଣ୍ଣ ବେଆଇନ ଦର୍ଶାଇ ଏହାକୁ ଅସିଦ୍ଧ ଘୋଷଣା କରିଥିଲେ। ଟ୍ରଷ୍ଟି ବୋର୍ଡ ଦ୍ୱାରା ଆୟୋଜିତ ବଡ଼ଓଷା, କାର୍ତ୍ତିକ ପୂର୍ଣ୍ଣିମା ଏବଂ ମନ୍ଦିର ଦୈନନ୍ଦିନ ରୀତିନୀତିରେ ଅସ୍ଥାୟୀ କମିଟିର ସଭ୍ୟ କୌଣସି ପ୍ରକାର ହସ୍ତକ୍ଷେପ କରିପାରିବେ ନାହିଁ। ହାଇକୋର୍ଟଙ୍କ ଅର୍ଡର ପାଇବା ପରେ ଉପଜିଲ୍ଲାପାଳ ଟ୍ରଷ୍ଟିକୁ ସମସ୍ତ ପ୍ରକାର ସହଯୋଗ କରିବେ ବୋଲି ମୌଖିକ ଭାବେ ପ୍ରତିଶ୍ରୁତି ଦେଇଥିଲେ।

# ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା



ଖୋର୍ଦ୍ଧା,୩।୧୧(ସମିସ): ଖୋର୍ଦ୍ଧା ଉପକଣ୍ଠ ବଘେଇଟାଙ୍ଗୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ଉକ୍ତ ମେଳାକୁ ପ୍ରଧାନଶିକ୍ଷକ ଅଶୋକ ଦାଶ ଉଦ୍‌ଘାଟନ କରିଥିଲେ। ବିଜ୍ଞାନ ଶିକ୍ଷକ ପ୍ରକାଶ ଚନ୍ଦ୍ର ମୁଦୁଲିଙ୍କ ସହଯୋଗ ଓ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମଟି ପରିଚାଳନା କରାଯାଇଥିଲା। ଶିକ୍ଷକ ବଦ୍ରିନାରାୟଣ ରଥ ଓ ତନ୍ମୟ କୁମାର ବି.ବି.ମର୍ଦ୍ଦରାଜଙ୍କ ଦ୍ୱାରା ପ୍ରକଳ୍ପଗୁଡ଼ିକର ମୂଲ୍ୟାଙ୍କନ କରାଯାଇଥିଲା। କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରଯାଇଥିଲା। ସିଆର୍‌ସିସି ବିକାଶ କୁମାର ମୁଦୁଲି ତଥା ନିକଟସ୍ଥ ପ୍ରାଥମିକ ଓ ଉଚ୍ଚ ବିଦ୍ୟାଳୟର ଛାତ୍ରଛାତ୍ରୀ, ଶିକ୍ଷକ ଶିକ୍ଷୟିତ୍ରୀମାନେ ମେଳା ପରିଦର୍ଶନ କରିଥିଲେ।

# ଶ୍ରୀରଙ୍ଗନାଥଦେବଙ୍କ ତ୍ରିବିକ୍ରମ ବେଶ

ବାଣପୁର,୩।୧୧(ସମିସ): ଭଗବତୀ କ୍ଷେତ୍ର ବାଣପୁରର ଇଷ୍ଟଦେବ ଶ୍ରୀରଙ୍ଗନାଥ ଦେବଙ୍କ ପଞ୍ଚୁକ ତଥା ପବିତ୍ର କାର୍ତ୍ତିକ ଶୁକ୍ଳ ତ୍ରୟୋଦଶୀ ତିଥିରେ ସୋମବାର ରତ୍ନସିଂହାସନରେ ଚତୁର୍ଦ୍ଧା ବିଗ୍ରହ ଡାଳିକିଆ ତଥା ତ୍ରିବିକ୍ରମ ବେଶରେ ସୁସଜ୍ଜିତ ହୋଇ ଶ୍ରଦ୍ଧାଳୁଙ୍କୁ ଦର୍ଶନ ଦେଇଛନ୍ତି। ଏହି ଅବସରରେ ଗରୁଡ଼ ଉତ୍‌ଥାପନ ନୀତି ଅନୁଷ୍ଠିତ ହୋଇଥିବାବେଳେ ଭୋରୁ ମନ୍ଦିର ପରିସର ଶୋଧ ପରେ ମହାପ୍ରଭୁଙ୍କ ଦ୍ୱାରଫିଟା, ମଙ୍ଗଳାର୍ପଣ ପରେ ମଙ୍ଗଳ ଆଳତି କରାଯାଇ ପରେ ମଇଲମ ଓ ତଡ଼ପଲାଗି କରାଯାଇ ଅବକାଶ ନୀତି ସମ୍ପନ୍ନ ହୋଇଥିଲା। ପରେ ଦ୍ୱାରପାଳ ପୂଜା, ସୂର୍ଯ୍ୟପୂଜା ପରେ ଠାକୁର ଅଳଙ୍କାର, ପାଟବସ୍ତ୍ର ଓ ପୁଷ୍ପମାଲ୍ୟ ପରିଧାନ କରି ଗୋପାଳ ବଲ୍ଲଭ ଓ ଆଳତି ସାରି ଶ୍ରୀରଙ୍ଗନାଥ ଦେବ ତ୍ରିବିକ୍ରମ ବେଶ ଧାରଣ କରିଥିଲେ।



# କବି ଆର୍ତ୍ତତ୍ରାଣଙ୍କ 'ଶ୍ରୀକୃଷ୍ଣ ଭକ୍ତିବିଳାସ' ଉନ୍ମୋଚିତ



ନିରାକାରପୁର,୩।୧୧(ସମିସ): ଖୋର୍ଦ୍ଧା ଜିଲ୍ଲା ନିରାକାରପୁର ଅଞ୍ଚଳର ବିଶିଷ୍ଟ କବି ଡ. ଆର୍ତ୍ତତ୍ରାଣ ସାହୁଙ୍କ ପୁସ୍ତକ 'ଶ୍ରୀକୃଷ୍ଣ ଭକ୍ତିବିଳାସ'ର ଶୁଭ ଉନ୍ମୋଚନ ହୋଇଯାଇଛି। ସ୍ଥାନୀୟ ରାମ ମନ୍ଦିର ପରିସରରେ ଶିକ୍ଷାବିତ୍ ବଂଶୀଧର ଜଗଦେବଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ଭାବେ ଭୁବନେଶ୍ୱର ସଂସ୍କୃତି ବିଶ୍ୱବିଦ୍ୟାଳୟର ପ୍ରଫେସର ପ୍ରେମାନନ୍ଦ ମହାପାତ୍ର, ପୁସ୍ତକ ସମୀକ୍ଷକ ଭାବେ ଅଧ୍ୟାପକ ଡ. ମୃତ୍ୟୁଞ୍ଜୟ ରଥ, ସମ୍ମାନିତ ଅତିଥି ଭାବେ କଣାସ ସାହିତ୍ୟ ଘର ସମ୍ପାଦକ କବି କସ୍ତୁରୀ ଦିଲ୍ଲୀପ ଶ୍ରୀଚନ୍ଦନ, ନିଶିଗନ୍ଧା ନିର୍ଦ୍ଦେଶକ ବଳରାମ ତରାଇ, ଅବସରପ୍ରାପ୍ତ ଶିକ୍ଷକ ଦିବ୍ୟସିଂହ ତ୍ରିପାଠୀ, ରାମଦୟା ପରିଷଦ ସମ୍ପାଦକ ଗଙ୍ଗାଧର ତ୍ରିପାଠୀ, ଓଡ଼ିଶା ସ୍ୱର୍ଣ୍ଣକାର ମହାସଂଘ ସଭାପତି ରମେଶ ଚନ୍ଦ୍ର ସାଥୁଆ ପ୍ରମୁଖ ଉପସ୍ଥିତ ଥିଲେ। ଏହି କାର୍ଯ୍ୟକ୍ରମକୁ ବରିଷ୍ଠ ନେତା ବିପିନ କୁମାର ଜୟସିଂହ ପରିଚାଳନା କରିଥିବାବେଳେ ଅବସରପ୍ରାପ୍ତ ଶିକ୍ଷକ କମଳ ଲୋଚନ ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ।

# ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ଶିବିର



ଖୋର୍ଦ୍ଧା,୩।୧୧(ସମିସ): ସୋମବାର ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ ଜିଲ୍ଲାପାଳ ଅମ୍ରିତ ଋତୁରାଜ, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଅନାଦି ସେଠୀ, ଉପଜିଲ୍ଲାପାଳ କିଶୋର କୁମାର ପଣ୍ଡା, ଜିଲ୍ଲା ପରିଷଦ ଅତିରିକ୍ତ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ କସ୍ତୁରୀବାଳା ଜେନା, ବିଡିଓ କ୍ଷୀରାବ୍ଧୀ ତନୟା ସାହୁ ପ୍ରମୁଖ ଉପସ୍ଥିତ ରହି ଅଭିଯୋଗ ଶୁଣିଥିଲେ। ଭତ୍ତା, ପ୍ରଧାନମନ୍ତ୍ରୀ ଆବାସ ଯୋଜନା, ରାସ୍ତା, ବିଦ୍ୟୁତ୍, ଜଳ ସମସ୍ୟା ଭଳି ମୋଟ୍ ୧୫୯ଟି ବିଭିନ୍ନ ସଂକ୍ରାନ୍ତୀୟ ଦରଖାସ୍ତ ଗ୍ରହଣ କରାଯାଇଥିଲା। ତନ୍ମଧ୍ୟରୁ ୧୫୫ଟି ଅଭିଯୋଗ ବ୍ୟକ୍ତିଗତ ଥିବାବେଳେ ମାତ୍ର ୪ଟି ସାମୂହିକ ଥିଲା। ଘଟଣାସ୍ଥଳରେ ୧୦ଟି ଅଭିଯୋଗର ତତ୍କାଳ ସମାଧାନ କରାଯାଇଥିଲା। ରେଡ୍‌କ୍ରସ ପାଣ୍ଠିରୁ ଜିଲ୍ଲାପାଳ ପାଠପଢ଼ା ନିମନ୍ତେ ଚକେଇସିଆଣି ଗ୍ରାମର ଲିଲି ବାହାଦୁରଙ୍କୁ ୧୦ ହଜାର ଟଙ୍କା ଏବଂ ଚିଲିକା ବ୍ଲକ୍ ଅଧୀନ ଆଙ୍କୁଲା ଗ୍ରାମର ପିଙ୍କି ଜେନାଙ୍କୁ ଆତ୍ମନିର୍ଭରଶୀଳ ନିମନ୍ତେ ଜେରକ୍ସ ମେସିନ ପାଇଁ ୧୫ ହଜାର ଟଙ୍କା ଏବଂ ଟାଙ୍ଗୀ ବ୍ଲକ୍ ଓରଡ ଗ୍ରାମର ଚନ୍ଦ୍ରଶେଖର ପଟ୍ଟନାୟକଙ୍କୁ ଚିକିତ୍ସା ନିମନ୍ତେ ୧୦ ହଜାର ଟଙ୍କା ପ୍ରଦାନ କରିଥିଲେ। ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ସଞ୍ଜୟ ଚନ୍ଦ୍ର ରାୟ, ଜିଲ୍ଲା ସମାଜ କଲ୍ୟାଣ ଅଧିକାରୀ କୁସୁମ କୁମାରୀ ପ୍ରହରାଜ, ଜିଲ୍ଲା ଶିକ୍ଷା ଅଧିକାରୀ ସୋନାମିକା ରାୟ, ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ, ଗ୍ରାମ୍ୟ ଜଳଯୋଗାଣ ଓ ପରିମଳ ଅଧୀକ୍ଷଣ ଯନ୍ତ୍ରୀ, ଜିଲ୍ଲା ମଙ୍ଗଳ ଅଧିକାରୀଙ୍କ ସମେତ ଅନ୍ୟ ଜିଲ୍ଲାସ୍ତରୀୟ ଅଧିକାରୀମାନେ ଉପସ୍ଥିତ ରହି ଅଭିଯୋଗ ଶୁଣିଥିଲେ।

# ଜିଲ୍ଲା ପେନ୍‌ସନର୍ସ ଆସୋସିଏସନ୍‌ର କାର୍ଯ୍ୟକାରିଣୀ



ଖୋର୍ଦ୍ଧା,୩।୧୧(ସମିସ): ସ୍ଥାନୀୟ ଜେଲ୍‌ରୋଡ୍‌ସ୍ଥିତ ଶ୍ୟାମାମାଧବ ବାସନ୍ତୀ ଦେଇ ମେମୋରିଆଲ ହଲ୍‌ରେ ଖୋର୍ଦ୍ଧା ଜିଲ୍ଲା ପେନସନର୍ସ ଆସୋସିଏସନ୍‌ର କାର୍ଯ୍ୟକାରିଣୀ ବୈଠକ ଅନୁଷ୍ଠିତ ହୋଇଯାଇଛି। ସଭାପତି ଭୀମସେନ ପ୍ରଧାନ ଏଥିରେ ଅଧ୍ୟକ୍ଷତା କରିଥିଲେ। ଗତ ନଭେମ୍ବର ୨୪ ସାଧାରଣ ସଭାରେ ନିର୍ବାଚିତ ପ୍ରତିନିଧିମାନଙ୍କୁ ସ୍ୱାଗତ କରିଥିଲେ। ତତ୍‌ପରେ ସାଧାରଣ ସମ୍ପାଦକ ଏବଂ କୋଷାଧ୍ୟକ୍ଷ ହାଜି ନସିମ୍ ଉଦ୍ଦିନ୍ ଖାନ୍ ଗତ ବୈଠକର ବିବରଣୀ ପାଠ କରିଥିଲେ। ରାଜ୍ୟ ସରକାର ଏଥିମଧ୍ୟରେ ୩% ଡିଏ ବଢ଼ାଇଥିବାରୁ ସଂଗଠନ ତରଫରୁ ଶୁଭେଚ୍ଛା ଓ ଧନ୍ୟବାଦ ଦିଆଯାଇଥିଲା। ଆଜିପର୍ଯ୍ୟନ୍ତ ସଭା ଓ ସାଂଗଠନିକ କାର୍ଯ୍ୟକ୍ରମ ନିର୍ବାହ କରିବାକୁ ଏକ ବୈଠକ ଗୃହ ସରକାରଙ୍କ ତରଫରୁ ଯୋଗାଇ ଦିଆ ନ ଯିବା ଯୋଗୁଁ କ୍ଷୋଭ ପ୍ରକାଶ ପାଇଥିଲା। ଏଥିପାଇଁ ସଭାପତି, ଉପସଭାପତି ବିମଳ ଚନ୍ଦ୍ର ଷଡ଼ଙ୍ଗୀ, ସାଧାରଣ ସମ୍ପାଦକ, ଯୁଗ୍ମ ସମ୍ପାଦକ ଓ ଆଉ ୨ଜଣ ବରିଷ୍ଠ କାର୍ଯ୍ୟକାରୀ ସଭ୍ୟ ବିଧାୟକ ପ୍ରଶାନ୍ତ ଜଗଦେବଙ୍କୁ ସାକ୍ଷାତ୍ କରି ଲିଖିତ ଭାବେ ସମସ୍ୟା ସମାଧାନ ପାଇଁ ଅନୁରୋଧ କରିବେ ବୋଲି ବୈଠକରେ ନିଷ୍ପତ୍ତି ହୋଇଥିଲା। ଅନ୍ୟମାନଙ୍କ ମଧ୍ୟରେ ସତ୍ୟବାଦୀ ବଳିୟାରସିଂହ, ନାରାୟଣ ଦାଶ, ଯୁଗ୍ମ ସମ୍ପାଦକ କୃଷ୍ଣଚନ୍ଦ୍ର ହରିଚନ୍ଦନ, ବଂଶୀଧର ଦାଶ, ସେକ୍ ସନାଉଲ୍ଲା ଓ ବାଇଧର ମିଶ୍ର ପ୍ରମୁଖ ଉପସ୍ଥିତ ରହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ।

# ଡାକ୍ତର ରାଧାଚରଣ ପଣ୍ଡାଙ୍କ ଶ୍ରାଦ୍ଧୋତ୍ସବ

ବାଲୁଗାଁ,୩।୧୧(ସମିସ): ବାଲୁଗାଁ ବାଣପୁର ଅଞ୍ଚଳର ସୁପ୍ରତିଷ୍ଠିତ ଚିକିତ୍ସକ ତଥା ପ୍ରଥମ ଓଡ଼ିଆ ସ୍ୱାସ୍ଥ୍ୟଶିକ୍ଷା ପୁସ୍ତକ ଲେଖକ, ସାହିତ୍ୟିକ, ସମାଜସେବୀ ଓ ଗାନ୍ଧିବାଦୀ ବ୍ୟକ୍ତିତ୍ୱ ଡାକ୍ତର ରାଧାଚରଣ ପଣ୍ଡାଙ୍କ ୫୧ତମ ଶ୍ରାଦ୍ଧବାର୍ଷିକୀ ଚିଲିକା ସାହିତ୍ୟ ସମାଜ ଓ ସାହିତ୍ୟ ସିନ୍ଦୂରା ଅନୁଷ୍ଠାନର ମିଳିତ ଆନୁକୂଲ୍ୟରେ ବାଣପୁରସ୍ଥିତ ଶୁଭମଙ୍ଗଳ କଲ୍ୟାଣ ମଣ୍ଡପରେ ଅନୁଷ୍ଠିତ ହୋଇଯାଇଛି। ଶିକ୍ଷାବିତ୍ ବାଳମୁକୁନ୍ଦ ଦାସଙ୍କ ପୌରୋହିତ୍ୟରେ ଆୟୋଜିତ ଶ୍ରାଦ୍ଧୋତ୍ସବରେ ଶିକ୍ଷାବିତ୍ ସଂଗ୍ରାମ କେଶରୀ ସାହୁ, ସ୍ୱାଧୀନ ପଣ୍ଡା, ଡ. ଚାନ୍ଦ କିଶୋର ତ୍ରିପାଠୀ, ସର୍ବେଶ୍ୱର ଷଡ଼ଙ୍ଗୀ, ଡ. ଚିନ୍ତାମଣୀ ମିଶ୍ର, ନୃସିଂହପ୍ରସାଦ ମିଶ୍ର, ବୈରାଗୀ ଚରଣ ବଳ, ରବିନ୍ଦ୍ର ନାଥ ମାନସିଂହ, ସନ୍ଧ୍ୟା ଦେବୀ, ରଶ୍ମିରଞ୍ଜିତା ମିଶ୍ର ପ୍ରମୁଖ ଯୋଗଦେଇ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଶିକ୍ଷାବିତ୍ ଗୋଲକ ବିହାରୀ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ।

- ବଦଳି ନିର୍ଦ୍ଦେଶକୁ ମାନୁନାହାନ୍ତି ଅଧିକାରୀ

# ଯୋଗ ଦେଉନାହାନ୍ତି ଡିଇଓ, ଗାଦି ଛାଡୁନାହାନ୍ତି ଯନ୍ତ୍ରୀ

ବେଗୁନିଆ,୩।୧୧(ସମିସ): ବେଗୁନିଆ ବ୍ଲକ୍‌ରେ କାର୍ଯ୍ୟରତ ସହକାରୀ କାର୍ଯ୍ୟନିର୍ବାହୀ ଯନ୍ତ୍ରୀ ସୁସ୍ମିତା ମିଶ୍ରଙ୍କୁ କଟକ ଜିଲ୍ଲା ସାଲେପୁରକୁ ବଦଳି ନିର୍ଦ୍ଦେଶନାମା ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗ ପକ୍ଷରୁ ଗତ ସେପ୍ଟେମ୍ବର ୬ ତାରିଖରେ ଜାରି ହୋଇଥିଲା। ତାଙ୍କ ସ୍ଥାନରେ ରାୟଗଡ଼ା ଜିଲ୍ଲା ମୁନିଗୁଡ଼ା ବ୍ଲକ୍‌ର ଡିଇଓ ଐଶ୍ୱର୍ଯ୍ୟା ଭଞ୍ଜ ଯୋଗଦେବେ ବୋଲି ଅର୍ଡର କପି ୨୪୪୪୦ରେ ସୂଚନା ଦେଇଛନ୍ତି। ତେବେ ଦୁଇ ମାସରୁ ଊର୍ଦ୍ଧ୍ୱ ଦିନ ବିତି ଯାଇଥିଲେ ମଧ୍ୟ ନୂତନ ସହକାରୀ କାର୍ଯ୍ୟନିର୍ବାହୀ ଯନ୍ତ୍ରୀ ବ୍ଲକ୍ କାର୍ଯ୍ୟାଳୟ ଛାଡ଼ି ସାଲେପୁରରେ ଯୋଗଦେଉ ନାହାନ୍ତି କି ମୁନିଗୁଡ଼ା ବ୍ଲକ୍ ଡିଇଓ ଏଠାରେ ଯୋଗ ଦେଉନାହାନ୍ତି। ତେବେ ପ୍ରଶାସନିକ କ୍ଷେତ୍ରରେ ଖାମଖିଆଲି ମନୋଭାବ ପୋଷଣ କରାଯାଉଥିବା ସଚେତନ ନାଗରିକଙ୍କ ମଧ୍ୟରେ ଚର୍ଚ୍ଚାର ବିଷୟ ପାଲଟିଛି।

# ସାଇବର ସୁରକ୍ଷା ସଚେତନତା ଅଭିଯାନ

ବାଲୁଗାଁ,୩।୧୧(ସମିସ): ବାଲୁଗାଁ ଥାନା ଅନ୍ତର୍ଗତ ପିଏମ୍‌ଶ୍ରୀ ସରକାରୀ ଉଚ୍ଚ ବିଦ୍ୟାଳୟ, ଅଂକୁଲଚାଟି ଓ ଯୁଗଳ ଚରଣ ସରକାରୀ ବାଳିକା ବିଦ୍ୟାପୀଠ, ବାଲୁଗାଁ ପରିସରରେ ଖୋର୍ଦ୍ଧା ପୁଲିସ ପକ୍ଷରୁ ସାଇବର ସୁରକ୍ଷା ସଚେତନତା ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ତାଲିମପ୍ରାପ୍ତ ପୁଲିସ କର୍ମଚାରୀମାନେ ସାମିଲ ହୋଇ ଅନ୍‌ଲାଇନ୍ ସୁରକ୍ଷା, ସାଇବର ଅପରାଧ ପ୍ରତିରୋଧ ଓ ଦାୟିତ୍ୱପୂର୍ଣ୍ଣ ଡିଜିଟାଲ ବ୍ୟବହାର ଆଦି ସାଇବର ଠକେଇରୁ ସୁରକ୍ଷା ଆଦି ସମ୍ପର୍କରେ ଉପସ୍ଥିତ ବିଦ୍ୟାଳୟର ଶିକ୍ଷକ, କର୍ମଚାରୀ ଓ ଛାତ୍ରଛାତ୍ରୀଙ୍କୁ ସଚେତନ କରାଇଥିଲେ। ଏହି ଅବସରରେ ଉଭୟ ବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ସାଇବର ସୁରକ୍ଷା ସମ୍ବନ୍ଧିତ ଅନ୍-ଦ-ସ୍ପଟ୍ କୁଇଜ୍ ପ୍ରତିଯୋଗିତା ଆୟୋଜନ କରାଯାଇଥିବା ବେଳେ ପୁଲିସ ତରଫରୁ କୁଇଜ୍‌ର ବିଜେତାମାନଙ୍କୁ ଆକର୍ଷଣୀୟ ପୁରସ୍କାର ଓ ସାର୍ଟିଫିକେଟ୍ ପ୍ରଦାନ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଉଭୟ ବିଦ୍ୟାଳୟର ସମସ୍ତ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ।

# ଲେଣ୍ଟୁ ପଞ୍ଚାୟତରେ 'ପଲ୍ଲୀରେ ପ୍ରଶାସନ' କାର୍ଯ୍ୟକ୍ରମ

ନିରାକାରପୁର,୩।୧୧(ସମିସ): ଖୋର୍ଦ୍ଧା ଜିଲ୍ଲା ଟାଙ୍ଗୀ ବ୍ଲକ୍ ଅନ୍ତର୍ଗତ ଲେଣ୍ଟୁ ପଞ୍ଚାୟତରେ ସୋମବାର "ପଲ୍ଲୀରେ ପ୍ରଶାସନ' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ୨୫ଟି ବିଭାଗର ଅଧିକାରୀମାନେ ଉପସ୍ଥିତ ରହି ବିଭିନ୍ନ ଅଭିଯୋଗ ଶୁଣାଣି କରିଥିଲେ। ଏହି କାର୍ଯ୍ୟକ୍ରମରେ ୧୭୧ଟି ସାଧାରଣ ଅଭିଯୋଗ ହୋଇଥିବାବେଳେ ୧୬୭ଟି ସମାଧାନ ହୋଇଛି। ଏହି କାର୍ଯ୍ୟକ୍ରମରେ ବିଡିଓ ରୁମାନ୍ ଜାଫ୍ରି, ତହସିଲ୍‌ଦାର ନିଷ୍ଠା ମହାପାତ୍ର, ଏବିଡିଓ ରଞ୍ଜନ ସ୍ୱାଇଁ, ସମାଜ ମଙ୍ଗଳ ଅଧିକାରୀ ବିରଞ୍ଚି ନାରାୟଣ ଜେନା, ଜିପିଡିଓ ସଂକଳ୍ପ ସୁଚିତ୍ରା ସାହୁ, ବିଏସ୍‌ଏସ୍‌ଓ କାଜଲ ପ୍ରଧାନ, ବିପିଏମ୍ ପ୍ରକାଶ ବଳିଆରସିଂହ ଓ ମହିଳା ଓ ଶିଶୁ ବିକାଶ ଅଧିକାରିଣୀ ଜ୍ୟୋତ୍ସ୍ନାମୟୀ ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ।

# ବିଦ୍ୟାଳୟ ସମୂହ ଦୌଡ଼କୁଦ ପ୍ରତିଯୋଗିତା ଉଦ୍‌ଘାଟିତ

ବେଗୁନିଆ,୩।୧୧(ସମିସ): ବେଗୁନିଆ ବ୍ଲକ୍ ଅନ୍ତର୍ଗତ ଡିଙ୍ଗର ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ଜିଲ୍ଲାସ୍ତରୀୟ ବିଦ୍ୟାଳୟ ସମୂହ ଦୌଡ଼କୁଦ ପ୍ରତିଯୋଗିତା ସୋମବାର ଉଦ୍‌ଘାଟିତ ହୋଇଛି। ଏଥିରେ ବିଦ୍ୟାଳୟର ପ୍ରଧାନଶିକ୍ଷକ ଦିବାକର ସାହୁଙ୍କ ଅଧ୍ୟକ୍ଷତା ଓ ଶିକ୍ଷକ ମନୋଜ କୁମାର ସାହୁଙ୍କ ସଂଯୋଜନାରେ ଜିଲ୍ଲା ଅତିରିକ୍ତ ଶିକ୍ଷା ଅଧିକାରୀ ଡ. ପ୍ରଜ୍ଞା ପାରମିତା ଜେନା ମୁଖ୍ୟଅତିଥି, ଶିକ୍ଷାବିତ୍ ଉପେନ୍ଦ୍ର ନାଥ ସାହୁ ମୁଖ୍ୟବକ୍ତା, ବ୍ଲକ୍ ଶିକ୍ଷା ଅଧିକାରୀ ଭାସ୍କର ଲେଙ୍କା, ଶିକ୍ଷାବିତ୍ ଶରତ ଚନ୍ଦ୍ର ପଣ୍ଡା, ମୀର୍ ରହେମତ ଅଲ୍ଲୀ, ଜିଲ୍ଲା ଭାରପ୍ରାପ୍ତ ଶାରୀରିକ ଶିକ୍ଷା ଅଧିକାରୀ ଦିଲ୍ଲୀପ ମୋଦୀ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ମନ୍ମଥ କୁମାର ରଥ, ଉପସଭାପତି ଛବିଳତା ବେହେରା, ପଞ୍ଚସଖା ଶିକ୍ଷା ସେତୁ ସଭାପତି ଶିବ ପ୍ରସାଦ ଦାସ, ଗୋଷ୍ଠୀ କ୍ରୀଡ଼ା ସମ୍ପାଦକ ଶ୍ରୀନିବାସ ରଣସିଂହ ପ୍ରମୁଖ ଅତିଥି ଭାବେ ଉପସ୍ଥିତ ରହି କ୍ରୀଡ଼ା ପତାକା ହଲାଇ ଶୁଭାରମ୍ଭ କରିଥିଲେ। କାର୍ଯ୍ୟକ୍ରମକୁ କ୍ରୀଡ଼ା ଶିକ୍ଷକ ପ୍ରକାଶ ଚନ୍ଦ୍ର ଦାସ ଓ କାଳୀଚରଣ ଲେଙ୍କା ପରିଚାଳନା କରିଥିଲେ।

# ଦିନକ ପରେ ପୂର୍ଣ୍ଣିମା; ଆରମ୍ଭ ହେଲାଣି ଡଙ୍ଗା ବିକ୍ରି

ଖୋର୍ଦ୍ଧା,୩।୧୧(ସମିସ)



ଦିନକ ପରେ ଅର୍ଥାତ୍ ବୁଧବାର କାର୍ତ୍ତିକ ପୂର୍ଣ୍ଣିମା ବା ବୋଇତ ବନ୍ଦାଣ ଉତ୍ସବ। ଏହି ଦିନ ଓଡ଼ିଆମାନେ ପୋଖରୀ, ନଦୀ ଆଦିରେ ଡଙ୍ଗା ଭସାଇ ଅତୀତର ସ୍ମୃତିକୁ ମନେ ପକାଇଥା'ନ୍ତି। ଏବେଠାରୁ ସହରର ବିଭିନ୍ନ ସ୍ଥାନରେ କାଗଜ ଡଙ୍ଗାର ପସରା ମେଲିଥିବା ଦେଖିବାକୁ ମିଳିଲାଣି। ବିଭିନ୍ନ ଛୋଟ ବ୍ୟବସାୟୀଙ୍କଠାରୁ ଆରମ୍ଭ କରି ଖୋର୍ଦ୍ଧା ସହର ଓ ଏହାର ଉପକଣ୍ଠର ଗ୍ରାହକମାନେ ମଧ୍ୟ ଡଙ୍ଗା ବ୍ୟବସାୟୀଙ୍କଠାରୁ ଡଙ୍ଗା କିଣା ଆରମ୍ଭ କରିଲେଣି। ଏଥିପାଇଁ ଡଙ୍ଗା ବ୍ୟବସାୟୀମାନେ ମଧ୍ୟ ତତ୍ପର। ସହରର ମୁକୁନ୍ଦପ୍ରସାଦ, ଗୁରୁଜଙ୍ଗ ଛକ, ମାରୱାଡ଼ିପଟି, ଟ୍ରାଫିକ୍ ଛକ, ସମବାୟ ବ୍ୟାଙ୍କ ଛକ, ପୁରୁଣା ମେଡିକାଲ ରୋଡ୍, ନୟାଗଡ଼ ରୋଡ୍, ନୂଆ ବସ୍‌ଷ୍ଟାଣ୍ଡ, କଣ୍ଟା ଛକ, ପଲ୍ଲାହାଟ ସମେତ ଖୋର୍ଦ୍ଧା ଉପକଣ୍ଠ ପାନବରଜ, ପଲ୍ଲା, ତୋଟାପଢ଼ା, ଜାଗୁଲେଇପାଟଣା ବଜାର, ନୂଆଗାଁ ପ୍ରଭୃତି ସ୍ଥାନରେ ବିଭିନ୍ନ ଡିଜାଇନ୍‌ର ଡଙ୍ଗା ବିକ୍ରି ହେଉଛି। ତେବେ ସୋଲ ଏବଂ ବୋର୍ଡରେ ନିର୍ମିତ ଡଙ୍ଗାର ଚାହିଦା ଅଧିକ ରହିଛି। ଦାମ୍ ବି ଗ୍ରାହକଙ୍କୁ ସୁହାଇବା ଭଳି ରହିଛି। ମାର୍କେଟରେ ବର୍ତ୍ତମାନ ୫ ଟଙ୍କାରୁ ଆରମ୍ଭ କରି ୫୦୦ ଟଙ୍କା ପର୍ଯ୍ୟନ୍ତ ମୂଲ୍ୟର ଡଙ୍ଗା ମିଳୁଛି। ଏଥିରେ ଓଡ଼ିଶାର ବିଭିନ୍ନ କଳା ସଂସ୍କୃତିର କାରୁକାର୍ଯ୍ୟ ହୋଇଥିବାବେଳେ ହାତ ଖୋଦେଇ କାମ ମଧ୍ୟ ହୋଇଛି। ମଙ୍ଗଳବାର ବଜାରରେ ଡଙ୍ଗା ଅଧିକ ମାତ୍ରାରେ ବିକ୍ରି ପାଇଁ ଆସିବ ବୋଲି ବ୍ୟବସାୟୀ ରବିନାରାୟଣ ପ୍ରଧାନ କହିଛନ୍ତି। ସେହିପରି ଅନ୍ୟ ଜଣେ ବ୍ୟବସାୟୀ ସୋମେଶ ପ୍ରଧାନ କହିଛନ୍ତି, ପୂର୍ବଭଳି ଲୋକଙ୍କ ମଧ୍ୟରେ ଆଉ ଉତ୍ସାହ ଦେଖାଯାଉନାହିଁ। ଯାହାଫଳରେ ଡଙ୍ଗା ବ୍ୟବସାୟ ଧୀରେ ଧୀରେ କମିଛି।

# ବାଳିକା କବାଡ଼ି ପ୍ରତିଯୋଗିତା: କିସ୍ ଚାମ୍ପିଅନ

ବାଣପୁର,୩।୧୧(ସମିସ): ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ ତରଫରୁ ଆୟୋଜିତ ଆନ୍ତଃ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟସ୍ତରୀୟ ବାଳିକା କବାଡ଼ି ଜୋନ୍-୪ ପ୍ରତିଯୋଗିତା ବାଣପୁର ଗ୍ରାମୀଣ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଗତ ଶନିବାର ଆରମ୍ଭ ହୋଇ ତିନିଦିନ ଧରି ଚାଲିଥିବା ବାଳିକା କବାଡ଼ି ପ୍ରତିଯୋଗିତା ସୋମବାର ଉଦ୍‌ଯାପିତ ହୋଇଯାଇଛି। ଏଥିରେ ମହାବିଦ୍ୟାଳୟର ଅଧ୍ୟକ୍ଷ ସର୍ବେଶ୍ୱର ଷଡ଼ଙ୍ଗୀ ଯୋଗଦେଇ ବିଜେତା ଚାମ୍ପିଅନ ଓ ରନର୍ସଅପ୍ ଦଳକୁ ଟ୍ରଫି ପ୍ରଦାନ କରିଥିଲେ। ତିନି ଦିନ ଧରି ଅନୁଷ୍ଠିତ ଜୋନ୍-୪ର ଏହି ପ୍ରତିଯୋଗିତାର ଫାଇନାଲ ମ୍ୟାଚ୍ କିସ୍ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ଭୁବନେଶ୍ୱର ଓ ଗ୍ରାମୀଣ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ବାଣପୁର ବାଳିକା କବାଡ଼ି ଦଳ ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ଏଥିରେ କିସ୍ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଜୋନ୍-୪ର ଚାମ୍ପିଅନ ବିବେଚିତ ହୋଇଥିବାବେଳେ ଗ୍ରାମୀଣ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ରନର୍ସଅପ୍ ବିବେଚିତ ହୋଇ ଟ୍ରଫି ହାସଲ କରିଛନ୍ତି। ଏହି ଜୋନ୍-୪ ଚାମ୍ପିଅନ ଦଳ ଆସନ୍ତା ୬ ତାରିଖରେ ରାଣୀସୁକଦେଇ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ବାଙ୍କୀରେ ଅନୁଷ୍ଠିତ ହେବାକୁ ଥିବା ଫାଇନାଲ ଜୋନ୍ ମ୍ୟାଚ୍‌ରେ ଅଂଶଗ୍ରହଣ କରିବେ।



ବିଦ୍ୟାଳୟର କ୍ରୀଡ଼ା ଶିକ୍ଷକ ବିଭୁଧେନ୍ଦୁ ମାନସିଂହ, କମ୍ପ୍ୟୁଟର ଶିକ୍ଷକ ଶିବଶଙ୍କର ପଣ୍ଡାଙ୍କ ସମେତ ବିଭିନ୍ନ ବିଦ୍ୟାଳୟରୁ ଆସିଥିବା କ୍ରୀଡ଼ା ଶିକ୍ଷକମାନେ ମ୍ୟାଚ୍ ଅଫିସିଆଲ ଭାବେ ପ୍ରତିଯୋଗିତାକୁ ପରିଚାଳନା କରଥିଲେ। ଅଧ୍ୟାପିକା ରୋଜାଲିନ୍ ଦାଶ, ସାଗରିକା ଦାଶ, ଅକ୍ରୁର ପ୍ରଧାନ, ରବିନ୍ଦ୍ର ମାର୍ଥାଙ୍କ ସମେତ ଅନ୍ୟାନ୍ୟ ସମସ୍ତ କର୍ମଚାରୀ ଉପସ୍ଥିତ ରହି କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

# ବିଜେପି ସରକାର ଭୋଗିବ 'ଅନାହାର ମୃତ୍ୟୁ'ର ପାପ: କଂଗ୍ରେସ



■ ରିସା ମାଙ୍କଡ଼ିଆ ଅନାହାର ମୃତ୍ୟୁ ସତ୍ତ୍ୱେ ପ୍ରଶାସନ ନିଦାବିଷ୍ଟ
■ ଇ-କେୱାଇସି ଯୋଗୁଁ କଟିଥିବା ହିତାଧିକାରୀଙ୍କ ତାଲିକା ଜାରି ଦାବି

ଭୁବନେଶ୍ୱର,୩।୧୧(ସମିସ): ଦେଶରେ ମାଙ୍କଡ଼ିଆ ଆଦିବାସୀ ଏକ ବିରଳ ଅନୁସୂଚିତ ଜନଜାତି ରୂପେ ଚିହ୍ନଟ କରାଯାଇଛି। ୨୦୧୧ ଜନଗଣନା ଅନୁସାରେ ଏମାନଙ୍କ ସଂଖ୍ୟା କେବଳ ୨୨୦୦ ମାତ୍ର। ସୁକିନ୍ଦା ବ୍ଲକ ଅନ୍ତର୍ଗତ ମଲାର ସାହିରେ ୮୭ ପରିବାର ରହୁଥିଲେ ଯାହା ବୃଦ୍ଧି ପାଇ ଏବେ ୧୫୦ ପରିବାର ହୋଇଛନ୍ତି। ଅକ୍ଟୋବର ୨୫ ତାରିଖରେ ମଲାର ସାହିର ରିସା ମାଙ୍କଡ଼ିଆଙ୍କ ମୃତ୍ୟୁ ହୋଇଛି। ପିସିସି ତଥ୍ୟ ଅନୁଧ୍ୟାନ ଟିମ୍ ଏହି ଘଟଣାର ଯାଞ୍ଚ କରିବା ପରେ ରିସାଙ୍କ ମୃତ୍ୟୁ ଅନାହାରଜନିତ ବୋଲି ଜାଣିବାକୁ ପାଇଛି। ଏହା ସତ୍ତ୍ୱେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ଚୁପ୍ ଓ ପ୍ରଶାସନ ସମ୍ପୂର୍ଣ୍ଣ ନିରବ। ତେଣୁ ରିସା ମାଙ୍କଡ଼ିଆର ଅନାହାର ମୃତ୍ୟୁ ପାପ ପ୍ରଶାସନକୁ ଲାଗିବ ଓ ଏହାର ପରିଣାମ ସରକାର ଭୋଗିବ ବୋଲି କହିଛି କଂଗ୍ରେସ।

ସୋମବାର କଂଗ୍ରେସ ଭବନରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଏଆଇସିସି ସମ୍ପାଦକ ତଥା ପୂର୍ବତନ ମନ୍ତ୍ରୀ ଶରତ ରାଉତ କହିଛନ୍ତି, ଗତ ଜୁନ ମାସରୁ ରିସା ମାଙ୍କଡ଼ିଆକୁ ଅନ୍ତ୍ୟୋଦୟ ଚାଉଳ ମିଳୁ ନଥିଲା। ଇ-କେୱାଇସି ହୋଇ ନ ଥିବାରୁ ତାକୁ ଚାଉଳ ଯୋଗାଣ ବନ୍ଦ ଥିଲା। ଫଳରେ ସେ ଭିକ୍ଷାବୃତ୍ତି କରି ଖାଉଥିଲା; କିନ୍ତୁ ଅସୁସ୍ଥ ହେବାରୁ କୁଆଡେ ଯାଇ ନ ପାରି ଖାଦ୍ୟ ଅଭାବରେ ମୃତ୍ୟୁ ବରଣ କରିଥିବା ତା'ର ଦୂର ସମ୍ପର୍କୀୟ ଏବଂ ସମ୍ପ୍ରଦାୟର ଲୋକେ ପ୍ରକାଶ କରିଛନ୍ତି। ଅନାହାର ମୃତ୍ୟୁ ଭଳି ଏକ ଲଜ୍ଜାଜନକ ଘଟଣା ଘଟିଥିଲେ ମଧ୍ୟ ଯାଜପୁର ଜିଲ୍ଲାପାଳ ଏବଂ କୌଣସି ପ୍ରଶାସନିକ ଅଧିକାରୀ ଏହି ଅନାହାର ମୃତ୍ୟୁକୁ ନେଇ ତତ୍ପରତା ପ୍ରକାଶ କରି ନାହାନ୍ତି। ଏହି ଘଟଣାରେ କଂଗ୍ରେସ ଦଳ ରାଜ୍ୟପାଳଙ୍କୁ ଭେଟି ମାଙ୍କଡ଼ିଆ ଆଦିବାସୀଙ୍କ କରୁଣ କାହାଣୀ କହିବା ସହ ରିସା ମାଙ୍କଡ଼ିଆଙ୍କ ଅନାହାର ମୃତ୍ୟୁ ବିଷୟ ଉପସ୍ଥାପନ କରିଛନ୍ତି। ରାଜ୍ୟପାଳ ଏହାକୁ ଗମ୍ଭୀରତାର ସହିତ ଗ୍ରହଣ କରି ଉଚିତ କାର୍ଯ୍ୟାନୁଷ୍ଠାନର ପ୍ରତିଶୃତି ଦେଇଛନ୍ତି।

ଗୋଟିଏ ପଟେ ରତ୍ନଗର୍ଭା ସୁକିନ୍ଦା ଖଣି ଅଞ୍ଚଳରେ କ୍ରୋମାଇଟ ଖନନ କରି କମ୍ପାନୀ ଏବଂ ସରକାର ହଜାର ହଜାର କୋଟି ଟଙ୍କା ଆୟ କରୁଛନ୍ତି। କିନ୍ତୁ ଅନ୍ୟ ପଟେ ସେଇ ଖଣି ଜଙ୍ଗଲ ଜମିର ଆଦିମ ଅଧିବାସୀ ଆଜି ବାସଚ୍ୟୁତ, ଦରିଦ୍ର ଓ ନିଷ୍ପେସିତ ହେଉଛନ୍ତି। ଏକବିଂଶ ଶତାବ୍ଦୀରେ ଆଧୁନିକ ଯୁଗରେ ପ୍ରାଚୁର୍ଯ୍ୟରେ ଭରା ଅଞ୍ଚଳରେ ଜଣଙ୍କ ଅନାହାରରେ ମୃତ୍ୟୁ ହେଉଛି ଅଥଚ ଗଣମାଧ୍ୟମ ଏହି ବିଷୟକୁ ଗୌଣ ବିଚାର କରୁଛନ୍ତି। ଯେତିକି ପ୍ରାଧାନ୍ୟ ଦେବା କଥା ଦେଉ ନାହାନ୍ତି। ଇ-କେୱାଇସି ନାମରେ ଲକ୍ଷ ଲକ୍ଷ ହିତାଧିକାରୀଙ୍କ ନାମ କଟି ଯାଇଛି। ଗରିବ ନିରକ୍ଷର ଲୋକଟିଏ କେମିତି ଏସବୁ କରିପାରିବ ଚିନ୍ତା କଲେନାହିଁ। ପୁଣି କେମିତି ଏମାନେ ଇ-କେୱାଇସି କରି ପାରିବେ ବ୍ୟବସ୍ଥା କରାଯାଇ ନାହିଁ। ଏହା ଫଳରେ ଲକ୍ଷ ଲକ୍ଷ ଆଦିବାସୀ ଓ ଜନଜାତି ତାଙ୍କ ମୌଳିକ ଅଧିକାରରୁ ବଞ୍ଚିତ ହୋଇଛନ୍ତି୍। ଯଦି ଅଯୋଗ୍ୟ ହିତାଧିକାରୀ ବୋଲି ନାମ କାଟିଛନ୍ତି ତେବେ ସେମାନଙ୍କ ତାଲିକା ସାର୍ବଜନୀନ କରିବାକୁ କଂଗ୍ରେସ ଆହ୍ୱାନ ଦେଇଛି।

ଐତିହାସିକ ବାଲିଯାତ୍ରା-୨୦୨୫

# ଆନାମୋର୍ଫିକ ସ୍କ୍ରିନ୍‌ରେ ଐତିହ୍ୟର ଝଲକ

କଟକ,୩।୧୧(ସମିସ): ଆଉ ମାତ୍ର ଦିନକ ପରେ ଐତିହାସିକ ବାଲିଯାତ୍ରା କଟକ-୨୦୨୫ ଆରମ୍ଭ ହେବ। ତେବେ ଏଥରର ପ୍ରମୁଖ ଆକର୍ଷଣ ରହିବ ଆନାମୋର୍ଫିକ ସ୍କ୍ରିନ୍ ଓ ବୈଦ୍ୟୁତିକ ଢୋଲରେ ଶବ୍ଦାଲୋକ। ବାଲିଯାତ୍ରାର ମଝି ପଡିଆରେ ପ୍ରଥମ ଥର ପାଇଁ ଆନାମୋର୍ଫିକ ସ୍କ୍ରିନ୍ ଓ ବୈଦ୍ୟୁତିକ ଢୋଲରେ ଶବ୍ଦାଲୋକ ମୁଖ୍ୟ ଆକର୍ଷଣ ପାଲଟିବ। ଏଥିରେ ନୌବାଣିଜ୍ୟରର ପରମ୍ପରା, ଐତିହ୍ୟ ଓ ସଂସ୍କୃତିର ଝଲକ ଦେଖିବାକୁ ମିଳିବ। ଇଣ୍ଡୋନେସିଆର ସହଭାଗିତାରେ ଏହା ଆୟୋଜନ କରାଯାଉଥିବାବେଳେ ମଞ୍ଚ ଓ ଯାତ୍ରା ସଂକ୍ରାନ୍ତରେ ଆକର୍ଷଣୀୟ ଝଲକ ଦର୍ଶକମାନେ ଏଥିରେ ଦେଖି ପାରିବେ। ସେହିପରି ବୈଦ୍ୟୁତିକ ଢୋଲ ବାଜିବା ଦ୍ୱାରା ଯେଉଁ ଆଲୋକ ଓ ଶବ୍ଦର ଫ୍ୟୁଜନ୍ ସୃଷ୍ଟି ହେବ, ତାହା ଆଗନ୍ତୁକଙ୍କ ମନ କିଣିବ ବୋଲି ଆଶା କରାଯାଉଛି। ଏହି ବୈଦ୍ୟୁତିକ ଢୋଲ ମାଧ୍ୟମରେ ସୂର୍ଯ୍ୟୋଦୟର ଭ୍ରମ ସୃଷ୍ଟି ହେବ। ଅନ୍ୟପଟେ ଆଜି ବାଲିଯାତ୍ରାର ଉଦ୍‌ଘାଟନ ପୂର୍ବରୁ ପୁଲିସ କମିଶନର ଏସ୍. ଦେବଦତ୍ତ ସିଂ ସୁରକ୍ଷା ସ୍ଥିତି ସମୀକ୍ଷା କରିଛନ୍ତି। ଅପରାହ୍ଣରେ ବାଲିଯାତ୍ରା ତଳପଡିଆ



ବୁଲି ଦେଖିଥିଲେ। ତାଙ୍କ ସହ କଟକ ଇନ୍ କଟକ ପରିସରରେ କଟକ ଡିସିପି ଖିଲାରୀ ରଷିକେଶ ଦ୍ୟାନଦେଓ, କଟକ ଜିଲାପାଳ ଦତ୍ତାତ୍ରୟ ଭାଉସାହେବ ସିନ୍ଦେ, ସିଏମସି କମିଶନର କିରନଦୀପ କୌର ସହୋତା ଓ ଅନ୍ୟାନ୍ୟ ବିଭାଗୀୟ ଅଧିକାରୀଙ୍କ ସହ ଏକ ବୈଠକରେ ବିଭିନ୍ନ ଦିଗ ଉପରେ ଆଲୋଚନା କରିଛନ୍ତି। ଏନେଇ କମିଶନର ଶ୍ରୀ ସିଂ କହିଛନ୍ତି ଯେ, ବାଲିଯାତ୍ରାର ସମସ୍ତ ସ୍ଥିତିକୁ ଭଲ ଭାବେ ଯାଞ୍ଚ କରାଯାଇଛି। ଯେପରି ଶୃଙ୍ଖଳିତ ଭାବେ ଯାତ୍ରା ସମାପନ ହେବ ତାହାକୁ ବିଶେଷ ଗୁରୁତ୍ୱ ଦିଆଯାଉଛି। ଲୋକଙ୍କ ସମାଗମକୁ ନଜରରେ ରଖି ବ୍ୟାପକ ପ୍ରସ୍ତୁତି କରାଯାଉଛି। ଆବଶ୍ୟକ ମୁତାବକ ପାର୍କିଂ ସ୍ଥାନ କରାଯାଇଛି। ସମସ୍ତେ ଟ୍ରାଫିକ ନିୟମକୁ ପାଳନ କରିବାକୁ ଅନୁରୋଧ କରାଯାଉଥିବା ସିଂ କହିଛନ୍ତି। ଗତ ୩ଦିନ ହେବ ବାଲିଯାତ୍ରା ପାଇଁ ଉଠା ଦୋକାନୀ ପରିବାର ସହ ଆସି ରହିଲେଣି। ବାଲିଯାତ୍ରାରେ ଭଲ ବେପାର ଆଶାରେ ଦୂରଦୂରାନ୍ତର ଯଥା ଜାମ୍‌ସେଦପୁର, ରାଜସ୍ଥାନ ଭଳି ବିଭିନ୍ନ ରାଜ୍ୟ ବାହାର ଅଞ୍ଚଳରୁ ଏହି ଉଠା ବ୍ୟବସାୟୀ ଆସି ବାଲିଯାତ୍ରାରେ ଡେରା ପକାଇଲେଣି। ଚଳିତବର୍ଷ ବାଲିଯାତ୍ରା ତଳପଡିଆରେ ପ୍ରସ୍ତୁତି କାର୍ଯ୍ୟ ଜାରି ରହିଥିବାବେଳେ ଏବେ ଠାରୁ ଭିଡ ଜମିବାର ଆରମ୍ଭ ହେଲାଣି।

# ନଭେମ୍ବର ୨୧ରୁ କଳିଙ୍ଗ ପୁସ୍ତକମେଳା


## କମିଟି ଘୋଷଣା କଲା ପୁରସ୍କାର ପାଇଁ ମନୋନୀତ ପୁସ୍ତକର ନାମ

ଭୁବନେଶ୍ୱର,୩।୧୧(ସମିସ): ନଭେମ୍ବର ୨୧ ତାରିଖରୁ ଆରମ୍ଭ ହେବ ୨୮ ତମ କଳିଙ୍ଗ ପୁସ୍ତକ ମେଳା। ଏହି ଅବସରରେ ୧୦ ଗୋଟି ବିଭାଗରେ ଶ୍ରେଷ୍ଠ ବିବେଚିତ ପୁସ୍ତକର ଲେଖକଲେଖିକଙ୍କୁ ସମ୍ମାନିତ କରାଯିବ। ନଭେମ୍ବର ୨୯ ତାରିଖ ସନ୍ଧ୍ୟାରେ ରାଜୀବ ପାଣିଙ୍କ ପୁସ୍ତକ 'ଭାରତୀୟ ଦର୍ଶନ ଓ ଗୁରୁକୁଳ', ଅନୁପମା ସାମନ୍ତରାୟଙ୍କ 'ଜୀବନର ଜଉଘର', ଗଣେଶ ମହାନ୍ତିଙ୍କ ପୁସ୍ତକ 'ସିନ୍ଦୂରା ଫାଟିଲାଣି ', କାହ୍ନୁଚରଣ ପାଣିଗ୍ରାହୀଙ୍କ ପୁସ୍ତକ 'ଅମୃତ ଇଙ୍ଗିତ', ରାଜଲକ୍ଷ୍ମୀ ତ୍ରିପାଠୀଙ୍କ ପୁସ୍ତକ 'ଆସ ଆମେ ଭଲପିଲା ହେବା', ଅଜୟ କୁମାର ପାତ୍ରଙ୍କ ପୁସ୍ତକ 'ପ୍ରଳୟର ପୋଷ୍ଟମର୍ଟମ' ଏବଂଡ. ଅଞ୍ଜଳି ତ୍ରିପାଠୀଙ୍କ 'ଦିଗନ୍ତ'କୁ ଚଳିତ ବର୍ଷର ପୁସ୍ତକମେଳା ସମ୍ମାନ ପ୍ରଦାନ କରାଯିବ। ଏହା ସହିତ ପ୍ରଦ୍ୟୁମ୍ନ ପଟ୍ଟନାୟକଙ୍କ ପୁସ୍ତକ 'ଶୁଚିସ୍ମିତାର କାହାଣୀ', ଅନନ୍ତ କୁମାର ଜେନାଙ୍କ ପୁସ୍ତକ 'ଅନ୍ତା ଉବାଚ', ନଗେନ୍ଦ୍ର ନାଥ ପଟ୍ଟନାୟକଙ୍କ ପୁସ୍ତକ 'ବିଟଟୋ ଓ ଅନ୍ୟାନ୍ୟ ଭାରତୀୟ ଗଳ୍ପ', ଅଭିଜ୍ଞାନ ସାହୁଙ୍କ ପୁସ୍ତକ 'ବୁଝିବାର ଅନୁବାଦ ବୁଝେଇବା' ଆଦି କଳିଙ୍ଗ ପୁସ୍ତକ ମେଳା ସାରସ୍ୱତ ସମ୍ମାନ ପାଇବାକୁ ଯୋଗ୍ୟ ବିବେଚିତ ହୋଇଛନ୍ତି। ଅନୁରୂପ ଭାବରେ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ବିଶିଷ୍ଟ ବ୍ୟକ୍ତିମାନଙ୍କୁକଳିଙ୍ଗ ପୁସ୍ତକ ମେଳାର ଦିବଂଗତ ପ୍ରତିଷ୍ଠାତା ସଭାପତି ଗୀତା ହୋତା ସ୍ମୃତି ସ୍ମାରକୀ ସମ୍ମାନ ପ୍ରଦାନ କରାଯିବ ବୋଲି କଳିଙ୍ଗ ପୁସ୍ତକ ମେଳା କମିଟି ପକ୍ଷରୁ ସୂଚନା ଦିଆଯାଇଛି।

ବୁଡ଼ ପକାଇବା ବେଳେ ଅଘଟଣ

# ଘୋଡ଼ାହାଡ଼ ନଦୀରେ ଭାସିଗଲେ ଦୁଇ ମହିଳା





ଦିଗପହଣ୍ଡି, ୩।୧୧(ସମିସ): ଦିଗପହଣ୍ଡି ବ୍ଲକ୍ ଖମାରୀ ପଞ୍ଚାୟତ ସେବକଟିକରପଡ଼ା ଗ୍ରାମ ନିକଟ ଘୋଡ଼ାହାଡ଼ ନଦୀରେ ଆଜି ଏକ ଅଘଟଣ ୨ ମହିଳାଙ୍କ ଜୀବନ ନେଇଛି। ମୃତ ମହିଳାଦ୍ୱୟହେଲେ, ଗାଁର ସୀମାଞ୍ଚଳ ପାଢ଼ୀଙ୍କ ସ୍ତ୍ରୀ ଲଳିତା ପାଢ଼ୀ(୭୦) ଏବଂ ଧନୁ ଗୌଡ଼ଙ୍କ ସ୍ତ୍ରୀ ସବିତା ଗୌଡ଼(୪୨)। ଆଜି ଭୋର୍ ପ୍ରାୟ ୪ଟାରେ ପଞ୍ଜୁକ ପାଇଁ ବୁଡ଼ ପକାଇବା ବେଳେ ନଦୀରେ ଭାସି ଦୁହେଁ ପ୍ରାଣ ହରାଇଛନ୍ତି।

ଲଳିତା ବୁଡ଼ ପକାଉଥିବା ବେଳେ ତାଙ୍କ ଗୋଡ଼ ଖସି ଯାଇଥିଲା ଏବଂ ନଦୀର ପ୍ରଖର ସ୍ରୋତରେ ସେ କିଛି ଦୂରକୁ ଭାସି ଯାଇଥିଲେ। ତାଙ୍କ ଚିତ୍କାର ଶୁଣି ପାଖରେ ଗାଧୋଉଥିବା ସବିତା ତାଙ୍କୁ ଉଦ୍ଧାର କରିବା ପାଇଁ ଚେଷ୍ଟା କରିଥିଲେ। କିନ୍ତୁ ସେ ମଧ୍ୟ ନଦୀ ସୁଅରେ ଭାସି ଯାଇଥିଲେ। ପାଖରେ ଗାଧୋଉଥିବା ଅନ୍ୟ ମହିଳାମାନେ ଏ ସଂପର୍କରେ ଗ୍ରାମବାସୀଙ୍କୁ ଖବର ଦେଇଥିଲେ। ଦିଗପହଣ୍ଡି ଦମକଳବାହିନୀ ଘଟଣାସ୍ଥଳଠାରୁ ପ୍ରାୟ ୧କିମି ଦୂର ଗୋଲଣ୍ଡା ଗ୍ରାମ ନଦୀପଠାରେ ପହଞ୍ଚି କିଛି ଗ୍ରାମବାସୀଙ୍କ ସହାୟତାରେ ନଦୀରୁ ଉଭୟଙ୍କୁ ଅଚେତ ଅବସ୍ଥାରେ ଉଦ୍ଧାର କରିଥିଲେ। ସେମାନଙ୍କୁ ତୁରନ୍ତ ଦିଗପହଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। କିନ୍ତୁ, ସେଠାରେ ଡାକ୍ତର ଉଭୟଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ଶବଦ୍ୱୟକୁ ଜବତ କରି ବ୍ୟବଚ୍ଛେଦ ନିମନ୍ତେ ବ୍ରହ୍ମପୁର ବଡ଼ ଡାକ୍ତରଖାନାକୁ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ବ୍ୟବଚ୍ଛେଦ ପରେ ପରିବାରଲୋକଙ୍କୁ ଶବ ହସ୍ତାନ୍ତର କରାଯାଇଥିଲା। ଶୋକାକୁଳ ପରିବେଶ ମଧ୍ୟରେ ଗାଁ ଶ୍ମଶାନରେ ଉଭୟଙ୍କ ଅନ୍ତିମ ସଂସ୍କାର କରାଯାଇଛି।

# ଏକତରଫା ପ୍ରେମରୁ ଯୁବତୀଙ୍କ ବେକ କାଟିଲା

ବାଲେଶ୍ୱର, ୩।୧୧(ସମିସ): ଏକତରଫା ପ୍ରେମକୁ କେନ୍ଦ୍ର କରି ଜଣେ ଯୁବତୀଙ୍କ ବେକ କାଟିଛି ଯୁବକ। ବାଲେଶ୍ୱର ଷ୍ଟେସନ୍ ଛକଠାରେ ଏହି ଘଟଣା ଘଟିଛି। ଗୁରୁତର ଯୁବତୀଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ଏହି ଘଟଣାରେ ସହଦେବଖୁଣ୍ଟା ପୁଲିସ ସଂପୃକ୍ତ ଯୁବକକୁ ଅଟକ ରଖି ତଦନ୍ତ ଚଳାଇଛି। ସେ ହେଲା, କୋଲକାତା ବେଲଦା ଅଞ୍ଚଳର ସଞ୍ଜୟ ରଣା। ସେ ବାହାନଗା ଅଞ୍ଚଳର ଜଣେ ଯୁବତୀଙ୍କୁ ଏକତରଫା ପ୍ରେମ କରୁଥିଲା। ଆଜି ରାତିରେ ଯୁବତୀଜଣଙ୍କ ଷ୍ଟେସନ୍ ଛକରେ ଥିବା ବେଳେ ସଞ୍ଜୟ ଏକ ବ୍ଲେଡ୍‌ରେ ତାଙ୍କ ବେକକୁ କାଟି ଦେଇଥିଲା।

# ମହାନଦୀରେ ଭାସିବ ୨୦ ହଜାର ଶାଳପତ୍ର ଡଙ୍ଗା



କଟକ, ୩।୧୧ (ସମିସ): ଚଳିତବର୍ଷ ଐତିହାସିକ ବାଲିଯାତ୍ରା ଅବସରରେ ଜିଲ୍ଲା ପ୍ରଶାସନ ତରଫରୁ ଏକ ନିଆରା ପ୍ରୟାସ ହାତକୁ ନିଆଯାଇଛି। ବିଶେଷକରି କାର୍ତ୍ତିକ ପୂର୍ଣ୍ଣିମା ଅବସରରେ ଲୋକେ ଥର୍ମୋକୁଲ ତଥା ସୋଲ ତିଆରି ଡଙ୍ଗା ଭସାଉଥିବା କାରଣରୁ ନଦୀଜଳ ପ୍ରଦୂଷିତ ହୋଇଥାଏ। ଏଣୁ ପରିବେଶକୁ ଦୃଷ୍ଟିରେ ରଖି ଜିଲ୍ଲା ପ୍ରଶାସନ ପକ୍ଷରୁ ଏକ ଅଭିନବ ପ୍ରୟାସ ପୂର୍ବକ ଶାଳପତ୍ରରେ ତିଆରି ଡଙ୍ଗା ଭସାଯିବ ବୋଲି ଜଣାପଡ଼ିଛି। ଓରମାସ୍‌ର ବିଭିନ୍ନ ସ୍ୱେଚ୍ଛାସେବୀ ତଥା ଉତ୍ପାଦକ ଗୋଷ୍ଠୀମାନଙ୍କ ଦ୍ୱାରା ଶାଳପତ୍ରରେ ୨୦ହଜାରରୁ ଉର୍ଦ୍ଧ୍ୱ ଡଙ୍ଗା ତିଆରି କରାଯାଇଛି। କାର୍ତ୍ତିକ ପୂର୍ଣ୍ଣିମା ଦିନ ସକାଳେ ମହାନଦୀ ଆଳତି, କୀର୍ତ୍ତନ ସହ ବୋଇତ ବନ୍ଦାଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇ ଏହି ଶାଳପତ୍ରରେ ନିର୍ମିତ ଡଙ୍ଗା ଭସାଇବା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ସହରବାସୀଙ୍କୁ ଅନୁରୋଧ କରାଯାଇଛି।

# ପଞ୍ଚଭୂତରେ ଲୀନ 'ରୁଚି' ପ୍ରତିଷ୍ଠାତା ଶରତ ସାହୁ

## ଶୋଭାଯାତ୍ରାରେ ସାମିଲ ହେଲେ ସହସ୍ରାଧିକ ଶୁଭେଚ୍ଛୁ





କଟକ, ୩।୧୧(ସମିସ): ବିଶିଷ୍ଟ ଉଦ୍ୟୋଗପତି ତଥା ରୁଚି ଫୁଡ୍‌ଲାଇନ୍‌ର ପରିଚାଳନା ନିର୍ଦ୍ଦେଶକ ଡ. ଶରତ କୁମାର ସାହୁଙ୍କ ଶେଷକୃତ୍ୟ ଆଜି ଅପରାହ୍‌ରେ କଟକ କାଳିଆବୋଦାସ୍ଥିତ ଶ୍ମଶାନରେ ସଂପନ୍ନ ହୋଇଯାଇଛି। ଶ୍ମଶାନରେ ମରଶରୀର ପହଞ୍ଚିବା ପରେ ସହସ୍ରାଧିକ ଲୋକ ସେଠାରେ ଶେଷ ଦର୍ଶନ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଶଶ୍ମାନରେ ଏକ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ଡ. ସାହୁଙ୍କ ପୁତ୍ର ଅରବିନ୍ଦ ସାହୁ ମୁଖାଗ୍ନି ଦେଇଥିଲେ।

ଆଜି ସକାଳେ ବିମାନ ଯୋଗେ ଶରତଙ୍କ ପାର୍ଥିବ ଶରୀର ମୁମ୍ବାଇରୁ ଆସି ଭୁବନେଶ୍ୱରରେ ପହଞ୍ଚିବା ପରେ ଏକ ଶୋଭାଯାତ୍ରାରେ କାଜିଢ଼ିହସ୍ଥିତ ତାଙ୍କ ବାସଭବନକୁ ନିଆଯାଇଥିଲା। ସେଠାରେ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିବା ସହ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ପରେ ମରଶରୀରକୁ 'ରୁଚି' ଶିଳ୍ପାନୁଷ୍ଠାନ ପରିସର, ଲକ୍ଷେଶ୍ୱର ମନ୍ଦିର, ଗୁଣ୍ଡି ମନ୍ଦିର ଦେଇ ପାସ୍ତା ଭିଲେଜ ପ୍ରାଙ୍ଗଣରେ ରଖାଯାଇଥିଲା। ପୂର୍ବତନ ବିଧାୟକ ମହମ୍ମଦ ମୋକିମ୍, ପୂର୍ବତନ ବିଧାୟକ ପ୍ରଭାତ ରଞ୍ଜନ ବିଶ୍ୱାଳ, ଚୌଦ୍ୱାର-କଟକ ବିଧାୟକ ସୌଭିକ୍ ବିଶ୍ୱାଳ, ବାରବାଟୀ କଟକ ବିଧାୟକ ସୋଫିଆ ଫିର୍ଦ୍ଦୋସ ଓ କଟକ ଜିଲ୍ଲାପାଳ ଦତ୍ତାତ୍ରୟଭାଉସାହେବ ଶିନ୍ଦେ, ସକାଳର ସିଇଓ ସୁବ୍ରତ ଦାସ ପ୍ରମୁଖ ଶେଷ ଦର୍ଶନ କରିବା ସହ ଶ୍ରଦ୍ଧାଞ୍ଜଳି ଦେଇଥିଲେ। ପରେ ରୁଚି ପରିସରରୁ ନାମ ସଂକୀର୍ତ୍ତନ ସହିତ ଶୋଭାଯାତ୍ରା ତାଙ୍କ ଜନ୍ମସ୍ଥାନ ରାଣୀହାଟର ତେଲିସାହି, ସେକେଣ୍ଡାରୀ ବୋଡର୍ ହାଇସ୍କୁଲ, ସମାଜ କାର୍ଯ୍ୟାଳୟ, ଓଡ଼ିଶା ଅଲମ୍ପିକ ଆସୋସିଏସନ୍ ଏବଂ ଓଡ଼ିଶା କବାଡ଼ି ଆସୋସିଏସନ୍‌ଠାରେ ପହଞ୍ଚିଥିଲା। ସେଠାରେ ଭାରତ ମସଲାର ଅଧ୍ୟକ୍ଷ ସୁରେନ୍ଦ୍ର ନାଥ ପଣ୍ଡା, ଡ୍ରିମସ୍‌ର ଅଧ୍ୟକ୍ଷ ଡ. ପ୍ରମୋଦ ଚନ୍ଦ୍ର ରଥଙ୍କ ପକ୍ଷରୁ ନିରାକାର ସାହୁ ଓ ସୁଧାଂଶୁ ଭୂଷଣ କରଙ୍କ ସମେତ ବିଭିନ୍ନ ବର୍ଗର ବ୍ୟକ୍ତି ବିଶେଷ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଡ. ସାହୁଙ୍କ ଧର୍ମପତ୍ନୀ ସଙ୍ଗୀତା ସାହୁ, କନ୍ୟା ରଶ୍ମି ସାହୁ, ଜାମାତା ପ୍ରକାଶ ସାହୁ, ଭଗ୍ନୀପତି ପ୍ରଫୁଲ୍ଲ ଚୌଧୁରୀ, ପୁତ୍ରବଧୂ ସଲିନା ସାହୁ ଓ ପରିବାରବର୍ଗ ଶ୍ରଦ୍ଧାଞ୍ଜଳି ଅର୍ପଣ ସହିତ ଶେଷ ଦର୍ଶନ କରିଥିଲେ। 'ରୁଚି' ପରିବାର ପକ୍ଷରୁ ମୁଖ୍ୟ ମହାପ୍ରବନ୍ଧକ ମହେନ୍ଦ୍ର ଷଡ଼ଙ୍ଗୀଙ୍କ ସମେତ ସହସ୍ରାଧିକ କର୍ମଚାରୀ ତାଙ୍କର ପ୍ରିୟ ପ୍ରତିଷ୍ଠାତା ଡ. ସାହୁଙ୍କ ପ୍ରତି ଶ୍ରଦ୍ଧାସୁମନ ଅର୍ପଣ କରିବା ସହିତ ଅଶ୍ରୁଳ ବିଦାୟ ଜଣାଇଥିଲେ।

ସେହିପରି ଶିଳ୍ପୋଦ୍ୟୋଗୀ ଶରତ ସାହୁଙ୍କ ପରଲୋକ ଖବର ପାଇ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, କେନ୍ଦ୍ରାପଡ଼ା ସାଂସଦ ବୈଜୟନ୍ତ ପଣ୍ଡା, ବିଶିଷ୍ଟ କ୍ରୀଡ଼ାବିତ୍ ଦିଲ୍ଲୀପ ତିର୍କୀ, ବିଶିଷ୍ଟ ଶିକ୍ଷାବିତ୍ ଅଚ୍ୟୁତ ସାମନ୍ତ, କଟକ ମେୟର ସୁବାସ ସିଂହ, ପୂର୍ବତନ ଆର୍‌ଡିସି ଅନିଲ କୁମାର ସାମଲ, ଭଦ୍ରକ ଜିଲ୍ଲାପାଳ ଦିଲ୍ଲୀପ କୁମାର ରାଉତରାୟ, ପୂର୍ବତନ ମେୟର ସୌମେନ୍ଦ୍ର ଘୋଷ, ଓଡ଼ିଶା ଶିଳ୍ପସଂଘ ଅଧ୍ୟକ୍ଷ ଅବନୀ କାନୁନ୍‌ଗୋ, ଶିଳ୍ପୋଦ୍ୟୋଗୀ ସୁଶାନ୍ତ ପଣ୍ଡା, କ୍ୟାପେଟନ୍ ରାମେଶ୍ୱର ମହାପାତ୍ର, ମୃତ୍ୟୁଞ୍ଜୟ ସାମଲ, ବିପିନ ବିହାରୀ ରାଉତ, ଡ. ଅରୁନ୍ଧତୀ ଦେବୀ, ପ୍ରଶାସକ ମିହିର ପ୍ରସାଦ ମହାନ୍ତି, ବେଦବିତ୍ ବୀରେନ୍ଦ୍ର ପଣ୍ଡା, ଶିଳ୍ପୋଦ୍ୟୋଗୀ ସଂପାଦକ ଡ. ଶିବବ୍ରତ ରାଉତ, ବିଶିଷ୍ଟ ଉଦ୍ୟୋଗୀ ପ୍ରଶାନ୍ତ କର ପ୍ରମୁଖ ଶୋକସନ୍ତପ୍ତ ପରିବାର ପ୍ରତି ସମବେଦନା ଜଣାଇଛନ୍ତି।

ପ୍ରକାଶଥାଉ କି, ଗତକାଲି ମୁମ୍ବାଇର ଲୀଳାବତୀ ହସ୍ପିଟାଲରେ ଦିନ ୧୨ଟାରେ ୭୬ ବର୍ଷ ବୟସରେ ଡ. ସାହୁଙ୍କର ପରଲୋକ ଘଟିଥିଲା।

# କାର୍ଯ୍ୟକାରୀ ହେଉନି ଆଇନ; ଭିନ୍ନକ୍ଷମ ଉପେକ୍ଷିତ

■ ସାମାଜିକ ସଶକ୍ତିକରଣ ବିଭାଗର କ୍ଷୋଭ
■ ଆଇନର ଯଥାବିଧି କାର୍ଯ୍ୟକାରୀ ପାଇଁ ଚିଠି

ଭୁବନେଶ୍ୱର,୩।୧୧(ସମିସ): ଦିବ୍ୟାଙ୍ଗଙ୍କ ସଶକ୍ତିକରଣ ପାଇଁ ରାଜ୍ୟ ସରକାର ଗୁଡ଼ିଏ ଯୋଜନା ଓ କାର୍ଯ୍ୟକ୍ରମ ପ୍ରଣୟନ କରୁଛନ୍ତି। ପ୍ରତିଟି ବିଭାଗରେ ଦିବ୍ୟାଙ୍ଗଙ୍କ କଲ୍ୟାଣ ପାଇଁ ବ୍ୟାପକ ଯୋଜନା କାର୍ଯ୍ୟକାରୀ କରାଯାଉଛି। ମାତ୍ର ବିଭିନ୍ନ ବିଭାଗରେ ଏହାର ସଠିକ୍ ଭାବେ ଅନୁପାଳନ କରାଯାଉ ନାହିଁ। ଯାହାଫଳରେ ଦିବ୍ୟାଙ୍ଗ କଲ୍ୟାଣ ପାଇଁ ସରକାରଙ୍କର ପ୍ରକୃତ ଉଦ୍ଦେଶ୍ୟ ସାଧିତ ହୋଇପାରୁ ନାହିଁ। ବିଶେଷକରି ଦିବ୍ୟାଙ୍ଗଙ୍କ ପାଇଁ ଉଦ୍ଦିଷ୍ଟ ବିଭାଗୀୟ ସ୍ତରରେ ଭିନ୍ନକ୍ଷମ ଅଧିକାର ଆଇନ ୨୦୧୬ର ଧାରା ୩୭କୁ କେତେକ ବିଭାଗ କାର୍ଯ୍ୟକାରୀ କରାଯାଉନଥିବା ଏବେ ସାମ୍ନାକୁ ଆସିଛି। ଯାହାକୁ ନେଇ କ୍ଷୋଭ ପ୍ରକାଶ କରିଛି ସାମାଜିକ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ।


ଭିନ୍ନକ୍ଷମ ଅଧିକାର ଆଇନ ୨୦୧୬ର ଧାରା ୩୭ ଅଧିନରେ ଦିବ୍ୟାଙ୍ଗଙ୍କ କଲ୍ୟାଣ ପାଇଁ ଏକାଧିକ ବ୍ୟବସ୍ଥା ଉପଲବ୍ଧ ରହିଛି। ବିଭିନ୍ନ ଯୋଜନା ଏବଂ ଉନ୍ନୟନମୂଳକ କାର୍ଯ୍ୟକ୍ରମ ଅଧିନରେ ଦିବ୍ୟାଙ୍ଗଙ୍କ ପାଇଁ ୫ ପ୍ରତିଶତ ସଂରକ୍ଷଣ ବ୍ୟବସ୍ଥା ରହିଛି। ବିଶେଷକରି ନିର୍ଦ୍ଦିଷ୍ଟ ଅକ୍ଷମତା ପ୍ରତିଶତ ମହିଳାଙ୍କ ପାଇଁ ବିଶେଷଭାବେ ଏହି ସଂରକ୍ଷଣ ପ୍ରଦାନ କରିବାକୁ ଆଇନ ପ୍ରଣୟନ କରାଯାଇଛି। ମାତ୍ର ଯୋଜନା କାର୍ଯ୍ୟକାରୀ ବେଳେ ବିଭିନ୍ ବିଭାଗ ଏହାକୁ କାର୍ଯ୍ୟକାରୀ କରୁ ନ ଥିବା ସାମ୍ନାକୁ ଆସିଛି। ସେହିପରି ଦାରିଦ୍ର୍ୟ ଦୂରୀକରଣ କାର୍ଯ୍ୟକ୍ରମ ଓ ଏ ସମ୍ପର୍କିତ ବିଭିନ୍ନ ଯୋଜନା କ୍ଷେତ୍ରରେ ମଧ୍ୟ ଦିବ୍ୟାଙ୍ଗ ବିଶେଷକରି ମହିଳାମାନଙ୍କ ପାଇଁ ୨୦୧୬ ଆଇନ ଅନୁଯାୟୀ ୫ ପ୍ରତିଶତ ସଂରକ୍ଷଣ ବ୍ୟବସ୍ଥା ରହିଛି। ଅପରପକ୍ଷେ ଉପରୋକ୍ତ ଆଇନ ଅଧିନରେ ଦିବ୍ୟାଙ୍ଗ ପାଇଁ ସରକାରୀ ଜମି ରିଆତି ଦରରେ ପ୍ରଦାନ ପାଇଁ ମଧ୍ୟ ବ୍ୟବସ୍ଥା କରାଯାଇଛି। ବାସଗୃହ ନିର୍ମାଣ, କୌଣସି ବ୍ୟବସାୟିକ କିମ୍ବା ଉଦ୍ୟୋଗ ପ୍ରତିଷ୍ଠା ପାଇଁ ମଧ୍ୟ ଦିବ୍ୟାଙ୍ଗମାନଙ୍କୁ ଜମି ସୁଲଭ ମୂଲ୍ୟରେ ଦିଆଯାଇପାରିବ। ମାତ୍ର ଉପରୋକ୍ତ ସୁବିଧା ସୁଯୋଗ ଗୁଡ଼ିକୁ ଦିବ୍ୟାଙ୍ଗଙ୍କ ପାଇଁ କାର୍ଯ୍ୟକାରୀ କରିବାକୁ ବିଭାଗ ଗୁଡ଼ିକ ପଛଘୁଞ୍ଚା ଦେଉଛନ୍ତି। ଯାହାକୁ ନେଇ କ୍ଷୋଭ ପ୍ରକାଶ କରିଛି ସାମାଜିକ ସଶକ୍ତିକରଣ ବିଭାଗ। କୌଣସି ଯୋଜନା କାର୍ଯ୍ୟକାରୀ କରିବା ବେଳେ ବିଭାଗ ଗୁଡ଼ିକ ଭିନ୍ନକ୍ଷମ ଅଧିକାର ଆଇନ ୨୦୧୬ର ଧାରା ୩୭କୁ କଡ଼ାକଡ଼ି ଭାବେ ଅନୁପାଳନ କରିବା ପାଇଁ ବିଭାଗ ପକ୍ଷରୁ ସମସ୍ତ ବିଭାଗର ଅତିରିକ୍ତ ମୁଖ୍ୟ ସଚିବ, ପ୍ରମୁଖ ସଚିବ ଓ ସଚିବଙ୍କମାନଙ୍କୁ ଚିଠି ଲେଖାଯାଇଛି।

# କୋମାରେ ଏମ୍‌କେସିଜି ରକ୍ତଭଣ୍ଡାର

■ ଜରୁରି ସମୟରେ ମିଳିଲାନି ରକ୍ତ
■ ଆନ୍ଧ୍ର ପଲାସାରୁ ଆଣି ଚିକିତ୍ସା କରାଇଲେ

ବ୍ରହ୍ମପୁର, ୩।୧୧(ସମିସ): ଏମ୍‌କେସିଜି ମେଡିକାଲ ପରିସରରେ ଥିବା ରକ୍ତଭଣ୍ଡାର ପରିଚାଳନାକୁ ନେଇ ରୋଗୀଙ୍କ ସମ୍ପର୍କୀୟଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ଆବଶ୍ୟକ ବେଳେ ସଙ୍କଟାପନ୍ନ ରୋଗୀଙ୍କୁ ରକ୍ତ ଯୋଗାଇବାରେ ରକ୍ତଭଣ୍ଡାର ବିଫଳ ହୋଇଥିବା ଅଭିଯୋଗ ହୋଇଛି। ଅନେକ ସମୟରେ ଏଠାରେ କାର୍ଯ୍ୟରତ କର୍ମଚାରୀ ଓ ଡାକ୍ତର କାର୍ଯ୍ୟ ସମୟରେ ଅନୁପସ୍ଥିତ ରହୁଥିବାରୁ ପରିଚାଳନାରେ ତ୍ରୁଟି ରହିଥିବା ଅଭିଯୋଗ ହୋଇଛି।


ସୂଚନାଯୋଗ୍ୟ ଯେ ଲୋଚାପଡ଼ାସ୍ଥିତ ସୀମାନଗର ପଞ୍ଚମ ଲାଇନ ନିବାସୀ ରୋଜାଲିନ ପଟ୍ଟନାୟକ(୧୮)ଙ୍କ ବାମ ହାତର କଚି ନିକଟରେ ଏକ ମାଂସପିଣ୍ଡୁଳା ବଢ଼ିଥିଲା। ରୋଜାଲିନଙ୍କୁ ଏମ୍‌କେସିଜି ମେଡିକାଲରେ ଭର୍ତ୍ତି କରାଯାଇଥିଲା। ତାଙ୍କ ହାତରେ ବଢ଼ିଥିବା ମାଂସପିଣ୍ଡୁଳା ଏକ ବୋନ୍-ଟ୍ୟୁମର୍ ବୋଲି ଜଣାପଡ଼ିଥିଲା। ଚିକିତ୍ସାଧୀନ ସମୟରେ ଏମ୍‌କେସିଜି ମେଡିକାଲରେ ତାଙ୍କ ସ୍ୱାସ୍ଥ୍ୟାବସ୍ଥାରେ କୌଣସି ପରିବର୍ତ୍ତନ ଆସୁ ନଥିବାରୁ ପରିବାରବର୍ଗ ତାଙ୍କୁ ଘରୋଇ ହସ୍ପିଟାଲରେ ଚିକିତ୍ସା କରାଇବା ସହ ସେଠାରେ ଅସ୍ତ୍ରୋପଚାର କରିଥିଲେ। କିନ୍ତୁ କିଛି ଦିନ ପରେ ପୁଣି ସେହି ସ୍ଥାନଟି ଫୁଲିଥିଲା। ପରେ ପରିବାର ପକ୍ଷରୁ ବିଭିନ୍ନ ସ୍ଥାନରେ ଆୟୁର୍ବେଦିକ ଏବଂ ହୋମିଓପାଥିକ ଚିକିତ୍ସା ଲାଗିଥିଲା। କିନ୍ତୁ ଏହା ପରେ ମଧ୍ୟ ସେ ସୁସ୍ଥ ହୋଇନଥିଲେ। ରବିବାର ମଧ୍ୟାହ୍ନରେ ରୋଜାଲିନ୍‌ଙ୍କ ସ୍ଥିତି ସଙ୍କଟାପନ୍ନ ହେବାରୁ ତାଙ୍କୁ ଏମକେସିଜି ମେଡିକାଲର ଆଶୁ




ଚିକିତ୍ସା ବିଭାଗରେ ଭର୍ତ୍ତି କରାଇଥିଲେ। ସ୍ଥିତି ଗମ୍ଭୀର ଥିବା ଡାକ୍ତରମାନେ ଦର୍ଶାଇ ଅସ୍ତ୍ରୋପଚାର କରିବାକୁ ପରାମର୍ଶ ଦେଇଥିଲେ। କିନ୍ତୁ ହିମଗ୍ଲୋବିନ ଅତ୍ୟନ୍ତ କମ୍ ଥିବାରୁ ରକ୍ତଯୋଗାଡ଼ କରିବାକୁ କହିଥିଲେ। କିନ୍ତୁ ରୋଜାଲିନଙ୍କ ରକ୍ତ ଗ୍ରୁପ 'ଏ' ନେଗେଟିଭ ଆବଶ୍ୟକ ଥିବା ବେଳେ ମେଡିକାଲ ରକ୍ତ ଭଣ୍ଡାରରେ ମାତ୍ର ଏକ ୟୁନିଟ୍ ରକ୍ତ ଉପଲବ୍ଧ ଥିଲା। ଡାକ୍ତରଙ୍କ ପରାମର୍ଶ ଅନୁସାରେ ରୋଗୀଙ୍କୁ ୩ ୟୁନିଟରୁ ଅଧିକ ରକ୍ତ ଆବଶ୍ୟକତା ରହିଥିଲା। ରକ୍ତଭଣ୍ଡାର ପକ୍ଷରୁ ଗୋଟିଏ ୟୁନିଟ୍ ରକ୍ତ ପ୍ରଦାନ କରି କର୍ମଚାରୀମାନେ ନିଜ ଦାୟିତ୍ୱ ସାରିଦେଇଥିଲେ। ପରିବାରବର୍ଗ ବହୁ ଚେଷ୍ଟା ପରେ ମଧ୍ୟ 'ଏ' ନେଗେଟିଭ୍ ରକ୍ତ ଯୋଗାଡ଼ କରିପାରି ନଥିଲେ। ଆନ୍ଧ୍ରପ୍ରଦେଶ ପଲାସାସ୍ଥିତ ରକ୍ତ ଭଣ୍ଡାରରେ 'ଏ' ନେଗେଟିଭ ରହିଥିବା ଜାଣିବା ପରେ ଶେଷରେ ପରିବାରବର୍ଗ ବାଧ ହୋଇ ସେଠାରୁ ରକ୍ତ ଆଣିଥିବା ପିତା ରବିଶଙ୍କର ପଟ୍ଟନାୟକ ସୂଚନା ଦେଇଛନ୍ତି। ପରେ ରୋଗୀଙ୍କ ଅସ୍ତ୍ରୋପଚାର କରାଯାଇଥିଲା।

ଏମ୍‌କେସିଜି ମେଡିକାଲ ପରିସରରେ ଥିବା ରକ୍ତ ଭଣ୍ଡାର ଉପରେ ପ୍ରତ୍ୟେକ ଦିନ ହଜାର ହଜାର ରୋଗୀ ରକ୍ତ ନିମନ୍ତେ ନିର୍ଭର କରୁଥିବା ବେଳେ ଅନେକ ସମୟରେ ବହୁ ରୋଗୀ ନିରାଶ ହେଉଥିବା ଦେଖିବାକୁ ମିଳୁଛି। ଜରୁରୀକାଳୀନ ପରିସ୍ଥିତିରେ ରୋଗୀଙ୍କ ନିମନ୍ତେ ଆବଶ୍ୟକ ରକ୍ତର ବିକଳ୍ପ ବ୍ୟବସ୍ଥା କରାଯାଉନଥିବା ଅଭିଯୋଗ ହୋଇଛି।

ଅନ୍ୟପକ୍ଷରେ ବିଭିନ୍ନ ସମୟରେ ରକ୍ତ ଭଣ୍ଡାର ପକ୍ଷରୁ ବିଭିନ୍ନ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର କରାଯାଉଛି। ଏହି ସମୟରେ ଯେଉଁ ବ୍ୟକ୍ତିଙ୍କ ରକ୍ତ ନେଗେଟିଭ ଗ୍ରୁପ ରହିଛି। ସେମାନଙ୍କ ତାଲିକା ପ୍ରସ୍ତୁତି କରିବା ସହ ଆବଶ୍ୟକତା ସ୍ଥଳେ ସେମାନଙ୍କୁ ଯୋଗାଯୋଗ କରି ରୋଗୀଙ୍କୁ ରକ୍ତ ଯୋଗାଇବାକୁ କୁହାଯାଇଥିବା ଏମକେସିଜି ମେଡିକାଲ ଅଧୀକ୍ଷକ ପ୍ରଫେସର ଡା. ଦୁର୍ଗା ମାଧବ ଶତପଥୀ କହିଛନ୍ତି। କିନ୍ତୁ ଏହି କାର୍ଯ୍ୟ ଧିମେଇ ଯାଇଛି। ରକ୍ତ ଭଣ୍ଡାର କର୍ତ୍ତୃପକ୍ଷ ରୋଗୀଙ୍କ ସମ୍ପର୍କୀୟଙ୍କ ସହଯୋଗ କରିବା ପରିବର୍ତ୍ତେ ଅଣଦେଖା କରୁଥିବା ଅଭିଯୋଗ ହୋଇଛି।



## ଆଜିର ରାଶିଫଳ

**ମେଷ:** ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଆର୍ଥିକ ସ୍ଥିତି ଭଲ ରହିବ। ବନ୍ଧୁଙ୍କ ସହାୟତା ମିଳିବ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ମହିଳାମାନେ ଘରକାମରେ ସମୟ ବିତାଇବେ।

**ବୃଷ:** ଦୂରଯାତ୍ରା ଯୋଗ ଅଛି। ଜୀବନସାଥୀଙ୍କ ସହ ସୁଖମୟ ସମୟ ଅତିବାହିତ କରିବେ। ନିବେଶରୁ ଦୂରେଇ ରୁହନ୍ତୁ। କୌଣସି ଶୁଭ ଖବର ମିଳିପାରେ। ବନ୍ଧୁଙ୍କ ସହ ମନୋମାଳିନ୍ୟ ଦେଖା ଦେବ।

**ମିଥୁନ:** ଯାନବାହନ କିଣିପାରନ୍ତି। ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ମନ ପ୍ରସନ୍ନ ରହିବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ।

**କର୍କଟ:** ଅଫିସରେ କାର୍ଯ୍ୟଭାର ବଢ଼ିବ। ବିବାହରେ ସମସ୍ୟା ଆସିପାରେ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ସିଂହ:** ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ। ଜୀବନସାଥୀଙ୍କ ସହଯୋଗ ମିଳିବ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ। ଘରେ ପୂଜାପାଠ ଆୟୋଜନ କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଆୟର ନୂଆ ଅବସର ପ୍ରାପ୍ତ ହେବେ। ମାନସମ୍ମାନ ବୃଦ୍ଧି ପାଇବ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜବୁତ୍ ହେବ। ବିବାହ ପ୍ରସ୍ତାବ ଆସିପାରେ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।


**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ପ୍ରେମ ସମ୍ପର୍କ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିବେ। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଯାନବାହନ କ୍ରୟର ଯୋଗ ଅଛି।

**ମୀନ:** ଚାକିରିରେ ବନ୍ଧୁଙ୍କ ସହାୟତା ମିଳିବ। ଅଫିସରେ ସହକର୍ମୀଙ୍କ ସହ ମତାନ୍ତର ଦେଖା ଦେବ। ନୂଆ କାର୍ଯ୍ୟ ଆରମ୍ଭ କରିବାର ଉତ୍ତମ ସମୟ। ସ୍ୱାମୀ-ସ୍ତ୍ରୀ ମଧ୍ୟରେ ଉତ୍ତମ ବୁଝାମଣା ରହିବ।

## ଆଜିର ଇତିହାସ

- ୧୯୨୯ - ମାନବ କମ୍ପ୍ୟୁଟର ଶକୁନ୍ତଳା ଦେବୀଙ୍କ ଜନ୍ମ।
- ୧୯୪୭ - ମେଜର ସୋମନାଥ ଶର୍ମାଙ୍କୁ ମରଣୋତ୍ତର ପରମବୀର ଚକ୍ର ପ୍ରଦାନ କରାଗଲା।
- ୧୯୫୪ - ଦାର୍ଜିଲିଂରେ ହିମାଳୟ ପର୍ବତାରୋହଣ ସଂସ୍ଥାନର ସ୍ଥାପନା।
- ୨୦୦୮ - ଆମେରିକାର ରାଷ୍ଟ୍ରପତି ହେଲେ ବାରାକ୍ ଓବାମା।
- ୨୦୧୫ - ପାକିସ୍ତାନର ଲାହୋରରେ ଏକ କୋଠା ଭୁଶୁଡ଼ି ୪୫ ଜଣଙ୍କ ମୃତ୍ୟୁ ଓ ପାଖାପାଖି ୧୦୦ ଜଣ ଆହତ ହୋଇଥିଲେ।



## 'ରାମାୟଣ' ବିଭୀଷଣ ଭୂମିକାରେ ବିବେକ

ବଲିଉଡ୍‌ରେ ଏବେ ଫିଲ୍ମର କାହାଣୀ ଅପେକ୍ଷା ଏହାର ବଜେଟ୍‌କୁ ଅଧିକ ଗୁରୁତ୍ୱ ଦିଆଯାଉଛି। ଏହି କ୍ରମରେ ନୀତେଶ ତିୱାରୀଙ୍କ ଫିଲ୍ମ 'ରାମାୟଣ' ସମସ୍ତଙ୍କୁ ପଛରେ ପକାଇ ଦେଇଛି। ୪୦୦୦ କୋଟି ବ୍ୟୟରେ ନିର୍ମିତ ଏହି ଫିଲ୍ମ ଦୁଇଟି ପାର୍ଟରେ ଆସିବ। ଫିଲ୍ମର ବଜେଟ୍ ସହ ଏହାର କଳାକାରଙ୍କୁ ନେଇ ମଧ୍ୟ ଚର୍ଚ୍ଚା ହେଉଛି। ରଣବୀର କପୁର, ସାଇପଲ୍ଲବୀ ଓ ଯଶ୍‌ଙ୍କ ବ୍ୟତୀତ ଏଥିରେ କାମ କରୁଥିବା ଅନ୍ୟ କଳାକାରଙ୍କୁ ନେଇ ଚର୍ଚ୍ଚା ହେଉଛି। ଏହି ଫିଲ୍ମରେ ବିବେକ ଓବେରୟ ବିଭୀଷଣ ଭୂମିକାରେ ନଜର ଆସିବେ। ସବୁଠୁ ବଡ଼ କଥା ହେଉଛି, ବିବେକ ଏହି ଫିଲ୍ମ ପାଇଁ ଟଙ୍କାଟିଏ ମଧ୍ୟ ନେବେ ନାହିଁ। ନିକଟରେ ଗଣମାଧ୍ୟମକୁ ଦେଇଥିବା ସାକ୍ଷାତକାରରେ ବିବେକ କହିଛନ୍ତି ଯେ, 'ରାମାୟଣ'ର ପ୍ରଯୋଜକ ନମିତ ମଲହୋତ୍ରାଙ୍କୁ ସେ କୌଣସି ପାରିଶ୍ରମିକ ନେବେ ନାହିଁ ବୋଲି କହିଥିଲେ। ଏହାସହ ସେ ତାଙ୍କର ପାରିଶ୍ରମିକ ବାବଦରେ ମିଳିବାକୁ ଥିବା ସମସ୍ତ ଅର୍ଥ କ୍ୟାନ୍ସର ପୀଡ଼ିତ ପିଲାଙ୍କ ପାଇଁ ଦାନ କରିବାକୁ ନମିତଙ୍କୁ କହିଛନ୍ତି। ବିବେକ ଆହୁରି ମଧ୍ୟ କହିଛନ୍ତି, ''ରାମାୟଣ' ଭାରତୀୟ ସିନେମାକୁ ଅନ୍ତର୍ଜାତୀୟ ସ୍ତରକୁ ନେଇଯିବ। ଏଥିରେ କାମ କରି ବେଶ୍ ଭଲ ଲାଗିଲା।' 'ରାମାୟଣ'ର ଦୁଇଟି ପାର୍ଟ ୨୦୨୬ ଓ ୨୦୨୭ ଦୀପାବଳିରେ ଆସିବ।



## ସର୍ଫିଂରେ ବିଶ୍ୱ ରେକର୍ଡ

ସର୍ଫିଂ ଏକ ଦୁଃସାହସିକ କ୍ରୀଡ଼ା ଭାବେ ଜଣାଯାଏ। ଏଥିରେ ଏକ ବୋର୍ଡ ଉପରେ ଛିଡ଼ା ହୋଇ ଲହଡ଼ିକୁ ଅତିକ୍ରମ କରିବାକୁ ହୋଇଥାଏ। ଏହା ହେଉଛି ଏକ ଆନନ୍ଦଦାୟକ ଜଳକ୍ରୀଡ଼ା। ଏଥିପାଇଁ ଜଳ ସହିତ ପବନର ମଧ୍ୟ ଆବଶ୍ୟକତା ରହିଛି। ପାଣି ଭିତରେ ପବନର ବେଗ ଯେତେ ବୃଦ୍ଧି ପାଇବ ସର୍ଫିଂ କରିବାର ମଜା ସେତେ ବଢ଼ିଥାଏ। ଅବଶ୍ୟ ସର୍ଫିଂ ନିର୍ଦ୍ଦିଷ୍ଟ କେତେ ସମୟ ପାଇଁ ହିଁ କରାଯାଇଥାଏ। କାରଣ ଏଥିରେ ବିପଦ ମଧ୍ୟ ଥାଏ। ନିକଟରେ ଅଷ୍ଟ୍ରିଆର ଜଣେ ବ୍ୟକ୍ତି ଅବିରତ ଆଠ ଘଣ୍ଟା ଧରି ସର୍ଫିଂ କରି ବିଶ୍ୱ ରେକର୍ଡ କରିଛନ୍ତି। ମ୍ୟାକ୍ସିମିଲିୟାନ ନ୍ୟୁବକ୍ ନାମକ ବ୍ୟକ୍ତି ଏପରି ଦୁଃସାହସିକ କାର୍ଯ୍ୟ କରି ଦେଖାଇଛନ୍ତି। ନ୍ୟୁବକ୍ ୮ ଘଣ୍ଟା ୫ ମିନିଟ୍ ୪୪ ସେକେଣ୍ଡ ପର୍ଯ୍ୟନ୍ତ ସର୍ଫିଂ କରିଥିଲେ। ଅଧିକ ସମୟ ଧରି ସର୍ଫିଂ କରିଥିବା ପୁରୁଷ ହିସାବରେ ତାଙ୍କ ନାମ ଗିନିଜ୍ ବୁକ୍ ଅଫ୍ ରେକର୍ଡସ୍‌ରେ ସ୍ଥାନ ପାଇଛି। ଅତ୍ୟଧିକ ଥଣ୍ଡା ପରିବେଶରେ ବି ସେ ତାଙ୍କର ସର୍ଫିଂ ଜାରି ରଖିଥିଲେ। ଆଠଘଣ୍ଟା ପରେ ସେ କୂଳକୁ ଫେରିଥିଲେ।

## ସମୁଦ୍ରରୁ ପ୍ଲାଷ୍ଟିକ୍ କଣିକା ସଫା କରିବ ମାଛ

ପ୍ଲାଷ୍ଟିକ୍ ପ୍ରଦୂଷଣ ଏବେ ବୈଶ୍ୱିକସ୍ତରରେ ଚିନ୍ତା ବଢ଼ାଉଛି। ସମୁଦ୍ରରେ ଲୋକେ ପ୍ରତିଦିନ କୁଡ଼ କୁଡ଼ ପ୍ଲାଷ୍ଟିକ୍ ଫିଙ୍ଗୁଛନ୍ତି। ସମୁଦ୍ରର ପ୍ଲାଷ୍ଟିକ୍ ଆବର୍ଜନାକୁ ମୁକ୍ତ କରିବାକୁ ଚୀନ୍, ସିଚୁଆନ୍ ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ ଏକ ସ୍ୱତନ୍ତ୍ର ମାଛ ବିକଶିତ କରିଛନ୍ତି। ଏହି ମାଛଟି ପ୍ରକୃତରେ ଏକ ରୋବଟ୍ ମାଛ। ସ୍ୱୟଂଚାଳିତ ଏହି ରୋବଟ୍ ମାଛଟି ସମୁଦ୍ର ପାଣିରେ ଭାସି ଭାସି ତା'ର ଶରୀରରେ କ୍ଷୁଦ୍ର ପ୍ଲାଷ୍ଟିକ୍ କଣିକାକୁ ଶୋଷିନେବ। ମାଛଟି ମାତ୍ର ୧୩ ମିଲିମିଟର ଲମ୍ବା। ଏହା ତା'ର ଲାଞ୍ଜରେ ଲଗାଯାଇଥିବା ଲେଜର ପ୍ରଣାଳୀ ସାହାଯ୍ୟରେ ପାଖାପାଖି ୩୦ ମିଲିମିଟର ପ୍ରତି ସେକେଣ୍ଡ ଗତିରେ ପହଁରିପାରେ। ରୋବୋଟ୍ ମାଛକୁ ଏପରି ତିଆରି କରାଯାଇଛି ଯେ, ଏହା ୫ କେଜି ଓଜନର ଜିନିଷକୁ ବି ଟାଣିପାରେ। ବୈଜ୍ଞାନିକଙ୍କ କହିବାନୁସାରେ, ଏହି ମାଛଟି ଭବିଷ୍ୟତରେ ସମୁଦ୍ରଗୁଡ଼ିକରୁ ମାଇକ୍ରୋପ୍ଲାଷ୍ଟିକ୍‌କୁ ସହଜରେ ସଫା କରିପାରିବ। ଯଦି ପାଣି ଭିତରେ ଏହି ରୋବୋଟ୍ ମାଛଟି କୌଣସି କାରଣବଶତଃ କ୍ଷତିଗ୍ରସ୍ତ ହୁଏ ତାହେଲେ ଏହା ନିଜକୁ ଠିକ୍ ମଧ୍ୟ କରିପାରିବ। ବର୍ତ୍ତମାନ ଏହା ପ୍ରାରମ୍ଭିକ ସ୍ତରରେ ଅଛି। ଏହା ପ୍ରସ୍ତୁତ ହେବା ପରେ ରୋବୋଟ୍ ମାଛକୁ ସାଗର ଓ ମହାସାଗରରୁ ମାଇକ୍ରୋପ୍ଲାଷ୍ଟିକ୍ ସଫା କରିବାକୁ ବ୍ୟବହାର କରାଯାଇପାରିବ।



## ଲ୍ୟାଣ୍ଡରୋଭର ଗାଁ

ପ୍ରତ୍ୟେକ ଗାଁର ପରମ୍ପରା ଓ ସଂସ୍କୃତି ଭିନ୍ନ ଭିନ୍ନ ହୋଇଥାଏ। ତନ୍ମଧ୍ୟରୁ କିଛି ଗାଁ ନିଜର ସ୍ୱତନ୍ତ୍ରତା ପାଇଁ ପ୍ରସିଦ୍ଧି ଲାଭ କରିଥାଏ। ଏମିତି ଏକ ଗାଁ ହେଉଛି ପଶ୍ଚିମବଙ୍ଗର ମାନେଭଞ୍ଜ୍ୟାଙ୍ଗ। ଏହି ଗାଁଟି ଭାରତ ଓ ନେପାଳ ସୀମାବର୍ତ୍ତୀ ଅଞ୍ଚଳରେ ଅବସ୍ଥିତ। ଏହା ଦାର୍ଜିଲିଂରୁ ୨୦ କିଲୋମିଟର ଦୂରରେ ଅବସ୍ଥିତ। ମାନେଭଞ୍ଜ୍ୟାଙ୍ଗ ଗାଁର ସ୍ୱତନ୍ତ୍ରତା ହେଉଛି ଦୀର୍ଘ ୬୦ ବର୍ଷରୁ ଅଧିକ ସମୟ ହେବ ଏଠାକାର ଲୋକଙ୍କ ଜୀବନରେ ଲ୍ୟାଣ୍ଡରୋଭର ଏକ ଅଂଶ ପାଲଟିଯାଇଛି। ଏଠାକାର ଲୋକେ ଟ୍ୟାକ୍ସି ଭଳି ଏହାକୁ ବ୍ୟବହାର କରନ୍ତି। ଗାଁର ପ୍ରତ୍ୟେକ ଘର ସମ୍ମୁଖରେ ଏହି ଗାଡ଼ି ଠିଆ ହୋଇଥିବାର ଦେଖିବାକୁ ମିଳିବ। ବ୍ରିଟିଶ ଶାସନ ସମୟରେ ଇଂରେଜମାନେ ଏହି ଗାଡ଼ି ଏଠାକୁ ଆଣିଥିଲେ। ଦେଶ ସ୍ୱାଧୀନ ହେବା ପରେ ଇଂରେଜମାନେ ଏହି ଗାଡ଼ିଗୁଡ଼ିକୁ ସ୍ଥାନୀୟ ଲୋକଙ୍କୁ ଦେଇ ଯାଇଥିଲେ। ଅପରପକ୍ଷରେ ଏହି ଅଞ୍ଚଳ ପାହାଡ଼ିଆ ହୋଇଥିବାରୁ ଏଠାରେ ଆଧୁନିକ ଯାନବାହନ ଚଳାଚଳ ସମ୍ଭବ ନୁହେଁ। ତେଣୁ ପାହାଡ଼ିଆ ରାସ୍ତା ପାଇଁ ଲ୍ୟାଣ୍ଡରୋଭର ବାହନ ଏକ ସାଧନ। ଯଦି ଏବେ ଏହି ଗାଡ଼ିଗୁଡ଼ିକୁ ନିଲାମ କରାଯାଏ ଏହା ଲକ୍ଷାଧିକ ଟଙ୍କାରେ ବିକ୍ରି କରାଯାଇପାରିବ। ଏହା ଆଜି ବି ସ୍ଥାନୀୟ ଲୋକଙ୍କର ସଂସ୍କୃତି ଏବଂ ଅର୍ଥବ୍ୟବସ୍ଥାର ଏକ ମହତ୍ତ୍ୱପୂର୍ଣ୍ଣ ଅଂଶବିଶେଷ।






## ଆଳୁର ସହଫସଲ

**ଓଡ଼ିଶା ଏକ କୃଷି ପ୍ରଧାନ ରାଜ୍ୟ। ଗ୍ରାମାଞ୍ଚଳର ଅଧିକାଂଶ ଲୋକ ଧାନ ଚାଷ ସହିତ ପନିପରିବା ଯଥା ଆଳୁ ଚାଷ କରୁଛନ୍ତି। ଆଳୁ ଚାଷ ପାଇଁ ବର୍ତ୍ତମାନ ଉପଯୁକ୍ତ ସମୟ। ଅଧିକ ଉର୍ବରଯୁକ୍ତ ମାଟିରେ ଏହି ଚାଷ ଭଲ ହୋଇଥାଏ। ଅଧୁନା ଚାଷୀଭାଇମାନେ ଆଳୁ ଫସଲ ସହିତ ସହଫସଲ କରିବାକୁ ଗୁରୁତ୍ୱ ଦେଉଛନ୍ତି। ଏହାଦ୍ୱାରା ସେମାନଙ୍କ ଆୟ ଦ୍ୱିଗୁଣିତ ହୋଇ ପାରୁଛି।**



ଚାଷୀମାନେ ଆଳୁ ସହିତ ମୂଳା, ଗାଜର, ଶାଗ, ଶାଳଗମ ଆଦି ଚାଷ କରୁଛନ୍ତି। ଏଥିପାଇଁ ପ୍ରଥମେ ଜମିକୁ ତିନିରୁ ଚାରିଥର ଭଲଭାବେ ଚାଷ କରାଯାଏ। ଏହାପରେ ସିଆର କରି ଖତ ଓ ରାସାୟନିକ ସାର ଦେଇ ଆଳୁ ଲଗାଯାଏ। ସମାନ ସମୟରେ ସଠିକ୍ ଦୂରତ୍ୱ ଏବଂ ଗଭୀରତା ଅବଲମ୍ବନ କରି ମୂଳା, ଗାଜର ଓ ଶାଗ ଆଦି ଲଗାଇ ପାରିବେ। ଏହି ଫସଲ ଆଳୁ ଫସଲକୁ ପ୍ରଭାବିତ କରେ ନାହିଁ।

**ଆଳୁ ପଟାଳିରେ ଧନିଆ ଚାଷ:** ଆଳୁ ପଟାଳି ଚାରିପାଖରେ ଧନିଆ ଲଗାଇବା ଉତ୍ତମ ବିକଳ୍ପ। ଧନିଆ ପତ୍ର ଓ ମଞ୍ଜି ବିକ୍ରି କରି ଚାଷୀ ଲାଭ ପାଆନ୍ତି। ପଟାଳିରେ ଧନିଆ ଲଗାଇଲେ ଏହାର ସୁଗନ୍ଧରେ ବୁଲା ପ୍ରାଣୀଙ୍କ କବଳରୁ ଫସଲକୁ ସୁରକ୍ଷା ମିଳିପାରେ। ଏହା ପ୍ରାକୃତିକ ବାଡ଼ ପରି କାମ କରେ। ଶ୍ରମ ଲାଘବ ସହିତ ଖର୍ଚ୍ଚ କମ୍ ହୁଏ।

ଏହି ପଦ୍ଧତିରେ ଚାଷ କରିବା ଦ୍ୱାରା ମାଟିର ଉର୍ବରଶକ୍ତି ବଢ଼େ। ମୂଳା, ଗାଜର ଏବଂ ଶାଗ ଚାଷ ଦ୍ୱାରା ମାଟିରେ ବାୟୁଚଳାଚଳ ସହଜ ହୋଇପାରେ। ଧନିଆଗଛ ମାଟିର ପୋଷକତତ୍ତ୍ୱ ଉପଯୋଗରେ ବିବିଧତା ଆଣେ। ମାଟିର ଉର୍ବରତା ବଜାୟ ରହେ। ସହଫସଲ ଫସଲ ବୀମା ପରି ସାହାଯ୍ୟ କରେ। କୌଣସି କାରଣବଶତଃ ଆଳୁ ଫସଲ ନଷ୍ଟ ହେଲେ, ଚାଷୀ ମୂଳା, ଗାଜର ଏବଂ ଧଣିଆ ବିକ୍ରି କରି ଲାଭ ପାଇପାରନ୍ତି।

## ମାଟିର ଡାକ
## ବିଦେଶ ଚାକିରି ଛାଡ଼ି ଗାଁରେ ଚାଷ

**ଆମେରିକା, କାଲିଫର୍ଣ୍ଣିଆର ସିଲିକନ୍ ଭ୍ୟାଲିରେ ସେମାନେ ଚାକିରି କରୁଥିଲେ। ମାସକୁ ଲକ୍ଷାଧିକ ଟଙ୍କା ଥିଲା ତାଙ୍କର ଦରମା। ନିଜ ଭିଟାମାଟିରେ ଜୈବିକ ଚାଷ କରିବାକୁ ସେମାନେ ଭାରତ ଫେରି ଆସିଲେ। ଗୁଜୁରାଟ, ନଡ଼ିୟାଦ ସହରର ବିବେକ ଶାହ ଏବଂ ତାଙ୍କ ପତ୍ନୀ ବୃନ୍ଦା ଶାହ ଏବେ ବିଭିନ୍ନ ଚାଷ ସହିତ ଲୋକଙ୍କୁ ଚାଷ ସମ୍ପର୍କିତ ଗୁରୁତ୍ୱପୂର୍ଣ୍ଣ ଜ୍ଞାନ ବାଣ୍ଟି ଉଦାହରଣ ସୃଷ୍ଟି କରିଛନ୍ତି।**

ଏହି ଦମ୍ପତିଙ୍କର ୧୦ ଏକର ଜମି ରହିଛି। ଜୈବିକ ଚାଷ କରିବାକୁ ଚିନ୍ତା କରି ପ୍ରଥମେ ସେମାନେ କୃଷି ସମ୍ପର୍କିତ କୋର୍ସ କରିଲେ। କୋର୍ସ ଶେଷ କରି ଜମିରେ ବାଜରା, ଗହମ, ଆଳୁ, କଦଳୀ, ଅମୃତଭଣ୍ଡା, ଜାମୁକୋଳି, ଧଣିଆ ଚାଷ ଆରମ୍ଭ କରିଥିଲେ। ଫସଲରେ ପାଣିର ଅଭାବ ଦୂର କରିବାକୁ ଜମିରେ ପୋଖରୀ ଖୋଳିଛନ୍ତି। ପୋଖରୀ ହୁଡାରେ ମଧ୍ୟ ସେମାନେ କିଛି ଗଛ ଲଗାଇଛନ୍ତି। ୨୦ ହଜାର ଲିଟରର ଜଳ ଅମଳ ପ୍ରଣାଳୀ ରହିଛି। ଫଳରେ ଜମିରେ ଦୀର୍ଘ ସମୟ ଧରି ଜଳ ଯୋଗାଣର ସମସ୍ୟା ରହୁନାହିଁ। ଫସଲରେ ରୋଗପୋକ ଦୂର ପାଇଁ ଅନ୍ତଃଫସଲ ଏବଂ ବିବିଧ ଫସଲ କୌଶଳକୁ ଆପଣାଇଛନ୍ତି। ଚାଷରେ ଜୈବିକ ଖତ ବ୍ୟବହାର କରନ୍ତି। ତୁଳସୀ ଏବଂ ଲେମନଗ୍ରାସ୍ ଚାଷରୁ ମଧ୍ୟ ସେମାନେ ଲାଭ ପାଉଛନ୍ତି। ମିଶ୍ରିତ ଚାଷରୁ ସେମାନଙ୍କ ଆୟ କେବଳ ବୃଦ୍ଧି ପାଇଛି ତାହା ନୁହେଁ, ସେମାନେ ଲୋକଙ୍କୁ ରୋଷେଇଶାଳା ବଗିଚା ବିଷୟରେ ଜ୍ଞାନ ମଧ୍ୟ ବାଣ୍ଟୁଛନ୍ତି।





## ବାଦାମ ଅମଳଯନ୍ତ୍ର

ବାଦାମ ଏକ ଅର୍ଥକରୀ ଫସଲ। ଅଧିକାଂଶ ଚାଷୀ ପନିପରିବା ସହିତ ବାଦାମ ଚାଷ କରିଥାନ୍ତି। ଯେଉଁମାନେ ଖରିଫ ଋତୁରେ ବାଦାମ ଚାଷ କରିଥିଲେ, ଏବେ ବାଦାମର ଅମଳ ସମୟ। ତେବେ ବାଦାମ ଚାଷରେ ସବୁଠୁ କଠିନ କାମ ହେଉଛି, ଗଛରୁ ମଞ୍ଜିକୁ ଅଲଗା କରିବା। ଏହି କାମ ମୁଖ୍ୟତଃ ଚାଷୀମାନେ ହାତରେ କରିଥାନ୍ତି। ଏଥିରେ ଅଧିକ ଶ୍ରମ ଦରକାର ପଡ଼େ। ଆଙ୍ଗୁଠି ଉପରେ ଚାପ ପଡ଼େ। ତେଣୁ କମ୍ ସମୟ ଓ ସୁବିଧାରେ ଅଧିକ ଅମଳ କରିବାକୁ ଏବେ ବାଦାମର ଅମଳ ଯନ୍ତ୍ର (ଥ୍ରେସର), ଉପଲବ୍ଧ ରହିଛି। ଏହା ବିଦ୍ୟୁତ, ଟ୍ରାକ୍ଟର କିମ୍ବା ପାୱାରଟିଲର ଦ୍ୱାରା ପରିଚାଳିତ ହୋଇଥାଏ। ଏହି ବାଦାମ ଅମଳ ଯନ୍ତ୍ରଟିରେ ଗୋଟିଏ କଣ୍ଟାଯୁକ୍ତ ଅବତଳ ରହିଥାଏ। ଅବତଳଟି ଘୂରିବା ସମୟରେ ବାଦାମର ଗଛରୁ ବାଦାମକୁ ଅଲଗା କରିଥାଏ। ତା ସହିତ ବାଦାମକୁ ସଫା କରି ସଂଗ୍ରହ କରାଯାଇଥାଏ। ତେବେ ଖୁସିର କଥା, ଓୟୁଏଟିରେ ଧାନ ଓ ବାଦାମ ଅମଳ ପାଇଁ ସୌରଚାଳିତ ଅମଳଯନ୍ତ୍ର ଉଦ୍ଭାବନ କରାଯାଇଛି। ଚାଷୀମାନେ ପ୍ରତି ବ୍ଲକ୍‌ରେ କୃଷି ଅଧିକାରୀଙ୍କୁ ଯୋଗାଯୋଗ କରି ଏହି ଯନ୍ତ୍ର ବିଷୟରେ ସବିଶେଷ ଜ୍ଞାନ ପାଇପାରିବେ। ଏହାସହ ସେମାନେ ସବସିଡ୍ ମୂଲ୍ୟରେ ଯନ୍ତ୍ରଟି କିଣି ପାରିବେ।

## କୃଷି ପାଣିପାଗ

### ଏ ସପ୍ତାହ ପାଇଁ କେତେକ ପରାମର୍ଶ

- ଅମଳ ଉପଯୋଗୀ ଫସଲ ଯଥା ପନିପରିବା ଏବଂ ଶସ୍ୟଜାତୀୟ ଫସଲକୁ ଅମଳ କରି ସୁରକ୍ଷିତ ସ୍ଥାନରେ ରଖନ୍ତୁ।
- ଫସଲରେ ପତ୍ର ପୋଡ଼ା, ଝାଉଁଳା ଓ ମୂଳ ସଢ଼ା ଦେଖା ଦେବାର ସମ୍ଭାବନା ଅଛି ତେଣୁ ଶୁଖିଲା ପାଗ ଦେଖି ପ୍ରତି ୧ ଲିଟର ପାଣିରେ ୨ ଗ୍ରାମ୍ ମେଟାଲାକ୍ସିଲ + ମାଙ୍କୋଜେବ ଓ ପ୍ଲାଣ୍ଟୋମାଇସିନ୍‌କୁ ମିଶାଇ ଫସଲ ମୂଳକୁ ସିଞ୍ଚନ କରନ୍ତୁ।
- ଉଚ୍ଚ –ମଧ୍ୟମ ଜମିରେ ମାଟିରେ ବତର ଦେଖି ରବି ଫସଲ ଯଥା ମୁଗ, ବିରି, ଝୁଡ଼ଙ୍ଗ, ମଟର, ଚିନାବାଦାମ, ରାଶି ଏବଂ ସୂର୍ଯ୍ୟମୁଖୀ ଚାଷ କରନ୍ତୁ।
- ମକାର ଉପର ଚୋପା ହଳଦିଆରୁ ବାଦାମି ରଙ୍ଗର ହୋଇ ଶୁଖିବା ପରେ ଅମଳ କରନ୍ତୁ।
- ଆଖୁରେ ନାଲିଶଢ଼ା ରୋଗର ପରିଚାଳନା ପାଇଁ ଏକର ପ୍ରତି ୪୦୦ ଗ୍ରାମ୍ କାର୍ବେଣ୍ଡାଜିମ୍ ଏବଂ ମାଙ୍କୋଜେବର ମିଳିତ ଫିମ୍ପିନାଶକ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ।

## କୁକୁଡ଼ାଙ୍କୁ ମାରେକ୍ସ ରୋଗ



ଆମ ରାଜ୍ୟର ଅଧିକାଂଶ ଲୋକ କୁକୁଡ଼ା ପାଳନ କରୁଛନ୍ତି। କୁକୁଡା ପାଳନରେ ସେମାନଙ୍କର ଯତ୍ନ ନେବାର ଆବଶ୍ୟକତା ଅଧିକ ରହିଥାଏ। କାରଣ ବିଭିନ୍ନ ସମୟରେ କୁକୁଡ଼ାଙ୍କୁ ହେଉଥିବା ରୋଗ ଦ୍ୱାରା ଚାଷୀଭାଇଙ୍କୁ କ୍ଷତି ସହିବାକୁ ପଡ଼ିପାରେ। ତେବେ କୁକୁଡ଼ାଙ୍କୁ ମାରେକ୍ସ ରୋଗ ହେଲେ, ସେମାନଙ୍କଠାରେ ପକ୍ଷାଘାତ ଭଳି ଲକ୍ଷଣ ଦେଖାଯାଏ। କୁକୁଡ଼ା ଡେଣା, ଗୋଡ ମେଲାଇ ପଡ଼ିଯାଆନ୍ତି। ସେମାନେ ମୃତ୍ୟୁ ବରଣ କରନ୍ତି। ଏହା ଏକ ଭୂତାଣୁ ଜନିତ ରୋଗ। ରୋଗାକ୍ରାନ୍ତ କୁକୁଡାଠାରୁ ଅନ୍ୟ କୁକୁଡ଼ାଙ୍କୁ ଏହା ସହଜରେ ବ୍ୟାପିପାରେ। ବିଶେଷ କରି ଏହି ରୋଗର ନିର୍ଦ୍ଦିଷ୍ଟ ଉପଚାର ନାହିଁ। କେବଳ ଟିକାକରଣ ସୁବିଧା ରହିଛି। ତେଣୁ ଫାର୍ମରେ ଦିନିକିଆ ଚିଆଁଙ୍କୁ ସକାଳେ କିମ୍ବା ସନ୍ଧ୍ୟାରେ ଟିକା ଦିଆଯାଇଥାଏ। ଏହାକୁ ଚିଆଁଟିର ମୁଣ୍ଡର ଚର୍ମତଳେ ୦.୨ ମିଲି ମାତ୍ରାରେ ଦିଆଯାଇଥାଏ। ସାଧାରଣତଃ ଏହି ଟିକା ଫାର୍ମରେ ଦିଆଯାଇଥାଏ। ଯଦି ଫାର୍ମରେ ଟିକା ଦିଆଯାଇନଥାଏ, ଚାଷୀଭାଇ ନିଜେ ଟିକାକରଣ କରିପାରିବେ। କୁକୁଡାଙ୍କୁ ଏହା ଜୀବନବ୍ୟାପି ରୋଗ ପ୍ରତିରୋଧକ ଶକ୍ତି ଯୋଗାଇଥାଏ।

# ବିଶ୍ୱବିଜୟିନୀଙ୍କୁ ୫୧ କୋଟି ପୁରସ୍କାର

ନୂଆଦିଲ୍ଲୀ,୩।୧୧(ଏଜେନ୍ସି)

ଦକ୍ଷିଣ ଆଫ୍ରିକାକୁ ୫୨ ରନ୍‌ରେ ହରାଇ ଭାରତୀୟ ମହିଳା କ୍ରିକେଟ ଦଳ ଦିନିକିଆ ବିଶ୍ୱକପ୍ କ୍ରିକେଟ ଚାମ୍ପିଅନ ହୋଇଛି। ମହିଳା କ୍ରିକେଟର ଯେ କୌଣସି ଫର୍ମାଟ କିମ୍ବା ଆଇସିସି ଦ୍ୱାରା ଖେଳାଯାଉଥିବା ଯେ କୌଣସି ଟୁର୍ଣ୍ଣାମେଣ୍ଟରେ ଏହା ଭାରତର ପ୍ରଥମ ଟାଇଟଲ। ଏହି ଟାଇଟଲ ଜିତିବାରେ କେବଳ ଭାରତୀୟ କ୍ରିକେଟ ଖେଳାଳି କିମ୍ବା କର୍ମକର୍ତ୍ତା ନୁହଁନ୍ତି, ବରଂ କ୍ରୀଡ଼ାପ୍ରେମୀ ଭାରତୀୟ ଖୁସି ହେବା ସହ ଗର୍ବ ଅନୁଭବ କରୁଛନ୍ତି। ଖେଳାଳିମାନେ ଯେପରି ଦେଶକୁ ଗର୍ବିତ କରିଛନ୍ତି, ଠିକ୍ ସେହିପରି ଦେଶବାସୀ ସେମାନଙ୍କୁ ଅଭିନନ୍ଦନ ଓ ଶୁଭେଚ୍ଛା ଜଣାଇଛନ୍ତି। ରାଷ୍ଟ୍ରପତି ଓ ପ୍ରଧାନମନ୍ତ୍ରୀଙ୍କଠାରୁ ଆରମ୍ଭ କରି ସାଧାରଣ ଜନତା ଯାଏ ଭାରତୀୟ ମହିଳାଙ୍କ ଏହି ଉତ୍‌ଥାନରେ ଆନନ୍ଦ ପ୍ରକାଶ କରିଛନ୍ତି। ଏହି ଐତିହାସିକ, ଯୁଗାନ୍ତକାରୀ, ସୁଦୂରପ୍ରସାରୀ ଓ ସ୍ମରଣୀୟ ସଫଳତା ଲାଗି ଭାରତୀୟ କ୍ରିକେଟ ଦଳକୁ ବିଶ୍ୱର ବିତ୍ତଶାଳୀ କ୍ରିକେଟ ସଂଗଠନ ବିସିସିଆଇ (ବୋର୍ଡ ଅଫ୍ କଣ୍ଟ୍ରୋଲ ଫର କ୍ରିକେଟ ଇନ୍ ଇଣ୍ଡିଆ) ପକ୍ଷରୁ ୫୧ କୋଟି ଟଙ୍କା ପ୍ରୋତ୍ସାହନ ରାଶି ପ୍ରଦାନ କରିବାକୁ ଘୋଷଣା କରିଛି। ବିସିସିଆଇ ସମ୍ପାଦକ ଦେବଜିତ ସାଇକିଆ ଏ ସମ୍ପର୍କରେ ଘୋଷଣା କରି କହନ୍ତି, ଏହି ପୁରସ୍କାର ରାଶି ସମସ୍ତ ଖେଳାଳି, ସପୋର୍ଟ ଷ୍ଟାଫ୍ ଓ ସିଲେକ୍ଟରଙ୍କୁ ଦିଆଯିବ। କିଏ କେତେ ଟଙ୍କା ପାଇବେ ତାହା ଘୋଷଣା କରାଯାଇ ନ ଥିଲେ ମଧ୍ୟ ଜଣେ ଖେଳାଳି ୨.୫ରୁ ୩ କୋଟି ଓ ସପୋର୍ଟ ଷ୍ଟାଫ୍ ୨୫ରୁ ୩୦ ଲକ୍ଷ ଲେଖାଏଁ ଟଙ୍କା ପାଇବେ ବୋଲି ଆକଳନ କରାଯାଉଛି। କ୍ରିକେଟ ଖେଳର ଉନ୍ନତି ଲାଗି ବିସିସିଆଇ ସମସ୍ତ ପ୍ରକାର ସହଯୋଗ କରିବ ବୋଲି ସେ କହିଛନ୍ତି। ପୂର୍ବରୁ ପୁରୁଷଙ୍କ ଭଳି ମହିଳାଙ୍କୁ ସମାନ ମ୍ୟାଚ୍ ଫି ଦେବାକୁ ପୂର୍ବତନ ସମ୍ପାଦକ ତଥା ବର୍ତ୍ତମାନର ଆଇସିସି ଅଧ୍ୟକ୍ଷ ଘୋଷଣା କରିଥିଲେ ମଧ୍ୟ ତାହା କାର୍ଯ୍ୟକାରୀ ହୋଇନାହିଁ। କିନ୍ତୁ ଆଇସିସି ଦ୍ୱାରା ଆୟୋଜିତ ଟୁର୍ଣ୍ଣାମେଣ୍ଟରେ ପୁରୁଷଙ୍କ ଭଳି ମହିଳାଙ୍କୁ ସମାନ ପୁରସ୍କାର ଦେବାକୁ ସେ ଯେଉଁ ଘୋଷଣା କରିଥିଲେ ତାହା ଏହି ଟୁର୍ଣ୍ଣାମେଣ୍ଟରେ ପ୍ରତିଫଳିତ ହୋଇଛି।

ମହିଳା ଦିନିକିଆ ବିଶ୍ୱକପ୍‌ରେ ଏଥର ପୁରସ୍କାର ରାଶିକୁ ୧୩.୮୮ ନିୟୁତ ଡଲାର ବା ପାଖାପାଖି ୧୨୩ କୋଟିକୁ ବୃଦ୍ଧି କରାଯାଇଛି। ଯାହାକି ନ୍ୟୁଜିଲାଣ୍ଡରେ ଖେଳାଯାଇଥିବା ୨୦୨୨ ବିଶ୍ୱକପ୍‌ଠାରୁ ପାଖାପାଖି ୪ ଗୁଣା ଅଧିକ। ଏହି ରାଶି ମଧ୍ୟ ୨୦୨୩ ପୁରୁଷ ବିଶ୍ୱକପ୍ ରାଶିଠାରୁ ଅଧିକ। ୨୦୨୩ ପୁରୁଷ ବିଶ୍ୱକପ୍‌ରେ ୧୦ ନିୟୁତ ଡଲାର ବା ପାଖାପାଖି ୮୯ କୋଟି ପୁରସ୍କାର ପ୍ରଦାନ କରାଯାଇଥିଲା। ପୁରସ୍କାର ରାଶି ବୃଦ୍ଧି ହେବା ଫଳରେ ଏଥର ଚାମ୍ପିଅନ ଭାରତକୁ ପାଖାପାଖି ୪୦ କୋଟି ଓ ରନର୍ସଅପ୍ ଦକ୍ଷିଣ ଆଫ୍ରିକାକୁ ୨୦ କୋଟି ଟଙ୍କାର ପୁରସ୍କାର ଦିଆଯାଇଛି। ଏଥର ସେମିଫାଇନାଲରେ ପରାଜିତ ଦୁଇ ଦଳକୁ ପାଖାପାଖି ୧୦ କୋଟି ଲେଖାଏଁ ଟଙ୍କା ମିଳିଛି। ୨୦୨୨ରେ ଚାମ୍ପିଅନ ଅଷ୍ଟ୍ରେଲିଆକୁ ୧୨ କୋଟି ଟଙ୍କା ମିଳିଥିଲା। ଏଣୁ ଏଥର ପୁରସ୍କାର ରାଶି କେତେ ପରିମାଣରେ ବୃଦ୍ଧି ପାଇଛି ତାହା ଏଥିରୁ ସ୍ପଷ୍ଟ ହେଉଛି। ସୂଚନାଯୋଗ୍ୟ ଗତକାଲି ବା ରବିବାର ଖେଳାଯାଇଥିବା ମ୍ୟାଚ୍‌ରେ ଭାରତ ୫୨ ରନ୍‌ରେ ଦକ୍ଷିଣ ଆଫ୍ରିକାକୁ ପରାସ୍ତ କରି ପ୍ରଥମ ଚାମ୍ପିଅନ ହୋଇଥିଲା। ୧୩ତମ ସଂସ୍କରଣ ପରେ ଭାରତ ତୃତୀୟଥର ଫାଇନାଲରେ ପ୍ରବେଶ କରି ପ୍ରଥମଥର ଟାଇଟଲ ଜିତିଥିଲା। ଫାଇନାଲରେ ଶେଫାଳି ବର୍ମା ୮୭ ରନ୍ କରିବା ସହ ୨ଟି ୱିକେଟ ନେଇ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ଅନ୍ୟତମ ଖେଳାଳି ଦୀପ୍ତି ଶର୍ମା ୫୮ ରନ୍ କରିବା ସହ ୫ଟି ୱିକେଟ ନେଇ ଦଳର ବିଜୟରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲେ। ଏହି ଟୁର୍ଣ୍ଣାମେଣ୍ଟରେ ମୋଟ ୨୧୫ ରନ୍ କରିବା ସହ ୨୨ଟି ୱିକେଟ ନେଇଥିବା ଦୀପ୍ତି ଶର୍ମାଙ୍କୁ ଟୁର୍ଣ୍ଣାମେଣ୍ଟର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା।

ଆଇସିସି ଓ ବିସିସିଆଇ ବ୍ୟତୀତ ବିଭିନ୍ନ ରାଜ୍ୟରୁ ପ୍ରତିନିଧିତ୍ୱ କରୁଥିବା ଖେଳାଳିମାନଙ୍କୁ ସମ୍ପୃକ୍ତ ରାଜ୍ୟ ସରକାରଙ୍କ ପକ୍ଷରୁ ପୁରସ୍କୃତ କରାଯିବାକୁ ଘୋଷଣା କରାଯାଇଛି। ଦଳର ଫାଷ୍ଟ ବୋଲର ରେଣୁକା ସିଂଙ୍କୁ ତାଙ୍କ ରାଜ୍ୟ ସରକାରଙ୍କ ପକ୍ଷରୁ ଏକ କୋଟି ଟଙ୍କା ପୁରସ୍କାର ଦେବାକୁ ମଧ୍ୟ ଘୋଷଣା କରାଯାଇଛି। ହିମାଚଳ ପ୍ରଦେଶ ମୁଖ୍ୟମନ୍ତ୍ରୀ ସୁଖବିନ୍ଦର ସିଂ ସୁଖୁ ରେଣୁକାଙ୍କୁ ଏକ କୋଟି ଟଙ୍କା ପୁରସ୍କାର ଦେବାକୁ ଘୋଷଣା କରିଛନ୍ତି। ସେହିପରି ମଧ୍ୟ ପ୍ରଦେଶ ମୁଖ୍ୟମନ୍ତ୍ରୀ ମୋହନ ଯାଦବ ନିଜ ରାଜ୍ୟର ଖେଳାଳି ତଥା ଅନ୍ୟତମ ଫାଷ୍ଟ ବୋଲର କ୍ରାନ୍ତି ଗୌଡାଙ୍କୁ ଏକ କୋଟି ଟଙ୍କା ପୁରସ୍କାର ଦେବାକୁ ଘୋଷଣା କରିଛନ୍ତି।



## ବୁଧବାର ପ୍ରଧାନମନ୍ତ୍ରୀଙ୍କୁ ଭେଟିବେ ଖେଳାଳି

ବିଶ୍ୱବିଜୟିନୀ ଭାରତୀୟ ମହିଳା କ୍ରିକେଟ ଦଳର ଖେଳାଳିମାନେ ବୁଧବାର ବା ନଭେମ୍ବର ୫ରେ ପ୍ରଧାନମନ୍ତ୍ରୀଙ୍କୁ ଭେଟିବେ ବୋଲି ଜଣାଯାଇଛି। ଏ ସମ୍ପର୍କରେ ପିଏମ୍‌ଓ ବା ପ୍ରଧାନମନ୍ତ୍ରୀଙ୍କ ଅଫିସ ପକ୍ଷରୁ ବିସିସିଆଇକୁ ନିମନ୍ତ୍ରଣ କରାଯାଇଛି। ବିଶ୍ୱକପ୍ ଜିତିବା ପରେ ଖେଳାଳିମାନେ ଏବେ ମୁମ୍ବଇରେ ଅବସ୍ଥାନ କରୁଛନ୍ତି। ସେମାନେ ଆସନ୍ତାକାଲି ବା ମଙ୍ଗଳବାର ସନ୍ଧ୍ୟା ସୁଦ୍ଧା ନୂଆଦିଲ୍ଲୀରେ ପହଞ୍ଚିବେ ବୋଲି ଆଶା କରାଯାଇଛି। ମଙ୍ଗବାର ସେମାନେ ଦିଲ୍ଲୀରେ ରହିବେ ଓ ବୁଧବାର ପ୍ରଧାନମନ୍ତ୍ରୀଙ୍କୁ ଭେଟିବେ ବୋଲି ସ୍ଥିର ହୋଇଛି। ଏହା ପରେ ଖେଳାଳିମାନେ ନିଜ ନିଜ ରାଜ୍ୟକୁ ଫେରିଯିବେ। ଏହା ମଧ୍ୟରେ ଉପଅଧିନାୟିକା ସ୍ମୃତି ମନ୍ଧାନାଙ୍କ ବିବାହ ଏହା ମଧ୍ୟରେ ଅନୁଷ୍ଠିତ ହେବ। ସେ ନଭେମ୍ବର ୨୦ରେ ମଧ୍ୟପ୍ରଦେଶ ଇନ୍ଦୋରର ସଂଗୀତଜ୍ଞ ପଲାଶଙ୍କ ସହ ବିବାହ ବନ୍ଧନରେ ଆବଦ୍ଧ ହେବେ।

## ଅମୋଲ୍ ମଜୁମ୍‌ଦାର
### କୌର ବାହିନୀଙ୍କ ଦ୍ରୋଣାଚାର୍ଯ୍ୟ

ମୁମ୍ବଇ : ଭାରତ ପକ୍ଷରୁ କେବେ ମଧ୍ୟ ଖେଳିବାର ସୁଯୋଗ ପାଇ ନ ଥିଲେ। କେବଳ ଘରୋଇ କ୍ରିକେଟ୍‌ରେ ସୀମିତ ରହିଯାଇଥିଲେ। ପ୍ରଥମଶ୍ରେଣୀ କ୍ରିକେଟ୍‌ରେ ୧୭୧ ଓ ଲିଷ୍ଟ-ଏ'ରେ ୧୧୩ ମ୍ୟାଚ୍ ଖେଳିବାର ରହିଥିଲା ଅଭିଜ୍ଞତା। ଜୀବନରେ ଭାରତୀୟ ଦଳର ନୀଳ ଜର୍ସି ପରିଧାନ କରିବାର ସ୍ୱପ୍ନ ଅଧୁରା ରହିଯାଇଥିଲେ ମଧ୍ୟ ଏବେ ସେ ପାଲଟିଯାଇଛନ୍ତି ଜାତୀୟ ହିରୋ। ଭାରତୀୟ ମହିଳା କ୍ରିକେଟ୍ ଦଳକୁ ସର୍ବପ୍ରଥମ ବିଶ୍ୱକପ୍ ଟ୍ରଫି ଜିତାଇ ରାତାରାତି ଚର୍ଚ୍ଚାର ପରିସରକୁ ଆସିଛନ୍ତି ଅମୋଲ୍ ମଜୁମଦାର। ଗତକାଲି ନଭି ମୁମ୍ବଇର ଡିୱାଇ ପାଟିଲ ଷ୍ଟାଡିୟମରେ ଦକ୍ଷିଣ ଆଫ୍ରିକାକୁ ୫୨ ରନରେ ପରାସ୍ତ କରି ଭାରତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍ ଚାମ୍ପିଅନ ହୋଇଥିଲା। ଦୀର୍ଘ ପାଞ୍ଚ ଦଶନ୍ଧିର ପ୍ରତୀକ୍ଷାର ଅନ୍ତ ଘଟାଇ ଭାରତୀୟ ଦଳକୁ ଏହି ବିଶ୍ୱବିଜୟିନୀ ଟୀକା ପିନ୍ଧାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ ମୁଖ୍ୟ ପ୍ରଶିକ୍ଷକ ୫୦ ବର୍ଷୀୟ ଅମୋଲ୍। ତାଙ୍କୁ ଏବେ 'ଗୁରୁଦ୍ରୋଣ' ଭାବେ ଆଖ୍ୟା ଦିଆଯାଇଛି। ସାମାଜିକ ଗଣମାଧ୍ୟମରେ ମଧ୍ୟ ଅମୋଲ୍‌ଙ୍କୁ ବଲିଉଡ୍ ଫିଲ୍ମ 'ଚକ୍ ଦେ ଇଣ୍ଡିଆ'ର ହକି କୋଚ୍ କବୀର ଖାନଙ୍କ ସହ ତୁଳନା କରାଯାଇଛି।



ଭାରତ ଚାମ୍ପିଅନ ହେବାପରେ ଅଧିନାୟିକା ହରମନପ୍ରୀତ୍ କୌର ପଡ଼ିଆ ମଧ୍ୟରେ ଅମୋଲ୍‌ଙ୍କ ପାଦ ଛୁଇଁ ଭାବବିହ୍ୱଳ ହୋଇ କାନ୍ଦି ପକାଇବାର ଦୃଶ୍ୟ କ୍ରିକେଟପ୍ରେମୀଙ୍କ ଆଖିରେ ଲୁହ ଆଣିଦେଇଥିଲା।

ମୁମ୍ବଇ ଜନ୍ମିତ ଅମୋଲ୍ ପ୍ରଥମଶ୍ରେଣୀରେ ୩୦ ଶତକ ସହ ୧୧,୧୬୭ ରନ ଓ ଲିଷ୍ଟ-ଏ'ରେ ୩୨୮୬ ରନ ସଂଗ୍ରହ କରିଛନ୍ତି। ଘରୋଇ କ୍ରିକେଟ୍‌ରେ ସେ ଜଣେ ଦକ୍ଷ ବ୍ୟାଟର୍ ଭାବେ ବିବେଚିତ ହେଉଥିଲେ। କିନ୍ତୁ ସଚିନ ତେନ୍ଦୁଲକର, ରାହୁଲ ଦ୍ରାବିଡ୍, ଭିଭିଏସ୍ ଲକ୍ଷ୍ମଣ ଓ ସୌରଭ ଗାଙ୍ଗୁଲିଙ୍କ ଭଳି ମହାନ ବ୍ୟାଟର୍‌ଙ୍କ ସମୟରେ ଖେଳିବା ତାଙ୍କ ପାଇଁ ଅଭିଶପ୍ତ ସଦୃଶ ହୋଇଥିଲା। ଯେଉଁଥି ପାଇଁ ଘରୋଇ କ୍ରିକେଟରେ ଏତେ ଭଲ ପ୍ରଦର୍ଶନ ସତ୍ତ୍ୱେ ସେ ଭାରତୀୟ ଦଳରୁ ଖେଳିବାର ସୁଯୋଗ ପାଇପାରି ନ ଥିଲେ। କିନ୍ତୁ ଅବସର ପରେ କୋଚ୍ ଭାବେ ସେ ଯେଉଁ ସଫଳତା ଏବେ ପାଇଛନ୍ତି ତାହା ତାଙ୍କର ଭାରତୀୟ ଦଳରୁ ଖେଳି ନ ପାରିବାର ଅଧୁରା ସ୍ୱପ୍ନକୁ ପୂରଣ କରିପାରିଥିବା କୁହାଯାଉଛି।

## ହୀରା ଗହଣା ଓ ସୋଲାର ପ୍ୟାନେଲ ଦେବେ ଶିଳ୍ପପତି

ଗୁଜରାଟର ରାଜ୍ୟସଭା ସାଂସଦ ତଥା ହୀରା ବ୍ୟବସାୟୀ ଗୋବିନ୍ଦ ଢୋଲକିଆ ଚାମ୍ପିଅନ ଭାରତୀୟ ଖେଳାଳିମାନଙ୍କୁ ହୀରା ଖଚିତ ଗହଣା ଓ ସେମାନଙ୍କ ଘରେ ସୋଲାର ପ୍ୟାନେଲ ଲଗାଇବାକୁ ଘୋଷଣା କରିଛନ୍ତି। ଏ ସମ୍ପର୍କରେ ସେ ବିସିସିଆଇ ଉପସଭାପତି ରାଜୀବ ଶୁକ୍ଲାଙ୍କୁ ଚିଠି ଲେଖି ଏହି ପ୍ରସ୍ତାବ ଦେଇଛନ୍ତି। ବିସିସିଆଇ ମଧ୍ୟ ଏହାକୁ ସକରାତ୍ମକ ଭାବେ ଗ୍ରହଣ କରିଛି ଓ ଏକ ଶୁଭଦିନ ଦେଖି ଏହାକୁ କାର୍ଯ୍ୟକାରୀ କରାଯିବ ବୋଲି ଶୁକ୍ଲା ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି।

## ବ୍ୟାଟିଂରେ ଲୌରାଙ୍କ ବିଶ୍ୱରେକର୍ଡ

ନଭି ମୁମ୍ବଇ : ଦକ୍ଷିଣ ଆଫ୍ରିକା ବିଶ୍ୱକପ୍ ବିଜୟୀ ହୋଇପାରି ନ ଥିଲେ ମଧ୍ୟ ଦଳର ଅଧିନାୟିକା ଲୌରା ୱଲଭର୍ଟଙ୍କ ପାଇଁ ଏହି ସଂସ୍କରଣ ସ୍ମରଣୀୟ ହୋଇରହିବ। ଲୌରା ଏହି ବିଶ୍ୱକପ୍‌ରେ ୯ ମ୍ୟାଚ୍ ଖେଳି ୨ ଶତକ ଓ ୩ ଅର୍ଦ୍ଧଶତକ ସହ ୭୧ରୁ ଊର୍ଦ୍ଧ୍ୱ ହାରରେ ୫୭୧ ରନ ସଂଗ୍ରହ କରିଥିଲେ। ମହିଳା ଦିନିକିଆ ବିଶ୍ୱକପ୍‌ର ଗୋଟିଏ ସଂସ୍କରଣରେ ସର୍ବାଧିକ ରନ ସଂଗ୍ରହ କରିବାରେ ଏହା ରେକର୍ଡ ହୋଇଛି। ପୂର୍ବରୁ ୨୦୨୨ ବିଶ୍ୱକପ୍‌ରେ ଅଷ୍ଟ୍ରେଲିଆର ଆଲିସା ହେଲୀ ୫୦୫ ରନ କରିଥିଲେ। ସେହିଭଳି ଏହି ବିଶ୍ୱକପ୍‌ରେ ଲୌରା ଟପ୍ ସ୍କୋରର୍ ରହିଥିଲେ। ତାଙ୍କ ପଛକୁ ଭାରତର ସ୍ମୃତି ମନ୍ଧାନା (୪୩୪ ରନ), ଅଷ୍ଟ୍ରେଲିଆର ଆସଲେ ଗାର୍ଡନର (୩୨୮), ପ୍ରତୀକା ରାୱଲ (୩୦୮) ଓ ଦକ୍ଷିଣ ଆଫ୍ରିକାର ଫୋଏବି ଲିଚଫିଲ୍ଡ (୩୦୪) ଯଥାକ୍ରମେ ପରବର୍ତ୍ତୀ ୪ଟି ସ୍ଥାନରେ ରହିଥିଲେ। ଅପରପକ୍ଷରେ ବୋଲିଂରେ ଭାରତର ଦୀପ୍ତି ଶର୍ମା ଏଥର ସର୍ବାଧିକ ୱିକେଟ୍ ହାସଲ କରିଛନ୍ତି। ଦୀପ୍ତି ୯ଟି ମ୍ୟାଚରୁ ୨୨ଟି ୱିକେଟ୍ ନେଇଛନ୍ତି।

### ସର୍ବାଧିକ ରନ୍

| ବ୍ୟାଟର୍ | ଦେଶ | ମ୍ୟାଚ୍ | ରନ୍ | ୧୦୦/୫୦ |
|---|---|---|---|---|
| ଲୌରା ୱଲଭର୍ଟ | ଦ.ଆଫ୍ରିକା | ୯ | ୫୭୧ | ୨/୩ |
| ସ୍ମୃତି ମନ୍ଧାନା | ଭାରତ | ୯ | ୪୩୪ | ୧/୨ |
| ଆସଲେ ଗାର୍ଡନର | ଅଷ୍ଟ୍ରେଲିଆ | ୭ | ୩୨୮ | ୨/୧ |
| ପ୍ରତୀକା ରାୱଲ | ଭାରତ | ୭ | ୩୦୮ | ୧/୧ |
| ଫୋଏବି ଲିଚଫିଲ୍ଡ | ଅଷ୍ଟ୍ରେଲିଆ | ୭ | ୩୦୪ | ୧/୧ |


### ସର୍ବାଧିକ ୱିକେଟ୍

| ବୋଲର | ଦେଶ | ମ୍ୟାଚ୍ | ୱିକେଟ | ଶ୍ରେଷ୍ଠ |
|---|---|---|---|---|
| ଦୀପ୍ତି ଶର୍ମା | ଭାରତ | ୯ | ୨୨ | ୫/୩୯ |
| ଆନାବେଲ୍ ସଦରଲାଣ୍ଡ | ଅଷ୍ଟ୍ରେଲିଆ | ୭ | ୧୭ | ୫/୪୦ |
| ସୋଫି ଇକଲେଷ୍ଟୋନ | ଇଂଲଣ୍ଡ | ୭ | ୧୬ | ୪/୧୬ |
| ଶ୍ରୀ ଚରଣି | ଭାରତ | ୯ | ୧୪ | ୩/୪୧ |
| ଆଲାନ କିଙ୍ଗ | ଅଷ୍ଟ୍ରେଲିଆ | ୭ | ୧୩ | ୭/୧୮ |

## ଜମ୍ମୁ-କଶ୍ମୀରରେ ଅଟକିଛନ୍ତି ଗେଲ୍ ଓ ସାକିବ୍
### ଖେଳାଳିଙ୍କୁ ଛାଡ଼ି ଆୟୋଜକ ଫେରାର

ଶ୍ରୀନଗର,୩।୧୧(ଏଜେନ୍ସି): ଜମ୍ମୁ-କଶ୍ମୀରରେ ଅନ୍ତର୍ଜାତୀୟ କ୍ରିକେଟ ଖେଳାଳିଙ୍କୁ ନେଇ ଏଭ ଅଭାବନୀୟ ଘଟଣା ଦେଖିବାକୁ ମିଳିଛି। ଏଠାରେ ମୋହାଲିର ଯୁବା ସୋସାଇଟି ପକ୍ଷରୁ ନଭେମ୍ବର ୮ ଯାଏ ଖେଳାଯିବାକୁ ଥିବା ଇଣ୍ଡିଆନ୍ ହେଭେନ୍ ପ୍ରିମିୟର ଲିଗରେ ଖେଳିବାକୁ ଆସିଥିବା ଅନ୍ତର୍ଜାତୀୟ ଖେଳାଳିଙ୍କୁ ଛାଡ଼ି ଆୟୋଜକ ଫେରାର ହୋଇଯାଇଛନ୍ତି। ଏହା ଫଳରେ ହୋଟେଲ ବିଲ୍ ଦେଇ ନ ପାରି ଦେଶ ବିଦେଶରୁ ଆସିଥିବା ଖେଳାଳି ଓ ଅମ୍ପାୟାରମାନେ ହୋଟେଲରେ ଅଟକି ରହିଛନ୍ତି। ସେମାନଙ୍କ ମଧ୍ୟରେ କ୍ରିସ୍ ଗେଲ, ଷ୍ଟିଭେନ ସ୍ମିଥ୍, ଜେସେ ରାଇଡର ଓ ସାକିବ-ଅଲ-ହସନ ରହିଛନ୍ତି। ଇଂଲଣ୍ଡରୁ ଆସିଥିବା ଅମ୍ପାୟାର ମେଲିସା ଜୁନିପର ଏହା ପ୍ରକାଶ କରିବା ପରେ ଘଟଣା ପଦାକୁ ଆସିଥିଲା। ଗତବର୍ଷ ଏପରି ଏକ ଟୁର୍ଣ୍ଣାମେଣ୍ଟ ଜମ୍ମୁ-କଶ୍ମୀରରେ ଆୟୋଜିତ ହୋଇଥିଲା। ଏହି ମ୍ୟାଚ୍ ଦେଖିବାକୁ ଜନଗହଳି ହୋଇଥିଲା। କିନ୍ତୁ ଏହି ଟୁର୍ଣ୍ଣାମେଣ୍ଟ ଦେଖିବାକୁ ଦର୍ଶକ ଆସି ନ ଥିଲେ। ଫଳରେ ପ୍ରାୟୋଜକମାନେ ଅର୍ଥ ଦେବାକୁ ମନା କରିଦେଇଥିଲେ। ଶନିବାର ଖେଳାଳିମାନେ ପାଉଣା ପାଇ ନ ଥିବାରୁ ଖେଳିବାକୁ ମନା କରିଦେଇଥିଲେ। ଏହା ପରେ ଆୟୋଜକମାନେ ହୋଟେଲ୍‌କୁ ବିଲ ଦେଇ ପାରି ନ ଥିଲେ। ଖେଳାଳିମାନେ ଖେଳିବାକୁ ନ ଆସିବାରୁ ଆୟୋଜକ ଟୁର୍ଣ୍ଣାମେଣ୍ଟ ଛାଡି ପଳାଇଛନ୍ତି। ଖେଳାଳି ଓ କର୍ମକର୍ତ୍ତା ସେଠାରେ ଅଟକି ରହିଥିଲାବେଳେ ଏହାର ସମାଧାନ କରିବାକୁ ଜମ୍ମୁ-କଶ୍ମୀର କ୍ରିକେଟ ସଂଘ ଚେଷ୍ଟା ଚଳାଇଛି।

## ରାନୀ-ପଙ୍କଜ ଜୀବନସାଥୀ



କୁରୁକ୍ଷେତ୍ର, ୩।୧୧ (ଏଜେନ୍ସି): ହକି ଆଇକନ୍ ତଥା ଭାରତୀୟ ମହିଳା ଦଳର ପୂର୍ବତନ ଅଧିନାୟିକା ରାଣୀ ରାମପଲ୍ ଜୀବନର ଦ୍ୱିତୀୟ ପାଳି ଆରମ୍ଭ କରିଛନ୍ତି। ଚାଟାର୍ଡ ଆକାଉଣ୍ଟାଟ୍ ପଙ୍କଜ ସରୋହାଙ୍କ ସହ ରବିବାର ରାଣୀଙ୍କ ବିବାହ ଅନୁଷ୍ଠିତ ହୋଇଛି। ହରିୟାଣାର କୁରୁକ୍ଷେତ୍ରରେ ଅନୁଷ୍ଠିତ ଏହି ଚର୍ଚ୍ଚିତ ବିବାହରେ ରାଣୀଙ୍କ ଅସୁସ୍ଥ ପିତା ହ୍ୱିଲଚେୟାରରେ ବିବାହ ମଣ୍ଡପକୁ ଆସି ବର-କନ୍ୟାଙ୍କୁ ଆଶୀର୍ବାଦ ଦେବା ସମସ୍ତଙ୍କୁ ଭାବୁକ କରିଦେଇଥିଲେ। ମାତ୍ର ୧୪ ବର୍ଷ ବୟସରେ ଅନ୍ତର୍ଜାତୀୟ କ୍ୟାରିୟର ଆରମ୍ଭ କରିଥିବା ରାଣୀ ଭାରତ ପାଇଁ ୨୫୪ଟି ମ୍ୟାଚ୍ ଖେଳି ୧୨୦ଟି ଗୋଲ୍ ଦେଇଛନ୍ତି।

## ଡଃ ଜନାର୍ଦ୍ଦନ ଦାଶଙ୍କ ପରଲୋକ



କଟକ,୩।୧୧(ସମିସ): ଓଡ଼ିଶା ଅଲିମ୍ପିକ ସଂଘର ଉପସଭାପତି ଡଃ ଜନାର୍ଦ୍ଦନ ଦାଶଙ୍କ ୭୫ବର୍ଷ ବୟସରେ ପରଲୋକ ଘଟିଛି। ଦୀର୍ଘବର୍ଷ ଧରି ରାଜ୍ୟ କ୍ରୀଡ଼ା ଜଗତ ସହ ଜଡିତ ଥିବା ଜନାର୍ଦ୍ଦନ ଜଣେ ଦକ୍ଷ କ୍ରୀଡ଼ା ସଙ୍ଗଠକ ଭାବେ ସୁଖ୍ୟାତି ହାସଲ କରିଥିଲେ। ଓଡ଼ିଶା କ୍ରିକେଟ ଆସୋସିଏସନ, ଫୁଟବଲ ଆସୋସିଏସନ ଅଫ ଓଡ଼ିଶାର ପ୍ରାକ୍ତନ ଉପସଭାପତି ପଦରେ ରହିବା ସେ ମୃତ୍ୟୁ ପର୍ଯ୍ୟନ୍ତ ସେ କେନ୍ଦୁଝରର ଜିଲ୍ଲା ଆଥଲେଟିକ ସଂଘର ସମ୍ପାଦକ ପଦରେ ଅବସ୍ଥାପିତ ରହିଥିଲେ। ଡଃ ଦାଶଙ୍କ ବିୟୋଗରେ ବିଭିନ୍ନ ବର୍ଗରେ ଶୋକ ପ୍ରକାଶ ପାଇଛି। ଜନାର୍ଦ୍ଦନଙ୍କ ବିୟୋଗ ରାଜ୍ୟ କ୍ରୀଡ଼ା ଜଗତ ପାଇଁ ଅପୂରଣୀୟ କ୍ଷତି ବୋଲି ଓସିଏ ସଭାପତି ପଙ୍କଜ ଲୋଚନ ମହାନ୍ତି, ସମ୍ପାଦକ ସଞ୍ଜୟ ବେହେରା ଶୋକବାର୍ତ୍ତାରେ ଜଣାଇଛନ୍ତି।

## ସିକେ ନାଇଡୁ ଟ୍ରଫି: ବିଦର୍ଭ ଇନିଂସ୍ ଆଗୁଆ

କଟକ,୩।୧୧(ସମିସ): ୨୩ବର୍ଷରୁ କମ୍ ପୁରୁଷ ସିକେ ନାଇଡୁ ଟ୍ରଫିର ୩ୟ ଲିଗ୍ ମ୍ୟାଚ୍‌ରେ ଓଡ଼ିଶା ବିର୍ଦଭକୁ ଭେଟିଛି। କପୁରସିଂହସ୍ଥିତ ଏମଜିଏମ ଗ୍ରାଉଣ୍ଡରେ ଚାଲିଥିବା ଏହି ମ୍ୟାଚ୍‌ରେ ଘରୋଇ ଓଡ଼ିଶା ଦଳ ବିପକ୍ଷରେ ବିଦର୍ଭର ସ୍ଥିତି ଦୃଢ଼ ରହିଛି। ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ବିଦର୍ଭ ୧୬୬ରନରେ ଅଲଆଉଟ ହୋଇଥିଲା। ଜବାବରେ ରବିବାର ଖେଳର ପ୍ରଥମ ଦିବସରେ ଓଡ଼ିଶା ୬ ୱିକେଟ ବିନିମୟରେ ୭୫ରନ କରିଥିଲା। ଆଜି ୫୩ରନରେ ଅବଶିଷ୍ଟ ୪ ୱିକେଟ ହରାଇ ଓଡ଼ିଶା ଇନିଂସ୍ ପଛୁଆ ରହିଛି। ଜବାବରେ ଦ୍ୱିତୀୟ ପାଳି ବ୍ୟାଟିଂ ଆରମ୍ଭ କରିଥିବା ବିଦର୍ଭ ଅଭିଷେକ ଅଗ୍ରୱାଲଙ୍କ ଅପରାଜିତ ଅର୍ଦ୍ଧଶତକୀୟ ପାଳି ସହାୟତାରେ ୪ ୱିକେଟ ହରାଇ ୧୮୩ରନ ସଂଗ୍ରହ କରିଛି। ଦଳକୁ ୨୨୧ରନର ଅଗ୍ରଣୀ ମିଳିଛି। ବିଦର୍ଭ ପକ୍ଷରୁ ଜଗଜୋତ ୫୪ରନରେ ଆଉଟ ହୋଇଥିବା ବେଳେ ବରୁଣ ବିଷ୍ଟ ୨୦ରନରେ ଅପରାଜିତ ରହିଛନ୍ତି। ଓଡ଼ିଶାର ସୌମ୍ୟରଞ୍ଜନ ଲେଙ୍କା, ଆଶୁତୋଷ ଛୁରିଆ, ଆୟୁଷ ବାରିକ ଏବଂ ରିତେଶ ପ୍ରିୟରଞ୍ଜନ ଗୋଟିଏ ଲେଖାଏ ୱିକେଟ ହାସଲ କରିଛନ୍ତି।

## ରଣଜୀ ଟ୍ରଫି
# ପରାଜୟ ଏଡ଼ାଇବା ଲକ୍ଷ୍ୟରେ ଓଡ଼ିଶା

କଟକ,୩।୧୧(ସମିସ)

ବାରବାଟୀରେ ଖେଳାଯାଉଥିବା ରଣଜୀ ଟ୍ରଫିର ୩ୟ ଲିଗ୍ ମ୍ୟାଚ୍‌ରେ ଆନ୍ଧ୍ରପ୍ରଦେଶ ଠାରୁ ଫଲୋଅନ ପାଇ ଘରୋଇ ଓଡ଼ିଶା ଦ୍ୱିତୀୟ ପାଳି ବ୍ୟାଟିଂ ଆରମ୍ଭ କରିଛି। ଭ୍ରମଣକାରୀ ଆନ୍ଧ୍ରପ୍ରଦେଶର ପ୍ରଥମ ଇନିଂସ୍ ୪୭୫/୭(ପାଳି ଘୋଷଣା) ଜବାବରେ ଓଡ଼ିଶାର ପ୍ରଥମ ପାଳି ୧୫୧ରନରେ ସୀମିତ ରହିଥିଲା। ସୋମବାର ମ୍ୟାଚ୍‌ର ୩ୟ ଦିବସ ଷ୍ଟମ୍ପ ଅପସାରଣ ସୁଦ୍ଧା ଓଡ଼ିଶା ଦ୍ୱିତୀୟ ପାଳିରେ ୨ ୱିକେଟ ହରାଇ ୧୯୦ରନ ସଂଗ୍ରହ କରିଛି। ଏବେ ବି ଦଳ ୧୩୪ରନ ପଛରେ ରହିଛି। ମଙ୍ଗଳବାର ମ୍ୟାଚ୍‌ର ଅନ୍ତିମ ଦିନରେ ଓଡ଼ିଶା କଳେବଳେ ମ୍ୟାଚ୍‌କୁ ଡ୍ର ରଖି ଅତିକମ୍‌ରେ ୧ ପଏଣ୍ଟ ହାସଲ କରିବାକୁ ଉଦ୍ୟମ କରିବ।

ଚଳିତ ରଣଜୀ ସଂସ୍କରଣରେ ଓଡ଼ିଶାର ଦୁର୍ବଳ ବ୍ୟାଟିଂ ପ୍ରଦର୍ଶନ ଲାଗି ରହିଛି। ଅସମାପ୍ତ ପ୍ରଥମ ପାଳି ୮୦/୪ରୁ ଆଜି ଓଡ଼ିଶା ବ୍ୟାଟିଂ ଆରମ୍ଭ କରିଥିଲା। ସନ୍ଦୀପ ପଟ୍ଟନାୟକ ୨୪ରନ ଏବଂ ଗୋବିନ୍ଦ ପୋଦ୍ଦାର ୧ରନରେ ଅପରାଜିତ ଥିଲେ। ଆଜି ଖେଳର ୬ଷ୍ଠ ଓଭରରେ ଓଡ଼ିଶାର ୫ମ ୱିକେଟ ପତନ ଘଟିଥିଲା। ଅଭିଜ୍ଞ ଗୋବିନ୍ଦ ୧୪ରନରେ କାଭୁରି ସୈତେଜାଙ୍କ ୩ୟ ଶିକାର ପାଲଟିଥିଲେ। ନବାଗତ ସମ୍ବିତ ବରାଳ ଖାତା ଖୋଲିବା ଆଗରୁ ରନଆଉଟ ହୋଇ ପ୍ୟାଭିଲିୟନ ଫେରିଥିଲେ। ୧୩୧ବଲରୁ ୫୮ ରନ ସଂଗ୍ରହ କରି କ୍ରିଜରେ ତିଷ୍ଠି ଆସୁଥିବା ସନ୍ଦୀପଙ୍କୁ ଆଉଟ କରି ତ୍ରିପୁରନ ବିଜୟ ଓଡ଼ିଶାକୁ ଫଲୋଅନ ଦ୍ୱାର ଦେଶରେ ଛିଡ଼ା କରି ଦେଇଥିଲେ। ସନ୍ଦୀପ କ୍ରିଜ ଛାଡ଼ିବା ବେଳକୁ ଓଡ଼ିଶାର ଦଳୀୟ ସ୍କୋର ୧୪୦ ରହିଥିଲା। ୧୧ରନରେ ଦଳ ଶେଷ ୩ଟି ୱିକେଟ ହରାଇଥିଲା। ଆନ୍ଧ୍ର ପକ୍ଷରୁ କାଭୁରି ସାଇତେଜା, ସୌରଭ କୁମାର ଏବଂ ତ୍ରିପୁରନ ବିଜୟ ୩ଟି ଲେଖାଏ ୱିକେଟ ହାସଲ କରିଛନ୍ତି। ତେବେ ଦ୍ୱିତୀୟ ପାଳିରେ ଓଡ଼ିଶା ଦୃଢ଼ତାର ସହ ବ୍ୟାଟିଂ କରିଥିବା ଦେଖିବାକୁ ମିଳିଛି। ଗୌରବ ଚୌଧୁରୀ ଓ ସ୍ୱସ୍ତିକ ସାମଲ ଓପନିଂ ଭାଗିଦାରୀରେ ୬୬ରନ ସଂଗ୍ରହ କରିଥିଲେ। ୭ଟି ଚୌକା ସହାୟତାରେ ୩୬ରନ କରିଥିବା ସ୍ୱସ୍ତିକ ଦୁର୍ଭାଗ୍ୟବଶତଃ ରନଆଉଟ ହୋଇଥିଲେ। ପ୍ରଥମ ପାଳିରେ ଅର୍ଦ୍ଧଶତକ ହାସଲ କରିଥିବା ସନ୍ଦୀପ ଏବଂ ଗୌରବ ୨ୟ ୱିକେଟରେ ୧୧୦ରନ ସଂଗ୍ରହ କରି ଓଡ଼ିଶାର ସ୍ଥିତିକୁ ମଜବୁତ କରିଥିଲେ। ମାତ୍ର ଷ୍ଟମ୍ପ ଅପସାରଣର କିଛି ସମୟ ପୂର୍ବରୁ ସନ୍ଦୀପଙ୍କ ୱିକେଟ ପତନ ଘଟିଥିଲା। ୧୨୫ବଲରୁ ୬ଟି ଚୌକା ଏବଂ ୨ଟି ଛକା ସହାୟତାରେ ୬୩ରନ କରି ସନ୍ଦୀପ ସୌରଭ କୁମାରଙ୍କ ଦ୍ୱାରା ଆଉଟ ହୋଇଥିଲେ। ଗୌରବ ୭୯ରନ ଏବଂ ଗୋବିନ୍ଦ ୪ରନରେ ଅପରାଜିତ ରହିଛନ୍ତି।



ସନ୍ଦୀପ ପଟ୍ଟନାୟକ



ଗୌରବ ଚୌଧୁରୀ

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS